RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 43 ♦ISSUE-117 ♦FRIDAY ♦24 OCTOBER 2025 ♦PAGE-12 ♦₹ 6.00 | BHUBANESWAR | ♦ବର୍ଷ-୪୩ ♦ସଂଖ୍ୟା-୧୧୭ ♦ଶୁକ୍ରବାର ♦୨୪ ଅକ୍ଟୋବର ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦


## ପୁଲିସ ଚାକିରି ବେପାର

# ମାମଲା ରୁଜୁ କଲା ସିବିଆଇ

## ମାମଲା ସମ୍ପର୍କିତ ଦସ୍ତାବିଜ୍ ହସ୍ତାନ୍ତର କଲା କ୍ରାଇମ୍‌ବ୍ରାଞ୍ଚ

■ **ଭୁବନେଶ୍ୱର, ୨୩।୧୦ (ସମିସ):** ପୁଲିସ ଏସ୍‌ଆଇ ଚାକିରି ବିକ୍ରି ମାମଲାରେ ମୁଖ୍ୟମନ୍ତ୍ରୀଙ୍କ ସୁପାରିସ କ୍ରମେ ଆଜି କେନ୍ଦ୍ରୀୟ ତଦନ୍ତ ବ୍ୟୁରୋ ବା ସିବିଆଇ ମାମଲା ରୁଜୁ କରିଥିବା ବିଶ୍ୱସ୍ତ ସୂତ୍ରରୁ ସୂଚନା ମିଳିଛି। ସିବିଆଇର ଏକ ଦୁଇ ଜଣିଆ ଟିମ୍ କ୍ରାଇମ୍‌ବ୍ରାଞ୍ଚ ଅଫିସ୍ ଯାଇ ମାମଲା ସମ୍ପର୍କିତ ଏକାଧିକ ଦସ୍ତାବିଜ୍ ସଂଗ୍ରହ କରିଛି। ଦସ୍ତାବିଜ୍‌କୁ ପରଖିବା ପରେ ସିବିଆଇ ଆଇନଗତ ପ୍ରସ୍ତୁତି ଆରମ୍ଭ କରିବା ସହ ୧୨ଟି ସ୍ଥାନରେ ଚଢ଼ଉ ପାଇଁ ତାଲିକା ପ୍ରସ୍ତୁତ କରିଥିବା ଜଣାପଡ଼ିଛି। ଖୁବ୍‌ଶୀଘ୍ର କୋର୍ଟରୁ ଅନୁମତି ନେଇ ସିବିଆଇ ମୁନା ଏବଂ ଅନ୍ୟ ଦଲାଲଙ୍କୁ ଜେଲ୍ ଭିତରେ ପଚରାଉଚରା କରିବ ବୋଲି ସୂଚନା ମିଳିଛି।

**୧୨ଟି ସ୍ଥାନରେ ଚଢ଼ଉ ପାଇଁ ତାଲିକା ପ୍ରସ୍ତୁତ**

ଏହି ମାମଲାରେ ଅଦ୍ୟାବଧି ହୋଇଥିବା କ୍ରାଇମବ୍ରାଞ୍ଚ ତଦନ୍ତରୁ ଦୁର୍ନୀତିର ଚେର ଆନ୍ଧ୍ରପ୍ରଦେଶ ଓ ପଶ୍ଚିମବଙ୍ଗକୁ ଲମ୍ବିଥିବା ଜଣାପଡ଼ିଛି। ଏଥିରେ ସଂଗଠିତ ଆନ୍ତଃରାଜ୍ୟ ଅପରାଧୀ ଗ୍ୟାଙ୍ଗର ସଂପୃକ୍ତି ଥିବା ମଧ୍ୟ ସନ୍ଦେହ କରାଯାଉଛି। ଏସ୍‌ଆଇ ପରୀକ୍ଷା କେଳେଙ୍କାରୀ ମାମଲାରେ ଆଜି ସୁଦ୍ଧା ୧୨୩ ଜଣଙ୍କୁ କ୍ରାଇମବ୍ରାଞ୍ଚ ଗିରଫ କରିଥିବା ବେଳେ ସେମାନଙ୍କ ମଧ୍ୟରେ ୯ ଜଣ ଦଲାଲ୍ ଅଛନ୍ତି।

## ସନ୍ଦେହ ଘେରରେ ତ୍ରିନାଥ, ସୁନିଲ୍ ଓ ଗୋବିନ୍ଦର ଭୂମିକା

■ **ଭୁବନେଶ୍ୱର, ୨୩।୧୦(ସମିସ):** ପୁଲିସ୍ ଏସ୍‌ଆଇ ଚାକିରି ବିକ୍ରି ମାମଲାର ତଦନ୍ତ ଦାୟିତ୍ୱ ସିବିଆଇ ହାତକୁ ଯିବା ପରେ ରାଜ୍ୟ ବାହାରେ ବସିଥିବା ଦଲାଲ୍‌ଙ୍କ ନିଦ ହଜିଛି। ଅନୁସନ୍ଧାନରୁ ଜଣାପଡ଼ିଛି ଯେ ଦଲାଲ୍ ମୁନ୍ନା ମହାନ୍ତିର ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଆନ୍ଧ୍ର ପ୍ରଦେଶର ଗୋବିନ୍ଦ ରେଡ୍ଡି ନାମକ ଜଣେ ବ୍ୟକ୍ତି ପରୀକ୍ଷାର୍ଥୀଙ୍କ ପାଇଁ ସମସ୍ତ ବ୍ୟବସ୍ଥା କରିବା ସହ ତାଙ୍କର ଜଣେ ଖାସ୍ ସହଯୋଗୀ ଭାବେ ସେ ସବୁ ବୁଝାବୁଝି କରୁଥିଲା। ଏପରିକି ଗୋବିନ୍ଦ ହିଁ ପ୍ରଶ୍ନପତ୍ର ପ୍ରିଣ୍ଟିଂ ସ୍ଥାନରୁ ଆଣିବା ଦାୟିତ୍ୱ ନେଇଥିବା ଜଣାପଡ଼ିଛି। ଘଟଣା ପରେ ଗୋବିନ୍ଦ ଦିଲ୍ଲୀରେ ଡେରା ପକାଇ ସୁପ୍ରିମ୍‌କୋର୍ଟରେ ଆଗୁଆ ଜାମିନ୍ ପାଇଁ ଆବେଦନ କରିବାକୁ ବିଚାରବିମର୍ଶ କରିଥିଲା। ହେଲେ କ୍ରାଇମ୍‌ବ୍ରାଞ୍ଚ ତଦନ୍ତ ପରିସରରେ ସେ ଆସୁ ନ ଥିବା ପ୍ରାୟ ନିଶ୍ଚିତ ହେବା ପରେ ସେ ଆଗୁଆ ଜାମିନ୍ ଆବେଦନ କରି ନ ଥିଲା। ଏବେ ସିବିଆଇକୁ ମାମଲା ହସ୍ତାନ୍ତର ହେଉଥିବା ଆଗୁଆ ଖବର ପାଇବା ପରେ ଗୋବିନ୍ଦ ଓ ତା'ର ଘନିଷ୍ଠ ସହଯୋଗୀ ତ୍ରିନାଥ ଦେଶ ବାହାରକୁ ପଳାଇଯିବାକୁ ଯୋଜନା କରୁଥିବା ବିଶ୍ୱସ୍ତ ସୂତ୍ରରୁ ଜଣାପଡ଼ିଛି।

ଅନ୍ୟପକ୍ଷରେ ୨୦୨୩ ସିଭିଲ୍ ଜେଇଇ ପ୍ରଶ୍ନପତ୍ର ପ୍ରଘଟ ମାମଲାରେ ଗିରଫ ହୋଇଥିବା ପଣ୍ଡା ସୁନିଲ୍ ଓ ଗୋବିନ୍ଦ ତ୍ରିପାଠୀ ମଧ୍ୟ ପୁଲିସ ଏସ୍‌ଆଇ ଚାକିରି ବିକ୍ରିରେ ସମ୍ପୃକ୍ତ ଥିବା ଅନୁସନ୍ଧାନରୁ ଜଣାପଡ଼ିଛି। ୧୧୦ ଜଣ ପରୀକ୍ଷାର୍ଥୀଙ୍କୁ ନେଇ ପ୍ରସ୍ତୁତ ହୋଇଥିବା ଦୀଘା ମଡେଲ୍ ଘଟଣାରେ ଗିରଫ ଅରବିନ୍ଦକୁ ଏମାନେ ସହଯୋଗ କରୁଥିଲେ। ଖାସ୍ କରି ପରୀକ୍ଷାର୍ଥୀଙ୍କୁ ଯୋଗାଡ଼ କରିବାରେ ଏମାନେ ପ୍ରମୁଖ ଭୂମିକା ନେଇଥିଲେ। ଭଦ୍ରକ ଜିଲ୍ଲାର ଜଣେ ପରୀକ୍ଷାର୍ଥୀ ୨ଲକ୍ଷ ଟଙ୍କା ଅଗ୍ରୀମ ଦେଇଥିଲେ। ଅବଶିଷ୍ଟ ଟଙ୍କା ଦୀଘାରେ ଦେବାକୁ କହିଥିଲେ। ଯୋଜନା ଭଣ୍ଡୁର ହେବାରୁ ସମ୍ପୃକ୍ତ ପରୀକ୍ଷାର୍ଥୀଙ୍କୁ ସମସ୍ତ ଟଙ୍କା ତୁରନ୍ତ ଫେରାଇ ଦେଇଥିବା ମଧ୍ୟ ସୂଚନା ମିଳିଛି। ଏପରିକି ତାଙ୍କ ନାମ କହିଲେ ପରୀକ୍ଷାର୍ଥୀଙ୍କୁ ମଧ୍ୟ ପୁଲିସ୍ ବାନ୍ଧିବ ବୋଲି ଚେତାବନୀ ଦେଇଥିଲେ। ହେଲେ କ୍ରାଇମ୍‌ବ୍ରାଞ୍ଚ ଡିଜି ପରୀକ୍ଷାର୍ଥୀଙ୍କୁ ତଥ୍ୟ ଦେବାକୁ ଆହ୍ୱାନ କରିବା ପରେ ପରୀକ୍ଷାର୍ଥୀ ଜଣକ ନିଜଆଡ଼ୁ ତଥ୍ୟ ଦେବାକୁ ଆଗ୍ରହୀ ଅଛନ୍ତି। ପଞ୍ଚସଫ୍ଟର ମାଲିକ ଶଙ୍କର ପୃଷ୍ଟିକୁ ହିଁ ମାଷ୍ଟରମାଇଣ୍ଡ ବୋଲି କ୍ରାଇମ୍‌ବ୍ରାଞ୍ଚ ଅଭିହିତ କରି ତଦନ୍ତକୁ ସୀମିତ ରଖିଥିବାରୁ ବିଭିନ୍ନ ଅନାଲୋଚିତ ଦିଗ ଉନ୍ମୋଚନ ହୋଇପାରି ନ ଥିବା ଆଇନଜ୍ଞମାନେ ମତବ୍ୟକ୍ତ କରୁଛନ୍ତି।

### କାରବାଇଡ୍ ବନ୍ଧୁକ ବାଣ ହେଲା କାଳ

## ଦୃଷ୍ଟିଶକ୍ତି ହରାଇଲେ ୧୪ ଶିଶୁ





■ **ଭୋପାଳ, ୨୩।୧୦ (ଏଜେନ୍ସି):** ମଧ୍ୟପ୍ରଦେଶରେ ଦୀପାବଳି ଉତ୍ସବ ପାଳନ ବେଳେ ଅଭାବନୀୟ ପରିସ୍ଥିତି ସୃଷ୍ଟି ହୋଇଛି। ବାଣ ଫୁଟାଇବାର ମଜା ନେବାଲାଗି ପିଲାମାନେ କାରବାଇଡ୍ ବନ୍ଧୁକ ବ୍ୟବହାର କରିବାରୁ ଏହା ସେମାନଙ୍କ ଲାଗି ଘାତକ ସାବ୍ୟସ୍ତ ହୋଇଛି। ଏହି ବନ୍ଧୁକରେ ବାଣ ଫୁଟାଇବାରୁ ବିସ୍ଫୋରଣ ହୋଇ ୧୨୨ ଶିଶୁ ଗୁରୁତର ଆହତ ହୋଇଛନ୍ତି। ସେମାନଙ୍କ ମଧ୍ୟରୁ ୧୪ ଶିଶୁଙ୍କର ଆଖି ନଷ୍ଟ ହୋଇଯାଇଛି। ମଧ୍ୟପ୍ରଦେଶର ବିଭିନ୍ନ ସ୍ଥାନରୁ ଏଭଳି କଷ୍ଟଦାୟକ ଖବର ମିଳିବାରେ ଲାଗିଛି।

ପ୍ରତିବର୍ଷ ଦୀପାବଳିରେ ବାଣ ଫୁଟାଇବା ଲାଗି ବିଭିନ୍ନ ପ୍ରକାର ସରଞ୍ଜାମ ବଜାରକୁ ଆସେ। ସେହିଭଳି ଏଥର ମଧ୍ୟପ୍ରଦେଶର ବିଭିନ୍ନ ବଜାରରେ କାରବାଇଡ୍ ଗନ୍ ବା

**୧୨୨ ଶିଶୁ ମେଡିକାଲରେ ଭର୍ତ୍ତି**

ଦେଶୀ ବନ୍ଧୁକ ବାଣ ଆସିଥିଲା। ପ୍ଲାଷ୍ଟିକ୍ ଓ ଟିଣ ପାଇପ୍‌ରେ ନିର୍ମିତ ଏହି ବାଣରେ ଗନପାଉଡର, କାଲସିୟମ କାରବାଇଡ୍ ଓ ମାଚିସ୍ ଭର୍ତ୍ତି ହୋଇ ରହିଥାଏ। ଏଥିରେ ନିଆଁ ଲଗାଇବା ମାତ୍ରେ ଭୀଷଣ ବିସ୍ଫୋରଣ କରେ। ଏହି କାରବାଇଡ୍ ଗନଗୁଡ଼ିକ ମାରାତ୍ମକ ହୋଇଥିବାରୁ ଏହାର ତିଆରି ଓ ବିକ୍ରି ଉପରେ ମଧ୍ୟପ୍ରଦେଶ ସରକାର ଗତ ୧୮ ତାରିଖରେ କଟକଣା ଜାରି କରିଥିଲେ। ଏହାସତ୍ତ୍ୱେ ବିଭିନ୍ନ ଦୋକାନ ବଜାରରେ ଖେଳନା ଭଳି ଏହାର ବିକ୍ରି ହୋଇଥିଲା। ୧୫୦ରୁ ୨୦୦ ଟଙ୍କା ଭିତରେ ବିକ୍ରି ହୋଇଥିବା ▶ପୃଷ୍ଠା-୭

### ଚାକିରି ଦେବା ଆଳରେ ଠକେଇ

## ୨ ହଜାର ଲୋକଙ୍କଠାରୁ ଠକିଛନ୍ତି ୨ କୋଟି





**ମହିଳାଙ୍କ ସମେତ ୨ ଗିରଫ**

**୬୨ ଲକ୍ଷ ଟଙ୍କା, ମୋବାଇଲ, କାଗଜପତ୍ର ଜବତ**

**ସମ୍ବଲପୁର, ସୋନପୁର, ବରଗଡ଼ ଓ ବୌଦ୍ଧରେ ଚାଲିଥିଲା ରାକେଟ୍**

■ **ସମ୍ବଲପୁର, ୨୩।୧୦ (ସମିସ):** ଗ୍ରାମରେ ଛୋଟଛୋଟ ବୈଠକ କରୁଥିଲେ। ସ୍ଥାନୀୟ ଲୋକଙ୍କୁ ନିଯୁକ୍ତି ଦେବା ପାଇଁ ପରାମର୍ଶ ଦେଉଥିଲେ। ଦିନକୁ ମାତ୍ର ୧ଘଣ୍ଟା କାମ କଲେ ପାରିଶ୍ରମିକ ୪୦୦ ଟଙ୍କା ମିଳିବ ବୋଲି ଲୋଭ ଦେଖାଉଥିଲେ। ଖାଲି ସେତିକି ନୁହେଁ, ୧୨ହଜାର ଟଙ୍କା ଦେଲେ ସମ୍ବଲପୁର ମହାନଗର ନିଗମରେ ଚାକିରି କରାଇଦେବେ ବୋଲି କହୁଥିଲେ। ଏମିତି ଉପାୟରେ ପାଖାପାଖି ୨ ହଜାର ଲୋକଙ୍କଠାରୁ ୨ କୋଟି ଟଙ୍କା ଠକି ନେଇଥିବା ଏକ ରାକେଟ୍‌ର ପର୍ଦ୍ଦାଫାସ କରିଛି ବୁର୍ଲା ପୁଲିସ। ଜଣେ ମହିଳା ସମେତ ମୋଟ ଦୁଇଜଣଙ୍କୁ ଗିରଫ କରିଛି। ସେମାନେ ହେଲେ, କ୍ଷେତରାଜପୁର ଥାନା ବଡ଼ବଜାରର ରାହୁଲ ଓରଫ ସମ୍ରାଟ ରାୟ(୩୨) ଓ ବୁର୍ଲା ଥାନା ସତୁପାଲିର ପଦ୍ମାବତୀ ଓରଫ ପଦ୍ମାଳୟା ତାଣ୍ଡି(୩୪)। ଅନ୍ୟ ଜଣେ ଅଭିଯୁକ୍ତ ଭୁବନେଶ୍ୱରର ସୌମ୍ୟ ସାହୁ ଫେରାର ରହିଛି। ସେମାନଙ୍କ ନିକଟରୁ ପୁଲିସ ୬୨ଲକ୍ଷ ଟଙ୍କା, ୨ଟି ମୋବାଇଲ ସହ ବିଭିନ୍ନ କାଗଜପତ୍ର ଜବତ କରିଛି। ପଦ୍ମାଳୟା ନାମରେ ଥିବା ଗୋଟାଏ ଟାଟା ମ୍ୟାଜିକ୍ ଭ୍ୟାନ ଓ ରାହୁଲ ନାମରେ ଥିବା କାର୍‌କୁ ମଧ୍ୟ ଜବତ କରିଛି।

ସୂଚନାନୁସାରେ, କିଛି ଦିନ ପୂର୍ବରୁ ସମ୍ବଲପୁର ମହାନଗର ନିଗମ (ଏସଏମସି)ରେ ସଫେଇ କର୍ମଚାରୀ ଭାବେ ନିଯୁକ୍ତି ଦେବା ପାଇଁ ଜଣକ ପିଛା ୧୨ହଜାର ଟଙ୍କା ନିଆଯାଉଥିଲା। ଏସଏମସି ଓ ଆରମାକ୍ସ ପ୍ରା. ଲିଃ ନାମକ ଏକ ସଂସ୍ଥା ▶ପୃଷ୍ଠା-୭

## ବିଶ୍ୱର ୧୧ ପ୍ରତିଶତ ସୁନା ଭାରତୀୟ ଗୃହିଣୀଙ୍କ ପାଖରେ

### ଭାରତରେ ରହିଛି ୫୦ ହଜାର ଟନ୍



**ଗୃହିଣୀଙ୍କ ପାଖରେ ୨୮ ହଜାର ଟନ୍**

**ମନ୍ଦିରଗୁଡ଼ିକରେ ୨୨ ହଜାର ଟନ୍**

**ରିଜର୍ଭ ବ୍ୟାଙ୍କରେ ମାତ୍ର ୮୮୦ ଟନ୍**

■ **ନୂଆଦିଲ୍ଲୀ, ୨୩।୧୦ (ଏଜେନ୍ସି):** ଭାରତରେ ସୁନା ଭଣ୍ଡାର ନିରନ୍ତର ଭାବେ ବୃଦ୍ଧି ପାଇବାରେ ଲାଗିଛି। ବିଭିନ୍ନ ସୂତ୍ରରୁ ମିଳିଥିବା ତଥ୍ୟ ଅନୁଯାୟୀ ଭାରତରେ ଏବେ ୫୦ ହଜାର ଟନ୍ ସୁନା ରହିଛି। ଭାରତୀୟ ଗୃହିଣୀମାନଙ୍କ ପାଖରେ ସର୍ବାଧିକ ୨୮ ହଜାର ଟନ୍ ସୁନା ରହିଥିବା ବେଳେ ବିଭିନ୍ନ ମନ୍ଦିରରେ ୨୨ ହଜାର ଟନ୍ ସୁନା ରହିଛି। ଭାରତୀୟ ଗୃହିଣୀଙ୍କ ପାଖରେ ଯେତେ ସୁନା ରହିଛି, ତାହା ସାରା ବିଶ୍ୱରେ ଗଚ୍ଛିତ ରହିଥିବା ସୁନାର ୧୧ ଭାଗ ବୋଲି କୁହାଯାଉଛି। କେବଳ ଏତିକି ନୁହେଁ, ଆମେରିକା ରିଜର୍ଭ ବ୍ୟାଙ୍କରେ ଯେତେ ସୁନା ରହିଛି, ତାହାର ତିନି ଗୁଣା ସୁନା ଭାରତୀୟ ଗୃହିଣୀଙ୍କ ପାଖରେ ରହିଛି। ତେବେ ଏହା ତୁଳନାରେ ଭାରତୀୟ ରିଜର୍ଭ ▶ପୃଷ୍ଠା-୭

### 'କ୍ରିପ୍ଟୋ କରେନ୍ସି' ମହାଠକେଇ

## କଟକରୁ ୩୨ ସନ୍ଦିଗ୍ଧ ଗିରଫ

### ୪ଟି ପଶ୍ଚିମବଙ୍ଗ କାର୍, ଗୋଟିଏ କ୍ରିପ୍ଟୋ-ୱାଲେଟ୍ ମେସିନ୍, ୩୫ଟି ମୋବାଇଲ୍, ମାଲମାଲ ଆଧାର ଓ ପାନ୍‌କାର୍ଡ ଜବତ

■ **କଟକ, ୨୩।୧୦ (ସମିସ):** କ୍ରିପ୍ଟୋରେ ନିବେଶ ଆଳରେ ପଶ୍ଚିମବଙ୍ଗରୁ ପାଖାପାଖି ୧୦୦ କୋଟି ଟଙ୍କା ଚୂନ ମାରିବା ପରେ ଓଡ଼ିଶାମୁହାଁ ହୋଇଥିଲେ। ଏଠି ବି ଲୋକଙ୍କୁ ସେଇ ସ୍ୱପ୍ନ ଦେଖାଇଥିଲେ। ବୁଢ଼ିଆଣୀ ଜାଲ ଭଳି ରାତାରାତି କୋଟିପତି ହେବାର ସ୍ୱପ୍ନ ଦେଖାଇ ଠକିବା ପାଇଁ ଜାଲ ବିଛାଇଥିଲେ। ଏଥର କିନ୍ତୁ ଲକ୍ଷ୍ୟ ଆହୁରି ବଡ଼ ଥିଲା। ସେଥିପାଇଁ ନେଟ୍‌ୱାର୍କ ତିଆରି କରିଥିଲେ। କିଛି ଲୋକଙ୍କୁ ପାଲରେ ପକାଇଥିଲେ। ପୁରୀ ନେଇ ବୁଲାବୁଲି କରାଇବା ସହ ହୋଟେଲରେ ରଖିଥିଲେ। କିନ୍ତୁ ସବୁ ଫସର ଫାଟିଗଲା; ଠିକ୍ ବେଳେ ପୁଲିସ ମାଡ଼ି ବସିଲା। ଚାଉଳିଆଗଞ୍ଜ ପୁଲିସ ଆଜି ଶିଖରପୁର



ଛକରେ ଥିବା ଜସ୍ମିନ୍ ହୋଟେଲ୍‌ରେ ଚଢ଼ଉ କରି ୩୨ଜଣଙ୍କୁ ଗିରଫ କରିଛି। ସମସ୍ତଙ୍କ ଘର କୋଲକାତାରେ ହୋଇଥିବା ବେଳେ ସେମାନଙ୍କ ମଧ୍ୟରୁ ଜଣେ ଓଡ଼ିଆ ଯୁବକ। ଏମାନଙ୍କ ମଧ୍ୟରେ ୨ଜଣ ମାଷ୍ଟରମାଇଣ୍ଡ ଥିବା ଜଣାଯାଇଛି। ସେମାନଙ୍କଠାରୁ ୩୫ଟି ମୋବାଇଲ୍, ୪ଟି କାର୍, ଗୋଟିଏ କ୍ରିପ୍ଟୋ ୱାଲେଟ୍ ମେସିନ୍ ଏବଂ ମାଲମାଲ ଆଧାର ଓ ପ୍ୟାନ୍‌କାର୍ଡ ଜବତ କରାଯାଇଛି। ଖୁବ୍‌ଶୀଘ୍ର ମାମଲା ରୁଜୁ କରାଯାଇ ସମସ୍ତ ଅଭିଯୁକ୍ତଙ୍କୁ ଜେଲ୍ ପଠାଯିବ ବୋଲି ଡିସିପି ଖିଲାରୀ ଋଷିକେଶ ଦ୍ୟାନଦେଓ ସୂଚନା ଦେଇଛନ୍ତି। ▶ପୃଷ୍ଠା-୭


## କେନ୍ଦ୍ରାପଡ଼ାରେ ଶିଶୁ ବିକ୍ରି

### ୨ ହଜାର ଟଙ୍କା ଦେଇ ଡାକ୍ତରଖାନାରୁ ମାନସିକ ଭିନ୍ନକ୍ଷମ ଯୁବତୀଙ୍କ ଶିଶୁପୁତ୍ରକୁ ନେଇଗଲେ

■ **ପଟ୍ଟାମୁଣ୍ଡାଇ/ମାର୍ଶାଘାଇ/ମାଳିପୁର, ୨୩।୧୦ (ସମିସ):** କେନ୍ଦ୍ରାପଡ଼ା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଜଣେ ମାନସିକ ଭିନ୍ନକ୍ଷମ ଅବିବାହିତ ଯୁବତୀଙ୍କ ନବଜାତ ଶିଶୁପୁତ୍ର ବିକ୍ରି ଘଟଣା ତୀବ୍ର ଆଲୋଡ଼ନ ସୃଷ୍ଟି କରିଛି। ସୂଚନା ମୁତାବକ, ପଟ୍ଟାମୁଣ୍ଡାଇ ବ୍ଲକ୍ ଅନ୍ତର୍ଗତ ଉତ୍ତିକଣ ଅଞ୍ଚଳର ଯୁବତୀଜଣଙ୍କ କିଛି ଦିନ ତଳେ ଗର୍ଭବତୀ ହୋଇଥିଲେ। ପ୍ରସବ ଯନ୍ତ୍ରଣା ହେବାରୁ ଗତ ୧୭ ତାରିଖ ଦିନ ଯୁବତୀଙ୍କ ମାଆ ତାଙ୍କୁ ପଟ୍ଟାମୁଣ୍ଡାଇ ଉପଖଣ୍ଡ ଚିକିତ୍ସାଳୟରେ ଭର୍ତ୍ତି କରାଇଥିଲେ। ସେଠାରୁ ତାଙ୍କୁ କେନ୍ଦ୍ରାପଡ଼ା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ପଠାଇ ଦିଆଯାଇଥିଲା। ସେଠାରେ ଭର୍ତ୍ତି ହେବାର କିଛି ସମୟ ପରେ ଯୁବତୀଜଣଙ୍କ ଏକ ପୁତ୍ର ସନ୍ତାନ ଜନ୍ମ ଦେଇଥିଲେ। ତେବେ ସେଠାରେ ଜଣେ ଲୋକ ନିଜକୁ ସରକାରୀ ଅଧିକାରୀ ପରିଚୟ ଦେଇ ଶିଶୁଟିକୁ ନେଇଯାଇଥିଲେ। 'ତୁମେ ପିଲାକୁ ସମ୍ଭାଳି ପାରିବ ନାହିଁ, ତାକୁ ଆମକୁ ଦେଇଦିଅ' କହି ତାଙ୍କଠାରୁ ପୁତ୍ର ସନ୍ତାନକୁ ନେଇଯାଇଥିଲେ ବୋଲି ଯୁବତୀଙ୍କ ମାଆ କହିଛନ୍ତି। ପ୍ରତି ବଦଳରେ ସଂପୃକ୍ତ ବ୍ୟକ୍ତି ତାଙ୍କୁ ୨ହଜାର ଟଙ୍କା ଧରାଇ ଦେଇଥିଲେ। ପରେ ତାଙ୍କୁ ତରବରିଆ ଭାବେ ହସ୍ପିଟାଲରୁ ଡିସଚାର୍ଜ କରିଦିଆଯାଇଥିଲା। ଏ ସଂପର୍କରେ ଯୁବତୀଙ୍କ ଗାଁ ଲୋକେ ଜାଣିବା ପରେ ଘଟଣା ପଦାକୁ ଆସିଛି। ଏହି ଘଟଣା ପଛରେ ମେଡିକାଲ କର୍ମଚାରୀଙ୍କ ସଂପୃକ୍ତି ଥିବା ସେମାନେ ଅଭିଯୋଗ କରିଛନ୍ତି। ଏହାସହ ଏହି ଘଟଣାର ତଦନ୍ତ ପାଇଁ କେନ୍ଦ୍ରାପଡ଼ା ଜିଲ୍ଲାପାଳ ଓ ରାଜ୍ୟ ସରକାରଙ୍କ ସ୍ୱାସ୍ଥ୍ୟ ବିଭାଗ ନିକଟରେ ଦାବି କରିଛନ୍ତି।

**ତଦନ୍ତ ଦାବିକଲେ ଗ୍ରାମବାସୀ**

ଗ୍ରାମବାସୀଙ୍କ କହିବା କଥା, ଯୁବତୀଜଣଙ୍କ ଅବିବାହିତା ହୋଇଥିବା ବେଳେ ଓପିଡି ଏମର୍ଜେନ୍ସି କାର୍ଡ ଟୋକେନ ନଂ୧୯ରେ ତାଙ୍କ ସ୍ୱାମୀଙ୍କ ନାମ ସୁବ୍ରତ ବାରିକ ବୋଲି ଉଲ୍ଲେଖ ରହିଛି। ସେହିପରି, ସନ୍ତାନ ଜନ୍ମ ଦେବା ପରେ ମାଆ ଓ ଶିଶୁ ୪୮ ଘଣ୍ଟା ମେଡିକାଲରେ ଡାକ୍ତରଙ୍କ ତତ୍ତ୍ୱାବଧାନରେ ରହିବାର ନିୟମ ଥିଲେ ହେଁ ତାଙ୍କୁ କିପରି ଘରକୁ ପଠାଇ ଦିଆଗଲା, ତାହା ମଧ୍ୟ ତଦନ୍ତ ସାପେକ୍ଷ। ସୁବ୍ରତ ବାରିକ ▶ପୃଷ୍ଠା-୭

**Espirit Toyota** Cuttack / Bhubaneswar / Angul / Paradeep Ph: 7873044152. Sambalpur & Jharsuguda Ph: 7873044557, 9777014931. Rourkela, Sundergarh & Barbil Ph: 7873044660.

**Capital Toyota** Bhubaneswar Ph: 9040087510, 9040087505.

**Neelam Toyota** Baleswar / Jajpur / Bhadrak / Mayurbhanj / Keonjhar Ph: 9124084726, 9124084713.

**Laxmi Toyota** Berhampur / Koraput / Bolangir Ph: 9124103113.





## ତେଜସ୍ୱୀ ମୁଖ୍ୟମନ୍ତ୍ରୀ ହେଲେ ଜଙ୍ଗଲ ରାଜ ଫେରିବ: ପ୍ରଶାନ୍ତ କିଶୋର



ପାଟନା, ୨୩।୧୦ (ଏଜେନ୍ସି): ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ଘୋଷଣାକୁ ନେଇ ଜନ ସୁରାଜ ଦଳର ମୁଖିଆ ତଥା ନିର୍ବାଚନ ରଣନୀତିକାର ପ୍ରଶାନ୍ତ କିଶୋର ଇଣ୍ଡିଆ ମହାମେଣ୍ଟକୁ ତୀବ୍ର ସମାଲୋଚନା କରିଛନ୍ତି। ତେଜସ୍ୱୀ ମୁଖ୍ୟମନ୍ତ୍ରୀ ହେଲେ ଜଙ୍ଗଲ ରାଜ ଫେରିବ ବୋଲି ସେ କହିଛନ୍ତି। ସାମ୍ବାଦିକଙ୍କ ପ୍ରଶ୍ନର ଉତ୍ତର ଦେଇ ପ୍ରଶାନ୍ତ କହିଥିଲେ ଯେ ଯଦି ଲାଲୁ ଯାଦବଙ୍କ ଜଙ୍ଗଲ ରାଜ ପୁଣି ଫେରେ ତେବେ ତେଜସ୍ୱୀ ମୁଖ୍ୟମନ୍ତ୍ରୀ ହେବେ ବୋଲି ଆଶା କରାଯାଉଥିଲା। ତେଣୁ ଏଥିରେ କିଛି ନୂଆ ନାହିଁ। ଆଉ କିଛି ଦିନ ପରେ ବିହାରକୁ ସୁନାର ଲଙ୍କା କରିଦେବେ ବୋଲି ତେଜସ୍ୱୀ ଘୋଷଣା କରିବେ। ଲାଲୁଙ୍କ ଭୟରୁ ବାହାରିବା ପାଇଁ ଲୋକେ ବିଜେପିକୁ ଭୋଟ ଦେଉଛନ୍ତି। ଆଉ କୌଣସି କାରଣ ପାଇଁ ଲୋକେ ବିଜେପିକୁ ଭୋଟ ଦେଉନାହାନ୍ତି। କିନ୍ତୁ ଏବେ ଲୋକଙ୍କ ପାଖରେ ଜନସୁରାଜ ଦୃଢ଼ ବିକଳ୍ପ ଭାବେ ଛିଡ଼ା ହୋଇଛି। ତେଣୁ ଚଳିତ ଥର ଲୋକେ କୌଣସି ଭୁଲ୍ କରିବେ ନାହିଁ ବୋଲି ପ୍ରଶାନ୍ତ କିଶୋର କହିଛନ୍ତି।

## ଦିଲ୍ଲୀରେ ବିହାରର ୩ ଅପରାଧୀଙ୍କୁ ଏନ୍‌କାଉଣ୍ଟର

ନୂଆଦିଲ୍ଲୀ, ୨୩।୧୦ (ଏଜେନ୍ସି): ଦିଲ୍ଲୀରେ ୪ ଅପରାଧୀଙ୍କୁ ଏନ୍‌କାଉଣ୍ଟର କରାଯାଇଛି। ଏମାନଙ୍କ ମଧ୍ୟରୁ ୩ ଜଣ ବିହାର ସୀତାମଢ଼ୀର ବାସିନ୍ଦା। ଦିଲ୍ଲୀ କ୍ରାଇମ ବ୍ରାଞ୍ଚ ଏବଂ ବିହାର ପୁଲିସର ମିଳିତ ଟିମ୍ ଏହି ଏନ୍‌କାଉଣ୍ଟର କରିଛି। ପ୍ରାଣ ହରାଇଥିବା ଏହି ଦୁର୍ଦ୍ଧାନ୍ତ ଆତଙ୍କବାଦୀ ବିହାର ନିର୍ବାଚନରେ ଆତଙ୍କ ମଚାଇବାକୁ ଯୋଜନା କରିଥିଲେ ବୋଲି ବିହାର ଡିଜିପି ବିନୟ କୁମାର କହିଛନ୍ତି। ବୁଧବାର ବିଳମ୍ବିତ ରାତି ପ୍ରାୟ ୨ଟା ୨୦ରେ ବାହାଦୂର ଶାହା ମାର୍ଗର ଡ. ଆମ୍ବେଦକର ଛକରୁ ପନ୍‌ସାଲି ଛକ ମଧ୍ୟରେ ଏହି ଏନ୍‌କାଉଣ୍ଟର ହୋଇଥିଲା। ଅପରାଧୀ ଏବଂ ପୁଲିସ ମଧ୍ୟରେ ଗୁଳି ବିନିମୟ ହୋଇଥିଲା। ଏଥିରେ ରଞ୍ଜନ ପାଠକ (୨୫), ବିମଳେଶ ମହତୋ (୨୫), ମନୀଷ ପାଠକ (୩୩) ଏବଂ ଅମନ ଠାକୁର (୨୧) ଦେହରେ ଗୁଳି ବାଜିଥିଲା। ସମସ୍ତଙ୍କୁ ରୋହିଣୀ ସ୍ଥିତ ଡ. ବିଏସଏ ହସ୍ପିଟାଲକୁ ନିଆଯାଇଥିଲା। ମାତ୍ର ଡାକ୍ତର ସେଠାରେ ସମସ୍ତଙ୍କୁ ମୃତ ଘୋଷଣା କରିଥିଲେ। ରଞ୍ଜନ, ବିମଳେଶ ଏବଂ ମନୀଷ ବିହାରର ବାସିନ୍ଦା ଥିଲେ। ଏମାନଙ୍କ ନିକଟରୁ ମାରଣାସ୍ତ୍ର ଜବତ କରାଯାଇଛି ବୋଲି ଡିଜିପି କହିଛନ୍ତି। ଏହି ଅପରାଧୀ 'ସିଗ୍‌ମା ଆଣ୍ଡ କମ୍ପାନୀ' ଗ୍ୟାଙ୍ଗ ଚଳାଇ ଥିଲେ। ରଞ୍ଜନ ପାଠକ ଏହାର ମୁଖ୍ୟ ଥିଲା।

## ଅଭିଭାବକଙ୍କ ବେଆଇନ ସମ୍ପତ୍ତି କାରବାରକୁ ଖାରଜ କରିପାରିବେ ନାବାଳକ: ସୁପ୍ରିମକୋର୍ଟ

ନୂଆଦିଲ୍ଲୀ, ୨୩।୧୦ (ଏଜେନ୍ସି): ନାବାଳକଙ୍କ ସମ୍ବନ୍ଧିତ ସମ୍ପତ୍ତି କାରବାରକୁ ନେଇ ସୁପ୍ରିମକୋର୍ଟ ବଡ଼ ରାୟ ଦେଇଛନ୍ତି। ଯଦି କୌଣସି ନାବାଳକଙ୍କ ସମ୍ପତ୍ତିକୁ ଅଭିଭାବକ କୋର୍ଟଙ୍କ ଅନୁମତି ବିନା ବିକ୍ରି କରିଦେଇଛନ୍ତି ତେବେ ସେ ସାବାଳକ ହେବା ପରେ ନିଜେ ଏହାକୁ ଖାରଜ କରିପାରିବେ। ଏଥିପାଇଁ ତାଙ୍କୁ କୋର୍ଟରେ ଅଲଗା ଭାବେ ମାମଲା ରୁଜୁ କରିବାର ଆବଶ୍ୟକତା ନାହିଁ। ଏହାକୁ ଅସ୍ୱୀକାର କରିବାକୁ ଆଇନଗତ ଭାବେ ବୈଧ ବୋଲି ଧରାଯିବ। ଜଷ୍ଟିସ ପଙ୍କଜ ମିତ୍ତଲ ଏବଂ ଜଷ୍ଟିସ ପିଭି ବରାଲେଙ୍କ ଖଣ୍ଡପୀଠ କହିଥିଲେ ଯେ ହିନ୍ଦୁ ସଂଖ୍ୟାଲଘୁ ଏବଂ ଅଭିଭାବକ ନିୟମ-୧୯୫୬ର ଧାରା ୭ ଏବଂ ୮ ଅଧିନରେ ପ୍ରକୃତ ଅଭିଭାବକଙ୍କ ଦ୍ୱାରା ନାବାଳକଙ୍କ ଅସ୍ଥାବର ସମ୍ପତ୍ତିକୁ କୋର୍ଟଙ୍କ ବିନା ଅନୁମତିରେ ବିକ୍ରିକୁ ରଦ୍ଦ ଧରାଯିବ। ନାବାଳକ ସାବାଳକ ହେବା ପରେ ମକଦ୍ଦମା ଦାଏର କରି କିମ୍ବା ନିଜ ଆଚରଣରେ ଏଭଳି ମାମଲା ରଦ୍ଦ କରିପାରିବେ। ସେ ଏହାକୁ ନିଜେ ବି ବିକ୍ରି କରିପାରିବେ। କୋର୍ଟଙ୍କ ଏହି ନିଷ୍ପତ୍ତି ଗତ କିଛି ବର୍ଷ ହେଲା ଚାଲି ଆସୁଥିବା ଆଇନଗତ ଅସ୍ପଷ୍ଟତାକୁ ଦୂର କରୁଛି। ପୂର୍ବରୁ ଏଭଳି ମାମଲାରେ ନାବାଳକ ମକଦ୍ଦମା ଦାଏର କରିବା ଜରୁରୀ କି ନୁହେଁ ତାହା ସ୍ପଷ୍ଟ ହୋଇ ନ ଥିଲା।

### ଘରେ ଲାଗିଲା ନିଆଁ; ଖୋଲିଲାନି ଲକ୍

## କଂଗ୍ରେସ ନେତାଙ୍କ ମୃତ୍ୟୁ

ଇନ୍ଦୋର, ୨୩।୧୦ (ଏଜେନ୍ସି): ନିର୍ମଦା ସେନାର ଅଧ୍ୟକ୍ଷ ତଥା କଂଗ୍ରେସର ବରିଷ୍ଠ ନେତା ପ୍ରବେଶ ଅଗ୍ରୱାଲଙ୍କ ଇନ୍ଦୋର ସ୍ଥିତ ପେଣ୍ଟ ହାଉସରେ ଶୁକ୍ରବାର ସକାଳେ ନିଆଁ ଲାଗି ଯାଇଛି। ଏଥିରେ ଶ୍ୱାସରୁଦ୍ଧ ହୋଇ ତାଙ୍କର ମୃତ୍ୟୁ ହୋଇଛି। ତାଙ୍କ ବଡ଼ ଝିଅ ସୌମ୍ୟା ମଧ୍ୟ ଆହତ ହୋଇଛନ୍ତି। ତାଙ୍କ ସ୍ୱାସ୍ଥ୍ୟାବସ୍ଥା ଗୁରୁତର ରହିଛି। ସୂଚନା ଅନୁଯାୟୀ, କଂଗ୍ରେସ ନେତା ପ୍ରବେଶ ଲାସୁଡିଆ ଅଞ୍ଚଳରେ ଥିବା ସୌମ୍ୟା ମହିନ୍ଦ୍ରା କାର ଶୋ'ରୁମ୍ ମାଲିକ। ପ୍ରବେଶଙ୍କ ପରିବାର ଶୋ'ରୁମ୍ ଉପରେ ଥିବା ପେଣ୍ଟହାଉସ୍‌ରେ ରୁହନ୍ତି। ଅଗ୍ନିକାଣ୍ଡ ସମୟରେ ପ୍ରବେଶ, ତାଙ୍କ ସ୍ତ୍ରୀ ଶ୍ୱେତା ଏବଂ ସେମାନଙ୍କର ଦୁଇ ଝିଅ ସୌମ୍ୟା (୧୫) ଏବଂ ମାଇରା (୧୦) ସେଠାରେ ଉପସ୍ଥିତ ଥିଲେ। ଶ୍ୱାସରୁଦ୍ଧ ହେବାରୁ ପ୍ରବେଶ ଅଗ୍ରୱାଲଙ୍କ ଘଟଣାସ୍ଥଳରେ ମୃତ୍ୟୁ ହୋଇଥିବାବେଳେ ସୌମ୍ୟାଙ୍କୁ ଗୁରୁତର ଅବସ୍ଥାରେ ବମ୍ବେ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। ନିଆଁ ଲାଗିବା ପରେ କଂଗ୍ରେସ ନେତାଙ୍କ ପତ୍ନୀ ଶ୍ୱେତା ଏବଂ ସାନ ଝିଅ ମାଇରାଙ୍କୁ ଗାର୍ଡମାନେ ସୁରକ୍ଷିତ ଭାବରେ ବାହାରକୁ ଆଣିଥିଲେ। ଏହି ଦୁର୍ଘଟଣା ପାଇଁ ଉଚ୍ଚ ସୁରକ୍ଷା ବ୍ୟବସ୍ଥାକୁ ଦାୟୀ କରାଯାଉଛି। ଘର ଭିତରେ ଏୟାର କଣ୍ଡିସନିଂ ଏବଂ ଡିଜିଟାଲ୍ ଲକ୍ ଥିଲା। ଏହାକୁ କେବଳ ରିମୋଟ୍ କିମ୍ବା ଆଙ୍ଗୁଠି ଛାପରେ ଖୋଲାଯାଇପାରିବ। ସକାଳେ ଧୂଆଁ ଯୋଗୁଁ ଏହି ତାଲା ଖୋଲିପାରି ନ ଥିଲା।

# ବିହାରରେ ତୁଟିଲା ମହାମେଣ୍ଟ ବିବାଦ

## ତେଜସ୍ୱୀ ହେବେ ମୁଖ୍ୟମନ୍ତ୍ରୀ ଚେହେରା: ଏନ୍‌ଡିଏ ସ୍ଥିତି ଅସ୍ପଷ୍ଟ

ପାଟନା, ୨୩।୧୦ (ଏଜେନ୍ସି): ବିହାର ନିର୍ବାଚନକୁ ନେଇ ବିରୋଧୀଙ୍କ ମହାମେଣ୍ଟ 'ଇଣ୍ଡିଆ'ରେ ଦୀର୍ଘ ଦିନ ହେଲା ଜାରି ଟଣା ଓଟରା ଶେଷ ହୋଇଛି। ଆଜି ପାଟନାରେ ମହାମେଣ୍ଟ ଶକ୍ତି ପ୍ରଦର୍ଶନ କରିଛି। ବିରୋଧୀ ଦଳ ତଥା ଆରଜେଡି ନେତା ତେଜସ୍ୱୀ ଯାଦବଙ୍କୁ ମହାମେଣ୍ଟ ଗୁରୁବାର ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ଘୋଷଣା କରିଛି। ନିର୍ବାଚନ ବୈତରଣୀ ପାର୍ କରି ବିଜୟୀ ହେଲେ କିଏ ଉପ-ମୁଖ୍ୟମନ୍ତ୍ରୀ ହେବ ତାହା ମଧ୍ୟ ମହାମେଣ୍ଟ ପୂର୍ବରୁ ସ୍ଥିର କରିଦେଇଛି। ଆସନକୁ ନେଇ ମୂଳଚାଳ କରୁଥିବା ଭିକାଶଶୀଳ ଇନସାନ ପାର୍ଟି (ଭିଆଇପି)ର ମୁଖ୍ୟ ମୁକେଶ ସାହାନୀଙ୍କୁ ଉପ-ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ଘୋଷଣା କରାଯାଇଛି। ପାଟନାରେ ମହାମେଣ୍ଟରେ ସାମିଲ ସବୁ ଦଳର ନେତା ସାମ୍ବାଦିକ ସମ୍ମିଳନୀ କରି ଏହି ସୂଚନା ଦେଇଛନ୍ତି। ମହାମେଣ୍ଟରେ

### ବ୍ୟାପକ ଆଲୋଚନା ପରେ ନରମିଲା କଂଗ୍ରେସ

### ମେଣ୍ଟ ଜିତିଲେ ମୁକେଶ ହେବେ ଉପମୁଖ୍ୟମନ୍ତ୍ରୀ

ଲାଗି ରହିଥିବା ସମସ୍ୟାର ସମାଧାନ ପାଇଁ ସଙ୍କଟମୋଚକ ଭାବେ ପାଟନାରେ ପହଞ୍ଚିଥିବା କଂଗ୍ରେସର ବରିଷ୍ଠ ନେତା ଅଶୋକ ଗେହଲଟ କହିଥିଲେ ଯେ ସବୁ ବରିଷ୍ଠ ନେତାଙ୍କ ସହ ଆଲୋଚନା ପରେ ତେଜସ୍ୱୀଙ୍କୁ ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ କରିବାକୁ ନିଷ୍ପତ୍ତି ନିଆଯାଇଛି। ସେହିପରି ଅନ୍ୟ ସମାଜରୁ ଆଉ ଜଣେ ଉପ-ମୁଖ୍ୟମନ୍ତ୍ରୀ ହେବେ। ପ୍ରଥମ ପର୍ଯ୍ୟାୟ ମତଦାନକୁ ଆଉ ମାତ୍ର ଦୁଇ ସପ୍ତାହ ବାକି ଥିବାବେଳେ ମହାମେଣ୍ଟ ଏକତା ପ୍ରଦର୍ଶନ କରିଛି। ସବୁ ନେତା ଏକାଠି ଜୋରସୋରରେ ପ୍ରଚାର କରିବେ ବୋଲି କୁହାଯାଇଛି। ଏହା ସହିତ କ୍ଷମତାସୀନ ଏନ୍‌ଡିଏ ମେଣ୍ଟକୁ ପ୍ରଶ୍ନବାଣ ମରାଯାଇଛି। ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ କିଏ ହେବ ବୋଲି ପଚରା ଯାଇଛି। ଏଠାରେ ଗେହଲଟ ଅଭିଯୋଗ କରିଥିଲେ ଯେ ବିଜେପି ଧନବଳରେ ନିର୍ବାଚନ ଜିତୁଛି। ନିର୍ବାଚନ କମିଶନ ସରକାରଙ୍କ କାଠ କଣ୍ଢେଇ ପାଲଟି ଯାଇଛନ୍ତି।

ପାଟନାର ମୌର୍ଯ୍ୟା ହୋଟେଲରେ ଆୟୋଜିତ ଏହି ସାମ୍ବାଦିକ ସମ୍ମିଳନୀ ୫୦ ମିନିଟ ପର୍ଯ୍ୟନ୍ତ ଚାଲିଥିଲା। ଏଥିରେ ଆରଜେଡି, କଂଗ୍ରେସ, ଭିଆଇପି ସମେତ ୭ ଦଳର ୧୪ ନେତା ସାମିଲ ଥିଲେ। ଆରଜେଡିର ତେଜସ୍ୱୀ, ଅବଦୁଲ ବାରି ସିଦ୍ଦିକି, ମନୋଜ ଝା, ସଞ୍ଜୟ ଯାଦବ, କଂଗ୍ରେସର ଗେହଲଟ, ରାଜେଶ ରାମ, କୃଷ୍ଣା ଅଲ୍ଲାବରୁ, ପବନ ଖେଡ଼ା, ଅଭୟ ଦୁବେ, ସିପିଆଇଏମଏଲର ଦୀପଙ୍କର ଭଟ୍ଟାଚାର୍ଯ୍ୟ, ଭିଆଇପିର ମୁକେଶ ସାହାନୀ, ସିପିଆଇଏମର ରାମନେରଶ ପଣ୍ଡା, ଅଲ୍ ଇଣ୍ଡିଆ ପାନ ମହାସଭା ନ୍ୟାସନାଲର ଆଇପି ଗୁପ୍ତା ମଞ୍ଚରେ ରହିଥିଲେ। ତେବେ ଏହାକୁ ନେଇ ବିବାଦ ସୃଷ୍ଟି ହୋଇଛି। ସାମ୍ବାଦିକ ସମ୍ମିଳନୀରେ ମରା ଯାଇଥିବା ପୋଷ୍ଟରେ କଂଗ୍ରେସ ନେତା ରାହୁଲ ଗାନ୍ଧୀଙ୍କ ଫଟୋ ଦେଖିବାକୁ ମିଳି ନ ଥିଲା। ଏହା ସହିତ ସର୍ବଦା ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ପ୍ରସଙ୍ଗକୁ ଏଡ଼ାଇ ଚାଲିଥିବା କଂଗ୍ରେସ ବ୍ୟାକ୍‌ଫୁଟକୁ ଚାଲି ଯାଇଛି। ଭୋଟର ଅଧିକାର ଯାତ୍ରା ଶେଷ ହେବା ପରେ କଂଗ୍ରେସ ନେତା ଦିଗବିଜୟ ସିଂହ କହିଥିଲ ଯେ ବହୁମତ ଯେଉଁ ଦଳକୁ ମିଳିବ, ସେହି ଦଳରୁ ମୁଖ୍ୟମନ୍ତ୍ରୀ



ହେବେ। ଏ ବିଷୟରେ ଆଗୁଆ କହି ହେବ ନାହିଁ। କିନ୍ତୁ ଶେଷରେ କଂଗ୍ରେସକୁ ହିଁ ନଇଁବାକୁ ପଡ଼ିଲା।

ଅନ୍ୟପଟେ ମହାମେଣ୍ଟରେ ଥିବା ଆସନ ବଣ୍ଟନ ଅଡୁଆକୁ ନେଇ ଏହି ସାମ୍ବାଦିକ ସମ୍ମିଳନୀରେ କିଛି କୁହାଯାଇ ନ ଥିଲା। ୧୨ ଆସନରେ ମହାମେଣ୍ଟରେ ସାମିଲ ଦଳ ପରସ୍ପର ବିରୋଧରେ ପ୍ରାର୍ଥୀ ଦେଇଛନ୍ତି। ଆରଜେଡି ୧୪୩, କଂଗ୍ରେସ ୬୧ ଆସନରେ ପ୍ରାର୍ଥୀ ଦେଇଛି। ଅନ୍ୟ ଆସନଗୁଡିକୁ ସିପିଆଇ (ଏମଏଲ), ଭିଆଇପି ଏବଂ ଅନ୍ୟ ଦଳ ପାଇଁ ଛଡ଼ା ଯାଇଛି। ଆଜି ପ୍ରାର୍ଥିପତ୍ର ପ୍ରତ୍ୟାହାରର ଶେଷ ଦିନ ଥିଲା। ସାମ୍ବାଦିକ ସମ୍ମିଳନୀ ପରେ ଏ ଦିଗରେ ପଦକ୍ଷେପ ନିଆଯାଉଛି। କଂଗ୍ରେସ ପ୍ରାର୍ଥୀ ପ୍ରାଣପୁର ଏବଂ ବାରସିଲଗଞ୍ଜରୁ ପ୍ରାର୍ଥିପତ୍ର ପ୍ରତ୍ୟାହାର କରିଛନ୍ତି। ସେହିପରି ମଧୁବନୀ ଜିଲ୍ଲାର ବାବୁବରହିରୁ ଭିଆଇପି ପ୍ରାର୍ଥି ହଟିଛନ୍ତି। ଏହି ତିନି ସ୍ଥାନରେ ଆରଜେଡି ପ୍ରାର୍ଥିଙ୍କ ସହ ମୁକାବିଲା ହେବାର ଥିଲା।

ସାମ୍ବାଦିକ ସମ୍ମିଳନୀରେ ତେଜସ୍ୱୀ ଜଙ୍ଗଲରାଜର ଛବିରୁ ବାହାରିବାକୁ ପ୍ରୟାସ କରିଥିଲେ। ନିଜ ଛାଇ ଭୁଲ କଲେ ବି ଦଣ୍ଡ ଦେବି ବୋଲି ସେ କହିଥିଲେ। ସେ ଅଭିଯୋଗ ଲଗାଇ ଥିଲେ ଯେ ନୀତୀଶଙ୍କ ୨୦ ବର୍ଷର ସରକାରରେ ୭୦ ହଜାର ହତ୍ୟା ହୋଇଛି। ବିକାଶ ଜମାରୁ ହୋଇନି। ବିହାର ଲୋକ ଆମକୁ ୨୦ ମାସ ସମୟ ଦେଲେ ସବୁ କାମ କରିଦେବୁ। ଚଳିତ ଥର ଏନ୍‌ଡିଏ ଆଉ ନୀତୀଶଙ୍କୁ ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ କରିବ ନାହିଁ। ଏହା ତାଙ୍କର ଶେଷ ନିର୍ବାଚନ। ଏ ପର୍ଯ୍ୟନ୍ତ ମୁଖ୍ୟମନ୍ତ୍ରୀ ପ୍ରାର୍ଥୀଙ୍କୁ ନେଇ କାହିଁକି ଘୋଷଣା ହୋଇନି ତାହା ଅମିତ ଶାହା ସ୍ପଷ୍ଟ କରନ୍ତୁ। ଜେଡିୟୁର କିଛି ନେତା ଦଳକୁ ନିପାତ କରିବା ପାଇଁ ବିଜେପି ସହ କାମ କରୁଛନ୍ତି ବୋଲି ତେଜସ୍ୱୀ ଅଭିଯୋଗ କରିଥିଲେ।

# କ୍ୱାଲାଲମ୍ପୁର ଯିବେନି ପ୍ରଧାନମନ୍ତ୍ରୀ

ନୂଆଦିଲ୍ଲୀ, ୨୩।୧୦ (ଏଜେନ୍ସି): ଆସନ୍ତା ୨୬ରୁ ୨୮ ତାରିଖ ପର୍ଯ୍ୟନ୍ତ କ୍ୱାଲାଲମ୍ପୁରରେ ଆସିଆନ ସମ୍ମିଳନୀ ଅନୁଷ୍ଠିତ ହେବାକୁ ଯାଉଛି। ଏଠାରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏବଂ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ମଧ୍ୟରେ ସାକ୍ଷାତ ଆଲୋଚନା ହେବ ବୋଲି ଚର୍ଚ୍ଚା ହେଉଛି। କିନ୍ତୁ ମାଲେସିଆ ପ୍ରଧାନମନ୍ତ୍ରୀ ଅନୱର ଇବ୍ରାହିମ ଏହି ଚର୍ଚ୍ଚାରେ ବିରାମ ଲଗାଇଛନ୍ତି। ଏଠାରେ ଟ୍ରମ୍ପ ଏବଂ ମୋଦୀଙ୍କ ମଧ୍ୟରେ ସାକ୍ଷାତ ଆଲୋଚନା ହେବ ନାହିଁ। କାରଣ ଏହି ସମ୍ମିଳନୀରେ ଯୋଗଦେବା ପାଇଁ ପ୍ରଧାନମନ୍ତ୍ରୀ ମୋଦୀ ମାଲେସିଆ ଯିବେ ନାହିଁ। ୧୨ ଥର ସାମିଲ ହେବା ପରେ ପ୍ରଥମ ଥର ପାଇଁ ମୋଦୀ ଏହି ବୈଠକରୁ ବିରତ ରହିବେ। ପ୍ରଧାନମନ୍ତ୍ରୀଙ୍କ ବଦଳରେ ବୈଦେଶିକ ମନ୍ତ୍ରୀ ଏସ ଜୟଶଙ୍କର ଏହି ସମ୍ମିଳନୀରେ ସାମିଲ ହେବା ପାଇଁ କ୍ୱାଲାଲମ୍ପୁର ଯିବେ।



### ଆସିଆନ ସମ୍ମିଳନୀରେ ହେବନି ମୋଦୀ-ଟ୍ରମ୍ପ ଭେଟ

କିନ୍ତୁ ମାଲେସିଆ ପ୍ରଧାନମନ୍ତ୍ରୀ ଆଜି କହିଥିଲେ ଯେ ସେ ପ୍ରଧାନମନ୍ତ୍ରୀ ମୋଦୀଙ୍କ ସହ ଫୋନ୍‌ରେ କଥା ହୋଇଛନ୍ତି। ଉଭୟେ ଭାରତ-ମାଲେସିଆ ସମ୍ବନ୍ଧକୁ ମଜବୁତ କରିବା ପାଇଁ ଚର୍ଚ୍ଚା କରିଥିଲେ। ଏହି ସମ୍ମିଳନୀରେ ଅନ୍‌ଲାଇନରେ ସାମିଲ ହେବେ ବୋଲି ମୋଦୀ କହିଥିଲେ। ଏହାକୁ ନେଇ ଭାରତରେ ରାଜନୀତି ଆରମ୍ଭ ହୋଇଯାଇଛି। କଂଗ୍ରେସ ନେତା ଜୟରାମ ରମେଶ ଦାବି କରିଛନ୍ତି ଯେ ଟ୍ରମ୍ପଙ୍କ ପାଇଁ ମୋଦୀ ଏପରି ନିଷ୍ପତ୍ତି ନେଇଛନ୍ତି। ଟ୍ରମ୍ପଙ୍କ ଦ୍ୱାରା ମୋଦୀ କୋଣଠେସା ହେବାକୁ ଚାହାନ୍ତି ନାହିଁ। ସେ ଟ୍ରମ୍ପଙ୍କ ସାମ୍ନାକୁ ଆସିବାକୁ ଚାହାନ୍ତି ନାହିଁ। ମୋଦୀ ଏଥିପାଇଁ କିଛି ଦିନ ତଳେ ଇଜିପ୍ଟରେ ଅନୁଷ୍ଠିତ ଗାଜା ଶାନ୍ତି ଶିଖର ସମ୍ମିଳନୀରେ ଯୋଗଦେବାକୁ ମଧ୍ୟ ମନା କରିଦେଇଥିଲେ। ସାମାଜିକ ଗଣମାଧ୍ୟମରେ ଟ୍ରମ୍ପଙ୍କ ପ୍ରଶଂସା କରିବା ଏବଂ ସାମ୍ନାରେ ଛିଡ଼ାହେବା ଅଲଗା ବିଷୟ। ଯେଉଁ ବ୍ୟକ୍ତି ୫୩ ଥର 'ଅପରେସନ ସିନ୍ଦୂର' ରୋକିବା ନେଇ ଏବଂ ରୁଷରୁ ତୈଳ କ୍ରୟ ବନ୍ଦ ନେଇ ୫ ଥର ପ୍ରତିଶ୍ରୁତି ଦେଇଥିବା ବ୍ୟକ୍ତିଙ୍କ ସହ ଛିଡ଼ା ହେବା ମୋଦୀଙ୍କ ପାଇଁ ବିପଦପୂର୍ଣ୍ଣ। ଏବେ ବୋଧେ ପ୍ରଧାନମନ୍ତ୍ରୀ ପୁରୁଣା ବଲିଉଡ ଗୀତ 'ବଚ କେ ରେହନାରେ ବାବା, ବଚକେ ରେହନା' ଗୀତକୁ ମନେ ପକାଉଛନ୍ତି ବୋଲି ଜୟରାମ ରମେଶ କହିଥିଲେ।

ଗତ ମାସରେ ଟ୍ରମ୍ପ ସାମାଜିକ ଗଣମାଧ୍ୟମରେ ପୋଷ୍ଟ କରି କହିଥିଲେ ଯେ ସେ କିଛି ସପ୍ତାହ ମଧ୍ୟରେ ମୋଦୀଙ୍କୁ ଭେଟିବାକୁ ଉତ୍ସାହିତ ଅଛନ୍ତି। ଶୁଳ୍କ ଏବଂ ରୁଷ୍ ସହ ତୈଳ କାରବାରକୁ ନେଇ ଭାରତ ଏବଂ ଆମେରିକା ମଧ୍ୟରେ ଉତ୍ତେଜନା ଲାଗି ରହିଛି। ଏହି ବୈଠକରେ ସମ୍ପର୍କ ସୁଧାରିବା ପାଇଁ ଚର୍ଚ୍ଚା ହୋଇପାରେ ବୋଲି କୁହାଯାଉଥିଲା। ଏହାକୁ ନେଇ ନାନା କଳ୍ପନାଜଳ୍ପନା ପ୍ରକାଶ ପାଇଥିଲା। ଆସିଆନ ସମ୍ମିଳନୀରେ ଦୁଇ ନେତାଙ୍କ ମଧ୍ୟରେ ଆଲୋଚନା ହେବ ବୋଲି କୁହାଯାଉଥିଲା।

## ଜଷ୍ଟିସ ସୂର୍ଯ୍ୟକାନ୍ତ ହୋଇପାରନ୍ତି ନୂଆ ପ୍ରଧାନ ବିଚାରପତି

ନୂଆଦିଲ୍ଲୀ, ୨୩।୧୦ (ଏଜେନ୍ସି): ଭାରତର ପରବର୍ତ୍ତୀ ପ୍ରଧାନ ବିଚାରପତି (ସିଜେଆଇ) ନିଯୁକ୍ତି ପାଇଁ ସରକାର ପ୍ରକ୍ରିୟା ଆରମ୍ଭ କରିଛନ୍ତି। ବର୍ତ୍ତମାନର ସିଜେଆଇ ବିଆର ଗଭାଇ ଆସନ୍ତା ୨୩ ତାରିଖରେ ଅବସର ନେବାକୁ ଯାଉଛନ୍ତି। ଖୁବଶୀଘ୍ର ଆଇନମନ୍ତ୍ରୀ ଜଷ୍ଟିସ ଗଭାଇଙ୍କୁ ଚିଠି ଲେଖି ନିଜ ଉତ୍ତରାଧିକାରୀଙ୍କ ନାମ ସୁପାରିସ କରିବାକୁ କହିବେ। ଏହି



ଚିଠି ଶୁକ୍ରବାର ସୁଦ୍ଧା ପଠା ଯାଇପାରେ। ବର୍ତ୍ତମାନର ନିୟମ ଅନୁଯାୟୀ ସୁପ୍ରିମକୋର୍ଟର ସବୁଠୁ ବରିଷ୍ଠ ବିଚାରପତିଙ୍କୁ ସିଜେଆଇ ଭାବେ ଚୟନ କରାଯାଏ। ସାଧାରଣତଃ ସିଜେଆଇଙ୍କ ଅବସରର ପ୍ରାୟ ମାସେ ପୂର୍ବରୁ ଏହି ପ୍ରକ୍ରିୟା ଆରମ୍ଭ ହୋଇଥାଏ। ଏବେ ଜଷ୍ଟିସ ସୂର୍ଯ୍ୟକାନ୍ତ ସୁପ୍ରିମକୋର୍ଟର ସବୁଠାରୁ ବରିଷ୍ଠ ବିଚାରପତି ଅଛନ୍ତି। ସେ ପରବର୍ତ୍ତୀ ପ୍ରଧାନ ବିଚାରପତି ହେବାର ସମ୍ଭାବନା ରହିଛି। ଯଦି ତାଙ୍କୁ ନିଯୁକ୍ତି ଦିଆଯାଏ ତେବେ ନଭେମ୍ବର ୨୩ରେ ସେ ଭାରତର ୫୨ ତମ ସିଜେଆଇ ହେବେ। ୨୦୨୭ ଫେବୃଆରୀ ୯ ଯାଏଁ, ପ୍ରାୟ ୧୫ ମାସ ପର୍ଯ୍ୟନ୍ତ ସେ ଏହି ପଦରେ ରହିବେ। ଅନ୍ୟପକ୍ଷରେ ଜଷ୍ଟିସ ସୂର୍ଯ୍ୟକାନ୍ତ ଦେଇଥିବା ଏକ ଟିପ୍ପଣୀ ସାମାଜିକ ଗଣମାଧ୍ୟମରେ ଖୁବ୍ ଭାଇରାଲ ହେବାରେ ଲାଗିଛି। ଏଥିରେ ସେ କହିଥିଲେ ଯେ 'ପୁରାତନ ସମୟରେ କେବଳ ମହିଳାଙ୍କୁ ଗୋଲାମ କରି ରଖିବା ପାଇଁ ବିବାହ ଭଳି ବ୍ୟବସ୍ଥାକୁ ବ୍ୟବହାର କରାଯାଉଥିଲା। ଆଇନ ଏବଂ ସାମାଜିକ ସୁଧାର ଯୋଗୁଁ ଆଜି ବିବାହ ବ୍ୟବସ୍ଥାରେ ସମ ଭାବନା ବିକଶିତ ହେଉଛି'।

# ଆମେରିକାକୁ ଭେନେଜୁଏଲାର ଚାଲେଞ୍ଜ

## ମୁତୟନ କଲାଣି ୫ ହଜାର ରୁଷ୍ କ୍ଷେପଣାସ୍ତ୍ର

କାରକାସ, ୨୩।୧୦ (ଏଜେନ୍ସି): ଭେନେଜୁଏଲା ଏବଂ ଆମେରିକା ମଧ୍ୟରେ ଉତ୍ତେଜନା ବଢ଼ିବାରେ ଲାଗିଛି। ବୁଧବାର ଏକ ଟିଭି କାର୍ଯ୍ୟକ୍ରମରେ ଭେନେଜୁଏଲା ରାଷ୍ଟ୍ରପତି ନିକୋଲାସ ମାଦୁରୋ ଆମେରିକାକୁ ଧମକ ଦେଇଛନ୍ତି। ଆମେରିକାଠାରୁ



ସୃଷ୍ଟି ହୋଇଥିବା ବିପଦର ମୁକାବିଲା ପାଇଁ ୫ ହଜାର ରୁଷ୍ ଇଗ୍ଲା-ଏସ୍ କ୍ଷେପଣାସ୍ତ୍ର ମୁତୟନ କରି ରଖିଛୁ। ଦେଶ ପାଖରେ ଥିବା ଏହି କ୍ଷେପଣାସ୍ତ୍ର ଗୁଡିକ ଶାନ୍ତି ଏବଂ ସ୍ୱାଧୀନତାର ସୁରକ୍ଷା କରିବେ। ଆକାଶ ମାର୍ଗରୁ ଆସୁଥିବା ସ୍ୱଳ୍ପ ଦୂରଗାମୀ କ୍ଷେପଣାସ୍ତ୍ରକୁ ରୋକିବା ପାଇଁ ଏଗୁଡିକୁ ମୁତୟନ କରାଯାଇଛି। କୌଣସି ସାମ୍ରାଜ୍ୟବାଦୀ ବିପଦର ଜବାବ ଦେବା ପାଇଁ ଏହା ରହିଛି। ନିଜ ମାତୃଭୂମିର ପ୍ରତ୍ୟେକ ଇଞ୍ଚ ଜମିକୁ ସୁରକ୍ଷିତ ରଖିବା ପାଇଁ ଭେନେଜୁଏଲା ସେନା ପ୍ରସ୍ତୁତ ଅଛି।

### ସାମ୍ରାଜ୍ୟବାଦୀ ବିପଦକୁ ଜବାବ ଦେବୁ: ରାଷ୍ଟ୍ରପତି

### ମାତୃଭୂମିର ପ୍ରତ୍ୟେକ ଇଞ୍ଚ ଜମି ପାଇଁ ଲଢ଼ିବୁ

ସୂଚନା ଅନୁଯାୟୀ ଦୀର୍ଘ ବର୍ଷ ହେଲା ମାଦୁରୋଙ୍କୁ ଆମେରିକା ବିରୋଧ କରୁଛି। ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଭେନେଜୁଏଲା ଉପକୂଳ ନିକଟକୁ କିଛି ନୌସୈନିକଙ୍କୁ ପଠାଇଛନ୍ତି। ଏହାକୁ ଆମେରିକା ନିଶାଦ୍ରବ୍ୟ ବିରୋଧୀ ଅଭିଯାନ ନାମ ଦେଇଛି। କିଛି ମାସ ହେଲା ଭେନେଜୁଏଲାର ଅନେକ ବୋଟକୁ ନୌସେନା ନଷ୍ଟ କରିଦେଇଛି। ଏହା ମାଧ୍ୟମରେ ଡ୍ରଗ୍ସ ନିଆଯାଉଥିବା ଅଭିଯୋଗ କରାଯାଇଛି। ତେବେ ଭେନେଜୁଏଲା ଏ ସବୁ ଅଭିଯୋଗକୁ ଖାରଜ କରିଆସିଛି। ଆମେରିକାର ଏହି ଅଭିଯାନ ଦେଶର ସ୍ୱାଧୀନତା ଉପରେ ଆକ୍ରମଣ ବୋଲି କୁହାଯାଇଛି। ଅନ୍ୟପଟେ ଆମେରିକା ପ୍ରଶାସନ ମାଦୁରୋଙ୍କୁ ଡ୍ରଗ୍ସ ଚାଲାଣକାରୀ କହିଛି। ସେ ନିଶାଦ୍ରବ୍ୟ ଚାଲାଣକାରୀଙ୍କ ସହ ମିଶି ଟ୍ରମ୍ପ ଦେଶକୁ ଫେଣ୍ଟାନାଇଲ ମିଶ୍ରିତ କୋକେନ ପଠାଉଥିବା ଅଭିଯୋଗ ଲଗାଯାଇଛି। ମାଦୁରୋଙ୍କ ପାଖରେ ୭ ଟନ୍ କୋକେନ ରହିଛି। ଏହାକୁ ସେ ଆମେରିକା ପଠାଇବାକୁ ପ୍ରସ୍ତୁତି କରୁଛନ୍ତି ବୋଲି ଆମେରିକା ଅଧିକାରୀମାନେ କହିଛନ୍ତି। ଏହାକୁ ନେଇ ଗତ ଅଗଷ୍ଟ ୭ ତାରିଖରେ ମାଦୁରୋଙ୍କ ଉପରେ ଆମେରିକା ୫୦ ନିୟୁତ ଡଲାର ଅର୍ଥାତ୍ ପ୍ରାୟ ୪୨୦ କୋଟି ଟଙ୍କା ଜୋରିମାନା ଲଗାଇ ଥିଲା।

● ଆମେରିକାର ଭାରତୀୟ ବଂଶୋଦ୍ଭବଙ୍କ ଉନ୍ମତ୍ତ କାଣ୍ଡ

## ନିଶାରେ ଟ୍ରକ୍ ଚଳାଇ ୩ ଜଣଙ୍କୁ ହତ୍ୟା

ୱାସିଂଟନ, ୨୩।୧୦ (ଏଜେନ୍ସି): ଭାରତୀୟ ବଂଶୋଦ୍ଭବ ଟ୍ରକ୍ ଡ୍ରାଇଭର ଜିସନପ୍ରୀତ ସିଂହ ଆମେରିକା କାଲିଫର୍ଣ୍ଣିଆର ଅଣ୍ଟାରିଓରେ ଆତଙ୍କ ସୃଷ୍ଟି କରିଛନ୍ତି। ସେ ନିଶାସକ୍ତ ଅବସ୍ଥାରେ ଟ୍ରକ୍ ଚଳାଇ ପ୍ରାୟ



୧୦ଟି ଗାଡ଼ିକୁ ଧକ୍କା ଦେଇଛନ୍ତି। ଅନ୍ୟ ଗାଡିଗୁଡିକୁ ଟ୍ରକ୍ ଧକ୍କା ଦେଉଥିବା ସତ୍ତ୍ୱେ ସେ ବ୍ରେକ୍ ଲଗାଇ ନ ଥିଲେ। ଏଥିଯୋଗୁଁ ଘଟଣାସ୍ଥଳରେ ୩ ଜଣଙ୍କ ଜୀବନ ଯାଇଛି। ୪ରୁ ଅଧିକ ଆହତ ହୋଇଛନ୍ତି। ପୁଲିସ ଏହି ମାମଲାରେ ଜିସନଙ୍କୁ ଗିରଫ କରିଛି। ଗତ ୨୨ ତାରିଖରେ ଏହି ଘଟଣା ଘଟିଥିବାବେଳେ ଗୁରୁବାର ଭିଡିଓ ସାମ୍ନାକୁ ଆସିଛି। ଅଭିଯୁକ୍ତ ଜିସନ (୨୧) ପଞ୍ଜାବର ବାସିନ୍ଦା। ସେ ୨୦୨୨ରେ ବେଆଇନ ଭାବେ ଆମେରିକାରେ ପ୍ରବେଶ କରିଥିବା କୁହାଯାଉଛି। ଆମେରିକା ପୁଲିସର ସୂଚନା ଅନୁଯାୟୀ କାଲିଫର୍ଣ୍ଣିଆର ଆଇ-୧୦ ଫ୍ରିୱେରେ ଜିସନଙ୍କ ଟ୍ରକ୍ ନିୟନ୍ତ୍ରଣ ହରାଇ ଥିଲା। ପ୍ରଥମେ ଏହା ରାସ୍ତା ମଝିରେ ଥିବା କାର୍‌ଗୁଡିକୁ ଧକ୍କା ଦେଇଥିଲା। ପରେ ପାର୍ଶ୍ୱରେ ଥିବା ଗାଡ଼ିକୁ ଧକ୍କା ମାରିଥିଲା। ସାମ୍ନାରେ ଟ୍ରାଫିକ ଜାମ୍ ଥିବା ସତ୍ତ୍ୱେ ଜିସନ ଗାଡ଼ିକୁ ଅଟକାଇ ନ ଥିଲା। କାରଣ ସେ ନିଶାସକ୍ତ ଥିଲା। ତାକୁ ବର୍ଣ୍ଣାଡିନୋ କାଉଣ୍ଟି ସେରିଫ ବିଭାଗର ହେପାଜତରେ ରଖାଯାଇଛି। ଏଥିରେ ୧୦ଟି ଗାଡ଼ି କ୍ଷତିଗ୍ରସ୍ତ ହୋଇଛି। ୨୦୨୨ରେ ଆମେରିକାରେ ଧରା ପଡ଼ିଥିଲା। କିନ୍ତୁ ପରେ ତାକୁ ମୁକ୍ତ କରିଦିଆଯାଇଥିଲା।

# ବଞ୍ଚିଥିବା ଲୋକଙ୍କୁ ମୃତ ଦର୍ଶାଇ ନେଇଗଲେ ଶହେ କୋଟି

ନୂଆଦିଲ୍ଲୀ, ୨୩।୧୦ (ଏଜେନ୍ସି): ଜ୍ଞାନକୌଶଳ ଏବଂ ପ୍ରଯୁକ୍ତିବିଦ୍ୟା ଯେତେ ଉନ୍ନତ ହେଉଛି ଠକେଇ ସେତେ ବଢ଼ି ବଢ଼ି ଚାଲିଛି। ଏହା ଜମାରୁ କମ୍ ହେଉନାହିଁ। ଅନ୍‌ଲାଇନ ଯୋଗୁଁ ଠକ୍ ସୁବ୍ୟବସ୍ଥିତ ଭାବେ ଷଡ଼ଯନ୍ତ୍ର କରି କୋଟି କୋଟି ଟଙ୍କା ଠକି ନେଉଛନ୍ତି। ଏବେ ବୀମା ଦାବି ପାଇଁ ଏପରି କରାଯାଉଛି। ପ୍ରଥମେ ଠକେଇ ପାଇଁ ଗରିବ, ଅନାଥ, ବୃଦ୍ଧ ଏବଂ ରୋଗୀ ଆଦିଙ୍କ ବୀମା କରାଯାଉଛି। ମୃତବ୍ୟକ୍ତିଙ୍କୁ ମଧ୍ୟ ଜୀବିତ କରିଦିଆଯାଉଛି। କାଗଜପତ୍ରରେ ଜୀବିତ ଥିବା ଦର୍ଶା ଯାଉଛି। ପରେ ସେମାନେ ଚିକିତ୍ସିତ ହେଉଥିବାର ଜାଲ ପ୍ରମାଣପତ୍ର ପ୍ରସ୍ତୁତ କରାଯାଉଛି। ପୌରପାଳିକା ଆଦି ସଂସ୍ଥା ମଧ୍ୟ ମୃତ୍ୟୁ ପ୍ରମାଣପତ୍ର ପ୍ରଦାନ କରିଦେଉଛନ୍ତି। ଶେଷରେ ନୋମିନିଙ୍କ ମାଧ୍ୟମରେ ବୀମା ଦାବି କରାଯାଉଛି। ଆଉ ବିନା ଦ୍ୱିଧାରେ କମ୍ପାନୀ ମଧ୍ୟ ଏହି ବୀମା ଦାବିକୁ ପାରିତ କରିଦେଉଛି। ଠକମାନେ ଏହି ଅର୍ଥ

### ୧୨ ରାଜ୍ୟକୁ ବ୍ୟାପିଛି ବୀମା ଗ୍ୟାଙ୍ଗର ଚେର

### ବୀମା ପାଇଁ କରାଯାଉଛି ହତ୍ୟା

### ଦିଆଯାଉଛି ସଡ଼କ ଦୁର୍ଘଟଣାର ରୂପ



ନେଇ ଫୁର୍ ହେଇଯାଉଛନ୍ତି। ଏହି ଜାଲ୍ ବୀମା ପାଇଁ ହତ୍ୟା ମଧ୍ୟ କରାଯାଇଥିବାର ନଜିର ରହିଛି। ହତ୍ୟାକୁ ଦୁର୍ଘଟଣାର ରୂପ ଦିଆଯାଉଛି। ପୁଲିସ ରେକର୍ଡରେ ସାମାନ୍ୟ ସଡ଼କ ଦୁର୍ଘଟଣା ହୋଇଥିବା ଦର୍ଶାଯାଉଛି। ଦେଶରେ ୧୨ଟି ରାଜ୍ୟରେ ଏଭଳି ବୀମା ଗ୍ୟାଙ୍ଗ କାର୍ଯ୍ୟ କରୁଛି। ଏମାନେ ଜାଲ୍ ବୀମା କରି ୧୦୦ କୋଟିରୁ ଅଧିକ ଠକେଇ କରିଥିବା ସୂଚନା ମିଳିଛି। ଉତ୍ତର ପ୍ରଦେଶରୁ ପ୍ରଥମେ ଏହି ମାମଲା ସାମ୍ନାକୁ ଆସିଥିଲା। ଚଳିତ ବର୍ଷ ପ୍ରାରମ୍ଭରେ ସମ୍ଭଲ ପୁଲିସ ଏକ କାର୍‌କୁ ଜବତ କରି ଦୁଇ ଜଣଙ୍କୁ ଗିରଫ କରିଥିଲା। ଏହି କାର୍‌ରୁ ଦେଢ଼ ଲକ୍ଷ ଟଙ୍କା, ୧୭ କ୍ରେଡିଟ କାର୍ଡ ଏବଂ ୩୦ ହଜାରରୁ ଅଧିକ ଜାଲ୍ କାଗଜପତ୍ର ମିଳିଥିଲା। ଏହାର ତଦନ୍ତରୁ ଏଭଳି ଭୟଙ୍କର ତଥ୍ୟ ସାମ୍ନାକୁ ଆସିଛି।

ସୂଚନା ଅନୁଯାୟୀ ଦିଲ୍ଲୀର ଏହି ଗ୍ୟାଙ୍ଗ ଦିଲ୍ଲୀର ସାଲିମାର ଗାର୍ଡେନରେ ରହୁଥିବା ତ୍ରିଲୋକ କୁମାରଙ୍କୁ ୬ ମାସ ମଧ୍ୟରେ ଦୁଇ ଥର ମାରି ଦିଆଯାଇଥିଲା। ପ୍ରଥମେ ୨୦୨୪ ଜୁନ୍ ୧୯ରେ କର୍କଟରେ ଏବଂ ସେହି ବର୍ଷ ଡିସେମ୍ବର ୨୬ରେ ହୃଦ୍‌ଘାତରେ ତାଙ୍କର ମୃତ୍ୟୁ ହୋଇଥିଲା। ଦୁଇଥର ଯାକ ଦିଲ୍ଲୀ ପୌରନିଗମ ତାଙ୍କ ମୃତ୍ୟୁ ପ୍ରମାଣପତ୍ର ଜାରି କରିଥିଲା। ଏହି ପ୍ରମାଣପତ୍ରରେ ୨୦ ଲକ୍ଷର ବୀମା ଦାବି ପାରିତ ହୋଇ ଯାଇଥିଲା। ଏଭଳି କାରନାମା କରିଥିବା ବୀମା ଗ୍ୟାଙ୍ଗ ଉପରେ ସମ୍ଭଲ ପୁଲିସ ୧୦ ମାସ ହେଲା ତଦନ୍ତ କରୁଛି। ତଦନ୍ତରୁ ଠକେଇର ଅନେକ ମାମଲା ସାମନାକୁ ଆସିଛି। ଏ ପର୍ଯ୍ୟନ୍ତ ଏହି ମାମଲାରେ ୬୮ ଜଣଙ୍କୁ ଗିରଫ କରାଗଲାଣି।

ମୃତ ତ୍ରିଲୋକଙ୍କ ପତ୍ନୀ କହିଥିଲେ ଯେ ଜୁନ୍ ୧୯ରେ ସ୍ୱାମୀଙ୍କ ମୃତ୍ୟୁ ହୋଇଥିଲା। ତିନି ମାସ ପରେ କିଛି ଲୋକ ତାଙ୍କୁ ଯୋଗାଯୋଗ କରି ସରକାରଙ୍କ ପକ୍ଷରୁ ଆର୍ଥିକ ସହାୟତା ମିଳିବ ବୋଲି କହିଥିଲେ। ଏଥିପାଇଁ ସେ କାଗଜପତ୍ର ଦେଇଥିଲେ। ସମ୍ଭଲ ପୁଲିସ ଯାଞ୍ଚ କରିବାକୁ ପହଞ୍ଚିବା ପରେ ଏ ବିଷୟରେ ସେ ଜାଣିବାକୁ ପାଇଥିଲେ।

**ବିକ୍ରମଙ୍କୁ ନ୍ୟାୟ ଓ ବିଚାରବିଭାଗୀୟ ତଦନ୍ତ ଦାବି**

# ପ୍ରତିବାଦ ସଭାରେ ଗର୍ଜିଲା ବିଜେଡି

ବ୍ରହ୍ମପୁର, ୨୩।୧୦ (ସମିସ): ରାଜ୍ୟରେ ଶାସକ ଦଳର ହାତବାରିସି ସାଜି ଦଳୀୟ ନେତାଙ୍କ ଇଙ୍ଗିତରେ କାର୍ଯ୍ୟ କରୁଛି ପୁଲିସ। ନୂଆପଡ଼ା ଉପ-ନିର୍ବାଚନରେ ବିଜେଡି ପ୍ରତି ମିଳୁଥିବା ଜନସମର୍ଥନରେ ଅସହ୍ୟ ହୋଇ ବିକ୍ରମ ପଣ୍ଡାଙ୍କ ଭଳି ଜଣେ ଉଦୀୟମାନ ନେତାଙ୍କୁ ଗିରଫ କରାଯାଇଛି। ବିଜେଡିକୁ ବଦନାମ କରିବା ଓ ବିକ୍ରମଙ୍କ ରାଜନୈତିକ କ୍ୟାରିଅର୍‌କୁ ନଷ୍ଟ କରିବା ଉଦ୍ଦେଶ୍ୟରେ ଶାସକ ବିଜେପି ପୁଲିସର ଏମିତି ଅପବ୍ୟବହାର କରିଛି। ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକଙ୍କ ନିର୍ଦ୍ଦେଶକ୍ରମେ ବ୍ରହ୍ମପୁରଠାରେ ଆଜି ଆୟୋଜିତ ଶାନ୍ତିପୂର୍ଣ୍ଣ ଶୋଭାଯାତ୍ରା ଓ ପ୍ରତିବାଦ ସଭାରେ ଏମିତି ସଂଗିନ୍ ଅଭିଯୋଗ ଆଣି ରାଜ୍ୟ ବିଜେପି ସରକାର ଉପରେ ଭୀଷଣ ଗର୍ଜିଛି ବିଜେଡି। ବିକ୍ରମ ପଣ୍ଡାଙ୍କୁ ନ୍ୟାୟ ପ୍ରଦାନ ଓ ହାଇକୋର୍ଟର ଜଣେ ବିଚାରପତିଙ୍କ ଜରିଆରେ ଏହାର ବିଚାର ବିଭାଗୀୟ ତଦନ୍ତ କରାଯାଉ ବୋଲି ବିଜେଡି ଦାବି କରିଛି।

ପୂର୍ବତନ ସାଂସଦ ତଥା ବିଜେଡିର ବରିଷ୍ଠ ରାଜ୍ୟ ଉପ-ସଭାପତି ଚନ୍ଦ୍ରଶେଖର ସାହୁଙ୍କ ନେତୃତ୍ୱରେ ଆୟୋଜିତ ଶୋଭଯାତ୍ରା ସ୍ଥାନୀୟ ହିଲପାଟଣାସ୍ଥିତ ସଂସ୍କୃତିଭବନ ନିକଟରୁ ବାହାରି ସହର ପରିକ୍ରମା କରିବା ପରେ ଗାନ୍ଧିନଗର ଛକଠାରେ ପହଞ୍ଚିଥିଲା। ପରେ ସେଠାରେ ବିଜେଡିର ମୁଖପାତ୍ର ତୁମ୍ବନାଥ ପଣ୍ଡାଙ୍କ ସଂଯୋଜନାରେ ପ୍ରତିବାଦ ସଭା କରାଯାଇଥିଲା। ଏଥିରେ ସାମିଲ ସହସ୍ରାଧିକ ଦଳୀୟ ନେତା ଓ କର୍ମୀ କଳାବ୍ୟାଜ୍ ପିନ୍ଧି ପ୍ରତିବାଦ ଜଣାଇଥିଲେ। ବିକ୍ରମ ପଣ୍ଡାଙ୍କ




- ‘ମନ୍ତ୍ରୀଙ୍କୁ ଖସାଇବାକୁ ଯାଇ ବିଜେଡି ନେତାଙ୍କୁ ଫସାଇ ଦିଆଯାଇଛି’
- ‘କାହାଣୀର ସ୍କ୍ରିପ୍ଟ ଲେଖିଛନ୍ତି ରାଜ୍ୟ ବିଜେପି ସଭାପତି’
- ଶୋଭାଯାତ୍ରାରେ ସାମିଲ ହେଲେ ସହସ୍ରାଧିକ ବିଜେଡି ନେତା, କର୍ମୀ

ଅନ୍ୟାୟପୂର୍ଣ୍ଣ ଗିରଫଦାରୀର ପ୍ରତିବାଦ କରିଥିଲେ।

ସଭାରେ ବରିଷ୍ଠ ନେତା ଭୃଗୁ ବକ୍ସିପାତ୍ର ସିଧାସଳଖ ପୁଲିସର ତଦନ୍ତ ଓ ଜେରାକୁ ଟାର୍ଗେଟ୍ କରିଥିଲେ। ତଦନ୍ତ ନିରପେକ୍ଷ ନୁହେଁ, ବରଂ ଶାସକ ବିଜେପି ଦଳ ଦ୍ୱାରା ରଚିତ ଷଡ଼ଯନ୍ତ୍ର ବୋଲି ଅଭିଯୋଗ କରିଥିଲେ। ମନ୍ତ୍ରୀଙ୍କୁ ଖସାଇବାକୁ ଯାଇ ବିଜେଡି ନେତାଙ୍କୁ ଫସାଇ ଦିଆଯାଇଛି। ରାଜ୍ୟ ବିଜୁ ଯୁବ ଜନତା ଦଳର ସଭାପତି ଚିନ୍ମୟ ସାହୁ କହିଥିଲେ, ପୀତବାସ ହତ୍ୟା ମାମଲାରେ ହୋଇଥିବା ନାଟକୀୟ ପରିବର୍ତ୍ତନର ସ୍କ୍ରିପ୍ଟ-ରାଇଟର୍ ବିଜେପି ରାଜ୍ୟ ସଭାପତି ମନମୋହନ ସାମଲ। ଘଟଣାର ବିଚାର ବିଭାଗୀୟ ତଦନ୍ତ ନ ହେଲେ ଆନ୍ଦୋଳନକୁ ବ୍ୟାପକ କରାଯିବ ବୋଲି ସେ ଚେତାବନୀ ଦେଇଛନ୍ତି। ପୂର୍ବତନ ମନ୍ତ୍ରୀ ତଥା ବରିଷ୍ଠ ନେତ୍ରୀ ବିଧାୟିକା ପ୍ରମିଳା ମଲ୍ଲିକ କହିଥିଲେ, ନୂଆପଡ଼ା ଉପନିର୍ବାଚନରେ ବିଜେଡି ପ୍ରତି ମିଳୁଥିବା ଜନସମର୍ଥନରେ ବିଜେପି ଅସହ୍ୟ ହୋଇ ବିଜେଡି ଉପରେ ଏଭଳି ଦାଉ ସାଧୁଛି। ସାଂସଦ ପ୍ରାର୍ଥୀ ମନ୍ମଥ ରାଉତରାୟ କହିଥିଲେ, ବିଜେପି ବର୍ତ୍ତମାନ ପରିସ୍ଥିତିରେ ବିକ୍ରମଙ୍କୁ ମୋହରା କରି ଯେଉଁଭଳି ଭାବେ ଏକ ହତ୍ୟା ମାମଲାରେ ଜଡ଼ିତ କରି ନାଟକୀୟ ପରିସ୍ଥିତି ସୃଷ୍ଟି କରିଛି, ସେଥିରୁ କ୍ଷାନ୍ତ ନହେଲେ ଆଗକୁ ପରିସ୍ଥିତି ଅସମ୍ଭାଳ ହେବ। ରାଜ୍ୟ ବିଜୁ ଛାତ୍ର ସଭାନେତ୍ରୀ ଇପସିତା ସାହୁ କହିଥିଲେ, ନବୀନ ବାବୁ ଗଞ୍ଜାମ ଜିଲ୍ଲାକୁ ଫରୁଆ ଭିତରେ ସଜେଇ ରଖିଥିଲେ। ମାତ୍ର, ୧୬ ମାସର ସରକାରରେ ବିଜେପି ଗଞ୍ଜାମ ଜିଲ୍ଲାରେ ଅସ୍ଥିରତା ସୃଷ୍ଟି କରିସାରିଛି। ଉଦ୍ଦେଶ୍ୟମୂଳକ ତଥା ରାଜନୈତିକ ଅଭିସନ୍ଧି ରଖି ବିକ୍ରମ ପଣ୍ଡାଙ୍କୁ ଗିରଫ କରାଯାଇଛି।

ସେହିପରି ବିଧାୟକ ଗଣେଶ୍ୱର ବେହେରା କହିଥିଲେ, ବିଜେପିର ଜଣେ ପୂର୍ବତନ ଜିଲ୍ଲା ପରିଷଦ ସଦସ୍ୟ ଡମ୍ବରୁ ରେଡ୍ଡୀଙ୍କ ଅଭିଯୋଗକୁ ଆଧାର କରି କୌଣସି ତଦନ୍ତ କରାଗଲା ନାହିଁ। ପୁଲିସ ଚାପମୁକ୍ତ ହୋଇ ତଦନ୍ତ ନକରି ଶାସକ ଦଳର ଇଙ୍ଗିତରେ କାର୍ଯ୍ୟ କରୁଛି। ପୂର୍ବତନ ବିଧାୟକ ଡା. ରମେଶଚନ୍ଦ୍ର ଚ୍ୟାଉ ପଟ୍ଟନାୟକ କହିଛନ୍ତି, ବିଜେଡିର ଜଣେ ଉଦୀୟମାନ ନେତାଙ୍କୁ ଆକ୍ରୋଶମୂଳକ ଭାବେ ହତ୍ୟା ଭଳି ସଙ୍ଗୀନ ମାମଲାରେ ଫସାଇ ଦିଆଯାଇଛି। ତାଙ୍କର ଗିରଫଦାରୀ ସମ୍ପୂର୍ଣ୍ଣ ଅନ୍ୟାୟ ଓ ଅମୂଳକ।

ଏହି ପ୍ରତିବାଦ ସଭାରେ ରାଜ୍ୟସଭା ସାଂସଦ ସୁଲତା ଦେଓ, ପୂର୍ବତନ ସାଂସଦ ଶର୍ମିଷ୍ଠା ସେଠୀ, ଡା. ରାଜଶ୍ରୀ ମଲ୍ଲିକ, ବିଧାୟକ ଇଂ. ରୂପେଶ ପାଣିଗ୍ରାହୀ, ବିଧାୟକ ସୁନୀଲ ମହାନ୍ତି, ବିଧାୟକ ସାରଦା ଜେନା, ବିଧାୟକ ପ୍ରଦୀପ ସାହୁ, ବିଜେଡିର ବରିଷ୍ଠ ପ୍ରବକ୍ତା ଲେନିନ ମହାନ୍ତି, ପୂର୍ବତନ ମନ୍ତ୍ରୀ ଉଷା ଦେବୀ, ପୂର୍ବତନ ସାଂସଦ ପ୍ରମିଳା ବିଶୋୟୀ, ସାଂସଦ ପ୍ରାର୍ଥିନୀ ରଂଜିତା ସାହୁ, ପୂର୍ବତନ ମନ୍ତ୍ରୀ ଶ୍ରୀକାନ୍ତ ସାହୁ, ପୂର୍ବତନ ବିଧାୟକ ପୂର୍ଣ୍ଣଚନ୍ଦ୍ର ସ୍ୱାଇଁ, ପୂର୍ବତନ ବିଧାୟକ ସୁବାସ ବେହେରା, ପୂର୍ବତନ ବିଧାୟିକା ମଞ୍ଜୁଳା ସ୍ୱାଇଁ, ଚିକିଟି ବିଧାୟକ ପ୍ରାର୍ଥୀ ଚିନ୍ମୟାନନ୍ଦ ଶ୍ରୀରୂପ ଦେଓ, ଦିଗପହଣ୍ଡି ବିଧାୟକ ପ୍ରାର୍ଥୀ ବିପ୍ଳବ ପାତ୍ର, ଦେବାନନ୍ଦ ମହାପାତ୍ର, ପୂର୍ବତନ ଅଧ୍ୟକ୍ଷ ରାଜ୍ୟ କାଜୁ ନିଗମ ସୁବାସ ମହାରଣା, ଡେପୁଟି ମେୟର ଇ. ବିବେକ ରେଡ୍ଡୀ, ଅଜୟ ମହାରଣା, ପୂର୍ବତନ ବିଡିଏ ଉପାଧ୍ୟକ୍ଷ କୈଳାଶ ରଣାଙ୍କ ସମେତ ବହୁ ଯୁବ, ଛାତ୍ର, ମହିଳା ବିଜେଡି ନେତା ଓ କର୍ମୀଙ୍କ ସହିତ ବହୁ କର୍ପୋରେଟର୍ ଓ ବିଭିନ୍ନ ଏନଏସି ଓ ପୌରପାଳିକାର ନିର୍ବାଚିତ ଜନପ୍ରତିନିଧିମାନେ ସାମିଲ ହୋଇଥିଲେ।

**ନୂଆପଡ଼ା ଉପ-ନିର୍ବାଚନ**

## ୨୧ ନେତାଙ୍କୁ ଗୁରୁଦାୟିତ୍ୱ ଦେଲେ ନବୀନ

ଭୁବନେଶ୍ୱର, ୨୩।୧୦(ସମିସ): ନୂଆପଡ଼ା ଉପ-ନିର୍ବାଚନରେ ଦଳୀୟ ପ୍ରାର୍ଥୀଙ୍କ ବିଜୟ ସୁନିଶ୍ଚିତ କରିବା ପାଇଁ ବିଜେଡି ସ୍ୱତନ୍ତ୍ର ରଣନୀତି ପ୍ରସ୍ତୁତ କରିଛି। ଦଳ ସେହି ଅନୁଯାୟୀ ସଂଗଠନକୁ କ୍ରିୟାଶୀଳ କରୁଛି। ନିର୍ବାଚନରେ

**ସାଂଗଠନିକ କାର୍ଯ୍ୟକଳାପ ସଂଯୋଜନା କରିବେ**



ଜୋନ୍‌ରୁ ଆରମ୍ଭ କରି ଏନ୍‌ଏସି ଏବଂ ବ୍ଲକ୍ ପର୍ଯ୍ୟନ୍ତ ଭିନ୍ନଭିନ୍ନ ଦାୟିତ୍ୱ ପ୍ରଦାନ କରାଯାଇଛି। ଏହି କ୍ରମରେ ବିଜେଡି ସଭାପତି ନବୀନ ପଟ୍ଟନାୟକ ଦଳର ଆଉ ୨୧ଜଣ ନେତାଙ୍କୁ ଗୁରୁଦାୟିତ୍ୱ ଦେଇଛନ୍ତି। ଏହି ନେତାମାନେ ଦଳ ପକ୍ଷରୁ ବିଭିନ୍ନ କ୍ଷେତ୍ରରେ ସାଂଗଠନିକ କାର୍ଯ୍ୟକଳାପକୁ ସଂଯୋଜନା କରିବେ। ଦଳ ପକ୍ଷରୁ ପ୍ରକାଶିତ ନିର୍ଦ୍ଦେଶନାମା ଅନୁଯାୟୀ, ଏହି ଦାୟିତ୍ୱରେ ପ୍ରମିଳା ମଲ୍ଲିକ, ନିରଞ୍ଜନ ବିଶି, ଟୁକୁନି ସାହୁ, ସୁବାସ ସିଂ, ରମେଶ ମାଝୀ, ଲତିକା ପ୍ରଧାନ, ପ୍ରକାଶ ମାଝୀ, ଅଳକା ମହାନ୍ତି, ଡଲି ମାଝୀ, ମହମ୍ମଦ ଆଦାମ, ଏସ.କେ ନିଜାମୁଦ୍ଦିନ, ପ୍ରଫୁଲ୍ଲ ସିଂ, ଭାନୁପ୍ରତାପ ସିଂ ମାଝୀ, ସଞ୍ଜିତ ମହାନ୍ତି, ଗିରିରାଜ ସିଂ ମାଝୀ, ଗୌରହରି ମିଶ୍ର, ଭୀଷ୍ମଦେବ ସରଫ, ରାଜୁ ଘିବେଲା, ନନ୍ଦଲାଲ ସିଂ, ଜାପାନ ମହାପାତ୍ର ଓ ପ୍ରବୀର ମହାନ୍ତି ରହିଛନ୍ତି।

**■ ଏସ୍‌ଆଇ ପରୀକ୍ଷା କେଲେଙ୍କାରୀ ମାମଲା**

## ୨୮ ସୁଦ୍ଧା ସିଡି ଦାଖଲ ପାଇଁ କ୍ରାଇମବ୍ରାଞ୍ଚକୁ ନିର୍ଦ୍ଦେଶ

ବ୍ରହ୍ମପୁର, ୨୩।୧୦(ସମିସ): ପୁଲିସ ଏସ୍‌ଆଇ ପରୀକ୍ଷା କେଲେଙ୍କାରୀ ମାମଲା ଭିଜିଲାନ୍ସ କୋର୍ଟରେ ବିଚାରାଧୀନ ରହିଛି। ଗିରଫ ଅଭିଯୁକ୍ତଙ୍କ ମଧ୍ୟରୁ ୧୧୩ଜଣ ଜାମିନ ଆବେଦନର ଶୁଣାଣି ଗୁରୁବାର ଥିଲା। କିନ୍ତୁ କ୍ରାଇମବ୍ରାଞ୍ଚ ପକ୍ଷରୁ ସମୟ ମଗାଯାଇଥିବାରୁ କୋର୍ଟ ଏହାକୁ ଗ୍ରହଣ କରି ଅନୁମତି ଦେଇଥିବା ଜଣାପଡ଼ିଛି। ଏସଆଇ ନିଯୁକ୍ତି କେଲେଙ୍କାରୀ ମାମଲାରେ କ୍ରାଇମବ୍ରାଞ୍ଚ ପକ୍ଷରୁ ଗୁରୁବାର ବ୍ରହ୍ମପୁର ସ୍ୱତନ୍ତ୍ର ଦୁର୍ନୀତି ନିବାରଣ ଅଦାଲତରେ କେସ ଡାଏରୀ ଦାଖଲ କରିବାର ଥିଲା। କିନ୍ତୁ କୌଣସି କାରଣବଶତଃ କ୍ରାଇମବ୍ରାଞ୍ଚ ପକ୍ଷରୁ ମାମଲାର ସିଡି ଦାଖଲ କରାଯାଇନାହିଁ। ଏନେଇ ଚଳିତ ମାସ ୨୮ ତାରିଖ ସୁଦ୍ଧା କେସ ଡାଏରୀ ଦାଖଲ କରିବାକୁ କୋର୍ଟ କ୍ରାଇମବ୍ରାଞ୍ଚକୁ ନିର୍ଦ୍ଦେଶ ଦେଇଥିବା ଜଣାପଡ଼ିଛି। ୨୮ ତାରିଖରେ ମାମଲାର ସିଡି ପ୍ରଦାନ ନକଲେ ମାନ୍ୟବର କୋର୍ଟ ନିଜସ୍ୱ ପ୍ରତିକ୍ରିୟା ରଖିବେ ବୋଲି ଆଇନଜୀବୀ ଦୀପକ କୁମାର ପଟ୍ଟନାୟକ ଓ ଚକ୍ରପାଣି ନାହାକ ସୂଚନା ଦେଇଛନ୍ତି। ସେପଟେ ଏହି ମାମଲାରେ ଅନ୍ୟ ଅଭିଯୁକ୍ତମାନେ ଗିରଫ ହୋଇ କୋର୍ଟଚାଲାଣ ହୋଇଥିବାରୁ କ୍ରାଇମବ୍ରାଞ୍ଚ ସିଡି ଦାଖଲ ପାଇଁ ଅଧିକା ସମୟ ମାଗିଥିବା ସରକାରୀ ପିପି ବିଶ୍ୱଜିତ ବରାଳ କହିଛନ୍ତି।

**ମୁଖ୍ୟମନ୍ତ୍ରୀଙ୍କୁ ଭେଟିଲେ ଅନିଲ ଅଗ୍ରୱାଲ**

## ଓଡ଼ିଶାରେ ୧ ଲକ୍ଷ କୋଟିର ପୁଞ୍ଜିନିବେଶ କରିବ ବେଦାନ୍ତ

ଭୁବନେଶ୍ୱର,୨୩।୧୦(ସମିସ): ରାଜ୍ୟରେ ପ୍ରାୟ ୧ ଲକ୍ଷ କୋଟି ଟଙ୍କାର ପୁଞ୍ଜିନିବେଶ କରିବ ବେଦାନ୍ତ ଗ୍ରୁପ। ଏହି ଅର୍ଥକୁ କମ୍ପାନୀ ଢ଼େଙ୍କାନାଳରେ ପ୍ରତିଷ୍ଠା ହେବାକୁ ଥିବା ତାର ବୃହତ୍ ଆଲୁମିନିୟମ୍ ପ୍ରକଳ୍ପରେ ଖଟାଇବ। ବାର୍ଷିକ ୩ ନିୟୁତ ଟନ୍ କ୍ଷମତା ବିଶିଷ୍ଟ ଏହି ଆଲୁମିନିୟମ୍ ପ୍ରକଳ୍ପରେ କମ୍ପାନୀ ଏକ ୪୯୦୦ ମେଗାୱାଟ୍‌ର ପାୱାର ପ୍ଲାଣ୍ଟ ମଧ୍ୟ ସ୍ଥାପନ କରିବ ବୋଲି ଗୁରୁବାର ବେଦାନ୍ତ ଗ୍ରୁପ୍ ଅଧ୍ୟକ୍ଷ ଅନିଲ ଅଗ୍ରୱାଲ ସୂଚନା ଦେଇଛନ୍ତି।

ଆଜି ଲୋକସେବା ଭବନଠାରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କୁ ଶ୍ରୀ ଅଗ୍ରୱାଲ ଭେଟିଛନ୍ତି। ଏହି ଅବସରରେ ସେ ରାଜ୍ୟରେ ଗ୍ରୁପ ପକ୍ଷରୁ ପ୍ରସ୍ତାବିତ କେତେକ ନୂଆ ଶିଳ୍ପ ପ୍ରକଳ୍ପ ବିଷୟରେ ଆଲୋଚନା କରିଛନ୍ତି। ଏହି ଅନୁଯାୟୀ, ଆଗାମୀ ଦିନରେ ବେଦାନ୍ତ ପକ୍ଷରୁ ଓଡିଶାରେ ପ୍ରାୟ ୧ ଲକ୍ଷ କୋଟି ଟଙ୍କାର ପୁଞ୍ଜି ନିବେଶ କରାଯିବ। ଏହାଦ୍ୱାରା ରାଜ୍ୟରେ ୧ ଲକ୍ଷରୁ ଅଧିକ ପ୍ରତ୍ୟକ୍ଷ ଓ ପରୋକ୍ଷ ନିଯୁକ୍ତି ସୁଯୋଗ ସୃଷ୍ଟି ହେବ। ଏଥିପାଇଁ



ଗ୍ରୁପ ରାଜ୍ୟ ସରକାରଙ୍କଠାରୁ ସମସ୍ତ ପ୍ରକାର ସହଯୋଗ ଆଶା କରୁଥିବା ଶ୍ରୀ ଅଗ୍ରୱାଲ କହିଛନ୍ତି। ଏହି ନିବେଶ ପାଇଁ ଆବଶ୍ୟକ ଜମି ଓ ଅନ୍ୟାନ୍ୟ ସୁବିଧା ସୁଯୋଗ ଯୋଗାଇ ଦିଆଯିବ ବୋଲି ରାଜ୍ୟ ସରକାରଙ୍କ ପକ୍ଷରୁ କମ୍ପାନୀକୁ ଭରସା ଦିଆଯାଇଛି। ଏହାସହିତ ବିଶ୍ୱର ମେଟାଲ ଭାଲ୍ୟୁ-ଚେନ୍‌ରେ ଓଡିଶାର ପ୍ରତିଷ୍ଠା ବୃଦ୍ଧି ପାଇଁ କେନ୍ଦୁଝରଠାରେ ଗ୍ରୁପ ଏକ ଅତ୍ୟାଧୁନିକ ଫେରୋ-ଆଲଏଜ୍ ପ୍ଲାଣ୍ଟ ପ୍ରତିଷ୍ଠା କରାଯିବାକୁ ଯୋଜନା କରୁଛି। ଏଥିରେ ବେଦାନ୍ତ ପକ୍ଷରୁ ୨

- ଢେଙ୍କାନାଳରେ ପ୍ରତିଷ୍ଠା ହେବ ବୃହତ୍ ଆଲୁମିନିୟମ୍ ପ୍ରକଳ୍ପ
- କେନ୍ଦୁଝରରେ ୨୦୦୦ କୋଟିର ଫେରୋ-ଆଲଏଜ୍ ପ୍ଲାଣ୍ଟ

ହଜାର କୋଟି ଟଙ୍କାର ପୁଞ୍ଜି ବିନିଯୋଗ କରାଯିବ।

ସୂଚନାନୁଯାୟୀ, ବେଦାନ୍ତ ପକ୍ଷରୁ ରାଜ୍ୟରେ ଦୁଇଟି ନୂଆ ଆଲୁମିନିଅମ୍ ପାର୍କ ମଧ୍ୟ ପ୍ରତିଷ୍ଠା କରାଯିବ। ଝାରସୁଗୁଡାରେ ଥିବା କମ୍ପାନୀର ଆଲୁମିନିଅମ୍ ପ୍ଲାଣ୍ଟ ନିକଟରେ ଗୋଟିଏ ନୂଆ ଆଲୁମିନିଅମ୍ ପାର୍କ ପ୍ରତିଷ୍ଠା ଯୋଜନା ରହିଛି। ଏହାସହିତ ରାଜ୍ୟର ଅନ୍ୟ ସ୍ଥାନରେ ଯେଉଁଠି ରାଜ୍ୟ ସରକାର ଜମି ଯୋଗାଇଦେବେ, ସେଠାରେ ମଧ୍ୟ ଆଉଏକ ଆଲୁମିନିଅମ୍ ପାର୍କ ପ୍ରତିଷ୍ଠା କରାଯିବ। ଏହି ଦୁଇଟି ଅତ୍ୟାଧୁନିକ ପାର୍କରେ ଅତ୍ୟନ୍ତ ଉନ୍ନତ ଗ୍ରେଡ୍‌ର ଆଲୁମିନିଅମ୍ ଆଲୟ ପ୍ରସ୍ତୁତ କରାଯିବ।

ଏହି ଅବସରରେ ମୁଖ୍ୟମନ୍ତ୍ରୀ କହିଥିଲେ ଯେ, ଓଡିଶାର ଉଜ୍ଜ୍ୱଳ ଭବିଷ୍ୟତ ପାଇଁ ଏହି ପୁଞ୍ଜି ନିବେଶ ଏକ ଗେମ୍-ଚେଞ୍ଜର ହେବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ବୈଠକରେ ବେଦାନ୍ତ ଅଧ୍ୟକ୍ଷ ଶିଳ୍ପ ପ୍ରକଳ୍ପ ଗୁଡିକୁ ମୁଖ୍ୟମନ୍ତ୍ରୀ ଓ ରାଜ୍ୟ ସରକାରଙ୍କ ସହଯୋଗ ପାଇଁ ଧନ୍ୟବାଦ ପ୍ରଦାନ କରିଥିଲେ। ଏଥିରେ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା, ଶିଳ୍ପ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ହେମନ୍ତ ଶର୍ମା, ଖଣି ଓ ଇସ୍ପାତ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ସୁରେନ୍ଦ୍ର କୁମାର ଏବଂ ମୁଖ୍ୟମନ୍ତ୍ରୀଙ୍କ ପ୍ରମୁଖ ଶାସନ ସଚିବ ଶାଶ୍ୱତ ମିଶ୍ର ପ୍ରମୁଖ ଉପସ୍ଥିତ ଥିଲେ।

**ଆଇନଜୀବୀ ପୀତବାସ ହତ୍ୟା ମାମଲା**

## କୁରୁପତିକୁ ଆଶ୍ରୟ ଦେଇଥିବା ଫାର୍ମ ହାଉସ୍ ମାଲିକ ଗିରଫ

**ଥାନାରେ ଜେରା ପରେ ସୁଦର୍ଶନଙ୍କୁ ଛାଡ଼ିଲା ପୁଲିସ**

**ବିକ୍ରମଙ୍କ ସମେତ ୩ ଜଣଙ୍କ ଜାମିନ ଆବେଦନ**

ବ୍ରହ୍ମପୁର,୨୩।୧୦(ସମିସ): ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲାରେ ପୁଲିସ ଆଜି ଆଉ ଜଣେ ଅଭିଯୁକ୍ତକୁ ଗିରଫ କରି କୋର୍ଟଚାଲାଣ କରିଛି। ସେ ହେଲେ, ଜୟପୁରର ଫାର୍ମହାଉସ୍ ମାଲିକ ସୁନୀଲ ହୋତା। ଏହି ମାମଲାରେ ସୁଦର୍ଶନ ଜେନା ନାମକ ଅନ୍ୟ ଜଣେ ବ୍ୟକ୍ତି ଏସ୍‌ପି ସର୍ବଣା ବିବେକ ଏମ୍‌ଙ୍କ ନିକଟରେ ଆତ୍ମସମର୍ପଣ କରିଛନ୍ତି। ଗୁରୁବାର ସନ୍ଧ୍ୟାରେ ବୈଦ୍ୟନାଥପୁର ଥାନାରେ ସୁଦର୍ଶନଙ୍କୁ ୩ ଘଣ୍ଟା ଜେରା ପରେ ଛାଡ଼ିଦିଆଯାଇଛି। ସୁଦର୍ଶନ ତଦନ୍ତରେ ସହଯୋଗ କରୁଛନ୍ତି ବୋଲି ଏସ୍‌ପି କହିଛନ୍ତି।

ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲାରେ ବର୍ତ୍ତମାନ ସୁଦ୍ଧା ଗିରଫଙ୍କ ସଂଖ୍ୟା ୧୩କୁ ବୃଦ୍ଧି ପାଇଛି। ମାମଲାର ଦୁଇ ମୁଖ୍ୟ ଅଭିଯୁକ୍ତ କୁରୁପତି ଭୂୟାଁ ଓ ଉମା ବିଷୋୟୀ ଏବେ ବି ଫେରାର ରହିଛନ୍ତି। କୁରୁପତି ପୀତବାସଙ୍କୁ ଗୁଳି କରିବା ପରେ ଜୟପୁର ଚାଲିଯାଇଥିଲା। ଯିବା ବେଳେ ସାଥିରେ ଉମାଙ୍କୁ ବି ନେଇଥିଲା। ସେଠାରେ ପହଞ୍ଚିବା ପରେ ସୁନୀଲ ହୋତାଙ୍କ ଫାର୍ମ ହାଉସ୍‌ରେ ଉଭୟ ଆଶ୍ରୟ ନେଇଥିଲେ। ହତ୍ୟା ମାମଲାରେ କୁରୁପତି ଓ ଉମା ସମ୍ପୃକ୍ତ ଥିବା ଜାଣି ମଧ୍ୟ ସୁନୀଲ ସେମାନଙ୍କୁ ନିଜ ଫାର୍ମହାଉସରେ ଆଶ୍ରୟ ଦେଇଥିବାରୁ ପୁଲିସ ସୁନୀଲଙ୍କୁ ଗିରଫ କରିଥିବା ଜଣାପଡ଼ିଛି। ଅନ୍ୟପକ୍ଷରେ ଗୁରୁବାର ବିକ୍ରମ ପଣ୍ଡା, ମଳୟ ବିଶୋୟୀ ଓ ମଦନ ଦଳେଇ ନିଜ ଓକିଲଙ୍କ ଜରିଆରେ ବ୍ରହ୍ମପୁର ଏସ୍‌ଡିଜେଏମ୍ କୋର୍ଟରେ ଜାମିନ ଆବେଦନ କରିଛନ୍ତି। ସେମାନଙ୍କ ସପକ୍ଷରେ ଶତାଧିକ ଆଇନଜୀବୀ ତଳ କୋର୍ଟରେ ଓକିଲାତିନାମା ଦାଖଲ କରିଛନ୍ତି।

## ଆତ୍ମସମର୍ପଣ କଲେ ୫୦ ମାଓବାଦୀ

ମାଲକାନଗିରି, ୨୩।୧୦ (ସମିସ): ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡ଼ରେ ମୂଳପୋଛ ହେବାରେ ଲାଗିଛି ମାଓ ସଂଗଠନ। କ୍ରମାଗତ ଭାବେ ଶହଶହ ମାଓବାଦୀ ସଂଗଠନ ଛାଡ଼ି ଆତ୍ମସମର୍ପଣ କରୁଛନ୍ତି। ଏହି କ୍ରମରେ ଆଜି ପୁଣି ୫୦ କୁଖ୍ୟାତ ମାଓବାଦୀ ଆତ୍ମସମର୍ପଣ କରିଛନ୍ତି। ଏମାନେ ମାଓ ସଂଗଠନରେ ସକ୍ରିୟ ରହିଥିବା ବେଳେ ଅନେକ ହିଂସାକାଣ୍ଡର ନେତୃତ୍ୱ ନେଇଥିଲେ। ସୂଚନାନୁଯାୟୀ, ସଙ୍ଗଠନର କେନ୍ଦ୍ରୀୟ କମିଟି ମେମ୍ବର ରାମଧରଙ୍କ ନେତୃତ୍ୱରେ ଛତିଶଗଡ଼ର ପୁଖାଞ୍ଜୁର ଜିଲ୍ଲାର ମହଲା ସୁରକ୍ଷା କ୍ୟାମ୍ପରେ ଆଜି ଏହି ମାଓବାଦୀମାନେ ଆତ୍ମସମର୍ପଣ କରିଛନ୍ତି। ଏହାସହ ୩୦ରୁ ଅଧିକ ଅସ୍ତ୍ରଶସ୍ତ୍ର ପୁଲିସକୁ ପ୍ରଦାନ କରିଛନ୍ତି। ଏହା ମାଓଦମନ ଅଭିଯାନକୁ ଏକ ବଡ଼ ସଫଳତା ବୋଲି କୁହାଯାଉଛି। ଆତ୍ମସମର୍ପଣକାରୀ ମାଓନେତା ରାମଧରଙ୍କ ନାମରେ ସରକାର ୫୦ ଲକ୍ଷ ଟଙ୍କାର ପୁରସ୍କାର ଘୋଷଣା କରିଥିଲେ।

## ଆଜି ଲଘୁଚାପ, ଘନୀଭୂତ ହେବା ଆଶଙ୍କା

ଭୁବନେଶ୍ୱର,୨୩।୧୦(ସମିସ): ବଙ୍ଗୋପସାଗରରେ ଦାନା ବାନ୍ଧୁଛି ଆଉ ଏକ ଲଘୁଚାପ। ବୁଧବାରଠାରୁ ଦକ୍ଷିଣ-ପୂର୍ବ ବଙ୍ଗୋପସାଗର ପାର୍ଶ୍ୱବର୍ତ୍ତୀ ଦକ୍ଷିଣ ଆଣ୍ଡାମାନ ସାଗର ଉପରେ ଏକ ଘୂର୍ଣ୍ଣିବଳୟ ସକ୍ରିୟ ରହିଛି। ଏହା ପ୍ରଭାବରେ ଗୁରୁବାର ପୂର୍ବ-କେନ୍ଦ୍ରୀୟ ବଙ୍ଗୋପସାଗରରେ ଏକ ଲଘୁଚାପ ସୃଷ୍ଟି ହେବାର ସମ୍ଭାବନା ରହିଛି। ଏହା ପରବର୍ତ୍ତୀ ସମୟରେ ଅଧିକ ଘନୀଭୂତ ହୋଇ ପଶ୍ଚିମ-ଉତ୍ତର ପଶ୍ଚିମ ଦିଗରେ ଗତି କରିବ। ତେବେ କେତେ ଘନୀଭୂତ ହେବ ଓ କେଉଁଠାରେ ସ୍ଥଳଭାଗ ଅତିକ୍ରମ କରିବ ତାହା ସ୍ପଷ୍ଟ ହୋଇନାହିଁ ବୋଲି ପାଣିପାଗ କେନ୍ଦ୍ର କହିଛି।

**୨୭ରୁ ବର୍ଷା, ୨୮ରେ ବଢ଼ିବ**

ପାଣିପାଗ ବିଜ୍ଞାନୀଙ୍କ କହିବା କଥା, ଏହି ଲଘୁଚାପଟି ଶକ୍ତିଶାଳୀ ହୋଇ ଅବପାତରେ ପରିଣତ ହେବା ଏକପ୍ରକାର ନିଶ୍ଚିତ ଥିବା ବେଳେ ଯଦି ପାଣିପାଗ ସ୍ଥିତି ଅନୁକୂଳ ହୁଏ ତେବେ ଗଭୀର ଅବପାତ/ବାତ୍ୟା ଆଶଙ୍କାକୁ ମଧ୍ୟ ଏଡ଼ାଯାଇ ନପାରେ। ସେହିପରି ପ୍ରାଥମିକ ଭାବେ ଏହା ଆନ୍ଧ୍ର ଉପକୂଳମୁହାଁ ହେବା ନେଇ ଆକଳନ କରାଯାଉଥିଲେ ମଧ୍ୟ ଓଡ଼ିଶା ଉପରେ ଏହାର ପରୋକ୍ଷ ଓ ପ୍ରତ୍ୟକ୍ଷ ପ୍ରଭାବ ରହିବ। ଯଦି ଏହା ଉତ୍ତର ଆନ୍ଧ୍ରରେ ସ୍ଥଳଭାଗ ଅତିକ୍ରମ କରେ ତେବେ ରାଜ୍ୟର ସମସ୍ତ ଉପକୂଳବର୍ତ୍ତୀ

**ଆନ୍ଧ୍ର-ଓଡ଼ିଶା ଉପରେ ପଡ଼ିବ ପ୍ରଭାବ**

ଜିଲ୍ଲାରେ ବର୍ଷା ସାଙ୍ଗକୁ ସମ୍ପୂର୍ଣ୍ଣ ଦକ୍ଷିଣ ଓଡ଼ିଶା ଓ ଉପକୂଳ ସଂଲଗ୍ନ ଜିଲ୍ଲାଗୁଡ଼ିକରେ ମଧ୍ୟ ବର୍ଷାର ପ୍ରଭାବ ରହିପାରେ। ସେହିପରି ଲଘୁଚାପ ଅଧିକ ଶକ୍ତିଶାଳୀ ହେଲେ, ଓଡ଼ିଶା ଆଡ଼କୁ ମୁହାଁଇବାର ସମ୍ଭାବନା ବଢ଼ିଯିବ। ତେଣୁ ରାଜ୍ୟରେ ଅଧିକ ଅଞ୍ଚଳରେ ବର୍ଷା ସାଙ୍ଗକୁ ପବନ ଦେଖାଦେଇପାରେ। ଅନ୍ୟପଟେ ଆସନ୍ତା ୨୭ତାରିଖ ବେଳକୁ ଗୋଟିଏ ପଶ୍ଚିମା ଝଡ଼ର ପ୍ରଭାବ ଆରମ୍ଭ ହେବ। ସାଧାରଣତଃ ପଶ୍ଚିମା ଝଡ଼ ଦ୍ୱାରା ଉପରିଭାଗରେ ବାୟୁ ଚଳାଚଳର ତାରତମ୍ୟ ଅବପାତ/ବାତ୍ୟାଗୁଡ଼ିକର ଦିଗ ପରିବର୍ତ୍ତନ କରାଇବାରେ ସହାୟକ ହୋଇଥାଏ। ତେଣୁ ବର୍ତ୍ତମାନ ଉଭୟ ଆନ୍ଧ୍ର ଓ ଓଡ଼ିଶା ଉପରେ ସମ ପରିମାଣର ବର୍ଷା-ପବନ ଭୟ ରହୁଛି। ଏହି ସ୍ଥିତି ଯୋଗୁଁ ଆସନ୍ତା ୨୭ରୁ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଆରମ୍ଭ ହେବ। ୨୮ ଓ ୨୯ରେ ବର୍ଷାର ପ୍ରଭାବ ସବୁଠୁ ଅଧିକ ରହିବାର ସମ୍ଭାବନା ରହିଛି।

ଦୁଇଦିନ ପୂର୍ବେ ସୃଷ୍ଟ ଲଘୁଚାପ ବର୍ତ୍ତମାନ ଓଡ଼ିଶାଠାରୁ ଦୂରକୁ ଚାଲିଯାଇଛି। ମାତ୍ର ଏହା ପ୍ରଭାବରେ ରାଜ୍ୟର କିଛି କିଛି ସ୍ଥାନରେ ବର୍ଷା ଅନୁଭୂତ ହୋଇଛି। ଗତ ୨୪ ଘଣ୍ଟାରେ ରାୟଗଡ଼ାରେ ୧୬ ମିମି ବର୍ଷା ରେକର୍ଡ ହୋଇଥିବା ବେଳେ କୋରାପୁଟରେ ୮ ଓ ଜଗତସିଂହପୁରରେ ୯ ମିମି ବର୍ଷା ରେକର୍ଡ ହୋଇଛି। ଶୁକ୍ରବାର ୧୧ଟି ଜିଲ୍ଲାର କିଛି ସ୍ଥାନରେ ସ୍ୱଳ୍ପ ବର୍ଷା ଆଶଙ୍କା ରହିଥିବା ନେଇ ପାଣିପାଗ କେନ୍ଦ୍ର ସୂଚନା ଦେଇଛି।

**ମଧ୍ୟାହ୍ନଭୋଜନରେ ଅଣ୍ଡା ଖାଉ ନଥିବା ପିଲାଙ୍କୁ ମିଳିବ ଫଳ**


## ଭାତ ସହ ଫଳ କିପରି ଖାଇବେ ପିଲା

ଭୁବନେଶ୍ୱର,୨୩।୧୦(ସମିସ): ମଧ୍ୟାହ୍ନ ଭୋଜନରେ ଛାତ୍ରଛାତ୍ରୀଙ୍କୁ ମିଳିବ ବିଭିନ୍ନ ଫଳ। ଅଣ୍ଡା ଖାଉ ନଥିବା ପିଲାଙ୍କୁ ଫଳ ପ୍ରଦାନ କରାଯିବ। ଯେଉଁଦିନ ଅଣ୍ଡା ଦିଆଯାଉଥିଲା, ସେହିଦିନ ଫଳ

**ଶାକାହାରୀ ପିଲାଙ୍କୁ ଦହି ବା ପନୀର ଦେବାକୁ ଦାବି**

ଯୋଗାଇବାକୁ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପକ୍ଷରୁ ନିଷ୍ପତ୍ତି ହୋଇଛି। ଗତ ଅଗଷ୍ଟ ପ୍ରଥମ ସପ୍ତାହରେ ଏନେଇ ମାର୍ଗଦର୍ଶିକା ମଧ୍ୟ ଜାରି କରାଯାଇଥିଲା। ଏହାକୁ କଡ଼ାକଡ଼ି ଭାବେ ପଳନ କରିବା ପାଇଁ ଗୁରୁବାର ପିଏମ୍ ପୋଷଣ ରାଜ୍ୟ ପ୍ରକଳ୍ପ ପରିଚାଳନା ୟୁନିଟ୍ ପକ୍ଷରୁ ସମସ୍ତ ଜିଲ୍ଲା ଶିକ୍ଷା ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦିଆଯାଇଛି। ଶିଶୁ ବାଟିକାଠାରୁ ଦଶମ ଶ୍ରେଣୀ ପର୍ଯ୍ୟନ୍ତ ଅଣ୍ଡା ଖାଉ ନଥିବା ପିଲାଙ୍କୁ ଫଳ ପ୍ରଦାନ କରାଯିବ। ସପ୍ତାହକୁ ୩ଦିନ ଅର୍ଥାତ୍ ସୋମବାର, ବୁଧବାର ଓ ଶୁକ୍ରବାର ଅଣ୍ଡା ଦେବାର ପ୍ରାବଧାନ ରହିଛି। ଆମିଷ ଖାଉନଥିବା ପିଲାଙ୍କୁ ଏହି ଦିନରେ କଦଳୀ, ଆମ୍ବ, ସେଓ ଏବଂ ଉପଲବ୍ଧ ହେଉଥିବା ଅନ୍ୟାନ୍ୟ ଫଳ ପ୍ରଦାନ କରିବାକୁ ନିଷ୍ପତ୍ତି ହୋଇଛି। ହେଲେ ମଧ୍ୟାହ୍ନ ଭୋଜନରେ ଭାତ ସହ ଫଳକୁ ପିଲାମାନେ କିପରି ଖାଇବେ ବୋଲି ଅଭିଭାବକମାନେ ପ୍ରଶ୍ନ କରିଛନ୍ତି।

ତେଣୁ ଶାକାହାରୀ ପିଲାମାନଙ୍କୁ ଭାତ ସହ ଅଣ୍ଡା ବଦଳରେ ପନିର ବା ଦହି ଦେବାକୁ ଅନେକ ଅଭିଭାବକ ମତ



ଦେଇଛନ୍ତି । ଯାହା ଫଳରେ ସେମାନେ ଅଣ୍ଡାର ପ୍ରତିବଦଳ ଭାବରେ ପ୍ରୋଟିନ୍ ପାଇବେ ଓ ସେମାନଙ୍କ ଖାଦ୍ୟ ଖାଇବାରେ ମଧ୍ୟ ସୁବିଧା ହେବ ବୋଲି କିଛି ଅଭିଭାବକ ପ୍ରସ୍ତାବ ଦେଇଛନ୍ତି ।

**ନୂଆପଡ଼ା ଉପନିର୍ବାଚନ**

## ପଣ୍ଡା ପିତାପୁତ୍ରଙ୍କ ଗତିବିଧିକୁ ନେଇ ଦ୍ୱନ୍ଦ୍ୱରେ ବିଜେପି

ଭୁବନେଶ୍ୱର, ୨୩।୧୦ (ସମିସ): ନୂଆପଡ଼ା ଉପ ନିର୍ବାଚନ ପାଇଁ ବିଜେଡି, ବିଜେପି ଓ କଂଗ୍ରେସ ନିଜର ପ୍ରଚାର ଅଭିଯାନକୁ ଜୋରଦାର କରିଛନ୍ତି। ଏହି ଆସନକୁ ହାତେଇବା ଏବେ ୩ ଦଳ ପାଇଁ ସମ୍ମାନର ପ୍ରଶ୍ନ ହୋଇଥିବା ବେଳେ ଏଥିଲାଗି ୩ ଦଳ ମଧ୍ୟରେ ପ୍ରାଣମୂର୍ଚ୍ଛା ଉଦ୍ୟମ ଆରମ୍ଭ ହୋଇଛି। ତେବେ ରାଜ୍ୟରେ ଶାସନ ସମ୍ଭାଳିବାର ୧୫ ମାସ ପରେ ବିଜେପି ପ୍ରଥମଥର ଉପ-ନିର୍ବାଚନର ସମ୍ମୁଖୀନ ହେଉଥିବାରୁ ଦଳ ପାଇଁ ଏକ ପ୍ରକାର ଅଗ୍ନିପରୀକ୍ଷା ପାଲଟିଛି। ଗତ ୧୫ ମାସରେ ରାଜ୍ୟ ସରକାରଙ୍କ ଶାସନରେ ଲୋକେ କେତେ ମାତ୍ରାରେ ସନ୍ତୁଷ୍ଟ ଅଛନ୍ତି, ତାହା ଏହି ଉପ ନିର୍ବାଚନ ଫଳାଫଳରେ ପ୍ରତିଫଳିତ ହେବା ଆଶଙ୍କାରେ ଏହାକୁ ନେଇ ବିଜେପି ନେତୃତ ବେଶ୍ ଚିନ୍ତିତ। କଳ, ବଳ ଏବଂ କୌଶଳ ଲଗାଇ କିପରି ବିଜେପି ଜିତାପଟ୍ କରିବ ସେନେଇ ଜୋରଦାର ପ୍ରୟାସ ଦଳ କରୁଥିବା ବେଳେ ନୂଆପଡ଼ା ବିଜେପିର ପରିଚୟ କୁହାଯାଉଥିବା ବସନ୍ତ ପଣ୍ଡା ଏବଂ ତାଙ୍କ ପୁଅ ଅଭିନନ୍ଦନ ବିଜେପି ପାଇଁ ଏବେ ଚିନ୍ତାର କାରଣ ପାଲଟିଛନ୍ତି। ଉଭୟ ବାପ-ପୁଅ ଦଳ ପାଇଁ ପ୍ରଚାର କରୁଥିଲେ ହେଁ ଜୟ ଢୋଲକିଆଙ୍କୁ ଖୋଲା ହୃଦୟରେ ଗ୍ରହଣ କରିପାରୁ ନାହାନ୍ତି। ଉଭୟେ ବିଜେପି ଜିନ୍ଦାବାଦ ନାରା ପକାଉଥିଲେ ହେଁ ଜୟ ଜିନ୍ଦାବାଦ କହିବାକୁ ସେମାନଙ୍କ ଜିଭ ଲେଉଟୁନାହିଁ।

ଜୟ ଢୋଲକିଆ ବିଜେପିରେ ମିଶିବା ପୂର୍ବରୁ ଭୁବନେଶ୍ୱର ରାଜ୍ୟ ଅତିଥି ଭବନରେ ବିଜେପି ରାଜ୍ୟ ସଭାପତି ମନମୋହନ ସାମଲ, ସଂଗଠନ ମହାମନ୍ତ୍ରୀ ମାନସ ମହାନ୍ତି ବସନ୍ତ ପଣ୍ଡାଙ୍କୁ ନେଇ କବାଟ କିଳା ବୈଠକ କରିଥିଲେ। ଏକାଧିକ ଲୋଭନୀୟ ପ୍ରତିଶ୍ରୁତି ପରେ ବସନ୍ତ ନିରବ ରହିବା ସହ ଜୟଙ୍କ ମିଶ୍ରଣ ମଞ୍ଚ ଉପରେ ଚଢ଼ିବାକୁ ରାଜି ହୋଇଥିଲେ। ଏହାପରେ ଜୟଙ୍କୁ ଦଳୀୟ ପ୍ରାର୍ଥୀ କରାଯାଇଥିଲେ ହେଁ ଏହାକୁ ଉଭୟେ ବାପ-ପୁଅ ଯୋଡ଼ି ଖୋଲା ହୃଦୟରେ ଗ୍ରହଣ କରିପାରୁ ନାହାନ୍ତି। ବିଶେଷକରି ନିଜର ରାଜନୈତିକ ପରିଚୟ ସଂକଟରେ ଥିବାନେଇ ଅନୁମାନ କରି ଉଭୟେ ଏବେ ସୁଚିନ୍ତିତ ଯୋଜନା ସହ ଆଗକୁ ବଢ଼ୁଛନ୍ତି। ପ୍ରଚାରଠାରୁ ଆରମ୍ଭ କରି ଦଳୀୟ ବୈଠକ ଯାଏଁ ବସନ୍ତ-ଅଭିନନ୍ଦନ ସବୁଥିରେ ଅଂଶଗ୍ରହଣ କରୁଛନ୍ତି। ମାତ୍ର ଜୟଙ୍କର ଜୟକାର କରିବାକୁ ତାଙ୍କ ହୃଦୟ ଚାହୁଁନାହିଁ। ନିଜର ପ୍ରତିଟି ଭାଷଣରେ ବସନ୍ତ ମୋଦୀ-ଶାହା, କେନ୍ଦ୍ର ସରକାରଙ୍କୁ ପ୍ରଶଂସାରେ ପୋତୁଛନ୍ତି। ମାତ୍ର ପ୍ରାର୍ଥୀଙ୍କ ପାଇଁ ପଦୁଟିଏ ପାଟି ଫିଟାଉ ନାହାନ୍ତି। ସେହିପରି ଅଭିନନ୍ଦନ ମଧ୍ୟ ପ୍ରଚାର ବେଳେ ଜୟଙ୍କ ଅପେକ୍ଷା ନିଜର ପ୍ରଚାର ପ୍ରସାରକୁ ଅଧିକ ଗୁରୁତ୍ୱ ଦେଉଛନ୍ତି। ଉଭୟଙ୍କର ଗତିବିଧିକୁ ଲକ୍ଷ୍ୟ କଲେ ଏହା ଦଳ ପାଇଁ ଶୁଭ ଲକ୍ଷଣ ନୁହେଁ ବୋଲି ସ୍ଥାନୀୟ ଅଞ୍ଚଳର ବିଜେପି ସମର୍ଥକମାନେ ମତ ଦେଉଛନ୍ତି।

**ସଭା ସମିତିରେ ଜୟଙ୍କ ନାଁ ନେଉନାହାନ୍ତି ବସନ୍ତ**

**ବିଜେପିର ଜୟ-ଜୟକାର; ଜୟଙ୍କ ପାଇଁ କୁଣ୍ଠକୁଣ୍ଠ**

ନିକଟରେ ମୁଖ୍ୟମନ୍ତ୍ରୀଙ୍କ ସମାବେଶ ଏବଂ ଜୟ ଢୋଲକିଆଙ୍କ ନାମାଙ୍କନ ଦାଖଲ ଦିନ ଦଳର ଆଶାଠାରୁ ଖୁବ୍ କମ ଲୋକେ ଏକତ୍ରିତ ହେଇଥିଲେ। ଏପରିକି ମୁଖ୍ୟମନ୍ତ୍ରୀଙ୍କ ସଭାରେ ଲୋକ ହୋଇନଥିବା ବେଳେ ସେମାନଙ୍କ ପାଇଁ ପ୍ରସ୍ତୁତ ଖାଦ୍ୟ ବାହାରେ ଫୋପଡ଼ାଯାଇଥିବା ଲକ୍ଷ୍ୟ କରାଯାଇଥିଲା। ଏହା ପଛରେ ବସନ୍ତ-ଅଭିନନ୍ଦନଙ୍କ ନିରବତାକୁ ଦାୟୀ କରିଛନ୍ତି ସ୍ଥାନୀୟ ବିଜେପି କର୍ମୀ। ଜଣେ କର୍ମୀ କହିଛନ୍ତି ଯେ ଆମେ ମୂଳରୁ ବସନ୍ତ ପଣ୍ଡାଙ୍କୁ ସମର୍ଥନ କରିଆସୁଛୁ। ମୁଖ୍ୟମନ୍ତ୍ରୀଙ୍କ ସଭାକୁ ଯିବା ପାଇଁ ଆମକୁ ବସନ୍ତ ବାବୁ କିମ୍ବା ଅଭିନନ୍ଦନ ବାବୁଙ୍କ ପକ୍ଷରୁ କୌଣସି ସୂଚନା ନଥିଲା। ଫଳରେ ଆମେ ସଭାକୁ ଯାଇନଥିଲୁ।

ଅପରପକ୍ଷେ ରାଜନୈତିକ ସମୀକ୍ଷକଙ୍କ ଅନୁଯାୟୀ ନୂଆପଡ଼ାରେ ବସନ୍ତ-ଅଭିନନ୍ଦନଙ୍କ ଗୁରୁତ୍ୱକୁ ବେଶ୍ ଭଲ ଭାବେ ଆକଳନ କରିଛନ୍ତି ରାଜ୍ୟ ନେତୃତ୍ୱ। ବସନ୍ତ ନୂଆପଡ଼ାରୁ ଦୁଇଥର ବିଧାୟକ ହୋଇଥିବା ବେଳେ ତାଙ୍କ ପୁଅ ମଧ୍ୟ ଗତ ନିର୍ବାଚନରେ ପ୍ରାୟ ୪୫ ହଜାର ଭୋଟ ପାଇଥିଲେ। ଏପରିକି ନୂଆପଡ଼ା ବ୍ଲକରେ ଅଭିନନ୍ଦନ ପଣ୍ଡାଙ୍କର ଭଲ ସମର୍ଥକ ରହିଛନ୍ତି। ତେଣୁ ଉଭୟଙ୍କୁ ବାଦି ଦେଇ ଦଳୀୟ ରଣନୀତି ପ୍ରସ୍ତୁତ କରିବା ଏକପ୍ରକାର ଅସମ୍ଭବ ହୋଇପଡୁଥିବା ବେଳେ ଉଭୟଙ୍କୁ ସବୁ କ୍ଷେତ୍ରରେ ଗୁରୁତ୍ୱ ଦିଆଯାଉଛି। ଏହାସତ୍ତ୍ୱେ ପଣ୍ଡା ପରିବାରର ଓଲଟା ଚାଲି ବିଜେପି ନେତୃତ୍ୱଙ୍କୁ ଚିନ୍ତାରେ ପକାଇଥିବା ଜଣାପଡ଼ିଛି।

## ନିତାଇ ଗୌର ଆଶ୍ରମରେ ଗିରି ଗୋବର୍ଦ୍ଧନ ପୂଜା



**କଣିହାଁ,୨୩।୧୦(ସମିସ):** କଣିହାଁ ବ୍ଲକ ପରାବିଲ ପଞ୍ଚାୟତ ଗହମଠାରେ ଥିବା ନିତାଇ ଗୌର ଆଶ୍ରମରେ ବୁଧବାର ପ୍ରଭୁ ଶ୍ରୀକୃଷ୍ଣଙ୍କ ଗିରି ଗୋବର୍ଦ୍ଧନ ବେଶ ଓ ଛପନ ଭୋଗ ଲାଗି ଅନୁଷ୍ଠିତ ହୋଇଛି। ସକାଳୁ ଶ୍ରୀମଦ ଭଗବତ ପାଠ ହୋଇଥିଲା। ଗୋପାଳ ସହସ୍ରନାମ ପାରାୟଣ, ହରିକଥା ପରିବେଷଣ କରାଯାଇଥିଲା। ରୀତିନୀତି ଅନୁଯାୟୀ ପୂଜାର୍ଚ୍ଚନା କରାଯିବା ସହ ପ୍ରଭୁ ଶ୍ରୀକୃଷ୍ଣଙ୍କ ଗିରି ଗୋବର୍ଦ୍ଧନ ବେଶ ଓ ତାଙ୍କ ନିକଟରେ ଛପନ ଭୋଗ ଲାଗି ହୋଇଥିଲା। ଏହାକୁ ଦର୍ଶନ କରିବା ପାଇଁ ବହୁ ଭକ୍ତଙ୍କ ସମାଗମ ହୋଇଥିଲା। ବହୁ ବିଶିଷ୍ଟ ବ୍ୟକ୍ତି ମଧ୍ୟ ଏହି କାର୍ଯ୍ୟକ୍ରମରେ ସାମିଲ ହୋଇଥିଲେ। ସମସ୍ତେ ଆଶ୍ରମରେ ପ୍ରସାଦ ସେବନ କରିଥିଲେ। ବାବାଜୀ ପ୍ରଭୁପାଦ ଦାସଙ୍କ ତତ୍ତ୍ୱାବଧାନରେ ବାବାଜୀ ପ୍ରୀତମ ଦାସ, ଆଶ୍ରମର କାର୍ଯ୍ୟକର୍ତ୍ତା ଓ ଶ୍ରଦ୍ଧାଳୁମାନେ ସହଯୋଗ କରିଥିଲେ।

## ବଇଣ୍ଡାରେ କାଳୀପୂଜା ଭସାଣି ଉତ୍ସବ



**ବଇଣ୍ଡା,୨୩।୧୦(ସମିସ):** ଅନୁଗୋଳ ଜିଲ୍ଲା କିଶୋରନଗର ବ୍ଲକ ହଣ୍ଡପା ଥାନା ବଇଣ୍ଡା ଅଞ୍ଚଳରେ ଚାଲିଥିବା କାଳୀପୂଜାର ଭସାଣି ଉତ୍ସବ ବୁଧବାର ରାତିରେ ଅନୁଷ୍ଠିତ ହୋଇଛି। ମା'ଙ୍କ ମୃଣ୍ମୟୀ ପ୍ରତିମାକୁ ପଟୁଆରରେ ନଗର ପରିକ୍ରମା କରାଯାଇଥିଲା। ବାଜା, ବାଣ ସହ ଡିଜେ ସାଉଣ୍ଡର ତାଳେ ତାଳେ ମା'ଙ୍କୁ ବିଦାୟ ଦିଆଯାଇଥିଲା। ଏଥିରେ ପୂଜା କମିଟିର ନରେଶ ସାହୁ, ସ୍ୱାଧୀନ ଶର୍ମା, ଦୀପକ ସାହୁ, ଚନ୍ଦନ ସାହୁ ପ୍ରମୁଖ ସହଯୋଗ କରିଥିଲେ। ବଇଣ୍ଡା ଫାଣ୍ଡି ପୁଲିସ ପକ୍ଷରୁ ଶାନ୍ତିଶୃଙ୍ଖଳା ରକ୍ଷା କରାଯାଇଥିଲା।

## ଡାଳିମୁରା ଗ୍ରାମରେ କାଳୀପୂଜା

**କିଶୋରନଗର,୨୩।୧୦(ସମିସ):** କିଶୋରନଗର ବ୍ଲକ ଡାଳିମୁରା ଗ୍ରାମରେ ଆଜକୁ ୧୩ ବର୍ଷ ହେବ କାଳୀପୂଜା ହୋଇଆସୁଛି। ଅକ୍ଟୋବର ୧୯ ତାରିଖ ଡାଳିମୁରା ନାଳରୁ ରୀତିନୀତି ଅନୁସାରେ ପୂଜାପାଠ କରି ପାଣି ଉଠାଇ କଳସ ଯାତ୍ରା କରି କଳସ ସ୍ଥାପନ କରାଯାଇଥିଲା। ଅପରାହ୍ଣ ସାଢ଼େ ୧୨ଟାରେ ପୂଜା ଆରମ୍ଭ ହୋଇଥିଲା। ୨୧ ତାରିଖ ସାଂସ୍କୃତିକ କାର୍ଯ୍ୟକ୍ରମ ଅପେରା ଓ କୁନି କଳାକାର ପ୍ରତିଭା ପରିବେଷଣ କରିଥିଲେ। ପୂଜାରେ କର୍ତ୍ତା ଭାବେ ଆଶିଷ ପ୍ରଧାନ ଓ ସୋନାଲିକା ବେହେରା ଦାୟିତ୍ୱ ନିର୍ବାହ କରିଥିଲେ। ମୁଖ୍ୟଅତିଥି ଭାବେ ସମାଜସେବୀ ତଥା ଜିଲ୍ଲା ବିଜେପି ଉପସଭାପତି ଅର୍ଜୁନ ସାହୁ, ସମ୍ମାନିତ ଅତିଥି ଭାବେ ଜୟରାଟ ସରପଞ୍ଚ ବିଜୟ ରଥ, ଦିବାକର ପ୍ରଧାନ, ଅଞ୍ଜନ କୁମାର ପ୍ରଧାନ, ଅଜୟ ସାହୁ, ସଞ୍ଜୟ ପ୍ରଧାନ, ପ୍ରବୀଣ ନାୟକ, ସ୍ୱାଗତ ସାହୁ ଏବଂ ମୁଖ୍ୟବକ୍ତା ଭାବେ କିଶୋରନଗର ଡିଗ୍ରୀ କଲେଜ ଅଧ୍ୟାପକ ଜୟକୃଷ୍ଣ ପ୍ରଧାନ ଯୋଗଦେଇଥିଲେ। କୁନା ପ୍ରଧାନ ମଞ୍ଚ ପରିଚାଳନା କରିଥିଲେ। ଗରଗଡ଼ବାହାଳର ସିଲୁ ଟେଣ୍ଟ ହାଉସ ଅଲୋକ ଓ ତୋରଣ ସାଜସଜ୍ଜା କରିଥିଲେ। ଗ୍ରାମ ସଭାପତି ପ୍ରଫୁଲ୍ଲ ପ୍ରଧାନ, ସମ୍ପାଦକ ଆଶିଷ ପ୍ରଧାନ, ପୂଜା କମିଟି ସଭାପତି ଅନାମ ଚରଣ ସାହୁ, ସମ୍ପାଦକ ଗୁଡ୍ଡୁ ପ୍ରଧାନଙ୍କ ତତ୍ତ୍ୱାବଧାନରେ କମିଟିର ସମସ୍ତ ସଦସ୍ୟ ଓ ଗ୍ରାମବାସୀଙ୍କ ସହଯୋଗରେ ପୂଜା ଅନୁଷ୍ଠିତ ହେଉଛି।

### ଓଏଚ୍‌ଆର୍‌ସିରେ ସାତକୋଶିଆ ବିସ୍ଥାପନ ସମ୍ବନ୍ଧୀୟ ୩୩ ମାମଲାର ଶୁଣାଣି

# କୌଣସି ବିଜ୍ଞପ୍ତି ନ ଥାଇ ବିସ୍ଥାପନକୁ ଭର୍ତ୍ସନା

ଅନୁଗୋଳ,୨୩।୧୦(ସମିସ)



ସାତକୋଶିଆ ଅଭୟାରଣ୍ୟ ଏବଂ ବ୍ୟାଘ୍ର ସଂରକ୍ଷଣ ଅଞ୍ଚଳରୁ ଗତ ୩ ବର୍ଷ ମଧ୍ୟରେ ଏକ ହଜାର ପରିବାର ବିସ୍ଥାପିତ ହୋଇ ସାରିଲେଣି। ଏହି ବିସ୍ଥାପନ ପ୍ରକ୍ରିୟାରେ ୫ଟି ଗ୍ରାମର ୮୦ ଭାଗ ଆଦିବାସୀ ପରିବାର ବିସ୍ଥାପିତ ହୋଇଛନ୍ତି। ତେବେ ସରକାରୀ ବିଧି ବ୍ୟବସ୍ଥାକୁ ଉଲ୍ଲଘଂନ କରାଯାଇ ବିସ୍ଥାପିତ ତାଲିକା ପ୍ରସ୍ତୁତି ଓ ବ୍ୟାପକ ଅନିୟମିତତା ହୋଇଥିବା ସଙ୍ଗୀନ ଅଭିଯୋଗ ରହିଛି। ଏପରିକି ବହୁ ସରଳ ଆଦିବାସୀ ବିସ୍ଥାପନ ପ୍ୟାକେଜ ପାଇବାରୁ ବଞ୍ଚିତ ହେବା ସହ ନିଜ ସ୍ଥାବର ଓ ଅସ୍ଥାବର ସମ୍ପତ୍ତିର ଉପଯୁକ୍ତ କ୍ଷତିପୂରଣ ପାଇନାହାନ୍ତି। ଗାଁ ଗାଁରେ ବନ ବିଭାଗ ପକ୍ଷରୁ ଗ୍ରାମ ବିସ୍ଥାପନ ନେଇ କର ବା ମର କାର୍ଯ୍ୟକ୍ରମ ଚାଲୁ ରହିଛି।

ପ୍ରତି ଗାଁର ଭୂମିହୀନ, ଗରିବ ଏବଂ ଘରଦ୍ୱାର ନ ଥିବା ପରିବାରକୁ ୨୦ ଲକ୍ଷ ଟଙ୍କା ପ୍ୟାକେଜର ପ୍ରଲୋଭନ ଦେଖାଇ ଆକୃଷ୍ଟ କରାଯାଉଛି। ଅପରପକ୍ଷରେ ଜମିବାଡ଼ି ଏବଂ ଘରଦ୍ୱାର ଥିବା ଲୋକଙ୍କୁ କୌଣସି କ୍ଷତିପୂରଣ ନ ଦେଇ ବିସ୍ଥାପନ କରାଯାଉଥିବାରୁ ବହୁ ଗ୍ରାମବାସୀ ଦୃଢ଼ ବିରୋଧ କରିଆସୁଛନ୍ତି। ବିସ୍ଥାପିତ ଗ୍ରାମ କଟରଙ୍ଗ, ରାଇଗୁଡ଼ା, ଟୁଲୁକା, ଭୂର୍କୁଣ୍ଡି, ଅଶନବାହାଳର ପ୍ରାୟ ୬୦ରୁ ଅଧିକ ବିସ୍ଥାପିତ ପରିବାର ପ୍ୟାକେଜ ପାଇ ନ ଥିବା ମାନବ ଅଧିକାର ଆୟୋଗଙ୍କ ଅଦାଲତରେ ମାମଲା ରୁଜୁ କରିଛନ୍ତି। ଗୋପାଳପୁର, ମଝିପଡ଼ା, ଟିକରପଡ଼ା, ସାଲର ଓ ଛୋଟକେଇ ଗ୍ରାମବାସୀ ବନ ବିଭାଗର ଶଗମାଛ ଦରରେ ବେଆଇନ ବିସ୍ଥାପନକୁ ବିରୋଧ କରିଛନ୍ତି। ଗ୍ରାମବାସୀଙ୍କ ଏ ସମ୍ବନ୍ଧୀୟ ଲିଖିତ ଅଭିଯୋଗର କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରା ନ ଯିବା ନେଇ ଗ୍ରାମବାସୀ ଅତିଷ୍ଠ ହୋଇ ମାନବ ଅଧିକାର କମିଶନର ଦ୍ୱାରସ୍ଥ ହୋଇଛନ୍ତି। ବିସ୍ଥାପନ ପ୍ରକ୍ରିୟାରେ ଜିଲ୍ଲା ପ୍ରଶାସନ, ତହସିଲ, ପଞ୍ଚାୟତ ସମିତି, ଜିଲ୍ଲା ମଙ୍ଗଳ ଅଧିକାରୀ କାର୍ଯ୍ୟାଳୟ ଓ ବନ ବିଭାଗ ମଧ୍ୟରେ ତାଳମେଳ ଓ ସମନ୍ୱୟ ନ ଥିବା କାରଣରୁ ବିସ୍ଥାପିତ ଗ୍ରାମବାସୀଙ୍କ ମାନବିକ ଅଧିକାର କ୍ଷୁଣ୍ଣ ହେଉଥିବା ଅଭିଯୋଗ ହୋଇଛି। ବନ ବିଭାଗ ବିସ୍ଥାପନ ପ୍ରକ୍ରିୟାରେ ଧାର୍ଯ୍ୟ ତାରିଖ ନେଇ କୌଣସି ନୋଟିଫିକେସନ କରି ନ ଥିବାବେଳେ ବିସ୍ଥାପିତ ତାଲିକା ପ୍ରସ୍ତୁତିରେ ସଠିକ ସର୍ଭେ ଓ ଷ୍ଟଡି କରୁନାହିଁ। ଏପରିକି ବିସ୍ଥାପନ ପୂର୍ବରୁ ଜମିବାଡ଼ି, ଗଛଲତା, ଘରଦ୍ୱାର ଓ ଅନ୍ୟାନ୍ୟ ସ୍ଥାବର ଓ ଅସ୍ଥାବର ସମ୍ପତ୍ତିର ମୂଲ୍ୟାୟନ କରାଯାଉ ନାହିଁ। ଗାଁରେ ବିସ୍ଥାପନ ନେଇ ଧନୀ, ଗରିବ ଓ ମଧ୍ୟବିତ୍ତଙ୍କ ମଧ୍ୟରେ ବିବାଦ ଲାଗିରହିଛି। ଗାଁଗୁଡ଼ିକର ପୂଜାପାର୍ବଣ, ସାମାଜିକ ଚଳଣି, ଭାଇଚାରା ସବୁ ଭୁଶୁଡ଼ିଯାଇଛି। ସରକାରୀ ଭାବେ କୌଣସି ନିୟମାବଳୀ ଆଧାରରେ ଧାର୍ଯ୍ୟ ତାରିଖ (କଟ୍ ଅଫ ତାରିଖ) ଘୋଷଣା କରା ନ ଯାଇ ମନଇଚ୍ଛା ବିସ୍ଥାପନ ପ୍ୟାକେଜ୍ ଦିଆଯାଇଛି। ଗତ ୧୦ ତାରିଖ ମାନବିକ ଅଧିକାର ଆୟୋଗ ଅଧ୍ୟକ୍ଷ ଶତ୍ରୁଘ୍ନ ପୂଜାରୀ ଏ ସମ୍ପର୍କିତ ୩୩ଟି ମାମଲାର ଶୁଣାଣି କରିଥିଲେ।

ଶୁଣାଣି ବେଳେ ସାତକୋଶିଆର ପୂର୍ବତନ ଡିଏଫଓ ସରୋଜ ପଣ୍ଡା ସଠିକ ଉତ୍ତର ଓ କାଗଜପତ୍ର ପ୍ରଦାନ କରିପାରି ନ ଥିଲେ। ବାଧହୋଇ ଆୟୋଗ ବିସ୍ଥାପନ ପ୍ରକ୍ରିୟାର ସତ୍ୟତା ଜାଣିବା ପାଇଁ ବନ ବିଭାଗର ପିସିସିଏଫ, ଆରସିସିଏଫ, ଅନୁଗୋଳ ଜିଲ୍ଲାପାଳ ଏବଂ ତହସିଲଦାରଙ୍କୁ ଅଦାଲତରେ ହାଜର ହୋଇ କାଗଜପତ୍ର ସହ ପକ୍ଷ ରଖିବାକୁ ନିର୍ଦ୍ଦେଶ ଦେଇଥିଲେ।

ଗୁରୁବାର ପିସିସିଏଫ ପ୍ରେମକୁମାର ଝା, ସିସିଏଫ ବିକାଶ ଦାସ, ଆରସିସିଏଫ ସଞ୍ଜୟ ସ୍ୱାଇଁ, ଡିଏଫଓ ସରୋଜ ପଣ୍ଡା ଓ ଗଦାଧର ପାତ୍ର ଏବଂ ତହସିଲଦାର ଆଲୋକ ଦେହୁରୀ ପ୍ରମୁଖ ଆୟୋଗଙ୍କ ଅଦାଲତରେ ହାଜର ହୋଇ

### ଡିଏଫଓ, ଆରସିସିଏଫ୍, ସିସିଏଫ ଓ ପିସିସିଏଫ ହାଜର

କାଗଜପତ୍ର ସହ ନିଜ ପକ୍ଷ ରଖିଥିଲେ। ବିସ୍ଥାପନରେ କୌଣସି ଗାଇଡଲାଇନ୍ ଓ ଆଇନ ବ୍ୟବସ୍ଥାକୁ ସଠିକ ଭାବେ କାର୍ଯ୍ୟକାରୀ କରାଯାଇ ନ ଥିବାରୁ ଆୟୋଗ ବିସ୍ଥାପନ ପ୍ରକ୍ରିୟାର ଭର୍ତ୍ସନା କରିଛନ୍ତି। ପୁନର୍ବାର ମାମଲା ଶୁଣାଣି ପାଇଁ ବନ ବିଭାଗ ପକ୍ଷରୁ ପିସିସିଏଫ ଝା ଅଧିକ ସମୟ ମାଗିଛନ୍ତି। ଆସନ୍ତା ୩୦ ତାରିଖ ଏହି ମାମଲାଗୁଡ଼ିକର ବିଚାର ପାଇଁ ଆୟୋଗ ଦିନ ଧାର୍ଯ୍ୟ କରିଥିବା ଜଣାଯାଇଛି।

ବିସ୍ଥାପିତ ପରିବାରଙ୍କ ପକ୍ଷରୁ ବରିଷ୍ଠ ଆଇନଜୀବୀ ପ୍ରସନ୍ନ କୁମାର ବେହେରା ମାମଲା ପରିଚାଳନା କରୁଥିବା ବେଳେ ୩୩ କେସ୍‌ର ୪୦ ଜଣ ଆବେଦନକାରୀ ଆୟୋଗଙ୍କ ଅଦାଲତରେ ଉପସ୍ଥିତ ଥିଲେ। ସାତକୋଶିଆ ଅଭୟାରଣ୍ୟ ଓ ପ୍ରଜା ସୁରକ୍ଷା ସମିତି ସଭାପତି ନବକିଶୋର ବିଶୋଇଙ୍କ ସମେତ ଗାଁର ମୁଖିଆମାନେ ମଧ୍ୟ ଉପସ୍ଥିତ ଥିଲେ।

## 'ନାଟକ ସମାଜକୁ ଦିଗ୍‌ଦର୍ଶନ ଦେଇଥାଏ'




**ଅନୁଗୋଳ,୨୩।୧୦(ସମିସ):** ସ୍ଥାନୀୟ ସରକାରୀ ବାଳିକା ବିଦ୍ୟାଳୟରେ ଜିଲ୍ଲାସ୍ତରୀୟ ବିଜ୍ଞାନ ନାଟକ ପ୍ରତିଯୋଗିତା ଅନୁଷ୍ଠିତ ହୋଇଛି। ଜିଲ୍ଲା ଶିକ୍ଷା ଅଧିକାରୀ ନିରଞ୍ଜନ ସାହୁ ମୁଖ୍ୟଅତିଥି ରୂପେ ଯୋଗଦେଇ କହିଲେ ଯେ ଜଣେ ପ୍ରକୃତ ଅଭିନେତା ବାସ୍ତବତାରୁ ବାହାରି ଏକ କୃତ୍ରିମ ବା ମାନସ ପ୍ରସ୍ତୁତ କାହାଣୀରେ ନିଜ ଚରିତ୍ରରେ ତଲୀନ ହୋଇ ତା'ର ଭାବ ପ୍ରକାଶ କରିଥାଏ। ପ୍ରତିଦିନ ଦିନଚର୍ଯ୍ୟାରେ ବିଜ୍ଞାନର ଭୂମିକା ଅପରିହାର୍ଯ୍ୟ। ନାଟକ ସମାଜକୁ ଦିଗ୍‌ଦର୍ଶନ ଦେଇଥାଏ ବୋଲି ସେ କହିଥିଲେ। ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ମଧୁସ୍ମିତା ନନ୍ଦ ଅନ୍ୟତମ ଅତିଥି ଭାବେ ଯୋଗଦେଇଥିଲେ।

ଏହି ପ୍ରତିଯୋଗିତାରେ ଅନୁଗୋଳ ଉଚ୍ଚ ବିଦ୍ୟାଳୟ, ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ, ଓଡ଼ଶ ଆଞ୍ଚଳିକ ବାଳିକା ଉଚ୍ଚ ବିଦ୍ୟାଳୟ ଓ କାନଲୋଇ ଉଚ୍ଚ ବିଦ୍ୟାଳୟ ଅଂଶଗ୍ରହଣ କରିଥିଲେ। ବିଚାରକ ରୂପେ ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ଭାରତୀ ପଟ୍ଟନାୟକ, ଅବସରପ୍ରାପ୍ତ ବିଜ୍ଞାନ ଶିକ୍ଷକ ଦିବାକର ସାହୁ ଓ ଅବସରପ୍ରାପ୍ତ ବିଇଓ ଅଞ୍ଜଳିପ୍ରିୟା ପ୍ରଧାନ ଯୋଗଦେଇଥିଲେ। ଓଡ଼ଶ ଆଞ୍ଚଳିକ ବାଳିକା ଉଚ୍ଚ ବିଦ୍ୟାଳୟ ପ୍ରଥମ, ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ ଦ୍ୱିତୀୟ ଓ ଅନୁଗୋଳ ଉଚ୍ଚ ବିଦ୍ୟାଳୟ ତୃତୀୟ ସ୍ଥାନ ଅଧିକାର କରିଥିଲେ।

ଓଡ଼ଶ ଆଞ୍ଚଳିକ ବାଳିକା ଉଚ୍ଚ ବିଦ୍ୟାଳୟ ଜୋନସ୍ତରୀୟ ପ୍ରତିଯୋଗିତା ପାଇଁ ମନୋନୀତ ହୋଇଛି। ଜିଲ୍ଲା ବିଜ୍ଞାନ ପର୍ଯ୍ୟବେକ୍ଷକ ଆତ୍ମଜ କୁମାର ଗଡ଼ନାୟକ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ମନରେଗା ଓ ଖାଦ୍ୟ ସୁରକ୍ଷା ଯୋଜନାର ଜନଶୁଣାଣି



**କଣିହାଁ,୨୩।୧୦(ସମିସ):** କଣିହାଁ ବ୍ଲକରେ ବୁଧବାର ମନରେଗା ଓ ଖାଦ୍ୟ ସୁରକ୍ଷା ଯୋଜନାର ବ୍ଲକସ୍ତରୀୟ ଜନଶୁଣାଣି ଅନୁଷ୍ଠିତ ହୋଇଛି। ପବିତ୍ର ମୋହନ ସଭାଗୃହରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଅନୁଗୋଳ ଜିଲ୍ଲାପରିଷଦର ଅତିରିକ୍ତ କାର୍ଯ୍ୟନିର୍ବାହୀ ଅଧିକାରୀ ଗୌରବମୟ ପ୍ରଧାନ, ବ୍ଲକ ଅଧ୍ୟକ୍ଷ ରାମକୃଷ୍ଣ ପ୍ରଧାନ, ବିଡିଓ ତ୍ରିବିକ୍ରମ କୁମୁରା, ଜିଲ୍ଲା ସାମାଜିକ ସମୀକ୍ଷକ ସୁଧାଂଶୁ ସ୍ୱାଇଁ, ସହକାରୀ ଯନ୍ତ୍ରୀ ସଂଗ୍ରାମ କେଶରୀ ଦେବତା, ଅତିରିକ୍ତ କାର୍ଯ୍ୟକ୍ରମ ଅଧିକାରୀ ଦୀପ୍ତିରେଖା ସ୍ୱାଇଁ, ଯୋଗାଣ ଅଧିକାରୀ ପ୍ରଣତି ମାଝୀଙ୍କ ସମେତ ବିଭିନ୍ନ ବିଭାଗୀୟ ଅଧିକାରୀ ଉପସ୍ଥିତ ଥିଲେ। ଆର୍ଥିକ ବର୍ଷ ୨୦୨୪-୨୫ରେ ମନରେଗା ଯୋଜନାରେ ୧୧କୋଟି ୨୫ଲକ୍ଷ ୬୨ ହଜାର ଟଙ୍କା ଖର୍ଚ୍ଚ ହୋଇଛି। ୫୯୩୭ ପରିବାରକୁ କାମ ଯୋଗାଇ ଦିଆଯାଇଛି। ୨୮୫୯୪୫ ଶ୍ରମ ଦିବସ ସୃଷ୍ଟି କରାଯାଇଥିଲା। ୩୩୫ ପରିବାରକୁ ୧୦୦ ଦିନର କାମ ଯୋଗାଇ ଦିଆଯାଇଛି। ୩୮୯ଟି ପ୍ରକଳ୍ପ ଆରମ୍ଭ କରାଯାଇ ସେଥିରୁ ୬୩ଟି ପ୍ରକଳ୍ପ ଶେଷ ହୋଇଥିବା ବେଳେ ଅନ୍ୟ ପ୍ରକଳ୍ପଗୁଡ଼ିକର କାର୍ଯ୍ୟ ଚାଲୁ ରହିଥିବା ବ୍ଲକ ପ୍ରଶାସନ ପକ୍ଷରୁ ସୂଚନା ଦିଆଯାଇଛି।

## ପୂର୍ବତନ ଗ୍ରାମ ସଭାପତିଙ୍କ ପରଲୋକ

**ବଇଣ୍ଡା,୨୩।୧୦(ସମିସ):** ଅନୁଗୋଳ ଜିଲ୍ଲା ଲୁହାମୁଣ୍ଡା ଗ୍ରାମର ପୂର୍ବତନ ସଭାପତି ଆର୍ତ୍ତତ୍ରାଣ ବିଶ୍ୱାଳଙ୍କର ୧୦୨ ବର୍ଷ ବୟସରେ ବୁଧବାର ତାଙ୍କ ବାସଭବନରେ ପରଲୋକ ହୋଇଛି। ସେ ଦୀର୍ଘ ୧୫ ବର୍ଷ ଧରି ଗ୍ରାମ ସଭାପତି ଭାବେ କାର୍ଯ୍ୟ କରିଛନ୍ତି। ଏଥିସହ ଲୁହାମୁଣ୍ଡା ହାଇସ୍କୁଲ ନିର୍ମାଣ ପାଇଁ ଜମି ପ୍ରଦାନ କରିଛନ୍ତି। ତାଙ୍କ ପରଲୋକ ଖବର ପ୍ରଚାର ହେବା ପରେ ବହୁ ମାନ୍ୟଗଣ୍ୟ ବ୍ୟକ୍ତି ବାସଭବନକୁ ଯାଇ ଶେଷ ଦର୍ଶନ କରିଛନ୍ତି। ତାଙ୍କ ବିୟୋଗରେ ଲୁହାମୁଣ୍ଡା ହାଇସ୍କୁଲରେ ଶୋକସଭା ଅନୁଷ୍ଠିତ ହୋଇଛି। ଆଠମଲ୍ଲିକ ବିଧାୟକ ନଳିନୀକାନ୍ତ ପ୍ରଧାନ, ବିଜେଡି ନେତା ଭାଗୀରଥି ପ୍ରଧାନ, ସାମାଜିକ କର୍ମୀ ରଣଜିତ ପଟ୍ଟନାୟକ ଶୋକ ପ୍ରକାଶ କରିଛନ୍ତି।



## ସର୍ଦ୍ଦାର ପଟେଲଙ୍କ ଜୟନ୍ତୀରେ ପଦଯାତ୍ରା ନିମନ୍ତେ ପ୍ରସ୍ତୁତି ବୈଠକ



**ଅନୁଗୋଳ,୨୩।୧୦(ସମିସ):** ସର୍ଦ୍ଦାର ବଲ୍ଲଭଭାଇ ପଟେଲଙ୍କ ୧୫୦ତମ ଜୟନ୍ତୀ ଉପଲକ୍ଷେ ଆସନ୍ତା ନଭେମ୍ବର ୧୯ ତାରିଖ ଏକତା ପଦଯାତ୍ରା ଅନୁଷ୍ଠିତ ହେବ। ଏ ନେଇ ଜିଲ୍ଲା କାର୍ଯ୍ୟାଳୟ ସମ୍ମିଳନୀ କକ୍ଷରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ପ୍ରତାପ ପ୍ରୀତିମୟଙ୍କ ଅଧ୍ୟକ୍ଷତାରେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଛି। ପଦଯାତ୍ରା ସକାଳ ୯ଟାରେ ଶୈଳଶ୍ରୀକ୍ଷେତ୍ରଠାରୁ ବାହାରି ବିଇଡି କଲେଜ ଛକ, ଥାନା ଛକ ହୋଇ ଅନୁଗୋଳ ଷ୍ଟାଡିୟମରେ ପହଞ୍ଚିବ। ଏହା ପୂର୍ବରୁ ଜିଲ୍ଲାସ୍ତରୀୟ ପ୍ରବନ୍ଧ ଓ ବକ୍ତୃତା ପ୍ରତିଯୋଗିତା ଆୟୋଜନ କରାଯିବ। ଏହାସହ ସ୍ୱଚ୍ଛତା କାର୍ଯ୍ୟକ୍ରମ କରାଯିବ। ଏହି ପଦଯାତ୍ରାରେ ୧୦୦୦ରୁ ଉର୍ଦ୍ଧ୍ୱ ଛାତ୍ରଛାତ୍ରୀ ସମେତ ସବୁ ବର୍ଗର ଜନସାଧାରଣ ଅଂଶଗ୍ରହଣ କରିବେ ବୋଲି ବୈଠକରେ ନିଷ୍ପତ୍ତି ହୋଇଛି। ବୈଠକରେ କେନ୍ଦ୍ର ଶିକ୍ଷାମନ୍ତ୍ରୀଙ୍କ ପ୍ରତିନିଧି ସୁଦୀପ ଗଡ଼ନାୟକ, ଅତିରିକ୍ତ ଏସ୍‌ପି ଉପାସନା ପାଢ଼ି, ଅନୁଗୋଳ ବିଡିଓ ଡ. ବିଶ୍ୱ ଭୂଷଣ, ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ଜୟଜିତ୍ ଧଳ, ଡେପୁଟି କଲେକ୍ଟର ସ୍ୱାହା ମହାନ୍ତି, ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରିଣୀ ପ୍ରତିଭା ବାରିକ, ଜିଲ୍ଲା ସଂସ୍କୃତି ଅଧିକାରୀ ଦୁଃଶାସନ ନାଏକଙ୍କ ସମେତ ମହାବିଦ୍ୟାଳୟର ଅଧ୍ୟକ୍ଷ ପ୍ରମୁଖ ଯୋଗଦେଇଥିଲେ। ଜିଲ୍ଲା କ୍ରୀଡ଼ା ଅଧିକାରୀ ଅକ୍ଷୟ କୁମାର ସିଠ ଧନ୍ୟବାଦ ଅର୍ପଣ କରିଥିଲେ।

## ଚିକିତ୍ସା ଅବହେଳାରୁ ଯମଜ ଶିଶୁଙ୍କ ମୃତ୍ୟୁ !

### ● ନର୍ସିଂହୋମ୍ ବିରୋଧରେ ଥାନାରେ ଅଭିଯୋଗ

**ଅନୁଗୋଳ,୨୩।୧୦(ସମିସ):** ଅନୁଗୋଳ ସଦର ଥାନା କରଡ଼ାଗାଡ଼ିଆସ୍ଥିତ ଏକ ନର୍ସିଂହୋମରେ ଚିକିତ୍ସା ଅବହେଳାରୁ ନବଜାତ ଯମଜ ସନ୍ତାନଙ୍କ ମୃତ୍ୟୁ ହୋଇଥିବା ଥାନାରେ ଅଭିଯୋଗ ହେଉଛି। ପୁଲିସ ମୃତଦେହ ଜବତ କରି ତଦନ୍ତ ଆରମ୍ଭ କରିଛି। ଅଭିଯୋଗ ଅନୁଯାୟୀ, ବଁଆରପାଳ ଥାନା ବିଶ୍ୱନାଥପୁରରେ ରହୁଥିବା ଜିତେନ୍ ନାୟକଙ୍କ ସ୍ତ୍ରୀ ମଧୁସ୍ମିତା ଗର୍ଭବତୀ ଥିଲେ। ଗତ ୧୯ ତାରିଖ ମଧୁସ୍ମିତାଙ୍କ ପେଟରେ ଯନ୍ତ୍ରଣା ହେବାରୁ ଜିତେନ ତାଙ୍କୁ ଉକ୍ତ ନର୍ସିଂହୋମରେ ଭର୍ତ୍ତି କରାଇଥିଲେ। ଡାକ୍ତର ପରୀକ୍ଷାନିରୀକ୍ଷା କରି ନଭେମ୍ବରରେ ପ୍ରସବ ଅଛି ବୋଲି କହିଥିଲେ। ତେବେ ଯନ୍ତ୍ରଣା ଉପଶମ ପାଇଁ ଆଡମିଶନ ନେବାକୁ ପରାମର୍ଶ ଦେଇଥିଲେ। ୨୧ ତାରିଖ ଯନ୍ତ୍ରଣା ଅଧିକ ହେବାରୁ ଡାକ୍ତରଙ୍କୁ ଡାକିବା ପାଇଁ ଜିତେନ ନର୍ସଙ୍କୁ କହିଥିଲେ। ମଧୁସ୍ମିତାଙ୍କ ଶରୀରରେ ରକ୍ତ କମ୍ ଅଛି ବୋଲି କହିବାରୁ ଏକ ୟୁନିଟ ରକ୍ତ ଦିଆଯାଇଥିଲା। ତେବେ ନର୍ସିଂହୋମ କର୍ତ୍ତୃପକ୍ଷ ୨୨ ତାରିଖ ଅସ୍ତ୍ରୋପଚାର କରିବାକୁ ସମୟ ଗଡ଼ାଇ ଦେଇଥିଲେ। ଅସ୍ତ୍ରୋପଚାର ପରେ ଆଉ କେହି ଧରାଛୁଆଁ ଦେଇ ନ ଥିଲେ। ଶେଷରେ ଦୁଇ ଜାଆଁଳା ଛୁଆ ମରିଯାଇଥିବା କହିଥିଲେ। ରକ୍ତ ଅଭାବରୁ ଏଭଳି ହେଲା ବୋଲି ସେମାନେ କହିଥିଲେ। ଏ ନେଇ ଜିତେନ ଦୁଃଖରେ ଭାଙ୍ଗିପଡ଼ିବା ସହ ଚିକିତ୍ସାରେ ଅବହେଳା କାରଣରୁ ଦୁଇ ଛୁଆଁଙ୍କ ମୃତ୍ୟୁ ଘଟିଲା ବୋଲି ଥାନାରେ ଅଭିଯୋଗ କରିଛନ୍ତି। ପୁଲିସ ଦୁଇ ମୃତଦେହ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇଛି। ବ୍ୟବଚ୍ଛେଦ ରିପୋର୍ଟ ଆସିବା ପରେ ମୃତ୍ୟୁର କାରଣ ଜଣାପଡ଼ିବ ବୋଲି କୁହାଯାଇଛି।

## କିଶୋରନଗର ହାଇସ୍କୁଲରେ ନୂଆ ପ୍ରଧାନଶିକ୍ଷକ



**କିଶୋରନଗର,୨୩।୧୦(ସମିସ):** ପିଏମ୍‌ଶ୍ରୀ ସରକାରୀ ଉଚ୍ଚ ବିଦ୍ୟାଳୟ, କିଶୋରନଗରରେ ନୂତନ ପ୍ରଧାନଶିକ୍ଷକ ରୂପେ ଅଶୋକ କୁମାର ପ୍ରଧାନ ଯୋଗ ଦେଇଛନ୍ତି। ୨୦୨୨ ଜୁଲାଇ ୩୧ ପରଠାରୁ ଏହି ବିଦ୍ୟାଳୟରେ ପ୍ରଧାନଶିକ୍ଷକ ପଦ ଖାଲି ଥିଲା। ପ୍ରଧାନ ଏହା ପୂର୍ବରୁ ଜରପଡ଼ା ପତିତପାବନ ସରକାରୀ ଉଚ୍ଚ ବିଦ୍ୟାଳୟରେ କାର୍ଯ୍ୟରତ ଥିଲେ। ବିଦ୍ୟାଳୟର ଛାତ୍ରଛାତ୍ରୀଙ୍କ ଶୈକ୍ଷିକ ଓ ସହଶୈକ୍ଷିକ କ୍ରିୟାକଳାପ ସହ ସାମଗ୍ରିକ ବିକାଶ ହିଁ ପ୍ରାଥମିକତା ରହିବ ବୋଲି ପ୍ରଧାନଶିକ୍ଷକ ପ୍ରଧାନ ମତବ୍ୟକ୍ତ କରିଛନ୍ତି। ବ୍ଲକର ଏକମାତ୍ର ପିଏମ୍‌ଶ୍ରୀ ବିଦ୍ୟାଳୟ ଭାବରେ ପ୍ରତ୍ୟେକ ଶୈକ୍ଷିକ ଓ ସହଶୈକ୍ଷିକ କାର୍ଯ୍ୟକ୍ରମରେ ଅନ୍ୟ ବିଦ୍ୟାଳୟ ପାଇଁ ଉଦାହରଣ ସୃଷ୍ଟି କରିବାକୁ ପଦକ୍ଷେପ ଗ୍ରହଣ କରିବାକୁ ସେ ସୂଚନା ଦେଇଛନ୍ତି। ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନଶିକ୍ଷୟିତ୍ରୀ ସୁପ୍ରଭା ସାହୁ ନୂତନ ପ୍ରଧାନଶିକ୍ଷକଙ୍କୁ ଦାୟିତ୍ୱ ହସ୍ତାନ୍ତର କରିଛନ୍ତି। ବିଦ୍ୟାଳୟର ଶିକ୍ଷକ, ଶିକ୍ଷୟିତ୍ରୀ ଓ କର୍ମଚାରୀ ତାଙ୍କୁ ବିଦ୍ୟାଳୟରେ ସ୍ୱାଗତ ଜଣାଇଛନ୍ତି।

## ଚୋରାମଦ କାରବାରକୁ ମହିଳାଙ୍କ ବିରୋଧ

**ବଁଆରପାଳ,୨୩।୧୦(ସମିସ):** ବଁଆରପାଳ ବ୍ଲକ ସାନ୍ତରାପୁର (ଖ) ଗ୍ରାମର ମହିଳା ଓ ଗ୍ରାମବାସୀ ଅଞ୍ଚଳରେ ଚୋରାମଦ କାରବାରକୁ ବିରୋଧ କରିଛନ୍ତି। ଗ୍ରାମରେ ସମ୍ପୂର୍ଣ୍ଣ ମଦ କାରବାର ବନ୍ଦ କରିବାକୁ ଦାବି କରିଛନ୍ତି। ପୂର୍ବରୁ ଗ୍ରାମବାସୀ ମଦ ବିକ୍ରିକୁ ବିରୋଧ କରି ଅନୁଗୋଳ ଜିଲ୍ଲାପାଳ ଓ ଅବକାରୀ ବିଭାଗକୁ ଜଣାଇବା ସତ୍ତ୍ୱେ କୌଣସି ସୁଫଳ ନ ମିଳିବାରୁ ଗୁରୁବାର ଅପରାହ୍ଣରେ ମହିଳାମାନେ ଏକ ଶୋଭାଯାତ୍ରାରେ ଯାଇ ଗାଁରେ ମଦ ବିକ୍ରି କରିବାକୁ ବାରଣ କରିଥିଲେ। ଅମାନ୍ୟ କଲେ ମହିଳାମାନେ ରାଜରାସ୍ତା ଅବରୋଧ କରିବେ ବୋଲି ଚେତାଇ ଦେଇଛନ୍ତି।




## ଚାଲୁଚାଲୁ ଟଳିପଡ଼ିଲେ ଆଠମଲ୍ଲିକ ବିଇଓ

**କିଶୋରନଗର/ବଇଣ୍ଡା,୨୩।୧୦(ସମିସ):** ଅନୁଗୋଳ ଜିଲ୍ଲା ହଣ୍ଡପା ଥାନା ବଇଣ୍ଡା ଛକରେ ରାସ୍ତାରେ ଖସିପଡ଼ି ଗୁରୁବାର ଆଠମଲ୍ଲିକ ବ୍ଲକ ଶିକ୍ଷା ଅଧିକାରୀ (ବିଇଓ) ଶିବାନନ୍ଦ ଧଡ଼ାଙ୍କ ମୃତ୍ୟୁ ହୋଇଛି। ଶିବାନନ୍ଦ ଚାଲି ଚାଲି ଷ୍ଟେସନ ଆଡ଼କୁ ଯାଉଥିବା ବେଳେ ହଠାତ ରାସ୍ତାରେ ପଡ଼ିଯାଇ ଗୁରୁତର ହୋଇପଡ଼ିଥିଲେ। ତାଙ୍କୁ ଉଦ୍ଧାର କରି ବଇଣ୍ଡା ମେଡିକାଲରେ ଭର୍ତ୍ତି କରାଯାଇଥିଲା। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ତାଙ୍କ ମୃତ୍ୟୁ ଖବର ପ୍ରଚାର ହେବା ପରେ ଆଠମଲ୍ଲିକ ଅଞ୍ଚଳର ବହୁ ଶିକ୍ଷକ ମେଡିକାଲରେ ପହଞ୍ଚି ତାଙ୍କ ଶେଷ ଦର୍ଶନ କରିଥିଲେ। ଶିବାନନ୍ଦଙ୍କ ଘର ବାଲେଶ୍ୱର ଅଞ୍ଚଳରେ ବୋଲି ଜଣାପଡ଼ିଛି। ପୁଲିସ ମୃତଦେହ ଜବତ କରି ତଦନ୍ତ ଆରମ୍ଭ କରିଛି।

### ଅରକ୍ଷିତ ସ୍ମାରକୀ ଫୁଟବଲ ଟୁର୍ଣ୍ଣାମେଣ୍ଟ

# ୨-୧ ଗୋଲରେ କଂସର ଚାମ୍ପିଅନ



ପାଲଲହଡ଼ା,୨୩।୧୦(ସମିସ)

ଅନୁଗୋଳ ଜିଲ୍ଲା ପାଲଲହଡ଼ା ଉପଖଣ୍ଡ ଝିମିରିପାଲି ଖେଳପଡ଼ିଆରେ ଚାଲିଥିବା ଅରକ୍ଷିତ ମେମୋରିଆଲ ଫୁଟବଲ ଟୁର୍ଣ୍ଣାମେଣ୍ଟ ଗୁରୁବାର ଉଦଯାପିତ ହୋଇଛି। ୧୯ ତାରିଖରୁ ଆରମ୍ଭ ହୋଇଥିବା ଏହି ଟୁର୍ଣ୍ଣାମେଣ୍ଟରେ ୧୬ଟି ଦଳ ଭାଗ ନେଇଥିଲେ। କଂସର ଏବଂ ଟମ୍ପର ଦଳ ମଧ୍ୟରେ ଫାଇନାଲ୍ ମ୍ୟାଚ ଅନୁଷ୍ଠିତ ହୋଇଥିଲା। କଂସର ଦଳ ୨-୧ ଗୋଲରେ ବିଜୟୀ ହୋଇ ଚାମ୍ପିଅନ ହୋଇଛି। ଉଦଯାପନୀ ଉତ୍ସବରେ ପାଲଲହଡ଼ା ଉପଜିଲ୍ଲାପାଳ ରବୀନ୍ଦ୍ର କୁମାର ପଟେଲ ମୁଖ୍ୟଅତିଥି, ଡା. ପ୍ରଶାନ୍ତ କୁମାର ସାହୁ ମୁଖ୍ୟବକ୍ତା ଏବଂ ପାଲଲହଡ଼ା ଏସ୍‌ଡିପିଓ କୈଳାସ ଚନ୍ଦ୍ର ସେଠୀ, ଝିମିରିପାଲି ଗ୍ରାମ ସଭାପତି ମୁରଲୀଧର ସାହୁ, ଉପସଭାପତି ପ୍ରଫୁଲ୍ଲ କୁମାର ସାହୁ, କୋଷାଧ୍ୟକ୍ଷ ହଟକିଶୋର ସାହୁ ପ୍ରମୁଖ ସମ୍ମାନିତ ଅତିଥି ଭାବେ ଯୋଗଦେଇ ବିଜେତା ଓ ଉପବିଜେତା ଦଳକୁ ଟ୍ରଫି ଓ ଆର୍ଥିକ ପୁରସ୍କାର ପ୍ରଦାନ କରିଥିଲେ।

**NATIONAL COMPETITIVE BIDDING THROUGH e-Procurement**
**Tel. No.06752222092, e-mail id-eerwpuri@gmail.com**

O-1094

**TCN NO. TENDER ONLINE - 09 OF 2025-26**
**No. 8445 / Dt. 10.10.2025**

The Superintending Engineer, Rural Works Division, Puri on behalf of Government of Odisha invites percentage rate tenders through e-procurement for 74 Nos. of work for the year 2025-26 in the District of Puri.

1. Total no. of works: **74 nos.**
2. Tender cost of packages: Amount varies from **Rs.5.04 lakh to Rs.42.02 lakh**
3. Class of contractor: **As per DTCN.**
4. Period of completion: **2 (Two) Calendar months.**
5. Period of availability of tenders on-line/ Date & time of bidding on-line/ last date of seeking clarification/ Date of opening of tender papers.

| Procurement Officer | Bid identification No. | Availability of tender on-line for bidding | | Last date & time of seeking tender clarification | Date, time & venue of opening of tender |
|---|---|---|---|---|---|
| | | From | To | | |
| 1 | 2 | 3 | 4 | 5 | 6 |
| Superintending Engineer Rural Works Division, Puri. | Online- 09 | 29.10.2025 at 11.00 A.M. | 12.11.2025 up to 5.00 P.M. | 11.11.2025 up to 1.30 P.M. | 13.11.2025 at 11.30 A.M. Office of the S.E.,R.W. Division, Puri. |

6. Other details can be seen in the bidding documents, which is available in website "https://tendersodisha.gov.in".

Superintending Engineer,
R.W., Division, Puri

OIPR-25065/11/0029/2526

ସକାଳ THE SAKALA



## ଅଳପୁଆ ନୋଡାଲ ହାଇସ୍କୁଲ

# ଶିକ୍ଷକ ବଦଳିକୁ ନେଇ ଅସନ୍ତୋଷ




ପଟ୍ଟାମୁଣ୍ଡାଇ/ଦାଣ୍ଡିସାହି, ୨୩ା୧୦(ସମିସ): ପଟ୍ଟାମୁଣ୍ଡାଇ ବ୍ଲକ୍ ଅନ୍ତର୍ଗତ ଧୋୟାଅଞ୍ଚଳର ସର୍ବପୁରାତନ ଅଳପୁଆ ହାଇସ୍କୁଲରେ କାର୍ଯ୍ୟରତ ସଂସ୍କୃତ ଶିକ୍ଷକ ସନ୍ତୋଷ ପଣ୍ଡାଙ୍କୁ ଦୀର୍ଘଦିନ ହେବ ବଦଳି କରାଯାଇଛି। ଏ ପର୍ଯ୍ୟନ୍ତ ତାଙ୍କ ସ୍ଥାନରେ କୌଣସି ସଂସ୍କୃତ ଶିକ୍ଷକ ନିଯୁକ୍ତି ଦିଆଯାଇନାହିଁ। ଏହି ହାଇସ୍କୁଲରେ ପ୍ରାୟ ୪ ଶହ ଛାତ୍ରଛାତ୍ରୀ ଅଧ୍ୟୟନ କରୁଛନ୍ତି। ଅବସର ଗ୍ରହଣ କରିଥିବା ପ୍ରଧାନଶିକ୍ଷକ ଶିଶିର ନାୟକଙ୍କ ସ୍ଥାନରେ ପ୍ରଧାନଶିକ୍ଷକ ନିଯୁକ୍ତି ଦିଆଯାଇନାହିଁ। ଏଥିସହ ପଟ୍ଟାମୁଣ୍ଡାଇ ବ୍ଲକ୍ ଶିକ୍ଷାଧିକାରୀଙ୍କ ନିର୍ଦ୍ଦେଶକ୍ରମେ ଏହି ବିଦ୍ୟାଳୟର ବହୁ ଶିକ୍ଷକ, ଶିକ୍ଷୟିତ୍ରୀଙ୍କୁ ବାରମ୍ବାର ଡେପୁଟେସନରେ ଅନ୍ୟ ବିଦ୍ୟାଳୟରେ ନିୟୋଜିତ କରାଯାଉଛି। ନିକଟ ଅତୀତରେ ଜଣେ ଶିକ୍ଷୟିତ୍ରୀଙ୍କୁ ବଦଳି କରାଯାଇଥିଲେ ମଧ୍ୟ ଏ ପର୍ଯ୍ୟନ୍ତ ତାଙ୍କ ସ୍ଥାନରେ କାହାରିକୁ ନିଯୁକ୍ତି ଦିଆଯାଇନାହିଁ। ଆବଶ୍ୟକ ଶିକ୍ଷକ ଶିକ୍ଷୟିତ୍ରୀ ଅଭାବରୁ ଅଳପୁଆ ହାଇସ୍କୁଲରେ ଶିକ୍ଷାଦାନ ବ୍ୟାହତ ହେବା ସହିତ ଅଚଳାବସ୍ଥା ସୃଷ୍ଟି ହୋଇଛି। ଏସମ୍ପର୍କରେ ଅଳପୁଆ ହାଇସ୍କୁଲ ପରିଚାଳନା କମିଟି ଓ ଆଲମୁନି ଆସୋସିଏସନ ପକ୍ଷରୁ ଜିଲ୍ଲା ଶିକ୍ଷା ଅଧିକାରୀଙ୍କ ନିକଟରେ ଅଭିଯୋଗ କରାଯାଇଛି। ଏହି ପୁରାତନ ଶିକ୍ଷାନୁଷ୍ଠାନ ପ୍ରତି ଜିଲ୍ଲା ଶିକ୍ଷା ବିଭାଗର ବୈମାତୃକ ମନୋଭାବ ଯୋଗୁଁ ସାଧାରଣରେ ଅସନ୍ତୋଷ ସୃଷ୍ଟି ହୋଇଛି।

# ମିଥ୍ୟା ମାମଲାରେ ଫସାଇବା ଧମକ ସମ୍ପର୍କରେ ଜିଲ୍ଲାପାଳଙ୍କୁ ଅଭିଯୋଗ



କେନ୍ଦ୍ରାପଡ଼ା,୨୩ା୧୦(ସମିସ): ମାର୍ଶାଘାଇ ବ୍ଲକ୍ ମିଶନ ଶକ୍ତି ବିଭାଗ ଅଧୀନରେ ଥିବା ବ୍ଲକ୍ସ୍ତରୀୟ ଫେଡେରେସନ (ବିଏଲଏଫ) ସଭାନେତ୍ରୀ ଓ ସମ୍ପାଦିକା, ସମସ୍ତ ୨୩ଟି ପଞ୍ଚାୟତସ୍ତରୀୟ ଫେଡେରେସନ (ଜିପିଏଲଏଫ)ର ସଭାନେତ୍ରୀ, ସମ୍ପାଦିକା ଓ ସମସ୍ତ କାର୍ଯ୍ୟନିର୍ବାହୀ କମିଟି ଇସି ସଭ୍ୟ ବ୍ଲକ୍ ପ୍ରକଳ୍ପ ପରିଚାଳକ ବିପିଏମଙ୍କ ଦୁର୍ବ୍ୟବହାର ଓ ମିଥ୍ୟା ମୋକଦ୍ଦମାରେ ଫସାଇ ଦେବାକୁ ଧମକ ସମ୍ପର୍କରେ ଜିଲ୍ଲାପାଳଙ୍କୁ ଅଭିଯୋଗ କରିଛନ୍ତି। ସେମାନେ ଅଭିଯୋଗ କରିଛନ୍ତି ଯେ, ୨୦୨୪ ଅକ୍ଟୋବର ମାସରୁ ୨୦୨୫ ମାର୍ଚ୍ଚ ମାସ ପର୍ଯ୍ୟନ୍ତ ମୋଟ ୬ ମାସ ଆମ୍ଭମାନଙ୍କ ଖର୍ଚ୍ଚ ବାବଦକୁ ଥିବା ବକେୟା ପ୍ରାପ୍ୟ ଥାଇ ସମ୍ପୃକ୍ତ ଓଡିଶା ଜୀବିକା ମିଶନରେ ବ୍ଲକ୍ ପରିଚାଳକ ବିପିଏମ ମାତ୍ର ଦୁଇଟି ପଞ୍ଚାୟତର ବକେୟା ପୈଠ କରି ବ୍ଲକ୍ସ୍ତରୀୟ ଫେଡେରେସନ ସହିତ ଅବଶିଷ୍ଟ ୨୧ଟି ପଞ୍ଚାୟତସ୍ତରୀୟ ଫେଡେରେସନର ପ୍ରାପ୍ୟ ବକେୟା ରଖିଛନ୍ତି। ଏ ସମ୍ବନ୍ଧରେ ମିଶନ ଶକ୍ତିର ବିପିସିଙ୍କ ସମେତ ଓଡ଼ିଶା ଜୀବିକା ମିଶନର ବିପିଏମ ପ୍ରଭାତ ମଲିକଙ୍କୁ ବାରମ୍ବାର ଜଣାଇବାରୁ ସେ କିଛି ପ୍ରତିକାର କଲେ ନାହିଁ। ଫଳରେ ସେମାନେ ମିଳିତ ଭାବେ ବିଡିଓଙ୍କୁ ସାକ୍ଷାତ କରି ଜଣାଇବାରୁ ସେ ଓଏଲଏମର ବିପିଏମଙ୍କୁ ପରାମର୍ଶ ନେବାକୁ ନିର୍ଦ୍ଦେଶ ଦେଲେ। ନିର୍ଦ୍ଦେଶ ମୁତାବକ ସେମାନେ ଦୀର୍ଘଦିନର ବକେୟା ପ୍ରାପ୍ୟ ପାଇବାରେ ବିଳମ୍ବ ସମ୍ବନ୍ଧରେ ବୁଝିବା ସହିତ କିପରି ବିକେୟା ରାଶି ପାଇବେ, ସେ ସମ୍ବନ୍ଧରେ ବିଏଲସି ମୀନାବାଳା ସ୍ୱାଇଁଙ୍କ ଉପସ୍ଥିତିରେ ବିପିଏମ ଶ୍ରୀ ମଲିକଙ୍କୁ ଆପତ୍ତି କରିବାରୁ ସେ ହଠାତ ଉତକ୍ଷିପ୍ତ ହୋଇ ମୁଁ ତୁମମାନଙ୍କୁ ତୁମ ପଦବୀରୁ ଉଚ୍ଛେଦ କରିସାରିଛି, ତୁମେମାନେ ଆଉ କିଛି ପ୍ରାପ୍ୟ ପାଇବାକୁ ହକଦାର ନୁହଁ। ଏଠି ଅଜଥା ଭିଡ କରନାହିଁ। ମୋର କ'ଣ ତାଡିବା କଥା ତାଡ଼, ଏ ଅଫିସରୁ ଶୀଘ୍ର ବାହାର ନଚେତ ମିଛ ହରିଜନ କେସରେ ଫସାଇଦେବି। ମୋର ବିଧାୟକ, ଜିଲ୍ଲାପାଳଙ୍କ ସହିତ ସୁସମ୍ପର୍କ ଅଛି। ମୋର କେହି କିଛି କରିପାରିବେନି ବୋଲି ଧମକ ଦେଲେ। ଏହି ଘଟଣା ସମୟରେ ଉପସ୍ଥିତ ବିଏଲସି ମଧ୍ୟ ତାଙ୍କୁ ସହଯୋଗ କରିବା ସହିତ ସେମାନଙ୍କର ଚରିତ୍ର ସଂହାର କରି ଅତ୍ୟନ୍ତ କଟୁ ଭାଷା ପ୍ରୟୋଗ କରି କଦର୍ଯ୍ୟ ବ୍ୟବହାର ଦେଖାଇଲେ। ଏ ବିଷୟରେ ଆଜି ଜିଲ୍ଲାପାଳଙ୍କୁ ଲିଖିତ ଭାବେ ଅଭିଯୋଗ କରିଛନ୍ତି। ଘଟଣାର ତଦନ୍ତ କରାଇ ଅର୍ଥ ହଡ଼ପ କରିବାକୁ ମସୁଧା କରୁଥିବା ବ୍ୟକ୍ତିଙ୍କ ବିରୋଧରେ ଦୃଢ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ସହିତ ସେମାନଙ୍କୁ ବକେୟ ପ୍ରାପ୍ୟ ପାଇବାକୁ ଦାବି କରିଛନ୍ତି। ଏଥିସହିତ ମୁଖ୍ୟମନ୍ତ୍ରୀ, ମିଶନ ଶକ୍ତିର ନିର୍ଦ୍ଦେଶକଙ୍କୁ ପତ୍ର ମାଧ୍ୟମରେ ଅଭିଯୋଗ କରିଛନ୍ତି। ଦାବିପତ୍ର ପ୍ରଦାନ ସମୟରେ ସଭାନେତ୍ରୀ ଶର୍ମିଷ୍ଠା ନାୟକ, ସମ୍ପାଦକ ଭାରତୀ ଦଳାଇଙ୍କ ସମେତ ବ୍ଲକ୍ସ୍ତରୀୟ, ପଞ୍ଚାୟତସ୍ତରୀୟ ସଭାନେତ୍ରୀ, ସମ୍ପାଦିକା ଓ କାର୍ଯ୍ୟନିର୍ବାହୀ କମିଟିର ସଭ୍ୟା ଉପସ୍ଥିତ ଥିଲେ।

## କେନ୍ଦ୍ରାପଡ଼ା ବ୍ଲକ୍ ଶିକ୍ଷକଙ୍କ ଦ୍ୱାରା ଚାରାରୋପଣ



କେନ୍ଦ୍ରାପଡ଼ା,୨୩ା୧୦(ସମିସ): କେନ୍ଦ୍ରାପଡ଼ା ବ୍ଲକ୍ ପ୍ରାଥମିକ ଶିକ୍ଷକ ଓ ଅବସରପ୍ରାପ୍ତ ଶିକ୍ଷକ ସଂଘ ଆନୁକୂଲ୍ୟରେ ଗରାପୁରସ୍ଥ ଶିକ୍ଷକ ଭବନରେ ଶତାଧିକ ଚାରାରୋପଣ କରାଯାଇଛି। ଅଶୋକ, କଦମ୍ବ, ଅଗସ୍ତି, ଅର୍ଜୁନ, ହରିଡା, ବଉଳ, ଶିଶୁ ଆଦି ବହୁ ବୃକ୍ଷ ଚାରା ସଂଘ ସଭାପତି ମାନଭଞ୍ଜନ ପ୍ରଧାନଙ୍କ ନେତୃତ୍ୱରେ ଚାରାରୋପଣ କରାଯାଇଥିଲା। ମହାକାଳପଡ଼ା ବ୍ଲକ୍ର ପ୍ରାକ୍ତନ ମଣ୍ଡଳ ଶିକ୍ଷାଧିକାରୀ ଅଜୟ ପରିଡ଼ା, ଶିକ୍ଷାବିତ୍ ତଥା ପରିବେଶବିତ୍ କାଶୀନାଥ ରାଉତରାୟ ଓ କେନ୍ଦ୍ରାପଡ଼ା ବ୍ଲକ୍ ସହକାରୀ ମଣ୍ଡଳ ଶିକ୍ଷାଧିକାରୀ ବଳଭଦ୍ର ଜେନା ଶୁଭାରମ୍ଭ କରିଥିଲେ। ସଂଘ କର୍ମକର୍ତ୍ତା ପ୍ରଶାନ୍ତ ମହାକୁଡ, ଅନୀଲ ମିଶ୍ର, ମହେନ୍ଦ୍ର ସେଠୀ, କମଳାକାନ୍ତ ସ୍ୱାଇଁ, ସନ୍ଧ୍ୟାରାଣୀ ମହାପାତ୍ର, ଶଙ୍କର୍ଷଣ ମେକାପ, ଦେବବ୍ରତ ମିଶ୍ର, ମନୋଜ ଜେନା, ବାବୁରି ଚରଣ ବେହେରାଙ୍କ ସହ ଅବସରପ୍ରାପ୍ତ ଶିକ୍ଷକ ରାଜକିଶୋର ବିଶ୍ୱାଳ, ଭାସ୍କର ଦାଶ, ପ୍ରମୋଦ ସିଂହ, ବ୍ରହ୍ମାନନ୍ଦ ସ୍ୱାଇଁ, ପ୍ରହ୍ଲାଦ ପୃଷ୍ଟି, ଡେରାବିଶ ବ୍ଲକ୍ର ବିଜୟ ଖୁଣ୍ଟିଆ, ରାଜକନିକା ବ୍ଲକ୍ର ସୁବାସ ସାହୁ ପ୍ରମୁଖ ଅଂଶଗ୍ରହଣ କରିଥିଲେ।

## ଗିରିଗୋବର୍ଦ୍ଧନ ପୂଜା କମିଟି ପକ୍ଷରୁ ରକ୍ତଦାନ ଶିବିର



ପଞ୍ଚୁପାଣ୍ଡବ,୨୩ା୧୦(ସମିସ): ବେଣୀପୁର ପଞ୍ଚାୟତ ଅନ୍ତର୍ଗତ ସଦାନନ୍ଦପୁର ଗ୍ରାମ ଗିରିଗୋବର୍ଦ୍ଧନ ପୂଜା କମିଟି ପକ୍ଷରୁ ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଯାଇଛି। ଡାକ୍ତର ସୁଧାଂଶୁ ସାହୁଙ୍କ ନେତୃତ୍ୱରେ କେନ୍ଦ୍ରୀୟ ରେଡକ୍ରସ ରକ୍ତ କେନ୍ଦ୍ର କଟକ ପକ୍ଷରୁ ଡାକ୍ତର ଚନ୍ଦ୍ରିକା ପ୍ରସାଦ ଦାଶ, ସନ୍ଦୀପ ସ୍ୱାଇଁ, ଅବିନାଶ ଦାଶ, ଭାଗ୍ୟଧର ସାହୁ, ମୃତ୍ୟୁଞ୍ଜୟ ବେଜ, କୀର୍ତ୍ତନ ବନଛୋର୍ ଓ ସୁଜିତ୍ ସାହୁ ୩୩ ୟୁନିଟ ରକ୍ତ ସଂଗ୍ରହ କରିଥିଲେ। ଗିରିଗୋବର୍ଦ୍ଧନ ପୂଜା କମିଟି ଓ ଆଞ୍ଚଳିକ, ସାମାଜିକ, ସାଂସ୍କୃତିକ ଟ୍ରଷ୍ଟ ମିଳିତ ଆନୁକୂଲ୍ୟରେ କମିଟି ସଭାପତି ବିଭୂତି ଭୂଷଣ ଘଡାଇ, ସୁବାସ ଘଡାଇ, କାଜଲ ଘଡାଇ, ସଞ୍ଜୟ ମଣ୍ଡଳ, ପ୍ରଭାତ ଗାହାଣ, ଅରୁଣ ଘଡାଇ, ବିପିନ ଘଡାଇ, ଗିରିଧାରୀ ମଣ୍ଡଳ ଶିବିର ପରିଚାଳନା କରିଥିଲେ।

# ମୁକୁନ୍ଦପୁର ସାଧନ କେନ୍ଦ୍ରସ୍ତରୀୟ ଶିଶୁ ମହୋତ୍ସବ




ଡେରାବିଶ,୨୩ା୧୦(ସମିସ): ମୁକୁନ୍ଦପୁର ଆଞ୍ଚଳିକ ସାଧନ କେନ୍ଦ୍ରସ୍ତରୀୟ ଶିଶୁ ମହୋତ୍ସବ 'ସୁରଭି' କାର୍ଯ୍ୟକ୍ରମ ଦୋହଳିସ୍ଥ ବିବି ମଡ଼େଲ ହାଇସ୍କୁଲରେ ଅନୁଷ୍ଠିତ ହୋଇଯାଇଛି। ମୁକୁନ୍ଦପୁର ଆଞ୍ଚଳିକ ସାଧନ କେନ୍ଦ୍ର ସଂଯୋଜନ ବିଶ୍ୱଜିତ ମୁଦୁଲିଙ୍କ ପରିଚାଳନାରେ ଅନୁଷ୍ଠିତ କାର୍ଯ୍ୟକ୍ରମର ଉଦ୍‌ଘାଟନୀ ସଭାରେ ପ୍ରଧାନଶିକ୍ଷକ ବିଶ୍ୱବିଜୟ ଦାସ ସଭାପତିତ୍ୱ କରିଥିଲେ। ଅତିଥି ଭାବେ ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ବିଜୟ ଦାସ, ଆରତୀବାଳା ରଥ, କୁନା କୁମାରୀ ସ୍ୱାଇଁ, ମନୋରଞ୍ଜନ ଦାଶ, ଅବସରପ୍ରାପ୍ତ ଶିକ୍ଷକ ମନୋଜ ପଟ୍ଟନାୟକ ଯୋଗ ଦେଇଥିଲେ। ୧୧ଟି ବିଦ୍ୟାଳୟର ୧୦୦ରୁ ଅଧିକ ଛାତ୍ରଛାତ୍ରୀ ପ୍ରବନ୍ଧ ଲିଖନ, ଚିତ୍ରାଙ୍କନ, କୁଇଜ୍, ସୃଜନଶୀଳ ଲେଖନ, ନୃତ୍ୟ ଓ ସଙ୍ଗୀତ ପ୍ରତିଯୋଗିତାରେ ଅଂଶଗ୍ରହଣ କରିଥିଲେ। ପୁରସ୍କାର ବିତରଣୀ ଉତ୍ସବରେ ମୁଖ୍ୟଅତିଥି ଭାବେ କେନ୍ଦୁଝର ଅତିରିକ୍ତ ଜିଲ୍ଲା ଶିକ୍ଷାଅଧିକାରୀ ଶ୍ରୀକାନ୍ତ ବେହେରା, ସମ୍ମାନିତ ଅତିଥି ଭାବେ ଡେରାବିଶର ଅତିରିକ୍ତ ମଣ୍ଡଳ ଶିକ୍ଷାଧିକାରୀ ଖଗେଶ୍ୱର ନାୟକ, ସଚିକାନ୍ତ ମିଶ୍ର, ବିଆର୍‌ସିସି ଦେବଦତ୍ତ ଶତପଥୀ, ଅବସରପ୍ରାପ୍ତ ଭାରତୀୟ ପ୍ରଶାସନିକ ସେବା ଅଧିକାରୀ ବିଧୂଭୂଷଣ ମହାନ୍ତି, ଅବସରପ୍ରାପ୍ତ ଶିକ୍ଷକ ଅନାଦୀ ଓଝା, ପୂର୍ବତନ ସରପଞ୍ଚ ଉମେଶ ଚନ୍ଦ୍ର ତ୍ରିପାଠୀ, ମୁକୁନ୍ଦପୁର ସରପଞ୍ଚ ମିତାରାଣୀ ମଳିକ ପ୍ରମୁଖ ଯୋଗଦେଇ ପୁରସ୍କାର ପ୍ରଦାନ କରିଥିଲେ। ଶିକ୍ଷକ କିଶୋର ମହାନ୍ତି ମଞ୍ଚ ପରିଚାଳନା କରିଥିବାବେଳେ ଶିକ୍ଷୟିତ୍ରୀ ବିଜୟଲକ୍ଷ୍ମୀ ଦାସ ସ୍ୱାଗତ ଭାଷଣ ଓ ଅତିଥି ପରିଚୟ ପ୍ରଦାନ, ଶିକ୍ଷୟିତ୍ରୀ ସନ୍ଧ୍ୟାରାଣୀ ରଥ ଧନ୍ୟବାଦ ଅର୍ପଣ କରିଥିଲେ। ଆଞ୍ଚଳିକ ସାଧନକେନ୍ଦ୍ର ସଂଯୋଜକ ପ୍ରମୋଦ ମଲ୍ଲ, ସନ୍ତୋଷ ମଲିକ ଓ ପ୍ରଶାନ୍ତ ଶତପଥୀ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଶିକ୍ଷକ ଦୀପକ ବାରିକ, ଭାବଗ୍ରାହୀ କର, ଜୀବନ ନାୟକ, ଅଶୋକ ଜେନା, ଚୌଧୁରୀ ସରୋଜକାନ୍ତ ପ୍ରହରାଜ, ଶିକ୍ଷୟିତ୍ରୀ ବିଜୟଲକ୍ଷ୍ମୀ ଦେବୀ, ଅନୀତା ପଣ୍ଡା ପ୍ରମୁଖ ସହଯୋଗ କରିଥିଲେ।

## ଶ୍ରୀଜଗନ୍ନାଥ ମହାବିଦ୍ୟାଳୟ ପ୍ରାଣୀ ଓ ଉଦ୍ଭିଦ ବିଜ୍ଞାନ ବିଭାଗ ପକ୍ଷରୁ କର୍ମଶାଳା



ରାଜନଗର, ୨୩ା୧୦(ସମିସ): ରାଜନଗରସ୍ଥ ଶ୍ରୀଜଗନ୍ନାଥ ମହାବିଦ୍ୟାଳୟ ପ୍ରାଣୀ ବିଜ୍ଞାନ ଓ ଉଭିଦ ବିଜ୍ଞାନ ବିଭାଗ ପକ୍ଷରୁ ଶୈଶବ ଅବସ୍ଥା, ପ୍ରଜନନ ସ୍ୱାସ୍ଥ୍ୟ ଓ ପୋଷଣର ଆବଶ୍ୟକତା ଶୀର୍ଷକ କର୍ମଶାଳା ଅନୁଷ୍ଠିତ ହୋଇଯାଇଛି। ଅଧ୍ୟକ୍ଷ ମେଜର ମନୋରଞ୍ଜନ ମହାନ୍ତିଙ୍କ ପୌରୋହିତ୍ୟରେ ଅନୁଷ୍ଠିତ କର୍ମଶାଳାରେ ରାଜକନିକା ଶୈଳେନ୍ଦ୍ର ନାରାୟଣ ମହାବିଦ୍ୟାଳୟ ପ୍ରାଣୀ ବିଜ୍ଞାନ ବିଭାଗ ପ୍ରାଧ୍ୟାପିକା ଡକ୍ଟର ମିଥିଲା ଦାସ ମୁଖ୍ୟବକ୍ତା ଭାବେ ଯୋଗଦେଇ କିଶୋର କିଶୋରୀଙ୍କ ବିଭିନ୍ନ ପ୍ରକାର ଶାରୀରିକ, ମାନସିକ ଓ ସାମାଜିକ ପରିବର୍ତ୍ତନ ଓ ଏ ସମୟରେ ବିଭିନ୍ନ ପ୍ରଜନନଜନିତ ସମସ୍ୟା ଉପରେ ଆଲୋକପାତ କରିଥିଲେ। ପ୍ରାଣୀ ବିଜ୍ଞାନ ବିଭାଗ ମୁଖ୍ୟ ଅଧ୍ୟାପିକା ଅନୁସୟା ବେହେରା କୈଶୋର ଅବସ୍ଥାରେ ହରମୋନଜନିତ ସମସ୍ୟା ଉପରେ ଆଲୋକପାତ କରିଥିଲେ। ଉଭିଦ ବିଜ୍ଞାନ ବିଭାଗ ମୁଖ୍ୟ ଅଧ୍ୟାପିକା ରାଜଶ୍ରୀ ସାମନ୍ତ କିଶୋର କିଶୋରୀଙ୍କ ସ୍ୱାସ୍ଥ୍ୟ ପାଇଁ ପୋଷଣର ଆବଶ୍ୟକତା ଉପରେ ଆଲୋକପାତ କରିଥିଲେ। ପ୍ରାଣୀ ବିଜ୍ଞାନ ଛାତ୍ର ସତ୍ୟବ୍ରତ ପରିଡା ଓ ପ୍ରଦୀପ ରାଉତ କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ। ପ୍ରାଣୀ ବିଜ୍ଞାନ ଅଧ୍ୟାପିକା ଶୁଭଦର୍ଶିନୀ ପ୍ରଧାନ ଅତିଥି ପରିଚୟ ଓ ଧନ୍ୟବାଦ ପ୍ରଦାନ କରିଥିଲେ। ଛାତ୍ରୀ ସୁଭସ୍ମିତା ରାଉତ ଓ ସୁଶ୍ରୀ ସଂଗୀତା ଭାଗନେଇ ନିଜ ମତ ରଖିଥିଲେ।

## ନାହିଁ ନିଜସ୍ୱ ଗୃହ; ଭଡ଼ାଘରେ ଚାଲିଛି ଡାକ ଅଫିସ୍

ପଞ୍ଚୁପାଣ୍ଡବ,୨୩ା୧୦(ସମିସ): ଡେରାବିଶ ବ୍ଲକ୍ ଅଧୀନ ବିଭିନ୍ନ ପଞ୍ଚାୟତରେ ଥିବା ଡାକ ବିଭାଗ ଅଫିସ୍ ଭଡ଼ାରେ ଚାଲିଥିବା ଦେଖିବାକୁ ମିଳୁଛି। କେତେକ ଡାକ କର୍ମଚାରୀଙ୍କ ନିଜସ୍ୱ ଘରେ ଚାଲୁଥିବାବେଳେ କେତେକ ଜାଗାରେ କ୍ଲବ୍ ଘର ଓ କେତେକ ଭଡ଼ାଘରେ ଚାଲିଥିବା ଦେଖିବାକୁ ମିଳୁଛି। ଡାକ ବିଭାଗ କେନ୍ଦ୍ରସ୍ତରୀୟ ହୋଇଥିବାବେଳେ ସରକାରଙ୍କ ଅବହେଳା ଯୋଗୁଁ ଡାକ ଅଫିସ୍‌ରେ ନାହିଁ ନ ଥିବା ଅସୁବିଧା ହେଉଥିବା ଅଭିଯୋଗ ହେଉଛି। ଠାକୁରପାଟଣା ଅଧୀନସ୍ଥ ବେଣୀପୁର ପଞ୍ଚାୟତର ଅଗ୍ରଣୀ ଯୁବକ ସଂଘର କ୍ଲବ୍ ଘର, ପଣସୁଧା ଗ୍ରାମ କର୍ମଚାରୀଙ୍କ ଘର, ରଘୁଦେଇପୁର ପଞ୍ଚାୟତର ବେଲାରପୁର ଗ୍ରାମରେ ଥିବା ପାଠାଗାର, ଛୋଟିରେ ପଞ୍ଚାୟତ କାର୍ଯ୍ୟାଳୟରେ ଥିବା ଏକ ଘରେ ଏମିତିକି ବହୁତ୍ ଜାଗାରେ ଭଡ଼ାରେ ଚାଲିଥିବା ଦେଖିବାକୁ ମିଳୁଛି। ସରକାରଙ୍କ ପକ୍ଷରୁ ବିଭିନ୍ନ ଯୋଜନାରେ କୋଟି କୋଟି ଟଙ୍କା ଖର୍ଚ୍ଚ ହେଉଥିବାବେଳେ ଡାକ ବିଭାଗ ପାଇଁ ନିଜସ୍ୱ ଗୃହ ନ ଥିବାରୁ ସରକାରଙ୍କ ଅବହେଳାକୁ ନେଇ ବୁଦ୍ଧିଜୀବୀ ମହଲରେ ଅସନ୍ତୋଷ ପ୍ରକାଶ ପାଇଛି। ଏ ସମ୍ପର୍କରେ ଡାକ ବିଭାଗ କର୍ମଚାରୀ ସତ୍ୟରଞ୍ଜନ ବେହେରାଙ୍କୁ ପଚାରିବାରୁ ସେ କହିଛନ୍ତି, ଡାକ ବିଭାଗ ପାଇଁ ନିଜସ୍ୱ ଗୃହ ନ ଥିବାରୁ ଏବେ ପ୍ରାୟ ତିନିବର୍ଷ ହେବ କ୍ଲବ୍ ଘରେ ଚାଲୁଛି। ଆଗରୁ ଜଣଙ୍କ ଘରେ ଚାଲୁଥିଲା ବୋଲି ସେ କହିଛନ୍ତି।



## ଅବସରପ୍ରାପ୍ତ ରାଜସ୍ୱ ନିରୀକ୍ଷକଙ୍କ ଘରୁ ଚୋରି

ଡେରାବିଶ,୨୩ା୧୦(ସମିସ): ଦାନପୁର ପଞ୍ଚାୟତ ଅନ୍ତର୍ଗତ କେଶରପୁର (ମହାବୀର କଲୋନୀ) ଗ୍ରାମର ଅବସରପ୍ରାପ୍ତ ରାଜସ୍ୱ ନିରୀକ୍ଷକ ଶ୍ରୀଚରଣ ସାହୁଙ୍କ ଘରୁ ଗତକାଲି ବିଳମ୍ବିତ ରାତିରେ ଚୋରି ହୋଇଥିବା ନେଇ ଚାନ୍ଦୋଳ ଫାଣ୍ଡିରେ ଅଭିଯୋଗ ହୋଇଛି। ଶ୍ରୀ ସାହୁଙ୍କ ପୁଅ ଦୀପ୍ତିକାନ୍ତ ଚାନ୍ଦୋଳ ଫାଣ୍ଡିରେ କରିଥିବା ଅଭିଯୋଗ ଅନୁଯାୟୀ, ଗତକାଲି ବିଳମ୍ବିତ ରାତିରେ ଘର ପଛପଟ ଦୁଇଟି ଝରକା ତାଡ଼ି ଚୋରମାନେ ପଶି ତଳ ମହଲାର ଦୁଇଟି ବଖରାରେ ଥିବା ଦୁଇଟି ଆଲମିରା ତାଡ଼ି ସେଥିରେ ଥିବା ନଗଦ ୧୩ ହଜାର ଟଙ୍କା, ୨ଟି ସୁନା ମୁଦି ଓ ଦୁଇଟି ସୁନା ଚେନ୍ ଓ ରୁପା ଗହଣା ଚୋରି କରି ନେଇଛନ୍ତି। ଏଥିସହିତ ଗୋଟିଏ ମୋବାଇଲ୍ ଚୋରି କରି ନେଇଯାଇଛନ୍ତି। ପରେ ଉପର ମହଲାରେ ଭଡ଼ାରେ ରହୁଥିବା ବିଦ୍ୟୁତ୍ ମହାନ୍ତିଙ୍କ ଘରୁ ଏକ ଡିଜିଟାଲ୍ କ୍ୟାମେରା, ମୋବାଇଲ୍ ଫୋନ୍, ନଗଦ ୪୮ ହଜାର ଟଙ୍କା ଓ ୪୦ଟି ରୁପା କଏନ୍ ଲୁଟି ନେଇଛନ୍ତି। ରାତି ଦୁଇଟାରେ ଶ୍ରୀ ମହାନ୍ତି ଉଠି ଘରର କାଗଜପତ୍ର ଓ ଜିନିଷପତ୍ର ଏଣେ ତେଣେ ପଡ଼ିଥିବା ଦେଖି ଘରେ ଚୋର ପଶିଥିବା ନିଶ୍ଚିତ ହୋଇ ତଳମହଲାକୁ ଆସି ଘର ଲୋକଙ୍କୁ ଉଠାଇଥିଲେ। ସେତେବେଳକୁ ଚୋରମାନେ ଚାଲିଯାଇଥିଲେ। ଅଭିଯୋଗ ପାଇ ଚାନ୍ଦୋଳ ଫାଣ୍ଡି ଅଧିକାରୀ ପ୍ରତାପ ରଥ ପହଞ୍ଚି ତଦନ୍ତ କରିବା ସହ ସନ୍ଧ୍ୟାରେ ପୁଲିସ୍ କୁକୁର ଡକାଇ ଘଟଣାର ଛାନଭିନ୍ କରୁଥିବା ଜଣାଯାଇଛି।

## ବାଲକାଟୀ କ୍ଲଷ୍ଟରସ୍ତରୀୟ ଶିଶୁ ମହୋତ୍ସବ



ଆଳି,୨୩ା୧୦(ସମିସ): ବାଲକାଟୀ ଉନ୍ନୀତ ଉଚ୍ଚପ୍ରାଥମିକ ବିଦ୍ୟାଳୟ କ୍ଲଷ୍ଟରସ୍ତରୀୟ ଶିଶୁ ମହୋତ୍ସବ୍ 'ସୁରଭି' ସ୍ଥାନୀୟ ବଡ଼ଆଙ୍କୋ ଉନ୍ନୀତ ଉଚ୍ଚପ୍ରାଥମିକ ବିଦ୍ୟାଳୟରେ ଅନୁଷ୍ଠିତ ହୋଇଯାଇଛି। ପ୍ରଧାନଶିକ୍ଷକ ପ୍ରଫୁଲ୍ଲ ପରିଡ଼ାଙ୍କ ଅଧ୍ୟକ୍ଷତାରେ ମହୁ ସରପଞ୍ଚ ମହେଶ୍ୱର ତ୍ରିପାଠୀ ଉତ୍ସବକୁ ଉଦ୍‌ଘାଟନ କରିଥିଲେ। କ୍ଲଷ୍ଟର ଅନ୍ତର୍ଗତ ୧୪ଟି ବିଦ୍ୟାଳୟର ୧୯୨ ଛାତ୍ରଛାତ୍ରୀ ବିଭିନ୍ନ ପ୍ରତିଯୋଗିତାରେ ଭାଗ ନେଇଥିଲେ। ସୁଶାନ୍ତ ନାୟକଙ୍କ ତତ୍ତ୍ୱାବଧାନ ଓ କ୍ଲଷ୍ଟର ଅଧୀନ ଶିକ୍ଷକ ଶିକ୍ଷୟିତ୍ରୀଙ୍କ ସହଯୋଗରେ ପ୍ରତିଯୋଗିତା ପରିଚାଳନା ଓ ମୂଲ୍ୟାୟନ କରାଯାଇଥିଲା। ଆଞ୍ଚଳିକ ସାଧନ କେନ୍ଦ୍ର ସଂଯୋଜକ ସୁରେନ୍ଦ୍ର ମଲିକଙ୍କ ଅଧ୍ୟକ୍ଷତାରେ ଉଦ୍‌ଯାପନୀ ଉତ୍ସବରେ ବାଲକାଟୀ ସରପଞ୍ଚ ସୁକାନ୍ତୀ ପରିଡା, ମହୁ ହାଇସ୍କୁଲ ପ୍ରଧାନଶିକ୍ଷୟିତ୍ରୀ ସବିତା ରାଉତ, ବିଦାୟୀ ସିଆରସିସି ଶେଖ ମତିଉଲ୍ଲା, ଅଚ୍ୟୁତାନନ୍ଦ ନାଥ, ରୀନା ରଥ ପ୍ରମୁଖ ଅତିଥି ଭାବେ ଯୋଗଦେଇ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କାର ବିତରଣ କରିଥିଲେ। ବରିଷ୍ଠ ଶିକ୍ଷକ ରତିକାନ୍ତ ପାତ୍ର ଅତିଥି ପରିଚୟ ପ୍ରଦାନ କରିଥିବାବେଳେ ପ୍ରଧାନଶିକ୍ଷକ ଅବଦୁଲ ସମିମ ଧନ୍ୟବାଦ ଅର୍ପଣ କରିଥିଲେ।

## ଛୋଟି କ୍ଲଷ୍ଟରସ୍ତରୀୟ ଶିଶୁ ମହୋତ୍ସବ



ପଞ୍ଚୁପାଣ୍ଡବ,୨୩ା୧୦(ସମିସ): ଡେରାବିଶ ମଣ୍ଡଳ ଶିକ୍ଷା କାର୍ଯ୍ୟାଳୟ ଅଧୀନସ୍ଥ ଛୋଟି ରାମଚଣ୍ଡୀ ଶିକ୍ଷା ନିକେତନରେ ଆଞ୍ଚଳିକ ସାଧନ କେନ୍ଦ୍ରସ୍ତରୀୟ ଶିଶୁ ମହୋତ୍ସବ ଅନୁଷ୍ଠିତ ହୋଇଯାଇଛି। ସବଜୁନିୟର, ଜୁନିୟର, ସିନିୟର୍ ବିଭାଗ ଚିତ୍ରାଙ୍କନ, ବକ୍ତୃତା, ପ୍ରବନ୍ଧ, ନାଚ, ଗୀତ ଆଦି ପ୍ରତିଯୋଗିତାରେ ୧୧ଟି ବିଦ୍ୟାଳୟର ୧୬୫ ଜଣ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ। ପ୍ରଧାନ ଶିକ୍ଷୟିତ୍ରୀ ତପସ୍ୱିନୀ ମଲ୍ଲିକଙ୍କ ସଭାପତିତ୍ୱରେ ମୁଖ୍ୟଅତିଥି ଭାବେ ସରପଞ୍ଚ ରଜନୀ ମଲ୍ଲିକ, ମୁଖ୍ୟବକ୍ତା ଭାବେ ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ପ୍ରଦୀପ ନାୟକ ଯୋଗ ଦେଇଥିଲେ। ସମ୍ମାନିତ ଅତିଥି ଭାବେ ଏବିଇଓ ସଚିକାନ୍ତ ମିଶ୍ର, ଖଗେଶ୍ୱର ନାୟକ, ଭାଗୀରଥି ମହାନ୍ତି, ଶଶୀକାନ୍ତ ସାହୁ, ଅମରେନ୍ଦ୍ର ଦାଶ, ପ୍ରଦୀପ ମଲ୍ଲ, ବରିଷ୍ଠ ବିଜ୍ଞାନ ଶିକ୍ଷକ ସତ୍ୟରାମ ବାରିକ ପ୍ରମୁଖ ଯୋଗ ଦେଇଥିଲେ। ସ୍ଥାନୀୟ ବିଦ୍ୟାଳୟର ଶିକ୍ଷକ ତ୍ରିଲୋଚନ ମଲ୍ଲିକଙ୍କ ସହ ସମସ୍ତ ଅତିଥିଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ମୋ ସ୍କୁଲ୍ ସଭାପତି ପ୍ରଭାତ ସାହୁ, ପରିଚାଳନା କମିଟି ଅଧ୍ୟକ୍ଷ ଭାଗବତ ମଲ୍ଲିକ, ବିଚାରକ ଭାବେ ସଂଗ୍ରାମ ସାମଲ, ଶାନ୍ତନୁ ଦାଶ ଓ ବଟକୃଷ୍ଣ ସ୍ୱାଇଁ ଯୋଗ ଦେଇଥିଲେ। ଶିକ୍ଷକ ଭାଗବତ ରାଉତ ଧନ୍ୟବାଦ ଅର୍ପଣ କରିଥିଲେ।

# ପଞ୍ଚୁକ ବ୍ରତ ପାଳନ ପାଇଁ ଦ୍ୱିତୀୟ ପ୍ରସ୍ତୁତି ବୈଠକ



କେନ୍ଦ୍ରାପଡ଼ା,୨୩ା୧୦(ସମିସ): ଗରାପୁରସ୍ଥ ଶିବାନନ୍ଦ ଆଶ୍ରମରେ ଶ୍ରୀମା ସ୍ୱାମୀ ଦିବ୍ୟସ୍ୱରୂପାନନ୍ଦ ସରସ୍ୱତୀଙ୍କ ଅଧ୍ୟକ୍ଷତାରେ ତୁଳସୀକ୍ଷେତ୍ରରେ ହବିଷ୍ୟାଳୀଙ୍କ କାର୍ତ୍ତିକ ପଞ୍ଚୁକ ବ୍ରତ ପାଇଁ ଦ୍ୱିତୀୟ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ଚଳିତ ମାସ ୩୧ରୁ ନଭେମ୍ବର ମାସ ୫ ତାରିଖ ପର୍ଯ୍ୟନ୍ତ ତୁଳସୀକ୍ଷେତ୍ରରେ ଏହି ବ୍ରତ ପାଳନ କରାଯିବ। ପ୍ରସ୍ତୁତି ବୈଠକରେ ବଳଦେବଜୀଉ ମନ୍ଦିର ଟ୍ରଷ୍ଟବୋର୍ଡ ସଦସ୍ୟ ନୃସିଂହ ଚରଣ ପତ୍ରୀ, ବଳଦେବ ସେନା ସଭାପତି ପପୁନ ସ୍ୱାଇଁ, ସେନା ସମ୍ପାଦକ ଓ ଅନ୍ୟ ସଦସ୍ୟ, ଧର୍ମଜାଗରଣ ସେନା ପିଲାମାନେ, ଅଭିଜିତ ବେହେରା, ଆଳିଜଙ୍ଗା ମାତୃ ସତସଙ୍ଗ କେନ୍ଦ୍ର ସଦସ୍ୟା କମଳା ମହାନ୍ତି, ସଂଯୁକ୍ତା ମହାନ୍ତି, ଧିରେନ୍ଦ୍ର ନାୟକ, କୁଳମଣି ଦାସ, ସୁଦର୍ଶନ ମହାନ୍ତି, ଅନନ୍ତ ଲେଙ୍କା, ଗୀତାଞ୍ଜଳି ନାଥ ପ୍ରମୁଖ ଯୋଗଦେଇ ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ବଳଦେବଜୀଉଙ୍କ ଯାତ୍ରୀ ନିବାସରେ ହବିଷ୍ୟାଳୀଙ୍କ ପାଇଁ କାର୍ତ୍ତିକ ପଞ୍ଚୁକ ବ୍ରତ ପାଳନ ଅବସରରେ ଦୈନିକ ବିଭିନ୍ନ ସାଧୁସନ୍ଥଙ୍କ ଦ୍ୱାରା ଆଧ୍ୟାତ୍ମିକ ପ୍ରବଚନ, ଆଲୋଚନାଚକ୍ର ଓ ସଂକୀର୍ତ୍ତନ କରାଯିବାକୁ ନିଷ୍ପତ୍ତି ଗ୍ରହଣ କରାଯାଇଥିଲା। ବ୍ରହ୍ମଚାରୀ ନୃସିଂହ ନାଥ ଧନ୍ୟବାଦ ଅର୍ପଣ କରିଥିଲେ। ତୁଳସୀକ୍ଷେତ୍ରରେ ରହି କାର୍ତ୍ତିକ ପଞ୍ଚୁକ ବ୍ରତ ପାଳନ କରିବାକୁ ଚାହୁଁଥିବା ମାଆମାନେ ଯଥାଶୀଘ୍ର ଗରାପୁର ଶିବାନନ୍ଦ ଆଶ୍ରମ ସହିତ ଯୋଗାଯୋଗ କରିବାକୁ ଆଶ୍ରମ ପକ୍ଷରୁ ନିବେଦନ କରାଯାଇଛି।

# ବୋଇତ ବନ୍ଦାଣ ଉତ୍ସବ ପ୍ରସ୍ତୁତି ବୈଠକ




ପଟ୍ଟାମୁଣ୍ଡାଇ,୨୩ା୧୦(ସମିସ):

ପଟ୍ଟାମୁଣ୍ଡାଇ ଅଞ୍ଚଳର ଗୌରବମୟ କଳା, ସାହିତ୍ୟ, ସଂସ୍କୃତିକୁ ପୁନଃଜୀବିତ କରିବା ସହିତ ଋଦ୍ଧିମନ୍ତ କରିବା ପାଇଁ ପଟ୍ଟାମୁଣ୍ଡାଇ ବିକାଶ ପରିଷଦ ପକ୍ଷରୁ ୧୫ ବର୍ଷ ଧରି ବୋଇତ ବନ୍ଦାଣ ଉତ୍ସବ ଆୟୋଜିତ ହୋଇଆସୁଛି। ଆସନ୍ତା ନଭେମ୍ବର ୫ ତାରିଖ କାର୍ତ୍ତିକ ପୂର୍ଣ୍ଣିମାରେ ପଟ୍ଟାମୁଣ୍ଡାଇ ପୌରାଞ୍ଚଳ ସଂଲଗ୍ନ ପତ୍ରପୁର ପୁଣ୍ୟତୋୟା ବ୍ରାହ୍ମଣୀ ନଦୀ ତଟରେ ବୋଇତ ବନ୍ଦାଣ ଉତ୍ସବ ଆୟୋଜିତ ହେବାକୁ ଯାଉଛି। ଏହି ଉତ୍ସବକୁ ସଫଳ ଆୟୋଜନ ପାଇଁ ପଟ୍ଟାମୁଣ୍ଡାଇ କଲ୍ୟାଣ ମଣ୍ଡପରେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି।

ପଟ୍ଟାମୁଣ୍ଡାଇ ବିକାଶ ପରିଷଦ ସଭାପତି କାଉନସିଲର ଗୋପୀବଲ୍ଲଭ ନାୟକଙ୍କ ପୌରୋହିତ୍ୟରେ ଆୟୋଜିତ ବୈଠକରେ ରାଜନଗର ବିଧାୟକ ଧ୍ରୁବ ସାହୁ ମୁଖ୍ୟଅତିଥି ଭାବେ ଯୋଗଦେଇ ବୋଇତ ବନ୍ଦାଣ ଉତ୍ସବକୁ ସଫଳତାର ପାଳନ କରିବା ପାଇଁ ସବୁବର୍ଗର ଲୋକ ଆଗେଇ ଆସିବାକୁ ପରାମର୍ଶ ଦେଇଥିଲେ। ପଟ୍ଟାମୁଣ୍ଡାଇ ପୌର ପରିଷଦ ଅଧ୍ୟକ୍ଷ ହେମନ୍ତ ସାହୁ ବିଶିଷ୍ଟ ଅତିଥି ଭାବେ ଯୋଗଦେଇ ପୌର ପରିଷଦ ପକ୍ଷରୁ ସମସ୍ତ ସହଯୋଗ ଯୋଗାଇ ଦେବାକୁ ପ୍ରତିଶ୍ରୁତି ଦେଇଥିଲେ। ପଟ୍ଟାମୁଣ୍ଡାଇ ଏସଡିପିଓ କ୍ଷମାସାଗର ପଣ୍ଡା, ଅତିରିକ୍ତ ତହସିଲଦାର ଦିଲ୍ଲୀପ ନାୟକ, ଆଦର୍ଶ ଥାନା ଆଇଆଇସି ବନ୍ଦନା ପାତ୍ର, ଜଳସମ୍ପଦ ବିଭାଗ ସହକାରୀ ଯନ୍ତ୍ରୀ ଇଂ ମନୋରଞ୍ଜନ ସାହୁ, ଜନସ୍ୱାସ୍ଥ୍ୟ ବିଭାଗ ସହକାରୀ ଯନ୍ତ୍ରୀ ସୁଦାମ ସାହୁ, ଅଗ୍ନିଶମ ଅଧିକାରୀ ଗଗନ ମହାନ୍ତି, ପୂର୍ତ୍ତ ବିଭାଗ କନିଷ୍ଠ ଯନ୍ତ୍ରୀ ଇଂ ପ୍ରଫୁଲ୍ଲ ବେହେରା, ଆରଡବ୍ଲ୍ୟୁଏସଏସ କନିଷ୍ଠ ଯନ୍ତ୍ରୀ ଇଂ ନିର୍ମଳ ଜେନା, ଅଙ୍ଗନବାଡି ସୁପରଭାଇଜର ଖୁଲଣା ସୁନ୍ଦରୀ ଜେନା, ସ୍ୱାସ୍ଥ୍ୟକେନ୍ଦ୍ର ପିଏଚଓ ସ୍ନେହଲତା ମହାନ୍ତି, ପଟ୍ଟାମୁଣ୍ଡାଇ କଲେଜ ପ୍ରାଧ୍ୟାପକ ମନୋଜ ପରିଡା, ଏମଏନ ହାଇସ୍କୁଲ ଶିକ୍ଷକ ସରୋଜ ସ୍ୱାଇଁ, ବାଳିକା ହାଇସ୍କୁଲ ଶିକ୍ଷକ ତିତିକାନ୍ତ ନାୟକ, ଭଜନେଶ୍ୱର ହାଇସ୍କୁଲ ପ୍ରଧାନଶିକ୍ଷକ ଗୋଲକ ଭୂୟାଁ, ସରସ୍ୱତୀ ଶିଶୁ ମନ୍ଦିର ସମ୍ପାଦକ ଶ୍ରୀଧର ରାଉତ, କାଉନସିଲର ଲାସ୍ୟମୟୀ ସାହୁ, ସମାଜସେବୀ ଦୀପକ ପ୍ରତାପ ଜେନା, ସାମ୍ବାଦିକ ପତିତପାବନ ଭଦ୍ର, ଅକ୍ଷୟ ସାହୁ, ଅନୀଲ ଚୌଧୁରୀ, ପ୍ରବୀର ନାୟକ, ଅଲେଖ ଶର୍ମା, ପ୍ରଦୋଷ ବିଶ୍ୱାଳ, ଉପେନ୍ଦ୍ର ନାୟକ, ସୂର୍ଯ୍ୟନାରାୟଣ ଦାଶ, ଧୀରେନ୍ଦ୍ର ମଲିକ, ସୁଶାନ୍ତ କର, ପ୍ରତାପ ପାଢ଼ୀ, ଗଗନ ପ୍ରଧାନ, କୁମାରେଶ ନାୟକ, ମହିଳା କଲେଜର ଲମ୍ବୋଦର ପାଢ଼ୀ, ବିକାଶ ପରିଷଦ ସଦସ୍ୟ ବିଜୟ ସାହୁ, କସ୍ତୁରୀ ସ୍ୱାଇଁ, ନୃସିଂହ ଚୌଧୁରୀ ପ୍ରମୁଖ ଯୋଗଦେଇ ଆଲୋଚନାରେ ଭାଗ ନେଇଥିଲେ। ବିକାଶ ପରିଷଦ ସମ୍ପାଦକ ଆଡଭୋକେଟ ଗୋପୀନାଥ ତ୍ରିପାଠୀ ବିବରଣୀ ପାଠ କରି ଆଗାମୀ କାର୍ଯ୍ୟକ୍ରମ ସମ୍ପର୍କରେ ସୂଚନା ଦେଇଥିଲେ। ବିକାଶ ପରିଷଦ ସଦସ୍ୟ ଶରତ ବିଶ୍ୱାଳ ଧନ୍ୟବାଦ ଦେଇଥିଲେ।


## ପରଲୋକଗତ ପୂର୍ଣ୍ଣଚନ୍ଦ୍ର ମହାରଣାଙ୍କ ପରିବାରକୁ ଭେଟିଲେ ପୂର୍ବତନ ମନ୍ତ୍ରୀ



ପଞ୍ଚୁପାଣ୍ଡବ,୨୩ା୧୦(ସମିସ): ରଘୁଦେଇପୁର ପଞ୍ଚାୟତ ଅନ୍ତର୍ଗତ କଂସାରୀପାଟଣା ଗ୍ରାମର ପରଲୋକଗତ ଅବସର ପ୍ରଧାନଶିକ୍ଷକ ପୂର୍ଣ୍ଣଚନ୍ଦ୍ର ମହାରଣାଙ୍କ ପରିବାରକୁ ଭେଟିଛନ୍ତି ପୂର୍ବତନ ମନ୍ତ୍ରୀ ବିଜୟ ମହାପାତ୍ର। ଗତ ୧୬ ତାରିଖ ଦିନ ପୂର୍ଣ୍ଣଚନ୍ଦ୍ର ମହାରଣାଙ୍କ ପରଲୋକ ହୋଇଥିଲା। ଆଜି ତାଙ୍କ ପରିବାରକୁ ଭେଟି ତାଙ୍କ ସମବେଦନା ଜଣାଇଛନ୍ତି ପୂର୍ବତନ ମନ୍ତ୍ରୀ ଶ୍ରୀ ମହାପାତ୍ର। ତାଙ୍କ ସହ ବିଜେଡି ନେତା ସରୋଜ ନାୟକ, ସୁକାନ୍ତ ଦ୍ୱିବେଦୀ, ନରସିଂହପୁର ସରପଞ୍ଚ ସୁଧୀର ଖଟୁଆ, ଟୁପୁଲି ବାବୁ ଓ ମନୋରଞ୍ଜନ ଉପାଧ୍ୟାୟ ଯୋଗ ଦେଇଥିଲେ। ସ୍ଥାନୀୟ ସରପଞ୍ଚ ଭକ୍ତିଲତା ନାୟକ, ୱାର୍ଡ ମେମ୍ବର ସୁଶାନ୍ତ ପଲେଇ, ସମାଜସେବୀ ଦିଗମ୍ବର ମିଶ୍ର, ଚିତ୍ତରଞ୍ଜନ ଦାସ, ବନମାଳୀ ମହାରଣା, ନୟନ ନାୟକ, ସୁଶାନ୍ତ ସାହୁ, ପ୍ରସନ୍ନ ନାୟକ, ପଞ୍ଚାୟତର ଶତାଧିକ ବିଜେଡି କର୍ମୀ ଉପସ୍ଥିତ ଥିଲେ।

ସକାଳ
THE SAKALA

# ସମ୍ପାଦକୀୟ



ମୋ ସଫଳତାର ରହସ୍ୟ ହେଲା ଜୀବନରେ ସମ୍ମୁଖୀନ ହୋଇଥିବା ସମସ୍ତ ବିପର୍ଯ୍ୟୟକୁ ସୁଯୋଗରେ ପରିଣତ କରିବାକୁ ଚେଷ୍ଟା କରିଛି ।

-ଜନ୍ ଡି ରକ୍‌ଫେଲର

## ଜଗିବ କିଏ?

କୃତ୍ରିମ ବୁଦ୍ଧିମତ୍ତା(ଏଆଇ) ପ୍ରକ୍ରିୟାକୃତ ଉଦ୍ଭଟ, ଅତିରଞ୍ଜିତ ଓ ନକଲି ଦୃଶ୍ୟଶ୍ରାବ୍ୟର ପ୍ରଚାର/ପ୍ରସାରକୁ ନିୟନ୍ତ୍ରଣ ଓ ନିରୁତ୍ସାହିତ କରିବା ପାଇଁ କେନ୍ଦ୍ର ସରକାର ପ୍ରଚଳିତ ସୂଚନା ପ୍ରଯୁକ୍ତି ବିଦ୍ୟା(ଅନ୍ତରୀଣ ମାର୍ଗଦର୍ଶିକା ଏବଂ ଡିଜିଟାଲ୍ ମିଡିଆ ନୀତି ସଂହିତା) ନିୟମ - ୨୦୨୧ରେ କେତେକ ସମୟୋପଯୋଗୀ ସଂଶୋଧନ ଆଣିବାକୁ ଯାଉଛନ୍ତି । ସରକାର ଜାରି କରିଥିବା ଚିଠା ଅଧିନିୟମ ଅନୁଯାୟୀ ଏଣିକି ସାମାଜିକ ଗଣମାଧ୍ୟମରେ ଅପ୍‌ଲୋଡ୍ ହେଉଥିବା ଦୃଶ୍ୟଶ୍ରାବ୍ୟ(ଭିଡିଓ/ଅଡିଓ), ଚିତ୍ର(ଫଟୋ)ଗୁଡ଼ିକ 'ଏଆଇ ପ୍ରକ୍ରିୟାକୃତ କି ନୁହେଁ' ତାହା ବ୍ୟବହାରକାରୀମାନେ ଏକ ଘୋଷଣାନାମା ଜରିଆରେ ନିଶ୍ଚିତ କରିବେ । ଉକ୍ତ ଭିଡିଓ/ଫଟୋ ଏଆଇ ପ୍ରକ୍ରିୟାକୃତ ହୋଇଥିଲେ ସେଥିରେ ଏକ ପ୍ରତୀକ ବା ଲେବଲ୍ ରହିବା ବାଧ୍ୟତାମୂଳକ, ଯାହା ଉକ୍ତ ଅପ୍‌ଲୋଡ୍ ବିବରଣୀର ଅତିକମ୍‌ରେ ୧୦% ସ୍ଥାନରେ ଦୃଶ୍ୟମାନ ହେଉଥିବ ।

ଅଧୁନା ସାମାଜିକ ଗଣମାଧ୍ୟମରେ ବହୁଳ ପ୍ରସାରିତ ଏଭଳି ବିଭ୍ରାନ୍ତିକର ମିଛ(ଡିପ୍‌ଫେକ୍) ଭିଡିଓ/ଫଟୋ/ବାର୍ତ୍ତାଗୁଡ଼ିକ ଜାତି-ଧର୍ମ-ବର୍ଣ୍ଣ-ଦଳ-ବୟସ-ବର୍ଗ-ଲିଙ୍ଗ ନିର୍ବିଶେଷରେ ଉତ୍କଟ ପାରିବାରିକ-ସାମାଜିକ-ରାଜନୈତିକ-ଅର୍ଥନୈତିକ ସମସ୍ୟା ସୃଷ୍ଟି କରୁଛି ଏବଂ ଦେଶର ପ୍ରତିରକ୍ଷା ଓ ସାର୍ବଭୌମତ୍ୱ ପ୍ରତି ବିପଦ ଡାକି ଆଣୁଛି । ତେଣୁ ଏହାର ପ୍ରତିକାର ପାଇଁ ସବୁମହଲରୁ ଦାବି ହୋଇଆସୁଛି । ଚୀନ୍ ସମେତ କେତେକ ବିକଶିତ ଓ ବିକାଶଶୀଳ ରାଷ୍ଟ୍ର ଏ ଦିଗରେ ପୂର୍ବରୁ ପଦକ୍ଷେପ ନେଇସାରିଥିବା ବେଳେ ବିଳମ୍ବରେ ହେଲେ ମଧ୍ୟ ଭାରତ ସରକାରୀଙ୍କ ପଦକ୍ଷେପ ନିଶ୍ଚୟ ସ୍ୱାଗତଯୋଗ୍ୟ । ସାମାଜିକ ଗଣମାଧ୍ୟମର ଅପବ୍ୟବହାର, ଦୁରୁପଯୋଗର ନିୟନ୍ତ୍ରଣ ପାଇଁ କେନ୍ଦ୍ର ସରକାର ଆଇନ ପ୍ରଣୟନ କରିଛନ୍ତି ଏବଂ ନିୟମିତ ବ୍ୟବଧାନରେ ସେଥିରେ ଆବଶ୍ୟକ ସଂଶୋଧନ କରୁଛନ୍ତି । କିନ୍ତୁ କାର୍ଯ୍ୟାନ୍ୱୟନରେ ଶିଥିଳତା ଓ ପ୍ରୟୋଗାତ୍ମକ ବିଫଳତା କାରଣରୁ ଗଳାବାଟର ଫାଇଦା ଉଠାଇ ଡିପ୍‌ଫେକ୍ ପ୍ରଭାବ ବିସ୍ତାର କରିଚାଲିଛି । ତେଣୁ ନୂଆ ପ୍ରୟାସକୁ ଚୂଡ଼ାନ୍ତ ରୂପରେଖ ଦେବା ପୂର୍ବରୁ ଜନସାଧାରଣଙ୍କଠାରୁ ମତାମତ ଆହ୍ୱାନ କରିଛନ୍ତି ।

ଚିଠା ସଂଶୋଧନ ନିୟମର ଉପଲବ୍ଧ ବିବରଣୀ ଆଧାରରେ ଆମର ମତ ହେଉଛି, କ୍ରମବର୍ଦ୍ଧିଷ୍ଣୁ ବୈଷୟିକ ଜ୍ଞାନକୌଶଳ ଆଧାରିତ ଅପରାଧ ଦୃଷ୍ଟିରୁ ଏତିକି କଟକଣା ଯଥେଷ୍ଟ ନୁହେଁ । ଏବେ ଭାରତର ପ୍ରାୟ ୯୦କୋଟି ଲୋକଙ୍କ ହାତରେ ଇଣ୍ଟରନେଟ୍ ଯୁକ୍ତ ସ୍ମାର୍ଟଫୋନ୍ ରହିଛି । ଯିଏ ଯେତେବେଳେ ଯାହା ଇଚ୍ଛା କଲା ସାମାଜିକ ଗଣମାଧ୍ୟମରେ ଅପ୍‌ଲୋଡ୍ କରିଦେଉଛି ଏବଂ ନିମିଷକେ ତାହା ସାରା ବିଶ୍ୱରେ ବ୍ୟାପିଯାଉଛି । ଏହାଛଡ଼ା ଭାରତ ବିରୋଧୀ ବିଦେଶୀ ତତ୍ତ୍ୱଙ୍କ ସଂଖ୍ୟା ମଧ୍ୟ କିଛି କମ୍ ନୁହେଁ । ସେମାନଙ୍କଠାରୁ 'ଏଆଇ ପ୍ରକ୍ରିୟାକୃତ' ସ୍ୱୀକାରୋକ୍ତି ଓ ସାଧୁତା ଆଶା କରିବା ବୃଥା । ଯଦି ସେମାନେ ସ୍ୱୀକାରୋକ୍ତି ନ କରନ୍ତି ଏବଂ ଉଦ୍ଦିଷ୍ଟ ଲେବଲ୍ ସଂଯୋଗ ନ କରନ୍ତି କିମ୍ବା ଏଆଇ ପ୍ରକ୍ରିୟାକୃତ ହୋଇ ମଧ୍ୟ ଉଦ୍ଦେଶ୍ୟମୂଳକ ଭାବେ ଘୋଷଣାନାମା ପ୍ରକାଶ ନ କରନ୍ତି ସେଥିପାଇଁ ଉତ୍ତରଦାୟୀ ହେବ କିଏ? ଇତିମଧ୍ୟରେ ବିଶ୍ୱସ୍ତରରେ ମେଟା ଏଭଳି କେତେକ ସଂସ୍ଥା କଟକଣା ଜାରି କରିଥିଲେ ମଧ୍ୟ ଡିପ୍‌ଫେକ୍‌ର ସଂଖ୍ୟାରେ ଆଶାନୁରୂପ ହ୍ରାସ ଘଟିନାହିଁ । ଅପରପକ୍ଷରେ ଏଭଳି ଡିପ୍‌ଫେକ୍ ଭିଡିଓ/ଅଡିଓ ଫଟୋ ଯୋଗୁଁ ସାମାଜିକ ଗଣମାଧ୍ୟମ ସଂସ୍ଥାମାନଙ୍କର ଆୟ ବହୁଗୁଣରେ ବଢ଼ିବାରେ ଲାଗିଛି । ତେଣୁ ନିଜକୁ ନିଜେ ନିୟନ୍ତ୍ରଣ କରି ବା ଆତ୍ମସଂଯମ ହୋଇ ସେମାନେ ଅର୍ଥାଗମର ବାଟକୁ ଯେ କାଣ୍ଟଛାଣ୍ଟ କରିବେ ସେ ବିଶ୍ୱାସ ଆସୁନାହିଁ ।

ନିୟମକୁ ପ୍ରଭାବଶାଳୀ କରିବାକୁ ହେଲେ ତୃତୀୟ ପକ୍ଷକୁ ଉତ୍ତରଦାୟୀ କଲା ଭଳି ଏକ ସର୍ତ୍ତ ରହିବା ଆବଶ୍ୟକ । ପ୍ରତିମୁହୂର୍ତ୍ତରେ ବିଶ୍ୱସ୍ତରରେ ଲକ୍ଷ ଲକ୍ଷ ସଂଖ୍ୟାରେ ଭିଡିଓ ଫଟୋ ଅପ୍‌ଲୋଡ୍ ହେଉଛି, ଯାହାର ତତ୍କାଳ ତନଖି ସମ୍ଭବ ନୁହେଁ । ତେଣୁ କଣ୍ଟାକୁ କଣ୍ଟାରେ କାଢ଼ିବା ନିୟମ ଭଳି ଏଆଇ ପ୍ରକ୍ରିୟାକୃତ ଭିଡିଓ/ଅଡିଓ/ଫଟୋକୁ ଅପ୍‌ଲୋଡ୍‌ମାତ୍ରେ ଚିହ୍ନଟ କରିବା ପାଇଁ ଏଆଇକୁ ହିଁ ଉପଯୋଗ କରିବାକୁ ପଡ଼ିବ । ସାମାଜିକ ଗଣମାଧ୍ୟମ ସଂସ୍ଥାଗୁଡ଼ିକ ଯେଭଳି ଅତ୍ୟାଧୁନିକ ଜ୍ଞାନକୌଶଳର ଉପଯୋଗକୁ ନିଶ୍ଚିତ କରନ୍ତି ତାହା ସଂଶୋଧିତ ଚିଠା ନିୟମରେ ଉଲ୍ଲେଖ ରହିବା ଆବଶ୍ୟକ ।

## ତତ୍ପରତା ଓ ଶିଥିଳତା

ଆମ ବ୍ୟବସ୍ଥାର ଏକ ଗତାନୁଗତିକ ଧାରା ହେଉଛି କିଛି ଏକ ଅଘଟଣ ଘଟିଯିବା ପରେ ତତ୍ପରତା ପ୍ରକାଶ ପାଇବା ଏବଂ ସମୟ ସହିତ ସେହି ତତ୍ପରତା ଶିଥିଳ ପଡ଼ିଯିବା । ଯୋଜନାର ସଫଳ ରୂପାୟନରେ ଆନ୍ତରିକତା ଓ ତତ୍ପରତା ଯଦି ରହୁଥା'ନ୍ତା ତେବେ ଆମ ରାଜ୍ୟ ରାଜଧାନୀର ବ୍ୟବସାୟ ପେଣ୍ଠ ୟୁନିଟ୍ ୧ ହାଟରେ ବାରମ୍ବାର ଅଗ୍ନିକାଣ୍ଡ ଘଟି ଧନ ହାନି ଘଟୁନଥା'ନ୍ତା କି ଜୀବନ ପ୍ରତି ଭୟ ସଞ୍ଚାର ହେଉ ନଥା'ନ୍ତା । ଗତ ବୁଧବାର ଦିନଦିପହରେ ରାଜଧାନୀର ଏହି ସର୍ବପୁରାତନ ଓ ସର୍ବବୃହତ୍ ହାଟରେ ପୁଣି ଥରେ ଅଗ୍ନିକାଣ୍ଡ ଘଟି କୋଟିକୋଟି ଟଙ୍କାର ପଣ୍ୟ ସାମଗ୍ରୀ ପୋଡ଼ି ପାଉଁଶ ହୋଇଯାଇଛି ।

ଅଗ୍ନିକାଣ୍ଡର କାରଣ ଯାହା ବି ହେଉନା କାହିଁକି ରାଜଧାନୀର ଛାତି ଉପରେ ଏଭଳି ଅଗ୍ନିକାଣ୍ଡ ବାରମ୍ବାର ଘଟୁଥିଲେ ମଧ୍ୟ ନା ପ୍ରଶାସନ ନା ବ୍ୟବସାୟୀ କାହାର ଚେତା ପଶୁନି । ଅଗ୍ନିକାଣ୍ଡରେ ବ୍ୟବସାୟିକ କ୍ଷୟକ୍ଷତିକୁ ହୁଏତ ବୀମା କମ୍ପାନୀ ଭରଣା କରିଦେବ । କିନ୍ତୁ ଏଭଳି ଘଟଣା ଯଦି କୌଣସି ପାର୍ବଣ ଭିଡ଼ରେ ରାତିରେ ଘଟିଥା'ନ୍ତା ଦଳଚକଟାରେ ଅନେକ ଜୀବନହାନିର ଆଶଙ୍କାକୁ ଏଡ଼ାଇ ଦେଇ ହୁଅନ୍ତା ନାହିଁ । ୧ ନମ୍ବର ହାଟର ମୁଖ୍ୟ ସମସ୍ୟା ହେଉଛି ଅଣଓସାରିଆ ଗଳିରେ ପାଖକୁ ପାଖ ଓ ସାମ୍ନାସାମ୍ନି ଦୋକାନଘର ଖୁନ୍ଦି ହୋଇ ରହିଛି । ତେଣୁ କୌଣସି ଅଘଟଣ ଘଟିଲେ ତତ୍କାଳ ମୁକୁଳିବା ସମ୍ଭବ ନୁହେଁ । ଏହି ସମସ୍ୟା ଅଘଟଣ ପରେ କର୍ତ୍ତୃପକ୍ଷଙ୍କ ଦୃଷ୍ଟିକୁ ଆସେ, ତନାଘନା ହୁଏ, ଯୋଜନା ଓ ସମନ୍ୱିତ ଦୋକାନ ଘର ନିର୍ମାଣ ପାଇଁ ଘୋଷଣା ହୁଏ । ଦିନ କେଇଟା ପରେ ତାହା ପୁଣି ଶୀତଳଭଣ୍ଡାରକୁ ଚାଲିଯାଏ । ଏହାଛଡ଼ା ରାଜଧାନୀର ସର୍ବାଧିକ ଜନଗହଳିପୂର୍ଣ୍ଣ ଅଞ୍ଚଳରେ ନିୟମିତ ଅଗ୍ନିକାଣ୍ଡ ଘଟୁଥିଲେ ମଧ୍ୟ ଅଗ୍ନି ନିରାପତ୍ତା ବ୍ୟବସ୍ଥା କିମ୍ବା ନିକଟରେ ଦମ୍‌କଳ କେନ୍ଦ୍ରର ଆବଶ୍ୟକତା କର୍ତ୍ତୃପକ୍ଷ ଏ ପର୍ଯ୍ୟନ୍ତ ଉପଲବ୍ଧି କରିପାରିନାହାନ୍ତି ।

ଦିନକୁ ଦିନ ରାଜଧାନୀର ଖୋଲା ସ୍ଥାନ ସଂକୁଚିତ ହେବାରେ ଲାଗିଛି । ଅପରପକ୍ଷରେ ଯାନବାହନ ଓ ଲୋକସଂଖ୍ୟା ବଢ଼ୁଛି । ୧ ନମ୍ବର ହାଟରେ କେବଳ ରାଜଧାନୀ ବାସିନ୍ଦା ନୁହନ୍ତି, ରାଜ୍ୟବାସୀଙ୍କ କିଣାବିକା ଓ ଯାତାୟତ ଲାଗି ରହିଛି । ଯାହା କିଛି ଅଘଟଣ ଘଟୁଛି ସେଥିପାଇଁ ନିର୍ଦ୍ଦିଷ୍ଟ ଭାବେ କାହାକୁ ଦାୟୀ କରାଯାଇପାରିବ ନାହିଁ । ତେଣୁ ଦୋଷ ଲଦାଲଦିରୁ ନିବୃତ୍ତ ରହି ସହଯୋଗ ଓ ସମନ୍ୱୟ ଜରିଆରେ ଏ ସମସ୍ୟାର ଦୀର୍ଘସ୍ଥାୟୀ ସମାଧାନ ହେବା ଆବଶ୍ୟକ ।

# ଓଡ଼ିଶାରେ ଶୀତଳଭଣ୍ଡାର: ସମସ୍ୟା ଓ ସମ୍ଭାବନା

ବିଦ୍ୟାଧର ମହାରଣା

ଆମେ ଖାଉଥିବା ଶସ୍ୟଜାତୀୟ ଖାଦ୍ୟ, ଡାଲି ଓ ତେଲ ଭଣ୍ଡାର ଘରେ ବହୁଦିନ ସାଇତି ରଖିପାରୁଥିଲେ ମଧ୍ୟ ଫଳ, ଆଳୁ, ପିଆଜ, ପନିପରିବା, କ୍ଷୀର, ଅଣ୍ଡା ଇତ୍ୟାଦି ପଚନଶୀଳ ଦ୍ରବ୍ୟ ଉପଯୁକ୍ତ ସାଇତା ଅଭାବରେ ଶୀଘ୍ର ପଚିସଢ଼ି ଯାଏ ଏବଂ ଖାଦ୍ୟ ଉପଯୋଗୀ ହୋଇନଥାଏ । କାରଣ ସାଧାରଣ ତାପମାତ୍ରାରେ ଶ୍ୱସନ କ୍ରିୟା ଚାଲୁଥାଏ ଏବଂ ବୀଜାଣୁ ଓ କବକ ପରି ଅଣୁଜୀବ ଏହିଖାଦ୍ୟଗୁଡ଼ିକୁ ଶୀଘ୍ର ନଷ୍ଟ କରି ଦିଅନ୍ତି । ଶୀତଳୀକରଣ ମାଧ୍ୟମରେ ନିମ୍ନ ତାପମାତ୍ରା ଓ ଆବଶ୍ୟକ ଆପେକ୍ଷିକ ଆର୍ଦ୍ରତା ସୃଷ୍ଟି କରାଗଲେ ଅଣୁଜୀବଗୁଡ଼ିକ ନିଷ୍କ୍ରିୟ ହୋଇ ଖାଦ୍ୟ ଅପଚୟ କରିବାରେ ସକ୍ଷମ ହେବେ ନାହିଁ । ଇ-କୋଲି ଓ ସାଲମୋନେଲା ପରି ଖାଦ୍ୟ ବିନିଷ୍ଟକାରୀ ବୀଜାଣୁ ନିମ୍ନ ତାପମାତ୍ରାରେ କୌଣସି କ୍ଷତିସାଧନ କରିପାରିବେ ନାହିଁ । ଫଳରେ ଆମେ ଅଧିକ ଦିନ ଧରି ପଚନଶୀଳ ଖାଦ୍ୟ ପଦାର୍ଥ ତଟକା ଭାବରେ ବ୍ୟବହାର କରିପାରିବା କିମ୍ବା ଦୂର ଜାଗାକୁ ପରିବହନ କରିପାରିବା । ଏହା ହିଁ ଶୀତଳୀକରଣ ବା ଶୀତଳଭଣ୍ଡାରର ମୌଳିକ ଉଦ୍ଦେଶ୍ୟ । ଶୀତଳଭଣ୍ଡାର ଅଭାବରେ ଖାଦ୍ୟ ନିରାପତ୍ତାରେ କିଭଳି ସମସ୍ୟା ସୃଷ୍ଟି ହୁଏ ତାହା ଏବେ ଆଲୋଚନା କରିବା ।

ଓଡ଼ିଶା ସରକାର ରାଜ୍ୟରେ ଆଳୁ ଉତ୍ପାଦନ କ୍ଷେତ୍ରରେ ସ୍ୱାବଲମ୍ବୀ ହେବା ପାଇଁ ୨୦୧୫ ମସିହାରେ 'ଆଳୁ ମିଶନ୍' କାର୍ଯ୍ୟକାରୀ କରିଥିଲେ । ବସ୍ତୁତଃ ଏହି ମିଶନ ବିଫଳ ହୋଇଛି କହିଲେ ଭୁଲ ହେବନି । ରାଜ୍ୟରେ ବାର୍ଷିକ ଆଳୁ ଚାହିଦା ୧୪ ଲକ୍ଷ ଟନ୍ ଥିବା ବେଳେ ବର୍ତ୍ତମାନ ଉତ୍ପାଦନ ହେଉଛି ପ୍ରାୟ ୫ ଲକ୍ଷ ଟନ୍ । ଏବେ ଆମ ରାଜ୍ୟ ଆଳୁ ସମେତ ପିଆଜ, ମାଛ, ପନିପରିବା ଓ ଫଳ କ୍ଷେତ୍ରରେ ମଧ୍ୟ ପଡ଼ୋଶୀ ରାଜ୍ୟଗୁଡ଼ିକ ଉପରେ ନିର୍ଭରଶୀଳ । ଏହାର ମୁଖ୍ୟକାରଣ ହେଉଛି ଶୀତଳଭଣ୍ଡାର ଓ ଶୀତଳ ପରିବହନ ବ୍ୟବସ୍ଥାର ଘୋର ଅଭାବ । ଶୀତଳଭଣ୍ଡାରରେ ଆଳୁ, ଫଳ, ପନିପରିବା, ମାଛ ଇତ୍ୟାଦି ପଚନଶୀଳ ଦ୍ରବ୍ୟ ଏକ ନିର୍ଦ୍ଦିଷ୍ଟ ସମୟ ପର୍ଯ୍ୟନ୍ତ ସାଇତି ରଖାଯାଏ ଏବଂ ଶୀତଳଭଣ୍ଡାରଠାରୁ ଉପଭୋକ୍ତାଙ୍କ ନିକଟସ୍ଥ ଖୁଚୁରା ବିକ୍ରୟ କେନ୍ଦ୍ର ପର୍ଯ୍ୟନ୍ତ ଶୀତଳୀକୃତ ପରିବହନ ବ୍ୟବସ୍ଥାରେ ଏହି ସମାଗ୍ରୀ ଯୋଗାଣ କରାଯାଏ ।

ଆମ ଦେଶରେ ଉତ୍ତରପ୍ରଦେଶ, ପଶ୍ଚିମବଙ୍ଗ, ଗୁଜରାଟ ଓ ପଞ୍ଜାବରେ ସର୍ବାଧିକ(ଦେଶର ୬୦%) ଶୀତଳଭଣ୍ଡାର ରହିଛି । ଉପରୋକ୍ତ ଚାରି ରାଜ୍ୟରେ ଯଥାକ୍ରମେ ୧୫, ୬.୪, ୩.୯ ଓ ୨.୬ ନିୟୁତ ଟନ୍ ଆଳୁ ପ୍ରାୟ ୩୮୬୬ ଶୀତଳଭଣ୍ଡାରରେ ସାଇତି ରଖିବା କ୍ଷମତା ରହିଛି । ଏହାପରେ ମହାରାଷ୍ଟ୍ର, କର୍ଣ୍ଣାଟକ, ଆନ୍ଧ୍ରପ୍ରଦେଶ, ମଧ୍ୟପ୍ରଦେଶ, ତେଲଙ୍ଗାନା ଅଧିକ ସଂଖ୍ୟାରେ ଶୀତଳଭଣ୍ଡାର ସ୍ଥାପନ କରିଛନ୍ତି । ୨୦୨୫ ରିପୋର୍ଟ ଅନୁଯାୟୀ ଓଡ଼ିଶାର ୧୩୩ ଶୀତଳଭଣ୍ଡାର ମଧ୍ୟରୁ ୯୭ ଅଚଳାବସ୍ଥାରେ ଅଛି ଏବଂ ୩୬ ଗୋଟି କାର୍ଯ୍ୟକ୍ଷମ, ଯାହାର ସର୍ବାଧିକ ଭଣ୍ଡାରଣ କ୍ଷମତା ମାତ୍ର ୧, ୬୨, ୧୮୦ ଟନ୍ । ଏଥିମଧ୍ୟରୁ ଘରୋଇ ଶୀତଳଭଣ୍ଡାର ୩୪ ଓ ସମବାୟସଂସ୍ଥାର ମାତ୍ର ଦୁଇଟି । ଆମ ରାଜ୍ୟର ୧୩ ଜିଲ୍ଲାରେ ଆଦୌ ଶୀତଳଭଣ୍ଡାର ନାହିଁ । ଏତଦବ୍ୟତୀତ ଘରୋଇ ଉଦ୍ୟମରେ ଆଳୁ ଛଡ଼ା ଅନ୍ୟାନ୍ୟ ପଚନଶୀଳ ଦ୍ରବ୍ୟ ସଂରକ୍ଷଣ ପାଇଁ ଅଳ୍ପକେତୋଟି ଶୀତଳଭଣ୍ଡାର କାର୍ଯ୍ୟ କରୁଛି । ଆମର ପଡ଼ୋଶୀ ପଶ୍ଚିମବଙ୍ଗରେ ୫୧୭ ଶୀତଳଭଣ୍ଡାର ଥିବା ବେଳେ ଓଡ଼ିଶାରେ ୩୬ କାର୍ଯ୍ୟକ୍ଷମ ଥିବା କି ସନ୍ଦେଶ ଦେଉଛି? ସୁତରାଂ ଶୀତଳୀକରଣ ବ୍ୟବସ୍ଥା ଓଡ଼ିଶାରେ ନୈରାଶ୍ୟଜନକ ବୋଲି ଧରିନେବାକୁ ହେବ । ଏହାର ପରିଣାମ ସ୍ୱରୂପ ଆମ ରାଜ୍ୟ ପନିପରିବା, ଆଳୁ, ଅଣ୍ଡା, ମାଛ ଓ ଫଳ ପାଇଁ ପଶ୍ଚିମବଙ୍ଗ, ଆନ୍ଧ୍ରପ୍ରଦେଶ, ଝାଡ଼ଖଣ୍ଡ ଇତ୍ୟାଦି ପଡ଼ୋଶୀ ରାଜ୍ୟ ଉପରେ ନିର୍ଭରଶୀଳ ।

ଓଡ଼ିଶାରେ ଶୀତଳଭଣ୍ଡାର ସମସ୍ୟାଗୁଡ଼ିକୁ ଅନୁଧ୍ୟାନ କଲା ବେଳେ ପ୍ରଥମରେ ଆଲୋଚନା କରିବା ଗୋଟିଏ ଶୀତଳଭଣ୍ଡାର ପାଇଁ କେଉଁସବୁ ଭିତ୍ତିଭୂମିର ଆବଶ୍ୟକତା ଅଛି । ଶୀତଳଭଣ୍ଡାରର ତାପମାତ୍ରା ଓ ଆପେକ୍ଷିକ ଆର୍ଦ୍ରତା ବିଭିନ୍ନ ଦ୍ରବ୍ୟ ଅନୁସାରେ ଭିନ୍ନ ହୋଇଥାଏ । ବିଭିନ୍ନ ସତେଜ ପନିପରିବା, ଦୁଗ୍ଧ ଜାତ ଦ୍ରବ୍ୟ ଓ ଫାର୍ମାସ୍ୟୁଟିକାଲ ପାଇଁ ୨ ରୁ ୮ ଡିଗ୍ରୀ ସେଲସିୟସ୍ ତାପ ଆବଶ୍ୟକ । ମାଛ ଓ ମାଂସ ସଂରକ୍ଷଣ ପାଇଁ ବିୟୁକ୍ତ ୧ ରୁ ୧ ଡିଗ୍ରୀ ସେଲସିୟସ ତାପ ଆବଶ୍ୟକ । ଏତଦ୍‌ବ୍ୟତୀତ ଅନୁକୂଳ ଆପେକ୍ଷିକ ଆର୍ଦ୍ରତା, ଉତ୍ତମ ବାୟୁ ଚଳାଚଳ ଏବଂ କୋଠାରିଗୁଡ଼ିକର କାନ୍ଥ, ସିଲିଂ ଓ ଚଟାଣ ତାପରୋଧୀ ବା କୁପରିବାହୀ ହେବା ଆବଶ୍ୟକ । କୋଠରିକୁ ଯେପରି ବାହାରୁ ଗରମ ବାୟୁ ପ୍ରବେଶ ନକରେ ସେଥିପାଇଁ କବାଟ ଫାଙ୍କରେ ଗାସ୍କେଟ୍ ଦିଆଯାଏ । ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ବିଷୟ ହେଉଛି ଅବିରତ ବିଦ୍ୟୁତ ଯୋଗାଣ ଓ ଜେନେରେଟର ସ୍ଥାପନା । ଶୀତଳଭଣ୍ଡାର ନିୟମିତ ପରିଦର୍ଶନ ଓ ମରାମତି ନିହାତି ଆବଶ୍ୟକ । ଶୀତଳଭଣ୍ଡାର ଉପଯୁକ୍ତ ସ୍ଥାନରେ ନିର୍ମିତ ହେବା ସହିତ ଦକ୍ଷପୂର୍ଣ୍ଣ ଶକ୍ତି ବିନିଯୋଗ ଶୀତଳଭଣ୍ଡାର ଅର୍ଥନୀତିକୁ ପ୍ରଭାବିତ କରେ । କେବଳ ବିଲାତି ଆଳୁ ରଖିବାକୁ ଶୀତଳଭଣ୍ଡାର ନିର୍ମାଣ କଲେ ଏହା ବର୍ଷରେ ମାତ୍ର ତିନିମାସ କାର୍ଯ୍ୟକ୍ଷମ ରହେ । ଫଳରେ ଏହା ଲାଭଦାୟକ ହୁଏ ନାହିଁ ।

ଆଜିକାଲି ବିଭିନ୍ନ ମଡେଲର ଶୀତଳଭଣ୍ଡାର ବାହାରିଲାଣି । ଶୀତଳୀକରଣ କ୍ଷୁଦ୍ର କୋଠରି(ୱାକ୍ ଇନ୍ ୟୁନିଟ୍) ମାତ୍ର ୬୪ ବର୍ଗଫୁଟ କୋଠାରି ବିଶିଷ୍ଟ ଏବଂ ଏଥିରେ ତାପମାତ୍ରା ୦ ରୁ ୧୦ ଡିଗ୍ରୀ ସେଲସିୟସ କିମ୍ବା ବିୟୁକ୍ତ ୧୮ ରୁ ବିୟୁକ୍ତ ୨୫ ଡିଗ୍ରୀ ସେଲସିୟସ ହୋଇପାରେ । ଏଗୁଡ଼ିକ ରେଷ୍ଟୁରାଣ୍ଟ, ଫୁଲ ବ୍ୟବସାୟୀଙ୍କ ପାଇଁ ଉପଯୁକ୍ତ । ମଡ୍ୟୁଲାର ଶୀତଳ କୋଠାରି ୫୧୨ ଘନ ଫୁଟ ଆୟତନରୁ ୫୦,୦୦୦ ବର୍ଗ ଫୁଟ ଆକାର ବିଶିଷ୍ଟ ହୋଇପାରେ । ଏଥିରେ ତାପମାତ୍ରା ବିୟୁକ୍ତ ୫୦ ରୁ ୧୫ ଡିଗ୍ରୀ ସେଲସିୟସ ରଖା ଯାଇପାରେ । ଶୀତଳୀକୃତ କଣ୍ଟେନର ବା ରିଫର ଭ୍ୟାନ ଫଳ, ପନିପରିବା ଇତ୍ୟାଦି ଦୂର ସ୍ଥାନକୁ ପରିବହନ ପାଇଁ ବ୍ୟବହାର କରାଯାଏ । ଏଥିରେ ୧୦, ୨୦ କିମ୍ବା ୪୦ ଫୁଟ ଦୈର୍ଘ୍ୟ ବିଶିଷ୍ଟ କୋଠାରି ଟ୍ରକ୍ ଉପରେ ରଖାଯାଏ ।

ବହୁମୁଖୀ ଶୀତଳଭଣ୍ଡାରଗୁଡ଼ିକ ଆଜିକାଲି ବେଶୀ ଜନପ୍ରିୟ । କାରଣ ଏହାର ଆକାର ବଡ଼ ଓ ଏଥିରେ ବିଭିନ୍ନ ଦ୍ରବ୍ୟ ଅଲଗା କୋଠରିରେ ସ୍ୱତନ୍ତ୍ର ପରିବେଶରେ ସାଇତି ରଖାଯାଏ । ଏପରି ଶୀତଳଭଣ୍ଡାରରେ କେବଳ ଗୋଟିଏ ଉତ୍ପାଦ ନରଖି ବିଭିନ୍ନ ଫଳ, ପନିପରିବା, ଦୁଗ୍ଧ ଜାତ ପଦାର୍ଥ ମାଂସ ଓ ଔଷଧ ଇତ୍ୟାଦି ବିଭିନ୍ନ କୋଠାରିରେ ବିଭିନ୍ନ ତାପମାତ୍ରାରେ ବର୍ଷସାରା ସାଇତି ରଖାଯାଏ । ବିଭିନ୍ନ ଉତ୍ପାଦ ପାଇଁ ଆବଶ୍ୟକ ତାପମାତ୍ରା ଓ ଆପେକ୍ଷିକ ଆର୍ଦ୍ରତା ବିଭିନ୍ନ କୋଠାରିରେ ନିୟନ୍ତ୍ରିତ କରାଯିବା ଫଳରେ ଶୀତଳଭଣ୍ଡାର ବର୍ଷସାରା କାର୍ଯ୍ୟକ୍ଷମ ରହେ । ଏହି ଶୀତଳଭଣ୍ଡାରରେ ୫୦୦୦ ଟନ୍ କିମ୍ବା ଅଧିକ ଦ୍ରବ୍ୟ ସାଇତି ରଖାଯାଇପାରେ । ଯାନ୍ତ୍ରିକ ଉପାୟରେ ଲୋଡିଂ ଓ ଅନଲୋଡିଂ କାର୍ଯ୍ୟ କରାଯାଇ ପାରେ ।

ମଧ୍ୟପ୍ରଦେଶର ଇନ୍ଦୋର ସହରରେ ବିଭିନ୍ନ କମ୍ପାନୀ ଏପରି ଶୀତଳଭଣ୍ଡାର ସ୍ଥାପନ ପାଇଁ କାର୍ଯ୍ୟ କରୁଛନ୍ତି । ଯେଉଁ ଅଞ୍ଚଳରେ କୃଷକ ଉତ୍ପାଦନ ଗୋଷ୍ଠୀ ଏବଂ କୃଷକ ଉତ୍ପାଦନ ସଂଗଠନ କାର୍ଯ୍ୟ କରୁଛନ୍ତି, ସେହି ଅଞ୍ଚଳ ପାଇଁ ବହୁମୁଖୀ ଶୀତଳଭଣ୍ଡାର ଅତ୍ୟନ୍ତ ଉପାଦେୟ । ଏପରି ଶୀତଳଭଣ୍ଡାର ପ୍ରଥମେ ରାଜସ୍ଥାନର ପାଲି ଅଞ୍ଚଳରେ ଆରମ୍ଭ ହୋଇଥିଲା । ଏଥିରେ ପନିପରିବା, ଫଳ, କ୍ଷୀର, ଅଣ୍ଡା ପରି ପଚନଶୀଳ କୃଷି ଉତ୍ପାଦ ସାଇତି ରଖାଯାଏ । ବିଶେଷ ଭାବରେ ସ୍ଥାନୀୟ ଅଞ୍ଚଳର ଆମ୍ବ, ତରଭୁଜ, ପନିପରିବା ଓ ଦୁଗ୍ଧଜାତ ଦ୍ରବ୍ୟ ଏହି ଶୀତଳଭଣ୍ଡାରରେ ରଖାଯାଏ । ବିଭିନ୍ନ ଦ୍ରବ୍ୟ ପାଇଁ ବିଭିନ୍ନ ଉତ୍ତାପରେ ଅଲଗା କୋଠାରିରେ ଦ୍ରବ୍ୟଗୁଡ଼ିକ ସାଇତି ରଖାଯାଏ । ଏହାଦ୍ୱାରା ଦ୍ରବ୍ୟଗୁଡ଼ିକର ଗୁଣବତ୍ତା ଅକ୍ଷୁଣ୍ଣ ରହେ ଏବଂ କୃଷକମାନେ ଉପଯୁକ୍ତ ମୂଲ୍ୟ ପାଆନ୍ତି । ଓଡ଼ିଶାରେ ଶୀତଳଭଣ୍ଡାରଗୁଡ଼ିକର ବାସ୍ତବ ସମସ୍ୟା ଓ ଏହାର ପ୍ରତିକାର ମାର୍ଗ ବିଷୟରେ ଆଲୋଚନା ଦ୍ୱିତୀୟ ଭାଗରେ କରାଯିବ ।(କ୍ରମଶଃ...)

ଭୁବନେଶ୍ୱର, ମୋ: ୮୪୩୭୦୭୧୧୯୦

# ଯୁବଶକ୍ତି ବିଶୃଙ୍ଖଳ କାହିଁକି?

ପ୍ରଦୀପ୍ତ ଆଚାର୍ଯ୍ୟ

ମନୁଷ୍ୟ ଜୀବନର ଚାରିଗୋଟି ଅବସ୍ଥା ମଧ୍ୟରୁ ଯୁବାବସ୍ଥା ସବୁଠାରୁ ଗୁରୁତ୍ୱପୂର୍ଣ୍ଣ । ଏହି ଅବସ୍ଥାରେ ଶକ୍ତି, ଶୌର୍ଯ୍ୟ, ଉଦ୍ଦାମତା, ନିଃସ୍ୱାର୍ଥପରତା, ସେବା, ନିଜକୁ ବିଜ୍ଞାପିତ କରିବାର ଆକାଂକ୍ଷା, ଦୁଃସାହସିକ ପଦକ୍ଷେପ ସେମାନଙ୍କୁ ଏକ ସ୍ୱତନ୍ତ୍ର ପରିଚୟ ପ୍ରଦାନ କରିଥାଏ । ଆଜି ଆମେ ଯେଉଁମାନଙ୍କୁ ମହାମାନବ ଦୃଷ୍ଟିରେ ଅବଲୋକନ କରୁଛେ, ଯେଉଁମାନେ ଆମର ଆଦର୍ଶ, ଯେଉଁମାନଙ୍କ କାର୍ଯ୍ୟଧାରା ଆମ୍ଭମାନଙ୍କୁ ଚମତ୍କୃତ ଓ ବିସ୍ମିତ କରିଛି, ସେମାନେ ଯୁବାବସ୍ଥାରେ ହିଁ ସେମାନଙ୍କର ପ୍ରତିଭା ପ୍ରଦର୍ଶିତ କରିଥିଲେ । ସର୍ବଶେଷ ସର୍ବେକ୍ଷଣ ଅନୁସାରେ ଆମ ମୋଟ ଜନସଂଖ୍ୟାର ୨୭ ପ୍ରତିଶତ ଯୁବଗୋଷ୍ଠୀ, ଯେଉଁମାନଙ୍କର ଜାତୀୟ ଆୟରେ ୩୪ ପ୍ରତିଶତ ଅବଦାନ ରହିଛି । ଯୁବଶକ୍ତି ଦେଶର ରାଷ୍ଟ୍ରୀୟ ସମ୍ପଦ । ଗୋଟିଏ ରାଷ୍ଟ୍ର ବା ସମାଜର ବିନାଶ କିମ୍ବା ବିକାଶ ନିର୍ଭର କରେ ଯୁବଶକ୍ତି ଉପରେ ।





ଆଜି କିନ୍ତୁ ଦୃଶ୍ୟପଟ୍ଟ ବଦଳି ଯାଇଛି । ଯୁବକମାନଙ୍କ ମଧ୍ୟରେ ଶିଥିଳତା, ଆତ୍ମକେନ୍ଦ୍ରିକତା, ବିଶୃଙ୍ଖଳା ସର୍ବୋପରି ହିଂସ୍ରତାର ମାତ୍ରା ବୃଦ୍ଧି ପାଇଚାଲିଛି । ନିଶାରାକ୍ଷସ କବଳରେ ଯୁବସମାଜ ଆଜି ପଥଭ୍ରଷ୍ଟ, ହୀନବୀର୍ଯ୍ୟ, ଶକ୍ତିହୀନ ଓ ଅକାଳ ବାର୍ଦ୍ଧକ୍ୟଗ୍ରସ୍ତ । ତେବେ କ'ଣ ପାଇଁ ସେମାନଙ୍କର ଏ ଅଧୋପତନ? ଏଥିପାଇଁ ଦାୟୀ କିଏ? ଏହିସବୁ ପ୍ରଶ୍ନର ଉତ୍ତର ଖୋଜିବା ବେଳେ ଯେଉଁକେତେକ କାରଣ ସାମ୍ନାକୁ ଆସେ ସେଗୁଡ଼ିକ ମଧ୍ୟରୁ ପ୍ରଥମ ଓ ପ୍ରଧାନ ହେଉଛି ବେକାରୀ ସମସ୍ୟା । ଏହାଛଡ଼ା ପ୍ରଚଳିତ ଶିକ୍ଷା ପଦ୍ଧତି, ଯୁବାବସ୍ଥାରେ ଉପଭୋଗ ନିମନ୍ତେ ଅର୍ଥ ରୋଜଗାରର ଅକ୍ଷମତା, ସହଜ ଉପଲବ୍ଧ ନିଶାଦ୍ରବ୍ୟ, ମୋବାଇଲରେ ନଗ୍ନ ତଥା ଅଶ୍ଳୀଳ ଦୃଶ୍ୟ, ଟିଭି ପରଦାରେ ପ୍ରଦର୍ଶିତ ରାହାଜାନୀ, ଛିନତାଇ ପ୍ରଭୃତି ହିଂସାତ୍ମକ ଦୃଶ୍ୟ, ସଂରକ୍ଷଣ ବ୍ୟବସ୍ଥା, ପ୍ରିୟାପ୍ରୀତି ତୋଷଣ, ପରିବାର ସଦସ୍ୟଙ୍କ ହେୟଜ୍ଞାନ ଓ କଟୂକ୍ତି ଯୁବସମାଜର ମାନସିକତା ଉପରେ ଅତ୍ୟନ୍ତ ନକାରାତ୍ମକ ପ୍ରଭାବ ପକାଉଛି । ପରମ୍ପରା ଓ ଆଧୁନିକତା ମଧ୍ୟରେ ସୃଷ୍ଟ ସଙ୍ଘର୍ଷ ଯୋଗୁଁ ବରିଷ୍ଠମାନେ ଯୁବଗୋଷ୍ଠୀଙ୍କୁ ଅପରିପକ୍ୱ ଓ ଅନଭିଜ୍ଞ ବୋଲି ମନେ କରିବା ବେଳେ ଯୁବଗୋଷ୍ଠୀ ବରିଷ୍ଠମାନଙ୍କ ପ୍ରତି ବେଖାତିର ମନୋଭାବ ଓ ଅବଜ୍ଞା ପ୍ରଦର୍ଶନ କରୁଛନ୍ତି । ଶିକ୍ଷାଗତ ଯୋଗ୍ୟତା ଥାଇ ମଧ୍ୟ ରୋଜଗାର କ୍ଷମ ହୋଇ ନପାରିବାରୁ ଉପଯୁକ୍ତ ପାତ୍ରରେ ବିବାହ ସମ୍ପନ୍ନ ନହୋଇ ପାରିବା, ଆଜିକାଲି ସମାଜରେ ବହୁଳ ଭାବରେ ଦୃଷ୍ଟିଗୋଚର, ଯାହାକି ଯୁବକ/ଯୁବତୀମାନଙ୍କର ନୈରାଶ୍ୟ ବୃଦ୍ଧିର କାରଣ ।

ଏହି ସମସ୍ୟାର ସମାଧାନ ପାଇଁ ସର୍ବପ୍ରଥମେ ଯୁବକମାନଙ୍କୁ ରୋଜଗାରକ୍ଷମ କରାଇବା ଲାଗି ପଦକ୍ଷେପ ଗ୍ରହଣ କରିବାକୁ ପଡ଼ିବ । ଥରେ ରୋଜଗାର କରିବାର ମାର୍ଗ ପାଇଗଲେ ସେମାନେ ଆଉ ଅସାମାଜିକ କାର୍ଯ୍ୟକଳାପରେ ନିଜକୁ ସାମିଲ କରିବେ ନାହିଁ । ଏହା ନିଜର, ନିଜ ପରିବାରର, ରାଜ୍ୟର ଓ ଦେଶର ପ୍ରଗତି ପଥରେ ସହାୟକ ହେବ । ଦ୍ରୁତଗତିରେ ବର୍ଦ୍ଧିତ ଜନସଂଖ୍ୟାକୁ ନିୟନ୍ତ୍ରଣ କରିବା ନିମନ୍ତେ ଦୃଢ଼ ପଦକ୍ଷେପ ଗ୍ରହଣ ନକଲେ ବେକାରୀ ସମସ୍ୟାର ସମାଧାନ କେବଳ ସ୍ୱପ୍ନରେ ହିଁ ସୀମିତ ରହିଯିବ । ଶିକ୍ଷା ସମାପ୍ତି ପରେ ଯୁବବର୍ଗ କେବଳ ଚାକିରିର ପଶ୍ଚାତ୍‌ଧାବନ ନକରି କିପରି ସ୍ୱାବଲମ୍ବୀ ହୋଇ ପାରିବେ ସେଥିନିମନ୍ତେ ଗୁଣାତ୍ମକ, ଆକର୍ଷଣୀୟ ଧନ୍ଦାମୂଳକ ଶିକ୍ଷା ପ୍ରବର୍ତ୍ତନ କରିବା ସହିତ ଯେଉଁମାନେ କୃଷି, ପଶୁପାଳନ, ବ୍ୟବସାୟ ବା ଉଦ୍ୟୋଗ ପ୍ରତିଷ୍ଠା କରିବାକୁ ଚାହିଁବେ, ସେମାନଙ୍କୁ ବିନା ସୁଧରେ ଋଣ ଓ ବୈଷୟିକ ସହାୟତା ପ୍ରଦାନ କରି ପ୍ରୋତ୍ସାହିତ କରିବା ଆବଶ୍ୟକ । ଯୁବକମାନଙ୍କୁ ଶୃଙ୍ଖଳିତ କରି ଦେଶକୁ ପ୍ରଗତି ପଥରେ ଆଗେଇ ନେବାକୁ ହେଲେ ନିଶାଦ୍ରବ୍ୟର ସହଜଲଭ୍ୟତା ଏବଂ ମୋବାଇଲରେ ପ୍ରଦର୍ଶିତ ଅଶ୍ଳୀଳ ୱେବ୍‌ସାଇଟ ଉପରେ ନିୟନ୍ତ୍ରଣ ନିହାତି ଜରୁରୀ । ଜାତିଭିତ୍ତିକ ସଂରକ୍ଷଣ ବ୍ୟବସ୍ଥାର ଉଚ୍ଛେଦ କରି ଅର୍ଥନୈତିକ ସଂରକ୍ଷଣର ପ୍ରଚଳନ ଏବଂ ନିଯୋଜନ କ୍ଷେତ୍ରରେ ସ୍ୱଚ୍ଛତା ଅନେକାଂଶରେ ଯୁବକମାନଙ୍କର ନୈରାଶ୍ୟ ଦୂରୀକରଣରେ ସହାୟକ ହୋଇପାରିବ । ବରିଷ୍ଠମାନେ ଯୁବକମାନଙ୍କ ପ୍ରତି କଟୂକ୍ତି ପ୍ରୟୋଗପୂର୍ବକ ନିରୁତ୍ସାହିତ ନ କରି ସେମାନଙ୍କୁ ଶ୍ରଦ୍ଧା ତଥା ଆନ୍ତରିକତାର ସହିତ ସତ୍‌ମାର୍ଗରେ ପରିଚାଳିତ ହେବା ପାଇଁ ସର୍ବଦା ଉତ୍ସାହିତ କରିବାର ପ୍ରୟାସ ଜାରି ରଖିବା ଦରକାର । ନିଜର କାର୍ଯ୍ୟସିଦ୍ଧି ନିମନ୍ତେ ଦୁର୍ନୀତିଗ୍ରସ୍ତ ରାଜନୈତିକ ବ୍ୟକ୍ତିମାନେ ଯୁବକମାନଙ୍କୁ ଅସତ୍ କାର୍ଯ୍ୟରେ ଅସ୍ତ୍ର ରୂପେ ବ୍ୟବାହାର କରନ୍ତି । କିନ୍ତୁ କୌଣସି କାରଣରୁ ସେମାନେ ଧରା ପଡ଼ିଗଲେ ନିଜର ସମ୍ମାନ ହାନି ଭୟରେ ସାହାଯ୍ୟ କରନ୍ତି ନାହିଁ । ଏଥିପ୍ରତି ଯୁବଶକ୍ତି ଯଥେଷ୍ଟ ସତର୍କ ରହିବା ଆବଶ୍ୟକ । ଆଜିର ଦୁନିଆରେ ନୈତିକତାର ଦ୍ରୁତ ହ୍ରାସ ଯୋଗୁଁ ଆମେମାନେ ଏକ ଭୟଙ୍କର ପରିସ୍ଥିତିର ସମ୍ମୁଖୀନ ହେବାକୁ ଯାଉଛେ । ତେଣୁ ଯୁବକମାନଙ୍କୁ ଶୃଙ୍ଖଳିତ କରି ସତ୍‌ମାର୍ଗରେ ପରିଚାଳିତ କରିବା ପାଇଁ ବିଦ୍ୟାଳୟସ୍ତରରୁ ନୈତିକଶିକ୍ଷା ବାଧ୍ୟତାମୂଳକ କରିବା ଉଚିତ୍ ।

ଦେଶର ଭବିଷ୍ୟତ ଯୁବକମାନଙ୍କ ହାତରେ । ସେମାନେ ଚାହିଁଲେ ଦେଶରୁ ଅନେକ ସମସ୍ୟା ଯଥା- ଦୁର୍ନୀତି, ଭ୍ରଷ୍ଟାଚାର, ଅଶିକ୍ଷା, ଆଞ୍ଚଳିକବାଦ, ଜାତିଆଣବାଦ, ସାଂପ୍ରଦାୟିକତା, ଯୌତୁକ ପ୍ରଥା ଇତ୍ୟାଦି ଦୂର କରାଯାଇପାରିବ । ତେଣୁ ଆସନ୍ତୁ ଆମେ ସମସ୍ତେ ସ୍ନେହ ଆନ୍ତରିକତା ପ୍ରଦର୍ଶନ ଏବଂ ସତ୍‌ଉପଦେଶ ପ୍ରଦାନ ପୂର୍ବକ ଯୁବଶକ୍ତିର ଦକ୍ଷତା ବୃଦ୍ଧି କରି ସେମାନଙ୍କୁ ଦେଶପ୍ରେମରେ ବ୍ରତୀ କରାଇ ଏ ପତନୋନ୍ମୁଖୀ ସମାଜକୁ ଏକ ଆସନ୍ନ ବିପଦରୁ ରକ୍ଷା କରିବା ।

ଈଶାଣୀବ୍ରହ୍ମପୁର(କଟକ), ମୋ: ୬୩୭୧୫୯୩୨୨୦

# ବକାସୁର ମନ୍ଦିର

ଓଜସ୍ୱିନୀ

ଶ୍ରୀକୃଷ୍ଣଙ୍କ ଜନ୍ମଲୀଳା ସମ୍ପର୍କିତ ପୌରାଣିକ କଥାବସ୍ତୁଗୁଡ଼ିକରେ ବକାସୁର କଂସଙ୍କ ଦ୍ୱାରା ପ୍ରେରିତ ଜଣେ ଅସୁର ଭାବେ ବର୍ଣ୍ଣିତ, ଯାହାକୁ ଶ୍ରୀକୃଷ୍ଣ ବଧ କରିଥିଲେ । କିନ୍ତୁ ମହାଭାରତର କେତେକ ଆଖ୍ୟାନରେ ବନବାସ ସମୟରେ ଭୀମ ବକାସୁରକୁ ବଧ କରିଥିଲେ ବୋଲି ଶୁଣିବାକୁ ମିଳିଥାଏ । ପୌରାଣିକ ଆଖ୍ୟାନିକା ଅନୁସାରେ ବକାସୁର ଜଣେ ପ୍ରଜାବତ୍ସଳ ରାଜା ଥିଲେ ଏବଂ ତାଙ୍କର ରାଜ୍ୟ ସୁଖସମୃଦ୍ଧିରେ ଭରପୂର ଥିଲା; କିନ୍ତୁ ସେ ଅନ୍ୟ ରାଜ୍ୟର ଲୋକମାନଙ୍କୁ ବଧ କରୁଥିଲେ । ତଥାପି ଭାରତର ଅନେକ ସ୍ଥାନରେ ବକାସୁରଙ୍କୁ ସମର୍ପିତ ମନ୍ଦିର ଅଛି ।

ପୁରାଣ କଥା ଅନୁଯାୟୀ ବକାସୁର ଉତ୍ତରପ୍ରଦେଶର ପ୍ରତାପଗଡ଼ ଜିଲ୍ଲାର ଦକ୍ଷିଣରେ ଅବସ୍ଥିତ ଦ୍ୱୈତବନରେ ରହୁଥିଲେ । ଏହି ସ୍ଥାନ ବର୍ତ୍ତମାନ ଚକ୍ରନଗରୀର ଚକବଡ଼ ଭାବେ ପରିଚିତ । ଦ୍ୱୈତବନ ଅନ୍ତର୍ଗତ ତିନୋଟି ସ୍ଥାନରେ ବକାସୁରରର ଆଧିପତ୍ୟ ଥିଲା, ଚକ୍ରନଗରୀ, ବକାଗଡ଼ (ବର୍ତ୍ତମାନ ବକାଜଲାଲପୁର) ଓ ଡିହନଗର । ଏହା ପ୍ରତାପଗଡ଼ର ଦକ୍ଷିଣ ଓ ଆହ୍ଲାବାଦର ଉତ୍ତର ଭାଗରେ ବକୁଲାହୀ ନଦୀତଟସ୍ଥ ଅଞ୍ଚଳ । ବର୍ତ୍ତମାନ ଏହା ଉଚ୍ଛଡିହ ଧାମ ଭାବେ ଖ୍ୟାତ ଏବଂ ଜନଶ୍ରୁତି ଅନୁସାରେ ଏହି ସ୍ଥାନରେ ଭୀମ ବକାସୁରକୁ ବଧ କରିଥିଲେ । ତେଣୁ ଉତ୍ତର ପ୍ରଦେଶର ପ୍ରତାପଗଡ଼ସ୍ଥିତ ବକାସୁରଙ୍କ ସମ୍ପର୍କିତ ଗୋଟିଏ ମନ୍ଦିର ଅଛି । ବଳଶାଳୀ ଭୀମ ବକାସୁରର ଭୟ ହରଣ କରିବା ସହିତ ଶିବଲିଙ୍ଗ ସ୍ଥାପନା କରିଥିବାରୁ ଉକ୍ତ ସେଠାରେ ଶିବ 'ଭୟହରଣନାଥ' ଭାବେ ପୂଜା ପାଉଛନ୍ତି ଏବଂ ଉକ୍ତ ଶୈବପୀଠକୁ 'ଭୟହରଣନାଥ ଧାମ' କୁହାଯାଉଛି ।

### ବିଚିତ୍ର ବିଶ୍ୱାସ

ସେହିପରି ଛତିଶଗଡ଼ର ସୂରଜପୁର ଜିଲ୍ଲା ସ୍ଥିତ ଖୋପା ଗ୍ରାମ ପଞ୍ଚାୟତରେ ଥିବା ରେଣ ନଦୀ କୂଳରେ ଖୋପାଦେବ ମନ୍ଦିରରେ ବକାସୁରଙ୍କ ସହିତ ଛୁରିପାଟ ନାମକ ଜଣେ ଦାନବ ଦେବ, ଖୋପା ଦାଇ ରାଣୀ ଓ ନାଗାବେଗା ଦେବତା ପୂଜା ପାଉଛନ୍ତି । ଏଠାରେ କୌଣସି ମନ୍ଦିର ନାହିଁ । ବକାସୁରଙ୍କ ସହିତ ଅନ୍ୟ ଦେବଦେବୀଙ୍କ ପଥର ନିର୍ମିତ ମୂର୍ତ୍ତି ମୁକ୍ତାକାଶ ତଳେ ପୂଜା ପାଇଥା'ନ୍ତି । ସ୍ଥାନୀୟ ଲୋକଙ୍କ ବ୍ୟତୀତ ଦୂରଦୂରାନ୍ତରୁ ଭକ୍ତମାନେ ଏବଂ ଉଚ୍ଚ ପଦପଦବୀରେ ପ୍ରତିଷ୍ଠିତ ବିଶିଷ୍ଟ ବ୍ୟକ୍ତିମାନେ ମଧ୍ୟ ବିଶ୍ୱାସର ସହିତ ଏଠାକୁ ଆସିଥା'ନ୍ତି । କାରଣ ଏଠାରେ କରାଯାଇଥିବା ମନସ୍କାମନା ବର୍ଷେ ଭିତରେ ପୂରଣ ହୋଇଯାଏ ବୋଲି ଅନେକ ପ୍ରମାଣ ରହିଛି । ଶ୍ରଦ୍ଧାଳୁମାନେ ମାନସିକ କରି ନିକଟସ୍ଥ ବୃକ୍ଷରେ ନଡ଼ିଆ ଓ ଚୁନ୍‌ରୀ ବାନ୍ଧିଥା'ନ୍ତି । ମାନସିକ ପୂରଣ ହେବା ପରେ ଲୋକମାନେ ତାହାକୁ ବୃକ୍ଷରୁ ବାହାର କରନ୍ତି ଏବଂ କୁକୁଡ଼ା, ଛେଳି ଆଦି ବଳି ଦେବା ସହ ସୁରା ଅର୍ପଣ କରିଥା'ନ୍ତି । କିନ୍ତୁ ଖୋପା ଦାଇ ରାଣୀଙ୍କ ନିକଟରେ ନଡ଼ିଆ ଭୋଗ କରାଯାଏ । ଏଠାରେ ବେଗା ସମ୍ପ୍ରଦାୟର ଲୋକମାନେ ବଂଶ ପରମ୍ପରା କ୍ରମେ ବକାସୁରଙ୍କୁ ପୂଜା କରିଆସୁଛନ୍ତି ।

ସ୍ଥାନୀୟ ଜନଶ୍ରୁତି ଅନୁଯାୟୀ ହଜାରହଜାର ବର୍ଷ ପୂର୍ବରୁ ରେଣ ନଦୀର ଗଭୀର ଜଳରାଶିରେ ବକାସୁର ବାସ କରୁଥିଲେ, ଯିଏକି ଗ୍ରାମବାସୀଙ୍କ ରକ୍ଷକ ଥିଲେ । ବେଗା ସମ୍ପ୍ରଦାୟର ଜଣେ ବ୍ୟକ୍ତି ପ୍ରତ୍ୟହ ନଦୀ ଭିତରେ ବୁଡ଼ି ତାଙ୍କର ପୂଜାର୍ଚ୍ଚନା କରୁଥିଲେ । ଏକଦା ଗ୍ରାମବାସୀଙ୍କ ଆକୁଳ ପ୍ରାର୍ଥନା ଓ ବେଗାଙ୍କ ଭକ୍ତିରେ ସନ୍ତୁଷ୍ଟ ହୋଇ ଦେବତା ନଦୀତଟରେ ଆବିର୍ଭୂତ ହୋଇ ଶ୍ରଦ୍ଧାଳୁଙ୍କୁ ଦର୍ଶନ ଦେଲେ । ସ୍ଥାନୀୟ ଲୋକମାନେ ତାଙ୍କୁ ଅସୁର ଦେବ ବକାସୁର ଭାବେ ପୂଜାର୍ଚ୍ଚନା କରିଥିଲେ । କିନ୍ତୁ ସେ କୌଣସି ମନ୍ଦିର ଭିତରେ ଆବଦ୍ଧ ହୋଇ ରହିବେ ନାହିଁ ଏବଂ କେବଳ ବେଗା ସମ୍ପ୍ରଦାୟର ଲୋକମାନେ ତାଙ୍କର ପୂଜା କରିବେ ବୋଲି ସ୍ୱପ୍ନାଦେଶ ହୋଇଥିଲା । ତେଣୁ ସେବେଠାରୁ ଆଜିପର୍ଯ୍ୟନ୍ତ ବକାସୁରଙ୍କ କୌଣସି ମନ୍ଦିର ନିର୍ମାଣ ହୋଇପାରିନାହିଁ ଏବଂ ବେଗା ସମ୍ପ୍ରଦାୟର ଲୋକମାନେ ହିଁ ସେଠାରେ ପୂଜାରୀ ଭାବେ ଅଛନ୍ତି ।

ଅନ୍ୟ ଏକ ଲୋକକଥା ଅନୁସାରେ ଜଣେ ମହିଳା ଯାଦୁଗର ଯାଦୁବିଦ୍ୟା ଦ୍ୱାରା ପ୍ରବଳପ୍ରତାପୀ ବକାସୁରକୁ ନିଜ ଖୋପା ବା ଜୁଡ଼ାରେ ବାନ୍ଧି ରଖିଦେଇଥିଲେ । ବକାସୁରଠାରୁ ଲୋକମାନଙ୍କ ପ୍ରାଣ ବଞ୍ଚାଇଥିବାରୁ ଲୋକମାନେ ତାଙ୍କୁ ସେବେଠାରୁ ଖୋପାଦେବୀ ଭାବେ ପୂଜା କରି ଆସୁଛନ୍ତି । ପରମ୍ପରା ଅନୁସାରେ ପୂର୍ବରୁ ମହିଳାମାନେ ଏହି ସ୍ଥାନକୁ ଯିବା ପାଇଁ ଅନୁମତି ନଥିଲା । କିନ୍ତୁ ଏବେ ମହିଳାମାନଙ୍କ ପ୍ରବେଶ ଥିଲେ ମଧ୍ୟ ନିକଟରେ ମହିଳାଙ୍କ ପାଇଁ ଏକ ଭିନ୍ନ କୁଣ୍ଡ ରହିଛି, ଯେଉଁଠି ସେମାନେ ବେଗାଙ୍କ ଦ୍ୱାରା ପୂଜାର୍ଚ୍ଚନା କରିପାରିବେ । କିନ୍ତୁ ବକାସୁରଙ୍କ ଭୋଗ ମହିଳାମାନେ ଗ୍ରହଣ କରିପାରିବେ ନାହିଁ । ବକାସୁର ଓ ଅନ୍ୟ ଅସୁରଦେବଦେବୀଙ୍କ ନିକଟରେ ଅର୍ପଣ ହେଉଥିବା ଆମିଷଭୋଗକୁ ଲୋକମାନେ ଘରକୁ ନେଇ ରାନ୍ଧି ପାରିବେ ନାହିଁ । ଆମିଷକୁ କୌଣସି ଖୋଲା ସ୍ଥାନରେ ରାନ୍ଧି ପ୍ରସାଦ ଭାବେ କେବଳ ପୁରୁଷମାନେ ଗ୍ରହଣ କରିପାରିବେ ବୋଲି ପରମ୍ପରା ରହିଛି ।

ଏହାବ୍ୟତୀତ ତେଲେଙ୍ଗାନାର ୱାରାଙ୍ଗଲ୍ ଜିଲ୍ଲା ଅନ୍ତର୍ଗତ ନେନପାକା ନାମକ ଗାଁରେ ବକାସୁରଙ୍କ ଏକ ମନ୍ଦିର ରହିଛି । ଏହି ମନ୍ଦିରରେ ଗୋଲାପୀ ରଙ୍ଗର ଏକ ବିଶାଳ ଶିଳାଖଣ୍ଡ ଅଛି, ଯାହା ଉପରେ ୪ଟି ମୂର୍ତ୍ତି ସ୍ଥାପନା କରାଯାଇଛି । ଏହି ଚାରୋଟି ମୂର୍ତ୍ତି ହେଉଛି - ଯୋଗ ନରସିଂହ, କାଳୀୟମର୍ଦ୍ଦନ କୃଷ୍ଣ, ବଳରାମ ଓ ରାମ, ସୀତା, ଲକ୍ଷ୍ମଣ । ଏହି ବିଶାଳ ଶିଳାଖଣ୍ଡକୁ ବକାସୁର ଭାବେ ପୂଜାର୍ଚ୍ଚନା କରାଯାଉଛି । ଲୋକକଥା ଅନୁସାରେ ଏକଦା ଏଠାରେ ବକାସୁରଙ୍କ ରାଜୁତି ଥିଲା ଏବଂ ସେ ଜଣେ ପ୍ରଜାବତ୍ସଳ ରାଜା ଥିଲେ । ତେଣୁ ତାଙ୍କୁ ଶ୍ରଦ୍ଧାଞ୍ଜଳି ଦେବା ପାଇଁ ଲୋକମାନେ ବକାସୁରଙ୍କ ଉଦ୍ଦେଶ୍ୟରେ ଏହି ମନ୍ଦିର ନିର୍ମାଣ କରିଛନ୍ତି, ଯାହାକି ବର୍ତ୍ତମାନ ଜୀର୍ଣ୍ଣ ଅବସ୍ଥାରେ ଅଛି ।

ଭୁବନେଶ୍ୱର, ମୋ: ୯୦୯୦୧୯୪୯୪୩

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ । ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ ।

# ପଶ୍ଚିମବଙ୍ଗ: ୩୫୦ କୋଟିର 'ଚିଟ୍‌ଫଣ୍ଡ' ଠକେଇ

## ଅଭିଯୁକ୍ତ ଟିଏମ୍‌ସି ସଂଖ୍ୟାଲଘୁ ସେଲ୍‌ର ଅଧ୍ୟକ୍ଷଙ୍କ ପୁଅ

କୋଲକାତା, ୨୩।୧୦ (ଏଜେନ୍ସି): ପଶ୍ଚିମବଙ୍ଗ ଆସନସୋଲ ଜିଲ୍ଲାରୁ ଠକେଇର ଏକ ବଡ଼ ମାମଲା ସାମ୍ନାକୁ ଆସିଛି। ଏଠାରେ ତିନି ହଜାରରୁ ଅଧିକ ଲୋକଙ୍କଠାରୁ ଠକ ୩୫୦ କୋଟି ଟଙ୍କା ଠକି ନେଇଛନ୍ତି। ଅଭିଯୁକ୍ତ ଚିଟ୍‌ଫଣ୍ଡ କମ୍ପାନୀ ଗଠନ କରି ଲୋକଙ୍କୁ ଉତ୍ତମ ରିଟର୍ଣ୍ଣ ଦେବାକୁ ଲୋଭ ଦେଖାଇ ଥିଲା। ପରେ ନିବେଶ ଟଙ୍କା ନେଇ ଫେରାର ହୋଇ ଯାଇଥିଲା। ଏ ନେଇ ପାଡ଼ିତମାନେ ଥାନାରେ ଏତଲା ଦେଇଛନ୍ତି। ପାଡ଼ିତଙ୍କ ଅନୁଯାୟୀ ପ୍ରାରମ୍ଭରେ କିଛି ଲୋକଙ୍କୁ ଉତ୍ତମ ରିଟର୍ଣ୍ଣ ଦିଆଯାଇଥିଲା। ପରେ ଅଭିଯୁକ୍ତ ଟଙ୍କା ଦେବା ବନ୍ଦ କରିଦେଇଥିଲା। ଟଙ୍କା କଥା ଉଠାଇଲେ ବାହାନା କରିବାରେ ଲାଗିଥିଲା। ଏହାକୁ ନେଇ ଟିଏମ୍‌ସିକୁ ଦୋଷ ଦେଇଛି ବିରୋଧୀ ବିଜେପି। ଟିଏମ୍‌ସି ସଂଖ୍ୟାଲଘୁ ଶାଖାର ଅଧ୍ୟକ୍ଷ ସକିଲ ଅହମ୍ମଦଙ୍କ ପୁଅ ତହସିନ ଅହମ୍ମଦ ଏଭଳି ଠକେଇ କରିଥିବା ଅଭିଯୋଗ କରାଯାଇଛି। ଅଭିଯୁକ୍ତ ବିରୋଧରେ ମୁଖ୍ୟମନ୍ତ୍ରୀ ମମତା ବାନାର୍ଜୀ କାର୍ଯ୍ୟାନୁଷ୍ଠାନ ନେବେ କି ବୋଲି ବିଜେପି ନେତା ଅମିତ ମାଲବୀୟ ପ୍ରଶ୍ନ କରିଛନ୍ତି। ଅମିତ ସାମାଜିକ ଗଣମାଧ୍ୟମରେ କହିଛନ୍ତି ଯେ ତହସିନ ଏକ ନକଲି ଏବଂ ଲାଇସେନ୍ସ ନଥିବା କମ୍ପାନୀ ଗଠନ କରି ତତିନି ହଜାରରୁ ଅଧିକାଂଶ ପରିବାରକୁ ଧୋକା ଦେଇଛନ୍ତି। ଏମାନଙ୍କ ମଧ୍ୟରେ ଅଧିକାଂଶ ମୁସଲମାନ ସମ୍ପ୍ରଦାୟର ଲୋକ ସାମିଲ ଅଛନ୍ତି। ଲୋକଙ୍କୁ ଅଧିକ ରିଟର୍ଣ୍ଣର ଲୋଭ ଦେଖାଇ ସେ କୋଟି କୋଟି ଟଙ୍କା ଜମା କଲା। ପରେ ଗତ ୧୫ ତାରିଖରେ ଗାଏବ ହୋଇ ଯାଇଥିଲା। ଠକାମିର ଶିକାର ହୋଇଥିବା ବ୍ୟକ୍ତିଙ୍କ ମଧ୍ୟରେ ବିଏସ୍‌ଏଫ୍‌ର ଅବସରପ୍ରାପ୍ତ ଅଧିକାରୀ ରବୀନ୍ଦ୍ର ସିଂହ ସାମିଲ ଅଛନ୍ତି। ସେ ପ୍ରଥମେ ତିନି ଲକ୍ଷ ଟଙ୍କା ନିବେଶ କରିଥିଲେ। ଭଲ ରିଟର୍ଣ୍ଣ ମିଳିବାରୁ ୫୦ ଲକ୍ଷ ଟଙ୍କା ଲଗାଇ ଥିଲେ। କିନ୍ତୁ ପରେ ଟଙ୍କା ବୁଡ଼ିଗଲା। ଏବେ ପୁଲିସ ମାମଲାର ତଦନ୍ତ କରୁଛି।

# ବେସରକାରୀ ଅନୁଦାନପ୍ରାପ୍ତ କଲେଜରେ ନିଯୁକ୍ତ ହେବେ ଅତିଥି ଅଧ୍ୟାପକ

**ଶିକ୍ଷକ ଓ ଅଣଶିକ୍ଷକ ପଦ ପୂରଣ ପ୍ରଚେଷ୍ଟା**

ଭୁବନେଶ୍ୱର, ୨୩।୧୦(ସମିସ): ବେସରକାରୀ ଅନୁଦାନ ପ୍ରାପ୍ତ ମହାବିଦ୍ୟାଳୟରେ ବହୁ ଶିକ୍ଷକ ଓ ଅଣଶିକ୍ଷକ ପଦ ଖାଲି ପଡ଼ିଛି। ଏସବୁ ପଦରେ ଚଳିତ ଶିକ୍ଷାବର୍ଷରୁ ଅବସରପ୍ରାପ୍ତ ଅଧିକାରୀଙ୍କୁ ଅସ୍ଥାୟୀ ନିଯୁକ୍ତି ଦେବା ପାଇଁ ଉଚ୍ଚ ଶିକ୍ଷା ବିଭାଗ ପକ୍ଷରୁ ବିଜ୍ଞପ୍ତି ଜାରି ହୋଇଛି। ଅବସରପ୍ରାପ୍ତ ଏକାଡେମିସିଆନ୍‌ଙ୍କୁ ୪୮୮ ଓ ୬୬୨ ବର୍ଗ ଏବଂ ସଂସ୍କୃତ କଲେଜରେ ଅତିଥି ଅଧ୍ୟାପକ ଭାବେ ନିଯୁକ୍ତି ଦିଆଯିବ। ଚଳିତ ଶିକ୍ଷାବର୍ଷ ବା ନୂତନ ନିଯୁକ୍ତି ନ ହେବା ପର୍ଯ୍ୟନ୍ତ ସେମାନଙ୍କ କାର୍ଯ୍ୟକାଳ ରହିବ। କେଉଁ ବିଷୟରେ ଅଧ୍ୟାପକ ପଦ ଫାଙ୍କା ଅଛି, ସେହି ତଥ୍ୟ ହିମ୍ସ ପୋର୍ଟାଲରେ କଲେଜଗୁଡ଼ିକ ଅପଲୋଡ୍ କରିବେ। ଏହାସହ ନିଯୁକ୍ତି ପାଇଁ ବିଜ୍ଞପ୍ତି ପ୍ରକାଶ କରିବେ। ଆଗ୍ରହୀ ପ୍ରାର୍ଥୀମାନେ କେବଳ ହିମ୍ସ ପୋର୍ଟାଲ୍ ମାଧ୍ୟମରେ ହିଁ ଆବେଦନ କରିପାରିବେ। ଆବେଦନ ପାଇଁ ପ୍ରାର୍ଥୀଙ୍କ ସର୍ବାଧିକ ବୟସ ସୀମା ସର୍ବାଧିକ ୬୨ ବର୍ଷ ରଖାଯାଇଛି। କଲେଜ ପରିଚାଳନା କମିଟି ଅଧ୍ୟକ୍ଷଙ୍କ ନେତୃତ୍ୱରେ ଗଠିତ ଚୟନ କମିଟି ସେମାନଙ୍କ ଚୟନ କରିବ। ଅନୁରୂପ ଭାବେ ଅଣଶିକ୍ଷକ ପଦରେ ମଧ୍ୟ ଅବସରପ୍ରାପ୍ତ କର୍ମଚାରୀଙ୍କୁ କଣ୍ଟ୍ରାକ୍ଚୁଆଲ୍ ନିଯୁକ୍ତି ଦିଆଯିବ।

# ନୂଆପଡ଼ା ଉପନିର୍ବାଚନ: ୮ ଜୋନ୍‌ରେ ୮ ମନ୍ତ୍ରୀଙ୍କୁ ଦାୟିତ୍ୱ ଦେଲା ବିଜେପି

ଭୁବନେଶ୍ୱର, ୨୩।୧୦(ସମିସ): ନୂଆପଡ଼ା ଉପ ନିର୍ବାଚନ ପାଇଁ ଶାସକ ବିଜେପି ୮ଟି ଜୋନରେ ସାଂଗଠନିକ କାର୍ଯ୍ୟ ତଦାରଖ ପାଇଁ ୮ ଜଣ ମନ୍ତ୍ରୀଙ୍କୁ ଦାୟିତ୍ୱ ପ୍ରଦାନ କରିଛି। ସୂଚନା ଅନୁଯାୟୀ ବଞ୍ଜରା ପାଇଁ ରବି ନାରାୟଣ ନାଏକଙ୍କୁ ଦାୟିତ୍ୱ ମିଳିଥିବାବେଳେ, ସୁନାବେଡ଼ା ପାଇଁ ଗଣେଶ ରାମ ସିଂ ଖୁଣ୍ଟିଆଙ୍କୁ ଦାୟିତ୍ୱ ଦିଆଯାଇଛି। ସେହିପରି ପାଟାଲେଶ୍ୱର ପାଇଁ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକ, ଜୟଙ୍ଗା ପାଇଁ କୃଷ୍ଣଚନ୍ଦ୍ର ପାତ୍ର, କୋମନାଭଇରା ପାଇଁ ବିଭୂତି ଭୂଷଣ ଜେନା, ଯୋଗେଶର ପାଇଁ ନିତ୍ୟାନନ୍ଦ ଗଣ୍ଡଙ୍କୁ ଦାୟିତ୍ୱ ଦିଆଯାଇଛି। ନୂଆପଡ଼ା ଏନଏସି ଦାୟିତ୍ୱ ଡ. ମୁକେଶ ମହାଲିଙ୍ଗ ଏବଂ ଖରିଆର ରୋଡ୍ ଏନଏସି ପାଇଁ କୃଷ୍ଣଚନ୍ଦ୍ର ମହାପାତ୍ରଙ୍କୁ ଦାୟିତ୍ୱ ପ୍ରଦାନ କରାଯାଇଥିବା ଦଳୀୟ ସୂତ୍ରରୁ ଜଣାପଡ଼ିଛି।

# ମାଟିର ମୋହ: ପୂର୍ବପୁରୁଷଙ୍କ ଜନ୍ମସ୍ଥାନ ଖୋଜୁଛନ୍ତି ରାମରୂପ



- **ମରିସସରେ ପ୍ରଶାସନିକ ଅଧିକାରୀ ଅଛନ୍ତି ରାମରୂପ ଜଗନ୍ନାଥ**
- **୧୮୭୦ରେ ଓଡ଼ିଶା ଛାଡ଼ିଥିଲେ ରାମରୂପଙ୍କ ପୂର୍ବଜ ଜଗନ୍ନାଥ**

ଭୁବନେଶ୍ୱର,୨୩।୧୦(ସମିସ): ୧୮୭୦ ଅକ୍ଟୋବର ୨୩ ତାରିଖରେ କଲିକତା ବନ୍ଦରରୁ ମରିସସ୍ ଅଭିମୁଖେ ବାହାରିଥିଲା ଗୋଟିଏ ଜାହାଜ। ଜାହାଜର ନାମ ଥିଲା ଆଲୁମ ଘିୟର। ଏଥିରେ ୩ ଜଣ ଶିଶୁଙ୍କ ସହ ଜାହାଜରେ ଥିଲେ ୧୫୪ ଜଣ ଯାତ୍ରୀ ଓ ୪୯ ଜଣ ନାବିକ। ସେମାନଙ୍କ ମଧ୍ୟରେ ଜଣେ ଯାତ୍ରୀ ଥିଲେ ତତ୍‌କାଳୀନ କଟକ ଜିଲ୍ଲାର ଯାଜପୁର ଗ୍ରାମ ନିକଟସ୍ଥ ମୂଳଗାଁର ଜଗନ୍ନାଥ। ସେତେବେଳେ ତାଙ୍କ ବୟସ ଥିଲା ୨୫ ବର୍ଷ। ଆଉ ଏବେ ଠିକ୍ ୧୫୫ ବର୍ଷ ପରେ ନିଜ ପୂର୍ବ ପୁରୁଷଙ୍କ ଜନ୍ମମାଟି ଖୋଜିଖୋଜି ୮ ହଜାର କିଲୋମିଟର ଦୂର ମରିସସ୍‌ରୁ ଆସି ଆଜି ଓଡ଼ିଶାରେ ପହଞ୍ଚିଛନ୍ତି ସେହି ଜଗନ୍ନାଥଙ୍କ ପଞ୍ଚମ ପିଢ଼ିର ବଂଶଧର ରାମରୂପ ଜଗନ୍ନାଥ।

ରାମରୂପ ଜଗନ୍ନାଥ ମରିସସ ସରକାରଙ୍କ ଜଣେ ପଦସ୍ଥ ଅଧିକାରୀ। ନିଜର ପୂର୍ବ ପୁରୁଷଙ୍କ ଜନ୍ମମାଟି ଛୁଇଁବାକୁ ତାଙ୍କ ମନରେ ଅଦ୍ଭୁତ ଅଭିଳାଷା ସୃଷ୍ଟି ହେବା ପରେ ସେ ୨୦୧୨ ମସିହାରେ ପରିବାର ସହ ଓଡ଼ିଶା ଆସିଥିଲେ। ଅନେକ ଖୋଜାଖୋଜି କରିଥିଲେ ମଧ୍ୟ ସଠିକ୍ ଭାବରେ ତାଙ୍କର ପୂର୍ବପୁରୁଷଙ୍କ ଜନ୍ମସ୍ଥାନର ସନ୍ଧାନ ନ ପାଇ ଫେରି ଯାଇଥିଲେ। ଏବେ ପୁଣିଥରେ ସେ ଓଡ଼ିଶା ଆସିଛନ୍ତି। ତାଙ୍କ ସୂଚନା ଅନୁସାରେ ତାଙ୍କ ପ୍ରପିତାମହ ଅର୍ଥାତ୍ ୧୮୭୦ରେ ମରିସସ ଯାଇଥିବା ତାଙ୍କର ପୂର୍ବ ପୁରୁଷ ଜଗନ୍ନାଥଙ୍କ ସାଙ୍ଗିଆ ଥିଲା ଦାସ। ମରିସସ ଜାତୀୟ ଅଭିଲେଖାଗାରରେ ଥିବା ତଥ୍ୟ ଅନୁସାରେ ଜଗନ୍ନାଥଙ୍କ ପ୍ରବାସୀ ନମ୍ବର ଥିଲା ୩୭୫୦୩୬ ଓ ତାଙ୍କୁ ବ୍ରିଟିଶମାନେ ମରିସସରେ ଆଖୁ କ୍ଷେତରେ 'ବନ୍ଧୁଆ ଶ୍ରମିକ' ଭାବରେ ନିଯୁକ୍ତି ଦେଇଥିଲେ।

୩୦ ବର୍ଷ ବୟସରେ ଜଗନ୍ନାଥ ସେଠାରେ ଜଣେ ବଙ୍ଗଳାଭାଷୀ ଯୁବତୀ (ବାଙ୍କୁଡ଼ା ଅଞ୍ଚଳରୁ ମରିସସ୍ ଯାଇଥିବା) ଲକ୍ଷ୍ମୀ (ଲକ୍ଷ୍ମୀ)ଙ୍କୁ ବିବାହ କରିଥିଲେ। ପାଞ୍ଚ ବର୍ଷ ପରେ ତାଙ୍କର ବନ୍ଧକ ଅବଧି ଶେଷ ହୋଇଯିବା ପରେ ଜଗନ୍ନାଥ ଆଉ ଓଡ଼ିଶା ନ ଫେରି ସେଠାରେ ବସବାସ କରିବାକୁ ନିଷ୍ପତ୍ତି ନେଇଥିଲେ। ସେତେବେଳେ ତାଙ୍କ ୨ଟି ପୁଅ ଓ ଦୁଇଟି ଝିଅ ଜନ୍ମ ନେଇ ସାରିଥିଲେ। ଜଗନ୍ନାଥଙ୍କ ପୁଅ ସତ୍‌ବାଜୀ (ସତ୍‌ବାଦୀ)ଙ୍କ ପୁଅ ଶମସୁନ୍ଦର (ଶ୍ୟାମସୁନ୍ଦର)ଙ୍କ ନାତି ହେଉଛନ୍ତି ରାମରୂପ ଜଗନ୍ନାଥ। ରାମରୂପଙ୍କ ପିତାଙ୍କ ନାମ ପରମେଶ୍ୱର ଓ ସେ ଓଡ଼ିଶାରୁ ପ୍ରବାସ ଯାଇଥିବା ଜଗନ୍ନାଥଙ୍କ ପ୍ରପୁତ୍ର।

ମରିସସ୍‌ରେ ନିଜ ପିତାମହ ଓ ପ୍ରପିତାମହ ରଖିଥିବା ଦଲିଲରୁ ମିଳିଥିବା ତଥ୍ୟରୁ ରାମରୂପ ଜଗନ୍ନାଥ ଅନେକ ସୂଚନା ସଂଗ୍ରହ କରିଛନ୍ତି। ତାଙ୍କର ପୂର୍ବ ପୁରୁଷଙ୍କ ଘର ଯାଜପୁରରେ ବିରଜା ମନ୍ଦିର ଓ ବୈତରଣୀ ନଦୀର ମଧ୍ୟବର୍ତ୍ତୀ ଅଞ୍ଚଳରେ ହୋଇଥିବା ସେ ଅନୁମାନ କରିଛନ୍ତି। ୨୦୧୨, ୨୦୧୫ ଓ ୨୦୧୯ରେ ସେ ତିନିଥର ଓଡ଼ିଶା ଆସି ନିଜ ପୂର୍ବ ପୁରୁଷଙ୍କ ଗାଁର ସନ୍ଧାନ କରିଥିଲେ ମଧ୍ୟ ସ୍ପଷ୍ଟ ଭାବରେ କୌଣସି ପ୍ରମାଣ ପାଇ ନାହାନ୍ତି। ତେବେ ତାଙ୍କର ଗୋତ୍ର ସାଣ୍ଡିଲ୍ୟ ହୋଇଥିବାରୁ ଯାଜପୁର ନିକଟସ୍ଥ ସାଣ୍ଡିଲ୍ୟ ଗୋତ୍ରଧାରୀ ପରିବାର ସମ୍ପର୍କରେ ଅନୁସନ୍ଧାନ ଜାରି ରଖିଛନ୍ତି। ଯାଜପୁର ଅଞ୍ଚଳର କିଛି ବ୍ୟକ୍ତି ଓ ବିଶ୍ୱ ଓଡ଼ିଆ ପରିବାରର ପ୍ରମୁଖ ସଜ୍ଜନ ଶର୍ମା ଆଜି ରାମରୂପଙ୍କୁ ସ୍ୱାଗତ କରିଛନ୍ତି। ଏହା ସହ ତାଙ୍କ ପୂର୍ବ ପୁରୁଷଙ୍କ ଗ୍ରାମର ଅନୁସନ୍ଧାନରେ ସହଯୋଗ କରିବାକୁ ପ୍ରତିଶ୍ରୁତି ଦେଇଛନ୍ତି। ଅନ୍ୟପକ୍ଷରେ ମୁଖ୍ୟମନ୍ତ୍ରୀ ମୋହନ ମାଝୀ ଓ ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀଙ୍କୁ ଭେଟି ତାଙ୍କୁ ସହାୟତା କରିବାକୁ ଅନୁରୋଧ କରିବେ ବୋଲି ରାମରୂପ କହିଛନ୍ତି।

**■ ବିଜେଡି ମହିଳା କର୍ମୀଙ୍କୁ ଆକ୍ରମଣ ଘଟଣା**

## ଉଭୟ ପକ୍ଷରୁ ଜଣେ ଲେଖାଏଁ ଗିରଫ

ଜଗତସିଂହପୁର, ୨୩।୧୦ (ସମିସ): ବିଜେଡି ମହିଳା କର୍ମୀ ରଶ୍ମିରଞ୍ଜିତା ପରିଡ଼ାଙ୍କୁ ମରଣାନ୍ତକ ଆକ୍ରମଣ ଘଟଣାରେ ପୁଲିସ ଅନିରୁଦ୍ଧ ରାଉତଙ୍କୁ ଗିରଫ କରିଥିବା ବେଳେ ଅପରପକ୍ଷର ପାଲଟା ଅଭିଯୋଗରେ ରଶ୍ମିଙ୍କ ପୁଅ ରାହୁଲଙ୍କୁ ଗିରଫ କରିଛି। ଜଗତସିଂହପୁର ସଦର ଥାନା ଅନ୍ତର୍ଗତ ପଟସରା ଗ୍ରାମରେ ଦୋପାଖଳି ରାତିରେ ଦୁଇ ପରିବାର ମଧ୍ୟରେ ବିବାଦକୁ କେନ୍ଦ୍ର କରି ରଶ୍ମିଙ୍କୁ ଆକ୍ରମଣ କରାଯାଇଥିଲା।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଦୃଷ୍ଟିଶକ୍ତି ହରାଇଲେ...

ଏହି ବାଣ ବୋମା ଭଳି ବିସ୍ଫୋରଣ କରିଥିଲା। ସାମାଜିକ ଗଣମାଧ୍ୟମରେ ଏହାର ପ୍ରଚାର ହେଉଥିବା ବେଳେ ପିଲା ଓ ଅଭିଭାବକମାନେ ଏହାକୁ କିଣି ଘରକୁ ନେଇଥିଲେ। ଅନେକ ଲୋକ ଭିଡିଓ ଦେଖି ନିଜ ଘରେ ଏହା ତିଆରି କରିଥିଲେ। ଜଣେ ଅଭିଭାବକଙ୍କ କହିବା ଅନୁଯାୟୀ ଏହି ବାଣ ବୋମା ଭଳି ଫୁଟିଥିଲା ଏବଂ ତାଙ୍କ ପିଲାର ଆଖି ଜଳିଯାଇଥିଲା। ତାକୁ ସଙ୍ଗେସଙ୍ଗେ ମେଡିକାଲ ନିଆଯାଇଥିଲା। ତାର ଗୋଟିଏ ଆଖି ନଷ୍ଟ ହୋଇଯାଇଥିବା ବେଳେ ଅନ୍ୟ ଆଖିରେ ବି ଗୁରୁତର ଆଘାତ ଲାଗିଛି। ଭୋପାଳ ସମେତ ଜବଲପୁର, ଇନ୍ଦୋର ଓ ଗ୍ୱାଲିୟରରୁ ମଧ୍ୟ ଏଭଳି ରିପୋର୍ଟ ଆସିଛି। ତେବେ ଭିଦିସା ଅଞ୍ଚଳରେ ଏହା ଭୟଙ୍କର ରୂପ ନେଇଛି। ଏଠାରେ ସର୍ବାଧିକ ପିଲା କ୍ଷତିଗ୍ରସ୍ତ ହୋଇଛନ୍ତି। ଅନେକ ପିଲାଙ୍କୁ ଅତ୍ୟନ୍ତ ଗୁରୁତର ଅବସ୍ଥାରେ ଆଇସିୟୁରେ ଭର୍ତ୍ତି କରାଯାଇଛି। ବର୍ତ୍ତମାନ ସୁଦ୍ଧା ୧୪ ପିଲା ଦୃଷ୍ଟିଶକ୍ତି ହରାଇଥିବା ବେଳେ ଏହି ସଂଖ୍ୟା ବୃଦ୍ଧି ପାଇବାର ଆଶଙ୍କା କରାଯାଉଛି।

ଏହି ଘଟଣା ପରେ ପୁଲିସ କାର୍ଯ୍ୟାନୁଷ୍ଠାନ ଆରମ୍ଭ କରି ୬ ଜଣଙ୍କୁ ଗିରଫ କରିଛି। ଜଣେ ପୁଲିସ ଅଧିକାରୀ କହିଛନ୍ତି ଯେ 'ଫାୟରକ୍ରାକର ଗନ୍ ଚାଲେଞ୍ଜ ନାମରେ ପିଲାମାନେ ୟୁଟ୍ୟୁବ ଏବଂ ଭିଡିଓ ଓ ଇନଷ୍ଟାଗ୍ରାମ ରିଲ୍ସ ଜରିଆରେ ପ୍ରତିଯୋଗିତା ଚଳାଉଥିଲେ। ଏଥିରେ ସେମାନେ କାର୍ବାଇଡ଼ ଗନ୍ ବାଣ ଫୁଟାଉଥିବାର ଭିଡିଓ ରେକର୍ଡ଼ କରିଥିଲେ। ଏହି ସମୟରେ ଏଭଳି ଭୟଙ୍କର ବିସ୍ଫୋରଣ ହୋଇଛି।

### ୨ ହଜାର ଲୋକଙ୍କଠାରୁ...

ଲୋକଙ୍କ ପାଖରୁ ଟଙ୍କା ନେଇ ମିଛି ନିଯୁକ୍ତି ଦେଉଥିଲା। ଏ ସଂକ୍ରାନ୍ତରେ ବିଭିନ୍ନ ଗଣମାଧ୍ୟମରେ ଖବର ପ୍ରକାଶ ପାଉଥିଲା। ହେଲେ ଥାନାରେ କୌଣସି ମାମଲା ଦାଖଲ ହୋଇ ନଥିଲା। ପୁଲିସ ନିଜ ଆଡ଼ୁ ଏହି ମାମଲାର ତଦନ୍ତ ଜାରି ରଖିଥିଲା। ଗତକାଲି ଚିପିଲିମା ଅଞ୍ଚଳରେ ଏକ ବିରାଟ ସମାବେଶ ହୋଇଥିଲା। ରାହୁଲ ଓ ପଦ୍ମାବାୟ ବିରାଟକାୟ ବୈଠକର ଆୟୋଜନ କରିଥିଲେ। ସମ୍ବଲପୁର, ବରଗଡ଼, ଦେଓଗଡ଼ ଓ ସୋନପୁର ଜିଲ୍ଲାରୁ ୨ରୁ ୩ ହଜାର ଲୋକଙ୍କ ସମାବେଶ ହୋଇଥିଲା। ଏହା ପ୍ରକାରର ନିଯୁକ୍ତି ମେଳା ଆୟୋଜିତ ହୋଇଥିଲା। ପୁଲିସ ଖବର ପାଇ ଉଭୟଙ୍କୁ ଥାନାକୁ ଆଣି ଅଟକ ରଖିଥିଲା। ଏହି ଦୁଇ ଅଭିଯୁକ୍ତ ଲୋକଙ୍କ ଏପରି ଭରସା ଜିତିଥିଲେ ଯେ ସାଧାରଣ ମହିଳାମାନେ ସେମାନଙ୍କୁ ଛାଡ଼ି ଦେବା ପାଇଁ ଥାନା ଘେରାଉ କରିଥିଲେ। ପୁଲିସ ବୁଝାସୁଝା କରିବା ପରେ ମହିଳା ମାନେ ଶାନ୍ତ ପଡ଼ିଥିଲେ।

ଏହି ଦୁଇ ଅଭିଯୁକ୍ତ ନିଯୁକ୍ତି ଆଳରେ ଲୋକଙ୍କ ପାଖରୁ ପ୍ରଥମେ ୧୨ ହଜାର ନେଉଥିଲେ। ଜଣକ ପାଖରୁ ନେଇ ଅନ୍ୟମାନଙ୍କ ଦରମା ଆକାରରେ ମଧ୍ୟ ଦେଉଥିଲେ। ଲୋକଙ୍କ ବିଶ୍ୱାସ ଭରସା ସୃଷ୍ଟି କରିବା ପାଇଁ ଏହି ପ୍ରୟାସ ଜାରି ରଖିଥିଲେ। ରାହୁଲ ପୂର୍ବରୁ ଜେଲିରେ ବୟ ଭାବେ କାମ କରୁଥିବା ବେଳେ ପଦ୍ମାବାୟ ସହ ସମ୍ପର୍କରେ ଆସିଥିଲେ। ଲୋକଙ୍କୁ ଏଭଳି ନିଯୁକ୍ତି ଦେବା କହି ଯୋଜନା କରିଥିଲେ। କେବଳ ସଫେଇ କର୍ମଚାରୀ ନୁହେଁ, ସୁପରଭାଇଜର, ଫିଲ୍ଡ ଅଫିସର ଭାବେ ନିଯୁକ୍ତି ଦେଇ ନୂତନ ଲୋକଙ୍କୁ ମଧ୍ୟ ଯୋଡ଼ୁଥିଲେ ବୋଲି ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ସମ୍ବଲପୁର ଏସ୍‌ପି ମୁକେଶ ଭାମୁ କହିଛନ୍ତି।

### କଟକରୁ ୩୨...

ପୁଲିସ ସୂଚନାନୁସାରେ, କୋଲକାତାର ୨ଜଣ ମାଷ୍ଟରମାଇଣ୍ଡ କ୍ରିପ୍ଟୋ-କରେନ୍ସିରେ ମୋଟା ଅଙ୍କର ଟଙ୍କା ଲଗାଉଥିବା ୩୦ ଜଣ ନିବେଶକାରୀଙ୍କୁ ନେଇ ପ୍ରଥମେ ପୁରୀ ଯାଇଥିଲେ। ସେଠାରେ ବୁଲାବୁଲି କରି କଟକର ଜସ୍ମିନ୍ ହୋଟେଲରେ ଗତକାଲି ବିଳମ୍ବିତ ରାତିରେ ଆସି ପହଞ୍ଚିଥିଲେ। ଏହି ହୋଟେଲରେ ଓଡ଼ିଆ ଲୋକଙ୍କ ସେମାନଙ୍କ ଜାଲରେ ଫସାଇବା ପାଇଁ ଚକ୍ରାନ୍ତ କରୁଥିଲେ। ୨ ଦିନ ଏଠାରେ ରହି କଟକ ଓ ଭୁବନେଶ୍ୱରର କେତେକ ଯୁବକଙ୍କୁ ତାଙ୍କ ଜାଲରେ ଫସାଇବା ପାଇଁ ପ୍ଲାନ୍ ପ୍ରସ୍ତୁତ କରାଯାଇଥିଲା।

ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗ ହେଉଛି, ୨ଜଣ ମାଷ୍ଟରମାଇଣ୍ଡ ୧୦୦ କୋଟିରୁ ଅଧିକ ଟଙ୍କା ପଶ୍ଚିମବଙ୍ଗରେ ଠକେଇ କରିସାରିଥିଲେ। ଏବେ ନୂଆ ଏକ କ୍ରିପ୍ଟୋ ଆପ୍ଲିକେସନ୍ 'ଇକୋ ଇନଭେଷ୍ଟ' ଲଞ୍ଚ କରି ଏଥିରେ ବିନିଯୋଗକାରୀଙ୍କୁ ବିନିଯୋଗ କରିବା ପାଇଁ ପ୍ରଲୋଭିତ କରୁଥିଲେ। ସେମାନେ ପୂର୍ବରୁ 'କିରୋ-ଓ୍ୱାର୍ଲ୍ଡ' ନାମକ ଏକ ଆପ୍ ଲଞ୍ଚ କରି ଠକେଇ କରିସାରିଥିଲେ। ପଶ୍ଚିମବଙ୍ଗର ସାଧାରଣ ଲୋକମାନେ 'କିରୋ-ଓ୍ୱାର୍ଲ୍ଡ'ରେ ପ୍ରାୟ ୧୦୦ କୋଟି ଟଙ୍କା ବିନିଯୋଗ କରି ସାରିଥିଲେ। ପରେ ସ୍ଥାନୀୟ କାର୍ଯ୍ୟାଳୟରେ ତାଲା ଝୁଲେଇ ୨ଜଣ ମାଷ୍ଟରମାଇଣ୍ଡ ଓଡ଼ିଶାମୁହାଁ ହୋଇଥିଲେ। ତେବେ ୨ଜଣ ମାଷ୍ଟରମାଇଣ୍ଡଙ୍କୁ ବାଦ୍ ଦେଲେ ହୋଟେଲରୁ ଗିରଫ ହୋଇଥିବା ଅନ୍ୟ ୩୦ଜଣ ହେଉଛନ୍ତି ଅର୍ଥ ବିନିଯୋଗକାରୀ। ସେମାନେ ପୂର୍ବରୁ ଲକ୍ଷାଧିକ ଟଙ୍କା ବିନିଯୋଗ କରିବା ପରେ ନିଜ ଟଙ୍କା ଫେରାଇବାକୁ ଜିଦ୍ ଧରିବାରୁ ସମ୍ପୃକ୍ତ ସଂସ୍ଥାର ଅଭିଯୁକ୍ତମାନେ ସେମାନଙ୍କୁ ସାଙ୍ଗରେ ଆଣି ମିଟିଂ କରାଇବା ପରେ ଟଙ୍କା ଫେରସ୍ତ ଦେବାକୁ କହିଥିଲେ। ମାତ୍ର ସମସ୍ତ ଯୋଜନା ପଣ୍ଡ ହୋଇଥିଲା। ଖବର ପାଇ ଜସ୍ମିନ୍ ହୋଟେଲରେ ପୁଲିସ ପହଞ୍ଚି ସେମାନଙ୍କୁ ଥାନାକୁ ନେଇ ପଚରାଉଚରା ଜାରି ରଖିଛି। ଜସ୍ମିନ୍ ହୋଟେଲରେ ଚଢ଼ଉ କରାଯିବା ପରେ ପୁଲିସ ଶିଖରପୁରରେ ଥିବା ଆଉ ୨ଟି ହୋଟେଲ୍‌ରେ ଚଢ଼ଉ କରିଥିଲା। ହେଲେ ସେଠାରୁ ସେମିତି କୌଣସି ବ୍ୟକ୍ତିଙ୍କୁ ଠାବ କରାଯାଇନାହିଁ।

ଡିସିପି ଶ୍ରୀ ଦ୍ୟାନଦେଓଙ୍କ ଏ ସମ୍ପର୍କରେ କହିଛନ୍ତି ଯେ କ୍ରିପ୍ଟୋ କାରବାର ନାଁରେ ଠକେଇ ଏବଂ ବିନିଯୋଗକାରୀଙ୍କୁ ଅପହରଣ କରି ହୋଟେଲରେ ରଖିବା ଘଟଣାରେ ୨ଟି ମାମଲା ରୁଜୁ ହୋଇପାରେ। କ୍ରିପ୍ଟୋ-କରେନ୍ସିରେ ଅର୍ଥ ବିନିଯୋଗ କରି ଠକାମି ଶିକାର ହୋଇଥିବା ୩୦ଜଣ କୋଲକାତା ଲୋକ ୨ଜଣ ଅଭିଯୁକ୍ତଙ୍କ ସହ ହୋଟେଲ୍ ଜସ୍ମିନ୍‌ରେ ମିଟିଂ କରିବାକୁ ଆସିଥିଲେ। ସମସ୍ତ ଅଭିଯୁକ୍ତଙ୍କୁ ଗିରଫ କରାଯାଇଛି। ଅଧିକ ତଦନ୍ତ ଜାରି ରହିଛି। ସେମାନେ କୌଣସି ବଡ଼ ଘଟଣା ନୁହନ୍ତି। କୌଣସିପ୍ରକାର ଗୁଜବ ସୃଷ୍ଟି ନ କରିବାକୁ ଡିସିପି ଜନସାଧାରଣଙ୍କୁ ନିବେଦନ କରିଛନ୍ତି। ଏହି ଘଟଣାରେ ପୁଲିସ ଅଧିକ ଖୋଳତାଡ଼ ଜାରି ରଖିଛି ବୋଲି ଡିସିପି ସୂଚନା ଦେଇଛନ୍ତି।

### ବିଶ୍ୱର ୧୧ ପ୍ରତିଶତ...

ବ୍ୟାଙ୍କରେ ଜମା ଥିବା ସୁନାର ପରିମାଣ ନୈରାଶ୍ୟଜନକ। ରିଜର୍ଭ ବ୍ୟାଙ୍କରେ ରହିଛି ମାତ୍ର ୮୮୦ ଟନ୍ ସୁନା। ବିଶ୍ୱ ଅର୍ଥନୀତିରେ ଅସ୍ଥିରତା ଯୋଗୁଁ ସେୟାର ବଜାର ଖସୁଥିବା ବେଳେ ସୁନା ଚାହିଦା ବଢ଼ିବାରେ ଲାଗିଛି। ଲୋକମାନେ ସେୟାର ଛାଡ଼ି ସୁନାରେ ଅର୍ଥ ବିନିଯୋଗ କରୁଛନ୍ତି। ଏହି କାରଣରୁ ସୁନା ଚାହିଦା ବଢ଼ିବାରେ ଲାଗିଛି। ତେବେ ଉଲ୍ଲେଖନୀୟ କଥା ହେଉଛି ଯେ ବୁଲିୟନ୍ ବଜାରରେ ସୁନା ଦାମ୍ ବଢ଼ି ଚାଲିଥିବା ବେଳେ ଭାରତରେ ଏହାର ଚାହିଦା ମଧ୍ୟ ବଢ଼ି ଚାଲିଥିଲା। ଭାରତରେ କେବଳ ବ୍ୟବସାୟ ଉଦ୍ଦେଶ୍ୟରେ ସୁନା କିଣୁନଥିଲେ, ବିବାହ ଓ ଅନ୍ୟ କାର୍ଯ୍ୟ ପାଇଁ ମଧ୍ୟ ସବୁଠାରୁ ବେଶି ସୁନା କିଣାଯାଇଛି।

ଇତିମଧ୍ୟରେ ଭାରତୀୟ ରିଜର୍ଭ ବ୍ୟାଙ୍କ ଏହାର ସୁନା ଭଣ୍ଡାରରେ ଆଉ ୬ କ୍ୱିଣ୍ଟାଲ ସୁନା ଯୋଡ଼ିଛି। ବର୍ତ୍ତମାନ ରିଜର୍ଭ ବ୍ୟାଙ୍କରେ ୮୮୦.୧୮ ଟନ୍ ସୁନା ଗଚ୍ଛିତ ରହିଛି। ରିଜର୍ଭ ବ୍ୟାଙ୍କ କେବଳ ଚଳିତ ଆର୍ଥିକ ବର୍ଷର ପ୍ରଥମାର୍ଦ୍ଧରେ ପ୍ରାୟ ୬ କ୍ୱିଣ୍ଟାଲ ସୁନା କିଣିଛି। ଏହି ପଦକ୍ଷେପ ଏପରି ସମୟରେ ନିଆଯାଇଛି, ଯେତେବେଳେ ବିଶ୍ୱବ୍ୟାପୀ ଆର୍ଥିକ ଏବଂ ଭୂ-ରାଜନୈତିକ ଅନିଶ୍ଚିତତା ବଢ଼ୁଛି। ନିବେଶକମାନେ ସୁନାକୁ ଏକ ସୁରକ୍ଷିତ ନିବେଶ ମାଧ୍ୟମ ଭାବେ ବିବେଚନା କରୁଛନ୍ତି।

ଆରବିଆଇର ବୁଲେଟିନ୍ ଅନୁଯାୟୀ, ବିଶ୍ୱବ୍ୟାପୀ କେନ୍ଦ୍ରୀୟ ବ୍ୟାଙ୍କଗୁଡ଼ିକ ମଧ୍ୟ ସେମାନଙ୍କର ସରକାରୀ ଭଣ୍ଡାରରେ ୧୬୬ ଟନ୍ ସୁନା ଯୋଡ଼ିଛନ୍ତି। ଯେତେବେଳେ ବଜାରରେ ଅସ୍ଥିରତା ବୃଦ୍ଧି ପାଏ କିମ୍ବା କୌଣସି ଦେଶର ମୁଦ୍ରା ଚାପରେ ଆସେ, ନିବେଶକମାନେ ସୁନା ଆଡ଼କୁ ମୁହାଁଇଥାନ୍ତି। ଆରବିଆଇର ସୁନା ଭଣ୍ଡାରରେ ବୃଦ୍ଧି ଦେଶର ବୈଦେଶିକ ମୁଦ୍ରା ସଂରକ୍ଷଣ ସ୍ଥିରତା ଏବଂ କ୍ରେଡିଟ୍ ରେଟିଂ ଉପରେ ମଧ୍ୟ ସକାରାତ୍ମକ ପ୍ରଭାବ ପକାଏ। ଏହା ଦେଶର ଆର୍ଥିକ ସୁରକ୍ଷା ଏବଂ ବିଶ୍ୱ ବିଶ୍ୱାସକୁ ମଜଭୁତ କରେ।

ସୂଚନାଯୋଗ୍ୟ ଯେ ୧୮୦ଟି ଦେଶର କେନ୍ଦ୍ରୀୟ ବ୍ୟାଙ୍କ ଗୁଡ଼ିକରେ ୪୬ ହଜାର ଟନ୍ ସୁନା ଗଚ୍ଛିତ ଥିବା ବେଳେ ୮ ହଜାର ଟନ୍ ସହିତ ଆମେରିକା ପ୍ରଥମ ସ୍ଥାନରେ ରହିଛି। ଏହା ପଛକୁ ରହିଛନ୍ତି ଜର୍ମାନୀ (୩୩୫୦ ଟନ୍), ଫ୍ରାନ୍ସ (୨୪୦୦ ଟନ୍), ଇଟାଲି (୨୪୫୦ ଟନ୍), ରୁଷିଆ (୨୩୦୦ ଟନ୍), ଚୀନ (୨୨୦୦ ଟନ୍), ସ୍ୱିଜରଲାଣ୍ଡ (୧୦୦୦ ଟନ୍) ଏବଂ ଭାରତ (୮୮୦ ଟନ୍)।

### କେନ୍ଦ୍ରାପଡ଼ାରେ ଶିଶୁ...

ନାମକ ବ୍ୟକ୍ତିଙ୍କର ଝିଅ ଏବଂ ତାଙ୍କୁ ନେଇ ମଧ୍ୟ ତଦନ୍ତର ଆବଶ୍ୟକତା ରହିଛି। ଏହି ଘଟଣା ସହ ସମ୍ପୃକ୍ତ ସମସ୍ତ ଦୋଷୀଙ୍କ ବିରୁଦ୍ଧରେ କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସ୍ଥାନୀୟ ଗ୍ରାମବାସୀ ଗଣେଶ ସେନାପତି, ବିଚିତ୍ର ସେନାପତି, ରାଜେନ୍ଦ୍ର ପଣ୍ଡା, ଧାରେନ ସାହୁ, ତାର୍ଥ ପରିଡ଼ା, ରମାକାନ୍ତ ଦାଶ, ଦିଲ୍ଲୀପ ମଲ୍ଲିକ ଦାବି କରିଛନ୍ତି।


**AFFIDAVIT**
I, Sangram Keshori Sahu, S/o- Muralidhar sahu, Resident of Flat No.: B/10, Plot No.: 281, Ghanashyam Enclave, Jayadev Vihar, Regional Reserach Laboratory, Dist.: Khorda, Odisha, PIN-751013, declared by this Affidavit No.1303/2025 Dated: 23.10.2025. That now onwards I shall be known as **SANGRAM KESHARI SAHU** for all future Purposes.

**AFFIDAVIT**
I, Abutanvir Khan, S/o- Taleb Tajju Khan, Resident of S.No-90,Pavna Nagar, Colony No.: 2, Pune City, PO: Kalewadi, Dist.: Pune, Maharashtra, PIN-411017, declared by this Affidavit No.1305/2025,Dated: 23.10.2025. That now onwards I shall be known as **ABUTANVIR TALEB KHAN** for all future Purposes.

**PUJA OFFER SALE**
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
**9437015112**

**NAME CHANGE**
By virtue of an affidavit sworn before the Executive Magistrate, Astarang, CF.NO. 2170, dated 23/09/2025, I, **ROHIT KUMAR KANDI**, S/o Sanatan Kandi resident of At: Ananta, Po: Alasahi, Ps - Astaranga, Dist- Puri, State- Odisha declare that I have changed my son's name from **R.LBEDABYASH ROUT** (Old Name) to **RL BEDABYASH ROUT** (New Name). Henceforth, he shall be known as **RL BEDABYASH ROUT** for all future purposes.
(Sd- **ROHIT KUMAR KANDI**)

**AFFIDAVIT**
By virtue of an affidavit before Executive Magistrate on 23.10.2025, Bhubaneswar, I, T. Pratap Patro, S/o. T. Pandab Patro, at Khushi Harmony Apartment, Palasuni, Rasulgarh, Bhubaneswar have changed my minor Son's name from T. Arman Patro to Arman Patro. Henceforth he shall be known **ARMAN PATRO** for all future purposes.

**AFFIDAVIT**
I, Muralidhara Sahu, S/o- Sadhucharan Sahu, Resident of At: Gambharia, PO:Khuntapal, Dist.: Mayurbhanj, Odisha PIN-757020, declared by this Affidavit No.1301/2025 Dated: 23.10.2025. That now onwards I shall be known as **MURALIDHAR SAHU** for all future Purposes.

**AFFIDAVIT**
I, **Mirza Meheboob Alam Baig**, S/o: Mirza Abdul Kalam Baig, Flat No.: 16/8, Block-16, Rangamatia, Gadakan. PS.:Mancheswar, Bhubaneswar-751017 Odisha Declare by this Affidavit No.: 60596 Dated: 23.10.2025,That now onwards I shall be known as **Mirza Mehebub Alam Baig** for all Future Purposes.

**NAME CHANGE**
By virtue of an affidavit sworn before the Executive Magistrate, Astarang, CF.NO. 2080, dated 16/09/2025, I, **SASANKA SEKHAR KANDI**, S/o Siba Kandi resident of At: Ananta, Po: Alasahi, Ps - Astaranga, Dist- Puri, State- Odisha declare that I have changed my son's name from **DEBABRAT KANDI** (Old Name) to **DEBABRAT ROUT** (New Name). Henceforth, he shall be known as **DEBABRAT ROUT** for all future purposes.
(Sd- **SASANKA SEKHAR KANDI**)

**NAME CHANGE**
By virtue of an affidavit sworn before the Executive Magistrate, Bhubaneswar, dated 22nd day of October 2025 I, **SONALIKA SINGH**, Address At: Naragoda, Tamando, Ps - Khandagiri, Dist- Khordha, State- Odisha, Pin- 752054 declare that I have changed my name from **SONALI SINGH** (Old Name) to **SONALIKA SINGH** (New Name). Henceforth, I shall be known as **SONALIKA SINGH** for all future purposes.
(Sd- **SONALIKA SINGH**)

**AFFIDAVIT**
I, Kuntala Kumari Dash, W/O- Late Nrusinha Prasad Das, Resident of At/PO: Old LIC Building, Pujariput, Koraput, Dist.: Koraput, Odisha, PIN- 764020, declared by the Affidavit No: 1215/2025 Dated: 16.10.25, that now onwards I shall be known as **KUNTALA KUMARI DAS** for all future purposes."

**AFFIDAVIT**
By virtue of an affidavit sworn before the Notary Public, Bhubaneswar dated 09.10.2025, I, Bishnu Charan Nayak, S/o- Basudev Nayak permanent resident of At: O.S.E.B colony School Campus Gridco Colony, Bhoi Nagar Bhubaneswar, Dist- Khordha, Odisha – 751022 declare that I have changed my Son's name from Punya Sankalp Nayak to Purnya Sankalp Nayak, he shall be known as **Purnya Sankalp Nayak** for all purposes.
**Sd/- Bishnu Charan Nayak**

**AFFIDAVIT**
I **RUCHITA**, D/O.: DHANRAJ JAIN RESIDENT AT FLAT NO.: 301, LAXMI VILLA, MAKERABAGH SAHI, CUTTACK, ODISHA DECLARE BY THIS AFFIDAVIT NO.: 75AA314785 DATED 25/8/25 THAT NOW ONWARDS I SHALL BE KNOWN AS **RUCHITA NABARIA** FOR ALL FURTURE PURPOSE

**AFFIDAVIT**
By virtue of an affidavit sworn before Executive Magistrate, Bargarh, I, Padmini Panda, W/o- Harishankar Panda resident of Mastertikra, Ward no.-14, Bargarh, Po./Ps./Tah./ Dist.- Bargarh, Odisha, PIN-768028 state vide affidavit no. 340 dtd.17.10. 2025 that, I have changed my name from **Asha Panda** to **Padmini Panda**. Henceforth I shall be known as **Padmini Panda** for all future purposes.

**AFFIDAVIT**
By virtue of an Affidavit (SL No. 03, Date- 23.10.2025) Sworn Before the Executive Magistrate, Padampur. I, **Minketan Bhoi** (new name), S/o- Nrupa Bhoi, permanent & current resident of AT- Sankri, PO- Bhubaneswarpur, PS- Jharbandh, Dist- Bargarh, PIN- 768039, Odisha declare that I have changed my name from **Miniketan Bhoi** (old name) to **Minketan Bhoi** (new name). Henceforth, I shall be known as **Minketan Bhoi** (new name) for all purposes.
**Minketan Bhoi**

**AFFIDAVIT**
I, Sayad Gulam Yahiya, F/o- Arif Rabbani resident of Plot No. VIM-565, At/Po- Sailashree Vihar, Near Durga Mandap, Chandrasekharpur, Bhubaneswar, Dist- Khordha, PIN- 751021, Odisha declared by this affidavit No. 19, dtd- 03/09/2025 that now onwards I shall be known as **SYED GHOLAM YAHIYA** for all future purposes.

**AFFIDAVIT**
By virtue of an affidavit No. 2466 sworn before the Notary Public, Champua on dated- 23/10/2025, I **Saroj Ranjan Giri**, resident of Vill- Fagu, Po-Raikala, Ps- Ghagarbeda, Dist- Mayurbhanj, Pin- 757035, Odisha declare that I have changed my name from **Bablu Pradhan** (old name) To **Saroj Ranjan Giri** (new name). Henceforth I shall be known as **SAROJ RANJAN GIRI** for all future purposes.
**Saroj Ranjan Giri**

**AFFIDAVIT**
I, Asifa Siddiqua, W/o- Arif Rabbani, resident of Plot No. VIM-565, At/Po- Sailashree Vihar, Near Durga Mandap, Chandrasekharpur, Bhubaneswar, Dist- Khordha, PIN- 751021, Odisha declared by this affidavit No. 18, dtd- 03/09/2025 that now onwards I shall be known as **ASIFA SIDDIQAH** for all future purposes.

**AFFIDAVIT**
By virtue of an affidavit before the Notary Public, Titilagarh, on dated- 22/10/2025. I, **Nara Nag** (applicant name), S/o Sishu Nag, permanent & current resident of At- Sanpatrapali (Jadamunda), PO- Lenjha, PS- Titilagarh, Dist- Balangir, (Odisha), PIN- 767033 declare that I have changed my minor son's name from **Prashna Nag** (old name) to **Prasanna Nag** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion he shall be known as **Prasanna Nag** (new name) for all purposes.
**Nara Nag**

**In The Hon'ble Court of Civil Judge (SD): Barhampur, Dist-Ganjam,**
**Intestate.No-02/2024**
In the Matter Of:
Bachu Venkata Subhadra ...Petitioners
Vs
Choulapalli Soroja & Others ...Respondents
**PUBLIC NOTICE**
Take notice that the above- named petitioners have applied for succession certificate to the Saving Bank Pass Book having A/c No.10603505561 of State Bank of India, Chandikhol Branch, At/PO: Chandikhol, Dist.: Jajpur in the name of Late Choulapalli Srinivas Ranga Rao (Ch S Ranga Rao).If anybody has any claim or interest over the same, he / she may appear personally or through his / her Advocate before this Hon'ble Court on 31.10.2025 at 10:30 am and file objection, if any, failing which the case will be disposed of according to law.
Given under my hand and seal of the Court this 25th day of September of 2025.
Sd/- Civil judge(SD)
Ganjam, Berhampur

**LOST**
ମୁଁ ଶ୍ରୀକୃଷ୍ଣ ସାହୁ (ବୟସ-୬୩) ପିତା - ଜଗନ୍ନାଥ ସାହୁ, ମୌଜା-ଓଡ଼ିଆପୁର, ପୋଷ୍ଟ/ଥାନା- ମଙ୍ଗଳପୁର, ଥାନା ନଂ-୧୯, ଜିଲ୍ଲା-କେନ୍ଦ୍ରାପଡ଼ା, ତା ୦୫.୦୯.୨୫ରିଖରେ ଏକ ଗୁରୁତ୍ୱପୂର୍ଣ୍ଣ ଏସଏଇପି ଦଲିଲ ହଜାଇ ଦେଇଛି। ... କାହାକୁ ମିଳିଲେ ନିମ୍ନ ଠିକଣାରେ ଯୋଗାଯୋଗ କରନ୍ତୁ।
ବିକାଶ କୁମାର ପ୍ରଧାନ (advocate)- ୭୭୭୮୩୭୧୦୬୭
ଶ୍ରୀକୃଷ୍ଣ ସାହୁ-୭୬୩୩୯୩୦୬୭୭

**AFFIDAVIT**
I, Hasimuddin Khan, S/o- Late Jalo Khan, resident of At- Nahalpur, Po- Benirampur, Ps- Nemalo, Cuttack, Pin- 754134, Odisha declare by this affidavit No- 4066, date- 07/09/2025, that now onwards I shall be known as **HASO KHAN** for all future purposes.

## ମନରେଗାରେ ଅନିୟମିତତା ଅଭିଯୋଗ



**ନାଉଗାଁ, ୨୩।୧୦(ସମିସ):** ଓଷକଣା ପଞ୍ଚାୟତରେ ଏମ୍‌ଜିଏନ୍‌ଆରଜିଏସ୍ (ମନରେଗା) କାମରେ ଅନିୟମିତତା ହୋଇଥିବା ନେଇ ଅଭିଯୋଗ ଆସିଛି। ରାଜ୍ୟ ସରକାରଙ୍କ ପକ୍ଷରୁ ଗ୍ରାମାଞ୍ଚଳରେ ମହାତ୍ମା ଗାନ୍ଧୀ ନିଶ୍ଚିତ କର୍ମନିଯୁକ୍ତି ଯୋଜନାରେ ଜବ୍ କାର୍ଡଧାରୀଙ୍କ ପାଇଁ ବିଭିନ୍ନ ପ୍ରକଳ୍ପ କାମ କରାଯାଉଛି। ତେବେ ଏଥିରେ ଅନିୟମିତତା ହେଉଥିବା ନେଇ ନାଉଗାଁ ବ୍ଲକ ଓଷକଣା ପଞ୍ଚାୟତରେ ଦେଖିବାକୁ ମିଳିଛି। ପଞ୍ଚାୟତରେ ମନରେଗା ଜରିଆରେ ମା'କେ ନାମ୍ ଏକ ପେଡ୍ କାର୍ଯ୍ୟକ୍ରମ କରାଯାଉଥିବା ବେଳେ ଏଥିରେ ଅନିୟମିତତା ସାମ୍ନାକୁ ଆସୁଛି। ମାଷ୍ଟରରୋଲ ସଂଖ୍ୟା ୮୩୦ରେ ନୟାସିଙ୍ଗଡ଼ା ପାଲାମଣ୍ଡପ ନିକଟରେ ଗତ ସେପ୍ଟେମ୍ବର ୨୯ ତାରିଖରେ ହୋଇଥିବା କାର୍ଯ୍ୟର ଫଟୋ ଏନ୍‌ଏମ୍‌ଏମ୍‌ଏସ୍ ଆପ୍‌ରେ ସକାଳ ସମୟରେ ୧୦ଜଣ ଜବ୍ କାର୍ଡଧାରୀଙ୍କ ଦିଆଯାଇଥିବା ବେଳେ ଅପରାହ୍ଣରେ ୮ଜଣ ଜବକାର୍ଡଧାରୀଙ୍କ ଉପସ୍ଥାନ ଫଟୋଆପ୍‌ରେ ଅପଲୋଡ୍ କରାଯାଇଛି। ଏହି କାର୍ଯ୍ୟରେ ୧୦ ଜଣ ଜବ୍ କାର୍ଡଧାରୀଙ୍କ ଉପସ୍ଥାନ ଦିଆଯାଇଥିବା ବେଳେ ଏହା ଏବେ ଏନ୍‌ଏମ୍‌ଏମ୍‌ଏସ୍ ଆପ୍ ତଦାରଖ ଦାୟିତ୍ୱରେ ଥିବା ଅଧିକାରୀଙ୍କ ଅବହେଳା ବୋଲି ଦେଖାଯାଇଛି। ଫଳରେ ପଞ୍ଚାୟତରେ କାର୍ଯ୍ୟ କରୁଥିବା ଅଧିକାରୀ ମନଇଚ୍ଛା ଭାବେ ଫଟୋ ଉଠାଇ ଅର୍ଥ ହଡ଼ପ କରୁଥିବା ସାଧାରଣରେ ଅଭିଯୋଗ ହେଉଛି।

## ଝିମାଣି ଗ୍ରାମରୁ ନାଗସାପ ଉଦ୍ଧାର

**ପାରାଦୀପ, ୨୩।୧୦(ସମିସ):** ଆଜି ପାରାଦୀପ ଉପକଣ୍ଠ ବଗଦିଆ ପଞ୍ଚାୟତର ଝିମାଣି ଗ୍ରାମର ପବିତ୍ର ରାଉତଙ୍କ ଘରୁ ଏକ ୫ ଫୁଟ ଲମ୍ବର ନାଗସାପ ଉଦ୍ଧାର କରାଯାଇଛି। ବିନୋରି ସେବା ଫାଉଣ୍ଡେସନ ସଭାପତି ପ୍ରଭାତ ବେହେରା ଓରଫ ବାବୁନି ବାବାଙ୍କ ସହଯୋଗୀ ଜ୍ୟୋତିରଞ୍ଜନ ମହାପାତ୍ର, ସତ୍ୟଜିତ ରାଉତ, ପଙ୍କଜ ତରାଇ, ଭବାନୀ ଆଚାର୍ଯ୍ୟ, ଶଶୀଭୂଷଣ ସାହୁ ଓ ପ୍ରଭୁ ପ୍ରସାଦ ସୂତାରଙ୍କ ସହଯୋଗରେ ଉକ୍ତ ନାଗ ସାପକୁ ଉଦ୍ଧାର କରାଯାଇ ଜଙ୍ଗଲରେ ଛାଡ଼ି ଦିଆଯାଇଛି।

## କଲେଜ ଛାତ୍ରୀଙ୍କ ଆତ୍ମହତ୍ୟା

**ପଟ୍ଟାମୁଣ୍ଡାଇ, ୨୩।୧୦(ସମିସ):** ପିଯୁସୀ ଘରେ ରହି +୩ କଳା ପ୍ରଥମ ବର୍ଷରେ ଅଧ୍ୟୟନ କରୁଥିବା ଜଣେ ଛାତ୍ରୀ ଲଗାଇ ଆତ୍ମହତ୍ୟା କରିଛନ୍ତି। ପଟ୍ଟାମୁଣ୍ଡାଇ ଗ୍ରାମାଞ୍ଚଳ ଥାନା ଅଧୀନ ଅମ୍ବେର ଗ୍ରାମର ଉକ୍ତ ଛାତ୍ରୀ ଜଣକ ପଟ୍ଟାମୁଣ୍ଡାଇ ଆଦର୍ଶ ଥାନା ଅଧୀନ ମାଟିଆ ଗ୍ରାମର ତାଙ୍କ ପିଯୁସୀଙ୍କ ଘରେ ଦୀର୍ଘଦିନ ଧରି ରହିଆସୁଥିବାବେଳେ ସ୍ଥାନୀୟ କଲେଜରେ ପଢୁଥିଲେ। ତାଙ୍କ ପିଯୁସୀ ଶିକ୍ଷକତା କରୁଥିବାରୁ ସବୁଦିନ ଭଳି ଆଜି ସକାଳେ ବିଦ୍ୟାଳୟକୁ ଚାଲିଯାଇଥିଲେ। ଅପରାହ୍ନ ୪ଟାରେ ବିଦ୍ୟାଳୟ ଛୁଟି ହେବା ପରେ ଶିକ୍ଷୟିତ୍ରୀ ଘରକୁ ଫେରି ତାଙ୍କ କଲେଜ ପଢୁଆ ଝିଆରୀ ବେକରେ ଫାଶୀ ଲଗାଇ ଝୁଲୁଥିବା ଦେଖିବାକୁ ପାଇଥିଲେ। ସ୍ଥାନୀୟ ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଜାରି ରଖିଛି।

## ତିରୁଣା ବିଦ୍ୟାଳୟରେ ମଣ୍ଡଳସ୍ତରୀୟ ଶିଶୁ ମହୋତ୍ସବ



**ନାଉଗାଁ, ୨୩।୧୦(ସମିସ):** ତିରୁଣା ଉଚ୍ଚବିଦ୍ୟାଳୟରେ ମଣ୍ଡଳସ୍ତରୀୟ ଶିଶୁ ମହୋତ୍ସବ ସୁରଭି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏଥିରେ ନାଉଗାଁ ବ୍ଲକ ଅଧୀନସ୍ଥ ବିଭିନ୍ନ ବିଦ୍ୟାଳୟର କୃତୀ ପ୍ରତିଯୋଗୀ ବିଭିନ୍ନ ପ୍ରତିଯୋଗିତାରେ ନିଜର ପ୍ରତିଭା ପ୍ରତିପାଦନ କରିଥିଲେ। ଉଦଘାଟନୀ ଉତ୍ସବରେ ମୁଖ୍ୟଅତିଥି ଭାବେ ଜିଲ୍ଲା ପରିଷଦ ଜୋନ୍-୧ ସଭ୍ୟା ଶ୍ରୀମତୀ ଅମିତା ସ୍ୱାଇଁ ଯୋଗଦେଇ ଛାତ୍ରଛାତ୍ରୀଙ୍କୁ ଉତ୍ସାହିତ କରିଥିଲେ। ଉଦ୍‌ଯାପନୀ ସଭାରେ ବ୍ଲକ ଉପାଧ୍ୟକ୍ଷ ସୁଜିତ ପୁହାଣ ମୁଖ୍ୟବକ୍ତା, ଜିଲ୍ଲା ପରିଷଦ ଜୋନ୍-୨ ସଭ୍ୟା ଶ୍ରୀମତୀ ମମତା ପରିଡ଼ା ମୁଖ୍ୟଅତିଥି ଭାବେ ଯୋଗଦେଇ ପୁରସ୍କାର ପ୍ରଦାନ କରିଥିଲେ। ପ୍ରଧାନଶିକ୍ଷକ ଶରତ ରାଉତ ଅଧ୍ୟକ୍ଷତା କରିଥିବାବେଳେ ସମ୍ମାନିତ ଅତିଥି ଭାବେ ଅବସରପ୍ରାପ୍ତ ଶିକ୍ଷକ ନିରଞ୍ଜନ ମହାନ୍ତି, ରାମଚନ୍ଦ୍ର ପୁହାଣ, ସୁକାନ୍ତ ଲେଙ୍କା ଯୋଗ ଦେଇଥିଲେ। ଆଞ୍ଚଳିକ ସାଧନ କେନ୍ଦ୍ର ସଂଯୋଜକ ଅକ୍ଷୟ ରାଉତ, ପୀତାମ୍ବର ପରିଡ଼ା, ସରୋଜିନୀ ସାହୁ, ସୁକାନ୍ତ ଝଙ୍କାର, ଗଙ୍ଗାଧର ବିଶ୍ୱାଳ, ଚୈତନ୍ୟ ମଲିକ, କାଶୀନାଥ ବେହେରା, କମଳଲୋଚନ ନାୟକ ଓ ଶିକ୍ଷକ ବସନ୍ତ ଦାସ, ସୀତାନାଥ ଆଚାର୍ଯ୍ୟ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଶିକ୍ଷକ ସୁଧୀର ବିଶ୍ୱାଳଙ୍କ ସଂଯୋଜନାରେ ଆୟୋଜିତ ଉତ୍ସବରେ ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ସହାୟତା କରିଥିଲେ। ନରେଶ ସାହୁ, ମନୋରଞ୍ଜନ ଦାସ ପ୍ରମୁଖ ଉପସ୍ଥିତ ଥିଲେ।

## ଶୈଳବାଳା ବିଦ୍ୟାଳୟରେ ପ୍ରତିଷ୍ଠାତା ପ୍ରଧାନଶିକ୍ଷକଙ୍କ ଶ୍ରାଦ୍ଧବାର୍ଷିକୀ

**ବାଲିକୁଦା, ୨୩।୧୦(ସମିସ):** ବାଲିକୁଦା ବ୍ଲକ ଅଳାବୋଳ ପଞ୍ଚାୟତ ପଞ୍ଚପାଣ୍ଡବ ଶୈଳବାଳା ଉଚ୍ଚବିଦ୍ୟାଳୟରେ ପ୍ରତିଷ୍ଠାତା ପ୍ରଧାନଶିକ୍ଷକ ବୀରକିଶୋର ପଣ୍ଡାଙ୍କ ପ୍ରଥମ ଶ୍ରାଦ୍ଧବାର୍ଷିକୀ ପାଳିତ ହୋଇଯାଇଛି। ଏ ଅବସରରେ ସତ୍‌ସଙ୍ଗ କାର୍ଯ୍ୟକ୍ରମ କରାଯାଇ ସ୍ୱର୍ଗତ ପଣ୍ଡାଙ୍କ ଅମର ଆତ୍ମାର ସଦଗତି କାମନା କରାଯାଇଥିଲା। ପୁରାତନ ଛାତ୍ର ସଂସଦ ଆନୁକୂଲ୍ୟରେ ତଥା ପୂର୍ବତନ ପ୍ରଧାନଶିକ୍ଷକ ବଂଶୀଧର କୁଆଁରଙ୍କ



ପୌରୋହିତ୍ୟରେ ଆୟୋଜିତ ସ୍ମୃତିଚାରଣ ସଭାରେ ଛାତ୍ର ସଂସଦର ପୂର୍ବତନ ସଭାପତି ରଞ୍ଜିତ ଦାସ, ମନମୋହନ ସ୍ୱାଇଁ, ଗୁରୁଚରଣ ଦାସ, ଗୋପୀନାଥ ସ୍ୱାଇଁ, ଚିତ୍ତରଞ୍ଜନ ମନ୍ତ୍ରୀଙ୍କ ସମେତ ବହୁ ପୁରାତନ ଛାତ୍ର ଯୋଗ ଦେଇଥିଲେ।

### ମାଲିକଙ୍କ ଏଟିଏମ୍ କାର୍ଡ ବ୍ୟବହାର କରି ୧୦ ଲକ୍ଷ ୪୫ ହଜାର ହଡ଼ପ ମାମଲା

# ଅଭିଯୁକ୍ତ ସେଲ୍ସମ୍ୟାନକୁ ଗିରଫ କଲା ପୁଲିସ

**ଜଗତସିଂହପୁର/ରଘୁନାଥପୁର, ୨୩।୧୦(ସମିସ)**

ଜଗତସିଂହପୁର ଜିଲ୍ଲା ରଘୁନାଥପୁର ଥାନା ଅଞ୍ଚଳରେ ଘଟିଥିବା ଅର୍ଥ ହଡ଼ପ ମାମଲାର ପର୍ଦ୍ଦାଫାସ କରିଛି ସ୍ଥାନୀୟ ପୁଲିସ। ଏଥିସହିତ ଅଭିଯୁକ୍ତକୁ ଗିରଫ କରି କୋର୍ଟଚାଲାଣ କରାଯାଇଥିବା ଏସ୍‌ଡିପିଓ ଚିନ୍ମୟ ରାଉତ ସୂଚନା ଦେଇଛନ୍ତି।



ସୂଚନା ମୁତାବକ, ଜଗତସିଂହପୁର ସଦର ଥାନା ଅନ୍ତର୍ଗତ ଅଯର ଗ୍ରାମର ସୁରେନ୍ଦ୍ର ନାଥ ପଣ୍ଡା ନାମକ ଜଣେ ବ୍ୟକ୍ତିଙ୍କ ରଘୁନାଥପୁର ବଜାରରେ ମେଡିସିନ ଷ୍ଟୋର ରହିଛି। ଏହି ଷ୍ଟୋରରେ ବିରିଡ଼ି ଥାନା ଅନ୍ତର୍ଗତ ନୂଆଗାଁ ଗ୍ରାମର ରଶ୍ମିରଞ୍ଜନ ପଣ୍ଡା ସେଲ୍ସମ୍ୟାନ ଭାବେ କାମ କରୁଥିଲେ। ତେବେ ୨୦୨୪ ସେପ୍ଟେମ୍ବର ମାସରେ କର୍କଟ ରୋଗରେ ପୀଡ଼ିତ ହୋଇ ମେଡିସିନ ଷ୍ଟୋର ମାଲିକ ସୁରେନ୍ଦ୍ରନାଥ ଚିକିତ୍ସା ପାଇଁ ମୁମ୍ବାଇସ୍ଥ ଟାଟା ମେମୋରିଆଲ ହସ୍ପିଟାଲକୁ ଯାଇଥିଲେ। ମେଡିସିନ ଷ୍ଟୋରର ସମସ୍ତ ଦାୟିତ୍ୱ ସେଲ୍ସମ୍ୟାନ ରଶ୍ମିରଞ୍ଜନକୁ ଦେଇଥିଲେ ମାଲିକ ଶ୍ରୀ ପଣ୍ଡା। ଏହାର ସୁଯୋଗ ନେଇ ସୁରେନ୍ଦ୍ରନାଥଙ୍କ ଏଟିଏମ୍ ବ୍ୟବହାର କରି ତାଙ୍କ ଆକାଉଣ୍ଟରୁ ସେଲ୍ସମ୍ୟାନ ରଶ୍ମୀ ୧୦ ଲକ୍ଷ ୪୫ ହଜାର ୫୦୦ ଟଙ୍କା ଉଠାଇ ନେଇଥିଲେ। ମୁମ୍ବାଇରୁ ଫେରିବା ପରେ ଆକାଉଣ୍ଟରୁ ଏତେ ଟଙ୍କା ଗାଏବ ହୋଇଥିବା ଜାଣିବା ପରେ ସୁରେନ୍ଦ୍ର ନାଥ ଆଶ୍ଚର୍ଯ୍ୟ ହୋଇଥିଲେ। ପରେ ରଶ୍ମୀ ଏହି ଟଙ୍କା ଉଠାଇଥିବା ଜଣାପଡ଼ିଥିଲା। ଭଦ୍ର ଲୋକଙ୍କ ଉପସ୍ଥିତିରେ ଏହି ଘଟଣାର ସମାଧାନ ପାଇଁ ପ୍ରଥମେ ଉଦ୍ୟମ ହୋଇଥିଲା। ଏଥିରେ ସଫଳତା ନ ମିଳିବାରୁ ବାଧ୍ୟହୋଇ ସୁରେନ୍ଦ୍ର ନାଥ ଗତ ୨୦୨୫ ଏପ୍ରିଲ ୩୦ ତାରିଖରେ ଟଙ୍କା ହଡ଼ପ ସମ୍ପର୍କରେ ରଘୁନାଥପୁର ଥାନାରେ ଏତଲା ଦେଇଥିଲେ। ପୁଲିସ ୮୦/୨୫ ନମ୍ବରରେ ଏକ ଚିଟିଂ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଥିଲା। ମାମଲା ରୁଜୁ ପରେ ନିର୍ଦ୍ଦିଷ୍ଟ ସମୟ ମଧ୍ୟରେ ଅଭିଯୁକ୍ତ ଟଙ୍କା ଫେରସ୍ତ କରିବ ବୋଲି ପୁଲିସ ଆଗରେ ପ୍ରତିଶ୍ରୁତି ଦେଇଥିଲା। ତେବେ ଟଙ୍କା ଫେରାଇବାରେ ବିଫଳ ହେବାରୁ ଗତକାଲି ରାତିରେ ସାଦେଇପୁର ନିକଟରୁ ଅଭିଯୁକ୍ତ ରଶ୍ମିରଞ୍ଜନକୁ ରଘୁନାଥପୁର ପୁଲିସ ଗିରଫ କରିଥିଲା। ଆଜି ତାକୁ କୋର୍ଟ ଚାଲାଣ କରାଯାଇଥିବା ରଘୁନାଥପୁର ଥାନା ଆଇଆଇସି ସୁଶାନ୍ତ କୁମାର ସେଠୀ ସୂଚନା ଦେଇଛନ୍ତି।

### ପ୍ରଧାନଶିକ୍ଷକଙ୍କ ବିରୋଧରେ ଅଭିଯୋଗ ଭିତ୍ତିହୀନ

## ଗିରଫ ପ୍ରତିବାଦରେ ଛାତ୍ରଛାତ୍ରୀ, ଗ୍ରାମବାସୀଙ୍କ ରାସ୍ତାରୋକ



**ଜଗତସିଂହପୁର, ୨୩।୧୦(ସମିସ):** ଜଗତସିଂହପୁର ସଦର ଥାନା ଅନ୍ତର୍ଗତ ପୁରୁଣାଗଡ଼ ପ୍ରାଥମିକ ବିଦ୍ୟାଳୟର ପ୍ରଧାନଶିକ୍ଷକ ଜଣେ ଚତୁର୍ଥ ଶ୍ରେଣୀ ଛାତ୍ରୀଙ୍କୁ ଅସଦାଚରଣ କରିଥିବା ଅଭିଯୋଗରେ ଗିରଫ ହୋଇଛନ୍ତି। ଗତ ୧୮ ତାରିଖରେ ସମ୍ପୃକ୍ତ ନାବାଳିକା ଛାତ୍ରୀଙ୍କ ପରିବାର ପକ୍ଷରୁ ଥାନାରେ ଏତଲା ଦିଆଯିବା ପରେ ପୁଲିସ ଏକ ମାମଲା ରୁଜୁ କରି ୧୯ ତାରିଖରେ ପ୍ରଧାନଶିକ୍ଷକଙ୍କୁ ଗିରଫ କରି କୋର୍ଟଚାଲାଣ କରିଥିଲା। ତେବେ ପ୍ରଧାନଶିକ୍ଷକଙ୍କ ଗିରଫଦାରୀକୁ ବିରୋଧ କରିଛନ୍ତି ବିଦ୍ୟାଳୟର ଛାତ୍ରଛାତ୍ରୀ, ଅଭିଭାବକ ଓ ଗ୍ରାମବାସୀ। ଏପରିକି ବିଦ୍ୟାଳୟ ପରିଚଳନା କମିଟିକୁ ନ ଜଣାଇ ଥାନାରେ ଅଭିଯୋଗ କରିବା ଘଟଣାକୁ ନାପସନ୍ଦ କରିଛନ୍ତି କମିଟି କର୍ମକର୍ତ୍ତା ଓ ସଦସ୍ୟ/ସଦସ୍ୟା। ଏହାର ପ୍ରତିବାଦରେ ଆଜି ବିଦ୍ୟାଳୟ ସମ୍ମୁଖରେ ପୁରୁଣାଗଡ଼-ଖଇରା ରାସ୍ତା ଅବରୋଧ କରିଥିଲେ ଛାତ୍ରଛାତ୍ରୀ, ଅଭିଭାବକ ଓ ଗ୍ରାମବାସୀ। ସେମାନେ କହିଛନ୍ତି, ପ୍ରଧାନଶିକ୍ଷକ ଏଠାରେ ୮ ବର୍ଷ ଧରି ପଢ଼ାଇ ଆସୁଛନ୍ତି। ସେ ଜଣେ ଅତ୍ୟନ୍ତ ଭଦ୍ର, ମେଳାପୀ, ଅମାୟିକ ବ୍ୟକ୍ତି ଓ ଛାତ୍ରବତ୍ସଳ ଶିକ୍ଷକ। ତେଣୁ ଫେରାଇ ଆଣିବାକୁ ସେମାନେ ଦାବି କରୁଛନ୍ତି। ରାସ୍ତା ଅବରୋଧ ଖବର ପାଇ ସଦର ଥାନା ପୁଲିସ ପହଞ୍ଚି ବୁଝାସୁଝା କରିବା ପରେ ରାସ୍ତାରୋକ ହଟିଥିଲା।

## ତିର୍ତ୍ତୋଲ ପଞ୍ଚାୟତ ସମିତି ଷଷ୍ଠ ସାଧାରଣ ବୈଠକ

**ତିର୍ତ୍ତୋଲ, ୨୩।୧୦(ସମିସ):** ତିର୍ତ୍ତୋଲ ପଞ୍ଚାୟତ ସମିତି ସଭାଗୃହରେ ସମିତିର ଷଷ୍ଠ ସାଧାରଣ ବୈଠକ ଅନୁଷ୍ଠିତ ହୋଇଯାଇଛି। ବ୍ଲକ ଅଧ୍ୟକ୍ଷ ମନୋଜ ବେହେରାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ବିଡିଓ ଗିରିଜା ଶଙ୍କର ମଲ୍ଲିକ ପ୍ରାରମ୍ଭିକ ସୂଚନା ପ୍ରଦାନ କରିଥିଲେ। ବିଭିନ୍ନ ପଞ୍ଚାୟତରେ ସରକାରଙ୍କ ଉନ୍ନୟନମୂଳକ କାର୍ଯ୍ୟରେ ସ୍ଥାନୀୟ ସରପଞ୍ଚ, ସମିତି ସଭ୍ୟ ଓ ଜିଲ୍ଲା ପରିଷଦ ସଭ୍ୟଙ୍କୁ ଉପେକ୍ଷା କରାଯାଇଥିବାରୁ ସେମାନେ ଅସନ୍ତୋଷ ବ୍ୟକ୍ତ କରିଥିଲେ। ବୈଠକରେ ପାରାଦୀପ ବିଧାୟକ ସମ୍ପଦ ସ୍ୱାଇଁ, ଜଗତସିଂହପୁର ସାଂସଦ ବିଭୁପ୍ରସାଦ ତରାଇ, ତିର୍ତ୍ତୋଲ ବିଧାୟକ ଡ. ରମାକାନ୍ତ ଭୋଇ ଯୋଗଦେଇ ସରପଞ୍ଚ, ସମିତି ଓ ଜିଲ୍ଲା ପରିଷଦ ସଭ୍ୟଙ୍କ ସମେତ



ସରକାରୀ ଅଧିକାରୀଙ୍କ ସହଯୋଗରେ ବିକାଶମୂଳକ କାର୍ଯ୍ୟ ତ୍ୱରାନ୍ୱିତ କରିବା ଉପରେ ଗୁରୁତ୍ୱାରୋପ କରିଥିଲେ। ସମିତି ସଭ୍ୟ ମଣିଜଙ୍ଗା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଆବଶ୍ୟକ ଡାକ୍ତର ନ ଥିବାରୁ ସ୍ୱାସ୍ଥ୍ୟ ସେବା ବ୍ୟାହତ ହେଉଥିବା ସମ୍ପର୍କରେ ଦୃଷ୍ଟି ଆକର୍ଷଣ କରିଥିଲେ। ପାନୀୟଜଳ ଯୋଗାଣ, ସ୍ୱାସ୍ଥ୍ୟ, ଶିକ୍ଷା, ରାସନ କାର୍ଡ ସମ୍ବନ୍ଧୀୟ ସମସ୍ୟା ଉପରେ ଆଲୋଚନା ହୋଇଥିଲା। ଜିଲ୍ଲା ପରିଷଦ ଉପାଧ୍ୟକ୍ଷା ସୁଜାତା ମହାନ୍ତି, ବ୍ଲକ ଉପାଧ୍ୟକ୍ଷା ସନ୍ଧ୍ୟାରାଣୀ ମହାନ୍ତି, ଜିଲା ପରିଷଦ ସଭ୍ୟ ସୁନୀଲ ବେହେରା, ଗଙ୍ଗାଧର ବିଶ୍ୱାଳ, ସରପଞ୍ଚ ଶିବପ୍ରସାଦ ସାହୁ, ସୁଶାନ୍ତ ନାୟକ, ଅଶୋକ ନାୟକ, ସମିତି ସଭ୍ୟ ଦେବପ୍ରସାଦ ନାୟକ, ବସନ୍ତ ମହାପାତ୍ର, ପ୍ରବୀର ରାୟଙ୍କ ସମେତ ୨୯ଟି ପଞ୍ଚାୟତର ସରପଞ୍ଚ, ସମିତି ସଭ୍ୟ ଓ ବ୍ଲକସ୍ତରୀୟ ଅଧିକାରୀ ଯୋଗ ଦେଇଥିଲେ।

## ଭୀମ ଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର

**ଜଗତସିଂହପୁର, ୨୩।୧୦(ସମିସ):** ଜଗତସିଂହପୁର ଜିଲ୍ଲାର ପ୍ରତ୍ୟେକ ବ୍ଲକରେ ଭୀମ ଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଅଭିଯାନ ଶିବିର ଆୟୋଜିତ ହେବ। ବିଭିନ୍ନ ବିଭାଗର ଡାକ୍ତରଙ୍କୁ ଏଥିପାଇଁ ନିୟୋଜିତ କରଯାଇଛି। ଆଜି ପ୍ରଥମ ଦିବସରେ ରଘୁନାଥପୁର ବ୍ଲକର ପିସି ବିଦ୍ୟାମନ୍ଦିରରେ ଏହି ଶିବିର ଆୟୋଜିତ ହୋଇଯାଇଛି। କଟକ ଶ୍ରୀରାମଚନ୍ଦ୍ର ଭଞ୍ଜ ମେଡ଼ିକାଲ ଓ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ଅଭିଜ୍ଞ ଡାକ୍ତରଙ୍କ ଦ୍ୱାରା ଭିନ୍ନକ୍ଷମଙ୍କ ପରୀକ୍ଷା କରାଯାଇଥିଲା। ଏହି ଶିବିରରେ ୨୦୬ ଜଣ ପଞ୍ଜୀକରଣ କରିଥିବାବେଳେ ୧୪୬ ଜଣ ଉପସ୍ଥିତ ଥିଲେ। ସେମାନଙ୍କ ମଧ୍ୟରୁ ୨୧ ଜଣଙ୍କୁ ପରୀକ୍ଷା ପରେ ନାକଚ କରାଯାଇଥିଲା। ଅସ୍ଥିଶଲ୍ୟ ବିଭାଗରେ ୬୧, ଇଏନ୍‌ଟିରେ ୧୩, ଭେଷଜ ବିଭାଗରେ ୧୩, ଚକ୍ଷୁ ବିଭାଗରେ ୯, ମାନସିକ ଅନଗ୍ରସର ୧୫, ସ୍ୱାୟବିକ ଅନଗ୍ରସର ୧୪ ଜଣଙ୍କ ପରୀକ୍ଷା କରଯାଇଥିଲା। ଆଜି ଶିବିରରେ ରଘୁନାଥପୁର ବିଡିଓ ବିରଞ୍ଚି ନାରାୟଣ ବେହେରା, ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ଶ୍ରୀମତୀ ମମତା ନାୟକ, ଜିଲ୍ଲା ସଂସ୍କୃତି ଅଧିକାରୀ ଦିଲ୍ଲୀପ ଜେନା, ବ୍ଲକ ସାମାଜିକ ସୁରକ୍ଷା ଅଧିକାରୀ ଉପସ୍ଥିତ ଥିଲେ।

ଆସନ୍ତା ୨୪ ତାରିଖ ଦିନ କୁଜଙ୍ଗ ବ୍ଲକ ଓ ପାରାଦୀପ ପୌର ପରିଷଦ ପାଇଁ ବନବିହାରୀ ଉଚ୍ଚବିଦ୍ୟାଳୟ, ୨୮ ତାରିଖରେ ନାଉଗାଁ ବ୍ଲକ ପାଇଁ ନାଉଗାଁ ହାଟ ଉଚ୍ଚବିଦ୍ୟାଳୟ, ୨୯ ତାରିଖରେ ବାଲିକୁଦା ବ୍ଲକ ପାଇଁ ଅମ୍ବାସାଳ ଉଚ୍ଚବିଦ୍ୟାଳୟ, ୩୦ ତାରିଖରେ ବିରିଡ଼ି ବ୍ଲକ ପାଇଁ ବ୍ଲକ ପରିସର, ୩୧ ତାରିଖରେ ତିର୍ତ୍ତୋଲ ବ୍ଲକ ପାଇଁ ମଣିଚରଣ ସାରଳା ଏକାଡେମୀ, ନଭେମ୍ବର ୧ ତାରିଖରେ ଏରସମା ବ୍ଲକ ପାଇଁ ବ୍ଲକ କ୍ୟାମ୍ପସ, ମାସ ୪ ତାରିଖରେ ଜଗତସିଂହପୁର ବ୍ଲକ ଓ ଜଗତସିଂହପୁର ପୌର ପରିଷଦ ପାଇଁ ଏସ୍‌କେ ଏକାଡେମୀରେ ଶିବିର ଆୟୋଜନ ପାଇଁ ସ୍ଥିର କରାଯାଇଛି।

## ହରିଅଙ୍କ ହାଇସ୍କୁଲରେ ଶିଶୁ ମହୋତ୍ସବ



**ଡେରାବିଶ, ୨୩।୧୦(ସମିସ):** ହରିଅଙ୍କ ହାଇସ୍କୁଲ ପରିସରରେ ଶିଶୁ ମହୋତ୍ସବ ସୁରଭି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ପୂର୍ବାହ୍ନରେ ହରିଅଙ୍କ ସରକାରୀ ଉଚ୍ଚବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ଗିରିଜା ପରିହାରୀଙ୍କ ସଭାପତିତ୍ୱରେ ଆୟୋଜିତ ଉଦ୍‌ଘାଟନୀ ଉତ୍ସବରେ ଡେରାବିଶ ମଣ୍ଡଳ ଅତିରିକ୍ତ ଶିକ୍ଷାଧିକାରୀ ଖଗେଶ୍ୱର ନାୟକ ମୁଖ୍ୟଅତିଥି ଭାବେ ଯୋଗଦେଇ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ। ସମ୍ମାନିତ ଅତିଥି ହରିଅଙ୍କ ସରପଞ୍ଚ କନକଲତା ପ୍ରଧାନ, ସମିତିସଭ୍ୟା ସଂଯୁକ୍ତା ଜେନା, ସମାଜସେବୀ ସୁଖଦାନନ୍ଦ ପ୍ରଧାନ, ଅବସରପ୍ରାପ୍ତ ଶିକ୍ଷକ ଅନନ୍ତ ପରିଡ଼ା, ଶରତ ଜେନା ଯୋଗ ଦେଇଥିଲେ। ଦୁଇଟି ଆଞ୍ଚଳିକ ସାଧନ କେନ୍ଦ୍ର ଶିକ୍ଷକ ଶିକ୍ଷୟିତ୍ରୀ ଉପସ୍ଥିତ ରହିଥିଲେ। ଦୁଇଟି ସାଧନକେନ୍ଦ୍ରର ବିଭିନ୍ନ ବିଦ୍ୟାଳୟରୁ ଆସିଥିବା ଛାତ୍ରଛାତ୍ରୀଙ୍କ ମଧ୍ୟରେ ତର୍କ, ବକ୍ତୃତା, ସଙ୍ଗୀତ, ନୃତ୍ୟ, ଚିତ୍ରାଙ୍କନ ପ୍ରତିଯୋଗିତା କରାଯାଇ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। ଉକ୍ତ କାର୍ଯ୍ୟକ୍ରମକୁ ଆଞ୍ଚଳିକ ସାଧନ କେନ୍ଦ୍ର ସଂଯୋଜକ ସୋନମଲକ୍ଷ୍ମୀ ସ୍ୱାଇଁ ଓ ମନୋଜ ନାୟକ ପରିଚାଳନା କରିଥିବାବେଳେ ଶିକ୍ଷକ ରଘୁନାଥ ଶତପଥି, ପ୍ରତାପ ଶତପଥି, ପ୍ରଫୁଲ୍ଲ ବାରିକ, ପ୍ରଶାନ୍ତ ମଣ୍ଡଳ, ଆଲୋକ ମଲିକ, ନାରାୟଣ କାଣ୍ଡି, ଦୀପ୍ତିମୟୀ ବେହେରା, ଦିଲ୍ଲୀପ ନାୟକ, ପ୍ରଦୀପ୍ତ ଶତପଥି, ଲୋକନାଥ ମିଶ୍ର, ଜୟଶ୍ରୀ ସ୍ୱାଇଁ, ସୁଚିସ୍ମିତା ମିଶ୍ର, ସୌମ୍ୟରଞ୍ଜନ ଷଡ଼ଙ୍ଗୀ, ଗତିଗଙ୍ଗୋତ୍ରୀ ମିଶ୍ର, ନିରୂପମା ସାହୁ, ପ୍ରିୟଦର୍ଶିନୀ ପଣ୍ଡା ଓ ଦେବାଶିଷ ଖଟୁଆ ପ୍ରମୁଖ ସହଯୋଗ କରିଥିଲେ।

### ପାଇକା ନଦୀରେ ଭାସିଯାଇ ୩ ନାବାଳକ ମୃତ ଘଟଣା

## କୃଷ୍ଣାନନ୍ଦପୁର ସାଇଫନ୍ ଛକ ରାସ୍ତା ଅବରୋଧ କଲେ ଗ୍ରାମବାସୀ



**ତିର୍ତ୍ତୋଲ, ୨୩।୧୦(ସମିସ):** ତିର୍ତ୍ତୋଲ ବ୍ଲକ କୃଷ୍ଣାନନ୍ଦପୁର ନିକଟ ପାଇକା ନଦୀରେ ଗତକାଲି ଅପରାହ୍ନରେ ସ୍ଥାନୀୟ କୃଷ୍ଣାନନ୍ଦପୁର ଗ୍ରାମ କେଉଟ ସାହି ଓ ମଲ୍ଲିକ ସାହିର ୩ ଜଣ ନାବାଳକ ଗାଧୋଉଥିବାବେଳେ ନଦୀର ପ୍ରଖର ସ୍ରୋତରେ ଭାସିଯାଇ ନିଖୋଜ ହୋଇଯାଇଥିଲେ। ଗତକାଲି ଅଗ୍ନିଶମ କର୍ମଚାରୀ ଦୁଇଜଣଙ୍କ ମୃତ ଦେହ ଉଦ୍ଧାର କରିଥିବାବେଳେ ଆଜି ଅପରାହ୍ନରେ ନିଖୋଜ ଅମନଜିତ ମଲ୍ଲିକଙ୍କ ମୃତଦେହ ଉଦ୍ଧାର କରିଥିଲେ। ବେଆଇନ ବାଲି ଖନନ ଯୋଗୁଁ ନଦୀରେ ଗଣ୍ଡ ସୃଷ୍ଟି ହୋଇ ନାବାଳକଙ୍କ ଜୀବନ ଯାଇଥିବା ଅଭିଯୋଗ କରି ବେଆଇନ ବାଲି ଖନନ ବନ୍ଦ ଓ ମୃତ ନାବାଳକଙ୍କ ପରିବାରକୁ କ୍ଷତିପୂରଣ ଦାବିରେ ସ୍ଥାନୀୟ ଅଞ୍ଚଳବାସୀ ଓ ନାବାଳକଙ୍କ ପରିବାର ଲୋକେ କୃଷ୍ଣାନନ୍ଦପୁର ଛକରେ ଆଜି ପୂର୍ବାହ୍ନରେ ରାସ୍ତା ଅବରୋଧ କରିଥିଲେ। ତିର୍ତ୍ତୋଲ ଏସଡିପିଓ ଚିନ୍ମୟ ରାଉତ, କୃଷ୍ଣାନନ୍ଦପୁର ଥାନା ଅଧିକାରୀ ସୁବ୍ରତ ଦାସ ପହଞ୍ଚି ବୁଝାସୁଝା କରିବା ପରେ ରାସ୍ତାରୋକ ପ୍ରତ୍ୟାହୃତ ହୋଇଥିଲା।

## ବିଜେପି ଜିଲ୍ଲା କାର୍ଯ୍ୟାଳୟରେ ରାଜ୍ୟ ଉପସଭାପତିଙ୍କୁ ସମ୍ବର୍ଦ୍ଧନା



**ଜଗତସିଂହପୁର, ୨୩।୧୦(ସମିସ):** ରାଜ୍ୟ ବିଜେପି ଉପସଭାପତି ବିଷ୍ଣୁ ଦାସ ଦିନିକିଆ ଜଗତସିଂହପୁର ଜିଲ୍ଲା ଗସ୍ତରେ ଆସି ପ୍ରଥମେ ମା 'ଶାରଳାଙ୍କ ଦର୍ଶନ କରିଥିଲେ। ପରେ ଶ୍ରୀ ଦାସ ଜଗତସିଂହପୁର ଜିଲ୍ଲା ବିଜେପି କାର୍ଯ୍ୟାଳୟରେ ଦଳୀୟ ନେତା ଓ କର୍ମୀଙ୍କ ସହ ବିଭିନ୍ନ ପ୍ରସଙ୍ଗରେ ଆଲୋଚନା କରିଥିଲେ। ଏ ଅବସରରେ ଜିଲ୍ଲା ସଭାପତି ପ୍ରତାପ ମିଶ୍ର, ପ୍ରାକ୍ତନ ଜିଲ୍ଲା ସଭାପତି ସତ୍ୟବ୍ରତ ମହାପାତ୍ର, ପୌର ପରିଷଦ ଉପାଧ୍ୟକ୍ଷ ରାଜେନ୍ଦ୍ର ବିଷୋଇ, ମିଡ଼ିଆ ସେଲ ଅଧ୍ୟକ୍ଷ ଗଣେଶ ମହାନ୍ତି, ସାଂସଦ ପ୍ରତିନିଧି ଶିଶିର ପାତ୍ର ଓ ସମୀର ନାୟକ, ଚିତ୍ତରଞ୍ଜନ ପଣ୍ଡା, ମଣ୍ଡଳ ସଭାପତି ବିଦ୍ୟୁଭୂଷଣ ସାହୁ, ପବିତ୍ର ଜେନା, ମହିଳା ନେତ୍ରୀ ମିନତୀ ଜେନା, ସମ୍ବିତ ଷଡ଼ଙ୍ଗୀ ପ୍ରମୁଖ ଶ୍ରୀ ଦାସଙ୍କୁ ପୁଷ୍ପଗୁଚ୍ଛ ଓ ଉତ୍ତରୀୟ ଦେଇ ସମ୍ବର୍ଦ୍ଧିତ କରିଥିଲେ। ସେହିପରି ତିର୍ତ୍ତୋଲ ନିର୍ବାଚନମଣ୍ଡଳୀ ନେତା ରାଜକିଶୋର ବେହେରା, ସୁବାସ ଜେନା, ରୂପକ ଖୁଣ୍ଟିଆ, ସ୍ୱରାଜ ସାମଲ, ବନୋଜ ନାୟକ, ଦୀପ୍ତି ପରିଜା, ଶୁଭ୍ରଜ୍ୟୋତି ସାହୁ ପ୍ରମୁଖ ଶାରଳା ମନ୍ଦିର ନିକଟରେ ଶ୍ରୀ ଦାସଙ୍କୁ ସମ୍ବର୍ଦ୍ଧିତ କରିଥିଲେ। ଜଗତସିଂହପୁର ଆସିବା ବାଟରେ ସୋମପୁର, ବିରିଡ଼ି, ରଘୁନାଥପୁର ଓ ଜୟପୁରରେ ମଧ୍ୟ ଶ୍ରୀ ଦାସଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା।

# ମିଥ୍ୟା ଖବର ପରିବେଷଣ କରୁଥିବା ୱେବ୍ ଚ୍ୟାନେଲ ବିରୋଧରେ କଂଗ୍ରେସର ଏତଲା

**ଜଗତସିଂହପୁର, ୨୩।୧୦(ସମିସ)**

ପିସିସି ସଭାପତି ଭକ୍ତ ଚରଣ ଦାସ ଓ କଂଗ୍ରେସ ଦଳ ବିରୋଧରେ କୁତ୍ସାରଟନାକରୀଙ୍କୁ ଗିରଫ କରିବା ଦାବିରେ ଜଗତସିଂହପୁର ଜିଲ୍ଲା କଂଗ୍ରେସ ପକ୍ଷରୁ ସଭାପତି ଦେବ ପ୍ରସାଦ ନାୟକଙ୍କ ନେତୃତ୍ୱରେ ଜଗତସିଂହପୁର ସଦର ଥାନାରେ ଏତଲା ଦିଆଯାଇଛି। ନିର୍ଦ୍ଦିଷ୍ଟ ଏକ ୱେବ୍ ଚ୍ୟାନେଲ ଓ ଅନ୍ୟ କେତେଜଣ ଉଦ୍ଦେଶ୍ୟମୂଳକ ଭାବେ କଂଗ୍ରେସକୁ ବଦନାମ କରିବାକୁ କପୋଳକଳ୍ପିତ ଖବର ବାରମ୍ବାର ସାମାଜିକ ଗଣମାଧ୍ୟମରେ ପରିବେଷଣ କରିଆସୁଛନ୍ତି। ପିସିସି ସଭାପତି ଭକ୍ତ ଚରଣ ଦାସ ଓ କଂଗ୍ରେସ ଦଳକୁ ବଦନାମ କରିବା ପାଇଁ ଏହା ଏକ ଷଡ଼ଯନ୍ତ୍ର ବୋଲି ଜିଲ୍ଲା ସଭାପତି ଦେବପ୍ରସାଦ ନାୟକ କହିଛନ୍ତି। ଅଭିଯୋଗ ଆଧାରରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଶ୍ରୀ ନାୟକ ଓ ଅନ୍ୟ ଦଳୀୟ ନେତାମାନେ




ପୁଲିସ ନିକଟରେ ଦାବି ଜଣାଇଛନ୍ତି।

ଦଳୀୟ ନେତା ଓ କର୍ମୀ ଟାଉନ ହଲସ୍ଥ ଜିଲ୍ଲା କଂଗ୍ରେସ କାର୍ଯ୍ୟାଳୟରୁ ଏକ ଶୋଭାଯାତ୍ରାରେ ଆସି ସଦର ଥାନାରେ ଏତଲା ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ପୂର୍ବତନ ବିଧାୟକ ତଥା ପ୍ରଦେଶ କଂଗ୍ରେସ ଉପସଭାପତି ଲଲାଟେନ୍ଦୁ ମହାପାତ୍ର, ରାଜ୍ୟ ମହିଳା କଂଗ୍ରେସ ଉପସଭାପତି ପ୍ରତିମା ମଲ୍ଲିକ, ଜିଲ୍ଲା କଂଗ୍ରେସ ପୂର୍ବତନ ଉପସଭାପତି ସର୍ବେଶ୍ୱର ପଣ୍ଡା, ମନୋରଞ୍ଜନ ଜେନା, ପାରାଦୀପ ମ୍ୟୁନିସିପାଲିଟି ପୂର୍ବତନ ସଭାପତି କେଦାର ବିଶ୍ୱାଳ, ଏରସମା ବ୍ଲକ ପୂର୍ବତନ ସଭାପତି ବଲ୍ଲଭାନନ୍ଦ ସ୍ୱାଇଁ, ମହନି ରାଉତ, କୁଜଙ୍ଗ ବ୍ଲକ ପୂର୍ବତନ ସଭାପତି ନିହାର ଦାସ, ରାଜ୍ୟ ମହିଳା କଂଗ୍ରସ ସମ୍ପାଦିକା ବିନତି ପଡ଼ିହାରୀ, ସରସ୍ୱତୀ ସାହୁ, ରୂପଶ୍ରୀ ରାଗିଣୀ, ଆର୍ତ୍ତତ୍ରାଣ ପଣ୍ଡା, ରାଜକିଶୋର ସାହୁ, ମହନି ରାଉତ, ବିଭୂତି ସ୍ୱାଇଁ, ବିଭୂତି ଜେନା, ସୁବ୍ରତ ରାୟ, ସୁଶାନ୍ତ ଦାସ, ଲକ୍ଷ୍ମୀଧର ମଲ୍ଲିକ, ତିର୍ତ୍ତୋଲ ନିର୍ବାଚନମଣ୍ଡଳୀ ଯୁବ କଂଗ୍ରେସ ସଭାପତି ସଫି ଆଜମ, ରଞ୍ଜନ ସାହୁ, ଅଶ୍ୱିନୀ ସ୍ୱାଇଁ, କୃଷ୍ଣଚନ୍ଦ୍ର ସ୍ୱାଇଁ, ଦେବୀପ୍ରସାଦ ପାଳ, ପ୍ରଦୀପ୍ତ ଶତପଥୀ, ବିକ୍ରମ ଦାଶ, ନାରାୟଣ ନାୟକ, ବସନ୍ତ ନାୟକ, ପ୍ରଦୀପ୍ତ ଦାସ, ଚୌଧୁରୀ ବିମଳାକାନ୍ତ ଦାଶ, ବିଭୁରଞ୍ଜନ ସ୍ୱାଇଁ ପ୍ରମୁଖଙ୍କ ସମେତ ଶତାଧିକ କଂଗ୍ରେସ କର୍ମୀ ଯୋଗ ଦେଇଥିଲେ।

## ଗଁଦିଆରେ ମା’ କାଳୀଙ୍କ ପୂଜା



**ଗଁଦିଆ, ୨୩।୧୦(ସମିସ):** ମା’ କାଳୀଙ୍କ ଆବାହନ ପାଇଁ ସୋମବାରଠାରୁ ଗଁଦିଆ ଉତ୍ସବମୁଖର ହୋଇପଡ଼ିଛି। ଗଁଦିଆ ବସଷ୍ଟାଣ୍ଡଠାରେ ଆକର୍ଷଣୀୟ ମଣ୍ଡପରେ ପୂଜା କରାଯାଇଛି। ରଙ୍ଗୀନ ଆଲୋକମାଳାରେ ମଣ୍ଡପ ଝଲସି ଉଠିଛି। ପ୍ରତିଦିନ ସନ୍ଧ୍ୟାରେ ରାଜ୍ୟର ସୁନାମଧନ୍ୟ କଳାକାରମାନଙ୍କୁ ନେଇ ଭଜନ ସନ୍ଧ୍ୟା ଅନୁଷ୍ଠିତ ହେଉଛି। ସନ୍ଧ୍ୟାରେ ମା’ଙ୍କ ଦର୍ଶନ ପାଇଁ ଶ୍ରଦ୍ଧାଳୁଙ୍କ ଗହଳି ଲାଗିରହୁଛି।

## ବିଭିନ୍ନ ସ୍ଥାନରେ ଶିଶୁ ମହୋତ୍ସବ ସୁରଭି



**ଗଁଦିଆ, ୨୩।୧୦(ସମିସ):** ଢେଙ୍କାନାଳ ଜିଲ୍ଲା ଗଁଦିଆ ବ୍ଲକ ଲାଉଲଇ ନୋଡାଲ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ବେଗା, ଲାଉଲଇ, ଖଙ୍କିରା ଅଞ୍ଚଳର ୧୭ ବିଦ୍ୟାଳୟର ଛାତ୍ରଛାତ୍ରୀଙ୍କୁ ନେଇ କ୍ଲଷ୍ଟରସ୍ତରୀୟ ଶିଶୁ ମହୋତ୍ସବ ସୁରଭି ଅନୁଷ୍ଠିତ ହୋଇଛି। ଏଥିରେ ୧୨୨ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ। ଲାଉଲଇ ସରପଞ୍ଚ ବିଜୟଲକ୍ଷ୍ମୀ ରାଉଳ, ପ୍ରାକ୍ତନ ସିଆରସିସି ହରପ୍ରସାଦ ସେଠୀ, ହେମନ୍ତ କୁମାର ବ୍ରହ୍ମ ଓ ବିଚିତ୍ରାନନ୍ଦ ଦାସଙ୍କ ସହ ସିଆରସିସି ବୈକୁଣ୍ଠ ଚରଣ ସେଠୀ, ପ୍ରଧାନଶିକ୍ଷୟିତ୍ରୀ ପ୍ରବୀଣା ଭୂୟାଁ ଓ ବିଦ୍ୟାଳୟ ପରିଚାଳନା କମିଟି ସଭାପତି ଲକ୍ଷ୍ମୀପ୍ରିୟା ସାହୁ ଅତିଥି ଭାବେ ଯୋଗଦେଇ ଏହାକୁ ଶୁଭାରମ୍ଭ କରିଥିଲେ। ଏଥିରେ ବକ୍ତୃତା, ସଙ୍ଗୀତ, ଓଡ଼ିଆ ହସ୍ତାକ୍ଷର ଓ ଶ୍ରୁତଲିଖନ, ସାଂସ୍କୃତିକ କାର୍ଯ୍ୟକ୍ରମ, ଚିତ୍ରକଳା, ଶିଳ୍ପକଳା, ବିତର୍କ, ପ୍ରବନ୍ଧ ଲିଖନ, ଚିତ୍ରାଙ୍କନ, କୁଇଜ, ସୃଜନଶୀଳ ଲିଖନ, ଦେଶାତ୍ମବୋଧକ ସଙ୍ଗୀତ ଓ ଶିକ୍ଷା ସଂସ୍କୃତି ବିଭାଗରେ ବରିଷ୍ଠ ଓ କନିଷ୍ଠ ଛାତ୍ରଛାତ୍ରୀଙ୍କ ମଧ୍ୟରେ ପ୍ରତିଯୋଗିତା ହୋଇଥିଲା। ବିଭିନ୍ନ ପ୍ରତିଯୋଗିତାରେ ଲଭଲି ସାହୁ, ଯାଜ୍ଞସେନୀ ରାଉତ, ସଂଘମିତ୍ରା ସାହୁ, ସୌମ୍ୟରଞ୍ଜନ ଧଳ, ପଦ୍ମିନୀ ସାହୁ, ଆଶୁତୋଷ ପତି, କିଞ୍ଜଲ ମହାପାତ୍ର, ନିରଞ୍ଜନ ଦାସ, ମଧୁଶ୍ରେୟା ଭଞ୍ଜ ପ୍ରମୁଖ କୃତିତ୍ୱ ଅର୍ଜନ କରି ପୁରସ୍କୃତ ହୋଇଛନ୍ତି।

**ଗଁଦିଆ:** ଗଁଦିଆ ବ୍ଲକ ମଠତେନ୍ତୁଳିଆ କ୍ଲଷ୍ଟରସ୍ତରୀୟ ସୁରଭି କାର୍ଯ୍ୟକ୍ରମ ମଠତେନ୍ତୁଳିଆ ନୋଡାଲ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଅନୁଷ୍ଠିତ ହୋଇଛି। ବିଦ୍ୟାଳୟର ପ୍ରଧାନଶିକ୍ଷକ ଶରତ କୁମାର ସାହୁଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ରାଷ୍ଟ୍ରପତି ପୁରସ୍କାରପ୍ରାପ୍ତ ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ହରିହର ସାହୁ



ଯୋଗଦେଇଥିଲେ। ମଠତେନ୍ତୁଳିଆ ନୋଡାଲ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ଶିକ୍ଷୟିତ୍ରୀ ନମିତା ସାହୁ, ଜ୍ୟୋତିର୍ମୟୀ ମଲ୍ଲିକ, ଶିକ୍ଷକ ଗୋଲକ ବିହାରୀ ଲେଙ୍କାଙ୍କ ସହଯୋଗରେ ଗୌରହରି ଭୋଇ କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ। ବିଚାରକ ଭାବେ ଶଙ୍କର୍ଷଣ ବେହେରା, ପ୍ରତାପ ତରାଇ, ଖଗେଶ୍ୱର ବେହେରା, ଦିଲୀପ ସାହୁ, ତରଙ୍ଗ ଦେହୁରୀ, ନିରଞ୍ଜନ ନାୟକ, ପରମେଶ୍ୱର ମହାନ୍ତ, ଶେଷଦେବ ସେଠୀ, ବିପିନ ବିହାରୀ ମହାନ୍ତି କାର୍ଯ୍ୟ ସମ୍ପାଦନ କରିଥିଲେ। କୃତୀ ପ୍ରତିଯୋଗୀଙ୍କୁ ମାନପତ୍ର ପ୍ରଦାନ କରାଯାଇଥିଲା।

**ଢେଙ୍କାନାଳ:** ସ୍ଥାନୀୟ ଜର୍ଜ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ଓ ଜିଲ୍ଲା ଶିକ୍ଷା ଓ ପ୍ରଶିକ୍ଷଣ ପ୍ରତିଷ୍ଠାନ ପରିସରରେ ଢେଙ୍କାନାଳ ସଦର ବ୍ଲକ ପୁଲିସ ଲାଇନ କ୍ଲଷ୍ଟରସ୍ତରୀୟ ସୁରଭି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ସିଆରସିସି ଝସକେତନ ପ୍ରଧାନଙ୍କ ଆବାହକତ୍ୱ ତଥା ଜର୍ଜ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ପ୍ରଧାନଶିକ୍ଷୟିତ୍ରୀ ମହାଶ୍ୱେତା



ପଣ୍ଡାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଉଦଘାଟନୀ ଉତ୍ସବରେ ମୁଖ୍ୟଅତିଥି ଭାବେ ଜିଲ୍ଲା ଶିକ୍ଷା ଓ ପ୍ରଶିକ୍ଷଣ ପ୍ରତିଷ୍ଠାନ ଅଧ୍ୟକ୍ଷ ଲକ୍ଷ୍ମଣ କୁମାର ସାହୁ, ସମ୍ମାନିତ ଅତିଥି ଭାବେ ରବିନ କୁମାର ଶତପଥୀ, ପ୍ରାକ୍ତନ ପ୍ରଧାନଶିକ୍ଷୟିତ୍ରୀ ପଙ୍କଜିନୀ କର ଯୋଗଦେଇଥିଲେ। ଉଦଯାପନୀ ଉତ୍ସବରେ ମୁଖ୍ୟଅତିଥି ଭାବେ ସଦର ଏବିଇଓ ଦେବବ୍ରତ ନାଥ, ସମ୍ମାନିତ ଅତିଥି ଭାବେ ଶିକ୍ଷାବିତ ଡ. ଦେବୀପ୍ରସାଦ ମିଶ୍ର ଯୋଗଦେଇ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କାର ଓ ପ୍ରଶଂସାପତ୍ର ପ୍ରଦାନ କରିଥିଲେ।

### ଜରଡ଼ା ଦେହୁରୀହତା ଜଳବିଭାଜିକା ସହାୟତା ରାଶି ହଡ଼ପ ଘଟଣା

# ପୋଖରୀ ଖନନ ଅନିୟମିତତାର ତଦନ୍ତ କଲେ ଉପନିର୍ଦ୍ଦେଶକ

**କଙ୍କଡ଼ାହାଡ଼, ୨୩।୧୦(ସମିସ)**

ଢେଙ୍କାନାଳ ଜିଲ୍ଲା କଙ୍କଡ଼ାହାଡ଼ ବ୍ଲକ ଗଡ଼ପଳାଶୁଣି ପଞ୍ଚାୟତ ଜରଡ଼ା ଦେହୁରୀହତା ବାଲିଚେତନା ନାଳ-୧ ଜଳ ବିଭାଜିକା ସହାୟତା ରାଶି ହଡ଼ପ ଅଭିଯୋଗର ତଦନ୍ତ ବୁଧବାର ହୋଇଥିବା ବେଳେ ଗୁରୁବାର ଦ୍ୱିତୀୟ ଦିନରେ ପୋଖରୀ ଖୋଳା ଅନିୟମିତତା ଅଭିଯୋଗର ତଦନ୍ତ କରିଛନ୍ତି ଜଳ ବିଭାଜିକା ଉପନିର୍ଦ୍ଦେଶକ ପ୍ରମୋଦ କୁମାର ସାମଲ। ବୁଧବାର ଉପନିର୍ଦ୍ଦେଶକ ସାମଲ ହିତାଧିକାରୀଙ୍କ ପାଖକୁ ଯାଇ ସହାୟତା ରାଶି ହଡ଼ପ ହୋଇଥିବା ଉପରେ ତଦନ୍ତ କରିଥିଲେ। ଗୁରୁବାର ସାମଲ ଜରଡ଼ା ଗ୍ରାମ ଦାଣ୍ଡିକିଆରୀ, ମାଟିଆନାଳୀ, ଦେହୁରୀହତା ଗାଁର କୁସୁମମୁଣ୍ଡା ପୋଖରୀକୁ ଯାଇ ତଦନ୍ତ କରିଛନ୍ତି।



ଅଭିଯୋଗ ଅନୁଯାୟୀ, ଦାଣ୍ଡିକିଆରୀ ପୋଖରୀ ପ୍ରଥମେ ଜଣେ ବ୍ୟକ୍ତିଙ୍କ ନାଁରେ ବ୍ୟକ୍ତିଗତ ଫାର୍ମପଣ୍ଡ ଖୋଳାଯାଇଥିଲା। ପରବର୍ତ୍ତୀ ସମୟରେ ସେହି ପୋଖରୀକୁ ସାମୂହିକ ପୋଖରୀ ଦର୍ଶାଯାଇ ଜଳ ବିଭାଜିକାରୁ ଅର୍ଥ ବ୍ୟୟ ହୋଇ ଖୋଳାଯାଇଥିଲା। ପୁଣି ସମାନ ସମୟରେ ମନରେଗା ଯୋଜନାର ଟଙ୍କା ବ୍ୟୟ ହୋଇଥିବା ମନରେଗା ୱେବସାଇଟ୍‌ରୁ ଜଣାପଡ଼ିଛି। ସେହିପରି ଦେହୁରୀହତା ଗ୍ରାମ କୁସୁମମୁଣ୍ଡା ପୋଖରୀ ପ୍ରଥମେ ଜଳବିଭାଜିକା ବିଭାଗରୁ ଅର୍ଥ ମଞ୍ଜୁର ହୋଇ ଖୋଳା ଯାଇଥିବା ବେଳେ ତଞ୍ଚକତା କରି ସେହି ପୋଖରୀରେ ମନରେଗା ଯୋଜନା ଅର୍ଥ ଉଠାଯାଇଥିବା ଅଭିଯୋଗ ହୋଇଥିଲା। ଜରଡ଼ା ଗ୍ରାମ ମାଟିଆନାଳୀ ପୋଖରୀ ଜଙ୍ଗଲ ଜମିରେ ବିନା ଅନୁମତିରେ ଅଳ୍ପ କାମ ହୋଇ ଅଧିକ ଅର୍ଥ ବ୍ୟୟ ହୋଇଥିବା ଅଭିଯୋଗ ହୋଇଥିଲା। ଅଭିଯୋଗ ଆଧାରରେ ବିଭାଗୀୟ ଉପନିର୍ଦ୍ଦେଶକ ସାମଲ ଏହି ସମସ୍ତ ପୋଖରୀକୁ ଯାଇ ତଦନ୍ତ କରିଛନ୍ତି। ସୂଚନାଯୋଗ୍ୟ, ଏହି ଜଳ ବିଭାଜିକାରେ ଉଭୟ ଗ୍ରାମର ୮୦ରୁ ଊର୍ଦ୍ଧ୍ୱ ହିତାଧିକାରୀଙ୍କ ଟଙ୍କା ହଡ଼ପ ହୋଇଥିବା ଅଭିଯୋଗ ହୋଇଥିଲା। ତଦନ୍ତ ସମୟରେ ଜିଲ୍ଲା ପ୍ରକଳ୍ପ ନିର୍ଦ୍ଦେଶକ କଳ୍ପବଟ ବେହେରା, ଅନୁଗୋଳ ଜିଲ୍ଲା ପ୍ରକଳ୍ପ ନିର୍ଦ୍ଦେଶକ ଜୟଶଙ୍କର ପ୍ରଧାନ ପ୍ରମୁଖ ଉପସ୍ଥିତ ଥିଲେ।

### ବିଦ୍ୟୁତ ବିଭାଗର ଅବହେଳା

## ୧୧ କେଭି ସଂସ୍ପର୍ଶରେ ଆସି ଯୁବକ ଗୁରୁତର



**ହିନ୍ଦୋଳ/ଖଜୁରିଆକଟା, ୨୩।୧୦(ସମିସ):** ଢେଙ୍କାନାଳ ଜିଲ୍ଲା ହିନ୍ଦୋଳ ଉପଖଣ୍ଡ ହିନ୍ଦୋଳ ଏନଏସି ଅଞ୍ଚଳରେ ୧୧କେଭି ତାର ସଂସ୍ପର୍ଶରେ ଆସି ଜଣେ ଯୁବକ ଗୁରୁତର ଆହତ ହୋଇଛନ୍ତି। ସେ ହେଲେ ହିନ୍ଦୋଳ ଏନଏସି ୱାର୍ଡ ନଂ-୩ ଚମ୍ପତିସାହିର ଡମ୍ବରୁ ଗଡ଼ନାୟକଙ୍କ ପୁଅ ବିପ୍ର ଗଡ଼ନାୟକ (୪୦)। ବିପ୍ର ରାଜମିସ୍ତ୍ରି ଭାବେ କାମ କରନ୍ତି। ଗୁରୁବାର ସକାଳେ କାମ ଚାଲିଥିବା ବେଳେ ବିପ୍ର ରଡ୍ ବାନ୍ଧୁଥିଲେ। ମାତ୍ର ଘର ନିକଟକୁ ଲାଗି ଯାଇଥିବା ୧୧କେଭି ବିଦ୍ୟୁତ ତାରରେ ରଡ୍ ଲାଗିଯିବାରୁ ବିପ୍ର ବିଦ୍ୟୁତ୍ ସଂସ୍ପର୍ଶରେ ଆସିଥିଲେ। ଫଳରେ ତାଙ୍କ ହାତଗୋଡ଼ ପୋଡ଼ିଯିବା ସହ ଶରୀରର ବିଭିନ୍ନ ସ୍ଥାନରେ ଆଘାତ ଲାଗିଛି। ପରିବାର ଲୋକ ଓ ଗ୍ରାମବାସୀ ତାଙ୍କୁ ତୁରନ୍ତ ହିନ୍ଦୋଳ ମେଡିକାଲ ନେଇଥିଲେ। ମାତ୍ର ଅବସ୍ଥା ଗୁରୁତର ଥିବାରୁ ତାଙ୍କୁ କଟକ ସ୍ଥାନାନ୍ତର କରାଯାଇଛି। ବିପ୍ର ବର୍ତ୍ତମାନ ଜୀବନ ମରଣ ସହ ସଂଘର୍ଷ କରୁଛନ୍ତି।

ହିନ୍ଦୋଳରେ ବିଦ୍ୟୁତ ବିଭାଗର ଚରମ ଅବହେଳା ପାଇଁ ବାରମ୍ବାର ବିଦ୍ୟୁତ କାଟ୍ ହେବା ସହ ୧୧କେଭି ତାର ଜନବସତିକୁ ଲାଗି ଟଣାଯାଇଥିବାରୁ ବାରମ୍ବାର ଦୁର୍ଘଟଣା ଘଟି ଲୋକେ ମୃତାହତ ହେଉଛନ୍ତି। ବିଦ୍ୟୁତ ବିଭାଗର ଅବହେଳା ପାଇଁ ପରିବାରର ଏକମାତ୍ର ରୋଜଗାରକ୍ଷମ ସଦସ୍ୟ ବିପ୍ରଙ୍କ ଜୀବନ ଆଜି ବାଜିରେ ଲାଗିଛି। ତାଙ୍କୁ ତୁରନ୍ତ ଉପଯୁକ୍ତ କ୍ଷତିପୂରଣ ସହ ପରିବାର ପ୍ରତିପୋଷଣ ପାଇଁ ବିଦ୍ୟୁତ ବିଭାଗ ତଥା ପ୍ରଶାସନ ପକ୍ଷରୁ ଥଇଥାନ ବ୍ୟବସ୍ଥା କରିବାକୁ ଦାବି ହୋଇଛି। ଅଘୋଷିତ ବିଦ୍ୟୁତ କାଟ ବନ୍ଦ କରିବା ସହ ଅନେକ ସ୍ଥାନରେ ଓହଳି ପଡ଼ିଥିବା ଏବଂ ଜନବସତି ମଧ୍ୟ ଦେଇ ଯାଇଥିବା ୧୧କେଭି ବିଦ୍ୟୁତ ତାରକୁ ସୁରକ୍ଷିତ ସ୍ଥାନକୁ ସ୍ଥାନାନ୍ତର କରାଯିବାକୁ ସାଧାରଣରେ ଦାବି ହୋଇଛି।

## ବିଦ୍ୟୁତ କର୍ମଚାରୀଙ୍କୁ ମାଡ଼ ଅଭିଯୋଗ

**ପରଜଙ୍ଗ, ୨୩।୧୦(ସମିସ):** ପରଜଙ୍ଗ ଥାନା ସରାଙ୍ଗ ଗ୍ରାମରେ ଗୁରୁବାର ସକାଳ ସାଢ଼େ ୮ଟାରେ ବିଦ୍ୟୁତ କର୍ମଚାରୀମାନେ ଘର ଲୋକଙ୍କୁ ନ ଜଣାଇ ଘର ଭିତରେ ପଶିବାରୁ ସେମାନଙ୍କୁ ମାଡ଼ ମରାଯାଇଥିବା ଅଭିଯୋଗ ହୋଇଛି। ଅଭିଯୋଗ ଅନୁଯାୟୀ, ସକାଳେ ବିଦ୍ୟୁତ ବିଭାଗ ପରଜଙ୍ଗ ସେକ୍ସନ ଇନଚାର୍ଜ ଲିଙ୍ଗରାଜ ବେହେରା ଏବଂ ଅନ୍ୟ କର୍ମଚାରୀମାନେ ମିଟର ଚେକିଂ ପାଇଁ ସରାଙ୍ଗ ତନ୍ତୀସାହିକୁ ଯାଇଥଲେ। ଗୋଟିଏ ଘର ଚେକିଂ କରି ଫେରିବା ବେଳେ ସେହି ଗ୍ରାମର ନିର୍ମଳ ଚନ୍ଦ୍ର ବେହେରା (୫୫) କିଛି ସାଥୀଙ୍କୁ ନେଇ ବିଦ୍ୟୁତ କର୍ମଚାରୀଙ୍କୁ ଅସଭ୍ୟ ଭାଷାରେ ଗାଳିଗୁଲଜ କରିବା ସହିତ ମାଡ଼ ମାରିଥିଲେ। ଟାଙ୍ଗିଆରେ ହାଣିବା ପାଇଁ ଉଦ୍ୟମ କରିଥିଲେ। ଏପରିକି ମହିଳା କର୍ମଚାରୀଙ୍କୁ ଅସଦାଚରଣ ମଧ୍ୟ କରିଥିଲେ। ଏ ନେଇ ଲିଙ୍ଗରାଜ ପରଜଙ୍ଗ ଥାନାରେ ଏକ ଲିଖିତ ଅଭିଯୋଗ କରିଛନ୍ତି। ପୁଲିସ ମାମଲା ରୁଜୁକରି ତଦନ୍ତ ଚଳାଇଛି।

## ହିତାଧିକାରୀଙ୍କୁ ପଟ୍ଟା ଓ ଭତ୍ତା ବଣ୍ଟନ



**କାମାକ୍ଷାନଗର, ୨୩।୧୦(ସମିସ):** ପରଜଙ୍ଗ ବିଧାୟକ ବିଭୂତି ପ୍ରଧାନ ଗୁରୁବାର ଖଟୁଆହତା ଡାକବଙ୍ଗଳା ପରିସରରେ ହିତାଧିକାରୀଙ୍କୁ ଭତ୍ତା, ଜମିପଟ୍ଟା ଓ ଅନ୍ତ୍ୟୋଦୟ ଗୃହ କାର୍ଯ୍ୟାଦେଶ ପ୍ରଦାନ କରିଛନ୍ତି। ୧୬ ଜଣଙ୍କୁ ଗୃହ, ୪ ଜଣଙ୍କୁ ଭତ୍ତା ଓ ୨୪ ଜଣଙ୍କୁ ପଟ୍ଟା ବଣ୍ଟନ କରାଯାଇଛି। ଆଗାମୀ ଦିନରେ ଆହୁରି ଅନେକ ଯୋଗ୍ୟ ହିତାଧିକାରୀଙ୍କୁ ରାସନ ଓ ଭତ୍ତା ସମେତ ସମସ୍ତ ସରକାରୀ ସୁବିଧା ଯୋଗାଇ ଦିଆଯିବ ବୋଲି ବିଧାୟକ ପ୍ରଧାନ କହିଛନ୍ତି। କାର୍ଯ୍ୟକ୍ରମରେ କାମାକ୍ଷାନଗର ତହସିଲଦାର ଶୁଭ୍ରକାନ୍ତ ମହାନ୍ତି, ବିଜେପି ଜିଲ୍ଲା ସଭାପତି ରାସବିହାରୀ ବେହେରା, ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ପ୍ରମୋଦ ପ୍ରସାଦ ନନ୍ଦ, ମୀନକେତନ ନାୟକଙ୍କ ସମେତ ବିଭିନ୍ନ ପଞ୍ଚାୟତରୁ ଆସିଥିବା ସରପଞ୍ଚ, ସମିତି ସଭ୍ୟ ଏବଂ ପିଆରଆଇ ସଭ୍ୟ ଉପସ୍ଥିତ ଥିଲେ।

## ମାରୱାଡି ସମାଜ ପକ୍ଷରୁ ଦୀପାବଳି ମିଳନ



**ଭୁବନ, ୨୩।୧୦(ସମିସ):** ସ୍ଥାନୀୟ ମାରୱାଡି ସମାଜ ପକ୍ଷରୁ ଦୀପାବଳି ଉତ୍ସବ ବିଷ୍ଣୁପ୍ରିୟା ଗ୍ୟାଲାକ୍ସିଠାରେ ପାଳିତ ହୋଇଛି। ଏଥିରେ ମାରୱାଡି ସମାଜର ଶତାଧିକ ମହିଳା ଓ ପୁରୁଷ ସାମିଲ ହୋଇ ରାଧାକୃଷ୍ଣଙ୍କ ପୂଜାର୍ଚ୍ଚନା କରିଥିଲେ। ମହିଳାମାନଙ୍କୁ ନେଇ ମ୍ୟୁଜିକ ଚେୟାର ପ୍ରତିଯୋଗିତା କରାଯାଇଥିଲା। ସମାଜର ବରିଷ୍ଠ ସଦସ୍ୟ ଈଶ୍ୱର ଚନ୍ଦ୍ର ଲାଲ, କ୍ଷମାଚାନ୍ଦ ଅଗ୍ରୱାଲ, କୈଳାସ ଚନ୍ଦ୍ର ଅଗ୍ରୱାଲ ଓ ଯୁଗଳ କିଶୋର ଅଗ୍ରୱାଲ ଅତିଥି ଭାବେ ଯୋଗଦେଇଥିଲେ। ପ୍ରଭାତ କୁମାର ଅଗ୍ରୱାଲ ଓ ରାଜେଶ ଅଗ୍ରୱାଲ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଦୀନେଶ ଅଗ୍ରୱାଲ କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ। ମୁନା ଅଗ୍ରୱାଲ, ଦିଲୀପ ଅଗ୍ରୱାଲ, ପବିନି ଅଗ୍ରୱାଲ, ପବନ ଅଗ୍ରୱାଲ, ସୂରଜ ଅଗ୍ରୱାଲ, ଶିବ ଅଗ୍ରୱାଲ, ଜିତେନ୍ଦ୍ର ଅଗ୍ରୱାଲ ପ୍ରମୁଖ ଉପସ୍ଥିତ ଥିଲେ।

## ‘ଚିଉଲପୁର ଆମ ଐତିହ୍ୟର ଜୀବନ୍ତ ସ୍ମାରକୀ’

**ଢେଙ୍କାନାଳ, ୨୩।୧୦(ସମିସ):** ଢେଙ୍କାନାଳ ଐତିହ୍ୟ ପଦଯାତ୍ରାର ୩୦ତମ ସଂସ୍କରଣ ହିନ୍ଦୋଳ ଉପଖଣ୍ଡ ଚିଉଲପୁର ଗ୍ରାମ ଶ୍ରୀ ଉଗ୍ରେଶ୍ୱର ଶୈବପୀଠରେ ଅନୁଷ୍ଠିତ ହୋଇଛି। ପଦଯାତ୍ରୀମାନେ ସେଠାରେ ପହଞ୍ଚିବା ପରେ ମନ୍ଦିର ସେବାୟତ, ଗ୍ରାମ କମିଟି ଏବଂ ସ୍ଥାନୀୟ ପରମେଶ୍ୱର ଯୁବକ ସଂଘ ପକ୍ଷରୁ ଭବ୍ୟ ସ୍ୱାଗତ କରାଯାଇଥିଲା।




ଓଡ଼ିଶାର ଶୈବ ଉପାସନା କ୍ଷେତ୍ରରେ ଉଗ୍ରେଶ୍ୱର ମହାଦେବଙ୍କ ମନ୍ଦିରର ଏକ ସ୍ୱତନ୍ତ୍ରତା ରହିଛି। ଏକଦା କୋଦାଳକ ମଣ୍ଡଳ ଅଧୁନା କୁଆଲୋର ଶୁଳ୍କୀ ରାଜବଂଶର ରାଜତ୍ୱ ସମୟର ତିନିଟି ତାମ୍ର ଶାସନ ଚିଉଲପୁର ଗ୍ରାମରୁ ଉଦ୍ଧାର କରାଯାଇ ଥିବାରୁ ଏହି ଗ୍ରାମ ନବମ ଶତାବ୍ଦୀ ବେଳକୁ କୋଦାଳକ ମଣ୍ଡଳ ଅନ୍ତର୍ଗତ ଥିଲା। ଶିଳ୍ପୀମାନେ ଶୈବ ଥିବାରୁ ସମ୍ଭବତଃ ଉଗ୍ରେଶ୍ୱର ମନ୍ଦିର ସେହି ସମୟର ବୋଲି ସ୍ୱୀକାର କରାଯାଏ। ମନ୍ଦିରଟି କାରୁକାର୍ଯ୍ୟ ବିହୀନ କଳିଙ୍ଗ ସ୍ଥାପତ୍ୟର ଏକ ରେଖ ଦେଉଳ। ସାଧାରଣତଃ ପ୍ରାଚୀନ ଶିବ ମନ୍ଦିରଗୁଡ଼ିକରେ ପାର୍ବତୀ ପାର୍ଶ୍ୱ ଦେବୀ ଭାବେ କିମ୍ବା ଏକ ସ୍ୱତନ୍ତ୍ର ମନ୍ଦିରରେ ପୂଜା ପାଇଥାନ୍ତି। ମାତ୍ର ଚିଉଲପୁର ମନ୍ଦିରରେ ପାର୍ବତୀ ମନ୍ଦିର ଗର୍ଭଗୃହ ବାଡ଼ରେ ଏକ ସ୍ୱତନ୍ତ୍ର ଆସନରେ ପୂଜିତ ହେଉଛନ୍ତି। ଏଠାରେ ପାର୍ବତୀଙ୍କୁ ଗୋଷାମଣୀ ଭାବେ ସମ୍ବୋଧନ କରାଯାଏ। ଉଭୟ ଶାକ୍ତ ଓ ବୈଷ୍ଣବ ମତରେ ଗୋଷାମଣୀଙ୍କ ଆରାଧନା ହୋଇଥାଏ। ଏକ ବିଶାଳ ଶକ୍ତି ମଧ୍ୟରେ ଏଠାରେ ସ୍ୱୟଂଭୁ ଲିଙ୍ଗ ବିରାଜମାନ କରିଛନ୍ତି।

ନବମ ଶତାବ୍ଦୀ ପରେ ପର୍ଯ୍ୟାୟକ୍ରମେ ଏହି ମନ୍ଦିରର ଉନ୍ନତି ହିନ୍ଦୋଳ ରାଜବଂଶର ରାଜାମାନଙ୍କ ଦ୍ୱାରା କରାଯାଇଛି। ଏହି ପୀଠ ଲୋକଙ୍କ ଆସ୍ଥା ଓ ବିଶ୍ୱାସର ପ୍ରତୀକ ଭାବେ ସହସ୍ର ବର୍ଷ ଧରି ଢେଙ୍କାନାଳ ଜିଲ୍ଲାର ପ୍ରାଚୀନ ଐତିହ୍ୟକୁ ଧାରଣ କରିଥିବା ଆଲୋଚନା ହୋଇଥିଲା। ପରେ ଢେଙ୍କାନାଳ ଐତିହ୍ୟ ପଦଯାତ୍ରାର ଆବାହକ ଅଧ୍ୟାପକ ସୁରେଶ ପ୍ରସାଦ ମିଶ୍ରଙ୍କ ଆବାହକତ୍ୱରେ ପଦଯାତ୍ରୀମାନେ ଚିଉଲପୁରରେ ଥିବା ପ୍ରାଚୀନ ଗଜବାରଣ ମଣ୍ଡପ ପରିଦର୍ଶନ କରିଥିଲେ। ଏହି ମଣ୍ଡପରେ ଏକଦା ଢେଙ୍କାନାଳର ଆରାଧ୍ୟ ଦେବତା ସିଦ୍ଧ ବଳରାମ ପୂଜିତ ହେଉଥିଲେ। ମଣ୍ଡପରେ ଥିବା ସ୍ତମ୍ଭେଶ୍ୱରୀ ପ୍ରାଚୀନ ଶୁଳ୍କୀ ବଂଶର ଆରାଧ୍ୟ ଦେବୀ ଥିଲେ। ଐତିହ୍ୟ ପଦଯାତ୍ରାରେ ବିଶିଷ୍ଟ ଗବେଷକ ତପନ କୁମାର ଶତପଥୀ, ଡ. ଦୁର୍ଗାଚରଣ ବିଶ୍ୱାଳ, ଡ. ମଳୟ ରଞ୍ଜନ ପତି, ରମେଶ କୁମାର ପତି, ବିଶ୍ୱରଞ୍ଜନ ଦେହୁରୀ, ନାରାୟଣ ପଟ୍ଟନାୟକ, ସୁନୀତା ମହାପାତ୍ର, ସୁମିତ୍ରା ଦେବତା, ସୁଜିତ ଦେବତା, ବିକାଶ ପ୍ରଧାନ, ଆଦିତ୍ୟ ମିଶ୍ର, ପୀୟୂଷ ଅଗ୍ରୱାଲ, ଜ୍ଞାନରଞ୍ଜନ ପ୍ରଧାନ, ଗ୍ରାମ କମିଟି ସଭାପତି ଦିବାକର ପାଣିଗ୍ରାହୀ, ପ୍ରଭଞ୍ଜନ ପାଣିଗ୍ରାହୀ, ରତୁପର୍ଣ୍ଣା ପାଣିଗ୍ରାହୀ, ହୃଦାନନ୍ଦ ବେହେରା, ଚିଉଲପୁର ଗ୍ରାମ କମିଟିର ବହୁ ସଦସ୍ୟ, ପରମେଶ୍ୱର ଯୁବକ ସଂଘର ସଦସ୍ୟ ଓ ଢେଙ୍କାନାଳ ସ୍ୱୟଂଶାସିତ ମହାବିଦ୍ୟାଳୟ ଇତିହାସ ବିଭାଗ ୨୫ ଜଣ ଛାତ୍ରଛାତ୍ରୀ ଏହି ପଦଯାତ୍ରାରେ ଅଂଶଗ୍ରହଣ କରିଥିଲେ।

## ହାତୁରାରେ କ୍ଲଷ୍ଟରସ୍ତରୀୟ ସୁରଭି କାର୍ଯ୍ୟକ୍ରମ



**ଖଜୁରିଆକଟା, ୨୩।୧୦(ସମିସ):** ହିନ୍ଦୋଳ ଉପଖଣ୍ଡ ହାତୁରା କ୍ଲଷ୍ଟର ଜନମଙ୍ଗଳ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପରିସରରେ ସିଆରସିସି ହେମନ୍ତ ଗୋଛାୟତଙ୍କ ସଂଯୋଜନାରେ କ୍ଲଷ୍ଟରସ୍ତରୀୟ ସୁରଭି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ବିଦ୍ୟାଳୟର ପ୍ରଧାନଶିକ୍ଷକ ଗୋପାଳ ମିଶ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଅବସରପ୍ରାପ୍ତ ଶିକ୍ଷକ ବିଜୟ ସାହୁ, ମୁଖ୍ୟବକ୍ତା ଭାବେ ଅବସରପ୍ରାପ୍ତ ଶିକ୍ଷକ ଗଙ୍ଗାଧର ଦାସ, ସମ୍ମାନିତ ଅତିଥି ଭାବେ ସମାଜସେବୀ ଅଶୋକ ସାହୁ, ବିଦ୍ୟାଳୟ ପରିଚାଳନା କମିଟି ସଦସ୍ୟ ମୁରଲୀଧର ସାହୁ, ସାମ୍ବାଦିକ ପ୍ରଶାନ୍ତ ଜେନାମଣି, ମାନସ ମାଝୀ ପ୍ରମୁଖ ଯୋଗଦେଇ ଛାତ୍ରଛାତ୍ରୀଙ୍କୁ ଉତ୍ସାହିତ କରିଥିଲେ। କ୍ଲଷ୍ଟରର ମୋଟ ୧୫ ବିଦ୍ୟାଳୟର ଛାତ୍ରଛାତ୍ରୀ ବିଭିନ୍ନ ପ୍ରତିଯୋଗିତାରେ ଅଂଶଗ୍ରହଣ କରିଥିଲେ। ଶିକ୍ଷକ ବିଦ୍ୟାଧର ବେହେରା ମଞ୍ଚ ପରିଚାଳନା ଓ ଅତିଥି ପରିଚୟ ପ୍ରଦାନ କରିଥିଲେ। ସଭାପତି ମିଶ୍ର ଧନ୍ୟବାଦ ଅର୍ପଣ କରିଥିଲେ। ସୂଚନାଯୋଗ୍ୟ ହିନ୍ଦୋଳ ବ୍ଲକର ୧୭ କ୍ଲଷ୍ଟରରେ ଗୁରୁବାର ସୁରଭି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। କ୍ଲଷ୍ଟର ସ୍ତରରୁ ମନୋନୀତ ହୋଇଥିବା ଛାତ୍ରଛାତ୍ରୀ ବ୍ଲକସ୍ତରୀୟ ପ୍ରତିଯୋଗିତାରେ ଅଂଶଗ୍ରହଣ କରିବେ।

# କୁଡୁମୀ ମହାନ୍ତ ସମାଜର ଗୋଠପୂଜା ଓ ବନ୍ଦନା ପରବ

**ଭୁବନ, ୨୩।୧୦(ସମିସ)**

ଆଲୋକର ପର୍ବ ଅବସରରେ କୁଡୁମୀ ସମାଜର ମହାନ ଗଣପର୍ବ ବନ୍ଦନା ପରବ ପାଳନ ହେଉଛି। ପ୍ରକୃତି ପୂଜକ କୁଡୁମୀ ସମ୍ପ୍ରଦାୟ ସବୁବେଳେ ଉପକାରୀକୁ କୃତଜ୍ଞତା ଜ୍ଞାପନ କରେ। ଏଣୁ ପ୍ରାକୃତିକ ଶକ୍ତି, ଗୋମାତା ଏବଂ କୃଷି ଉପକରଣକୁ କୃତଜ୍ଞତା ଜଣାଇବା ପାଇଁ ବନ୍ଦନା ପରବ ପାଳନ କରିଥାଏ। ଏହି ପର୍ବ ତିନିଦିନ ଧରି ନିଷ୍ଠାର ସହ ପାଳନ କରାଯାଏ। ପରବର ପ୍ରଥମ ଦିନରେ କୁଡୁମୀ (ମହାନ୍ତ) ସମାଜର ଲୋକମାନେ ଗୋଠପୂଜା ବା ଗୋଠଣା ପୂଜା କରିଥାନ୍ତି। କୁଡୁମୀ ପରମ୍ପରାର ମାନ୍ୟତା ଅନୁଯାୟୀ ଗାଈ ଗୋଠରେ ଏକ କୁକୁଡ଼ା ଅଣ୍ଡାକୁ ସୃଷ୍ଟିର ପ୍ରତୀକ ରୂପେ ସ୍ଥାପନା କରି ଧରମ ରାଇ ସୂର୍ଯ୍ୟ ଗରାମ ଗ୍ରାମ ଦେବତୀ, ବସୁମତୀ ପୃଥିବୀ, ଗରୟା ଗୋରକ୍ଷାକାରୀ ଦେବତା, ବାଘୁତ ବାୟୁ ବଡ଼ ପାହାଡ଼ ବାନସିନି ଜଳ ଦେବତା, ବୁଲହାବାବା ଶିବ, ମହାମାଈଁ ମହା ପ୍ରାକୃତିକ ଶକ୍ତି ଆଦିଙ୍କୁ ପୂଜା କରାଯାଇଥାଏ। ସୂର୍ଯ୍ୟ କିରଣ, ବାୟୁ, ଜଳ, ହଳ, ଗୋରୁ ବିନା କୃଷି ସମ୍ଭବ ନୁହେଁ। ଏଣୁ କୃଷି ଉତ୍ପାଦନ ପରେ ଏହାଙ୍କୁ କୃତଜ୍ଞତା ଜଣାଇବା ପାଇଁ ବନ୍ଦନା ପରବ ପାଳନ କରାଯାଏ। ପୂଜା କରାଯାଇଥିବା ଅଣ୍ଡାକୁ ଯେଉଁ ଲୋକର ଗାଈ କିମ୍ବା ବାଛୁରୀ ବା ବଳଦ ଗୋଡ଼ରେ ସ୍ପର୍ଶ କରିଥାଏ, ସେହି ଗାଈକୁ ଶିରମତି ଗାଈ କୁହାଯାଏ ଓ ସେହି ପରିବାର ମୁଖ୍ୟଙ୍କୁ ଭାଗ୍ୟବାନ କୁହାଯାଏ। ସେହି ଗାଈର ମାଲିକଙ୍କୁ ଗ୍ରାମବାସୀ କାନ୍ଧରେ ବସାଇ ବନ୍ଦନା ଗୀତ ଓ ମାଦଳର ତାଳେ ତାଳେ ନାଚ, ଗୀତ ଗାନ କରି ସମ୍ବର୍ଦ୍ଧନା ପୂର୍ବକ ତାଙ୍କ ଘରକୁ ନିଆଯାଏ। ଗୋଠ ପୂଜାରେ ବଳି ଦେଇଥିବା କୁକୁଡ଼ା ମାଂସରେ ପୋଡ଼ପିଠା ଓ ଲେଟ ଅଧୁନା ବିରିୟାନି ପ୍ରସ୍ତୁତ କରାଯାଇ ପ୍ରସାଦ ଭାବେ ଉପସ୍ଥିତ ସମସ୍ତ ଗ୍ରାମବାସୀଙ୍କୁ ବଣ୍ଟନ କରାଯାଏ। ଗୁହାଳ ପୂଜାଦିନ ମଧ୍ୟ ଗାଈଗୋରୁଙ୍କୁ ଗୁହାଳରେ ଅନୁରୂପ ପୂଜାସେବା କରିଥାନ୍ତି। ଶେଷଦିନକୁ ବୁଢ଼ୀ ବନ୍ଦନା କରାଯାଏ। ପୁରୁଷ ଓ ମହିଳାମାନେ ମାଦଳ ବାଦ୍ୟର ତାଳେତାଳେ ନାଚି ଖୁସି ମନାଇଥାନ୍ତି। ପରସ୍ପର ମଧ୍ୟରେ ଭାଇଚାରା ଅତୁଟ ରଖିବା ପାଇଁ ଗୋଟିଏ ଗାଁର ଲୋକେ ପଡ଼ୋଶୀ ଗାଁକୁ ଧାଙ୍ଗୁଆଁନ ଯାଇଥାନ୍ତି। ଭୁବନ ବ୍ଲକ ଓଡ଼ିଶ ପଞ୍ଚାୟତ ବଡ଼କାଠିଆ, ଓଡ଼ିଶ ମହାନ୍ତ ସାହି, ଭେରୁପଣିଆ, କୋଲହଣିଆ, ସାପୁଆ, ବାରୁଁଆ ପଞ୍ଚାୟତ କୃଷ୍ଣପୁର ଗ୍ରାମରେ ଧୁମଧାମରେ ପାଳିତ ହୋଇଛି ବନ୍ଦନା ପର୍ବ। ସୋମବାର ଆଣ୍ଡମଡ଼ା, ମଙ୍ଗଳବାର ଗୁହାଳ ପୂଜା, ବୁଧବାର ସାମୂହିକ ଭୋଜନ ଅନୁଷ୍ଠିତ ହୋଇଛି। କୋଲହଣିଆ ଓଡ଼ିଶ ସରପଞ୍ଚ ମୋହନ ମହାନ୍ତ, ବଡ଼କାଠିଆ ସମିତି ସଭ୍ୟ ତ୍ରିଲୋଚନ ମହାନ୍ତ ନିଜେ ଗୋଠଣା ପ୍ରଧାନ ଭୂମିକାରେ ପୂଜାର୍ଚ୍ଚନା କରିଥିଲେ। କୁଡୁମୀ ସମ୍ପ୍ରଦାୟର ଏହି ଲୋକପର୍ବ କେଉଁ ଅନାଦି କାଳରୁ ଚାଲି ଆସିଥିବା ପୂର୍ବତନ ସରପଞ୍ଚ ଡମ୍ବରୁଧର ମହାନ୍ତ କହିଛନ୍ତି।

## ଅଁଳାବେରେଣି ମେଡିକାଲରେ ନୂତନ ପରୀକ୍ଷାଗାର ଶିଳାନ୍ୟାସ



**କାମାକ୍ଷାନଗର, ୨୩।୧୦(ସମିସ):** କାମାକ୍ଷାନଗର ବ୍ଲକ ଅଁଳାବେରେଣି ମେଡ଼ିକାଲରେ ନୂତନ ପ୍ରାଥମିକ ପରୀକ୍ଷା ଗାର ଗୃହ ଗ୍ରାମ୍ୟ ଉନ୍ନୟନ ବିଭାଗ ତରଫରୁ ଶିଳାନ୍ୟାସ ହୋଇଯାଇଛି।ଏଠାରେ ମୁଖ୍ୟଅତିଥି ଭାବରେ ପରଜଙ୍ଗ ବିଧାୟକ ବିଭୁତି ପ୍ରଧାନ ଉପସ୍ଥିତ ରହି ଶିଳାନ୍ୟାସ କରିଥିଲେ।ଏହି ଗୃହ ନିର୍ମାଣ ହେବା ଦ୍ୱାରା ବ୍ଲକର ବିଭିନ୍ନ ଅଞ୍ଚଳରୁ ଆସୁଥିବା ରୋଗୀ ଏହାର ସୁବିଧା ନେଇ ପାରିବେ ବୋଲି ବିଧାୟକ କହିଥିଲେ।୬୨ ଲକ୍ଷ ଟଙ୍କା ବ୍ୟୟ ବରାଦରେ ଏହି ଗୃହ ନିର୍ମାଣ ହେବ।ଏଠାରେ ଅନ୍ୟମାନଙ୍କ ମଧ୍ୟରେ ଗ୍ରାମ୍ୟ ଉନ୍ନୟନ ବିଭାଗର ଅଧିକ୍ଷଣ ଯନ୍ତ୍ରୀ ଶିବଜ୍ୟୋତି ସାହୁ, ସହକାରୀ ନିର୍ବାହୀ ଯନ୍ତ୍ରୀ ଇତିଶ୍ରୀ ସାହୁ, ମେଡ଼ିକାଲର ଡାକ୍ତର ମୀରା ବେହେରା, ବିଜେପି ଜିଲ୍ଲା ସଭାପତି ରାସବିହାରୀ ବେହେରା, ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ପ୍ରମୋଦ ପ୍ରସାଦ ନନ୍ଦ, ଜିଲା ଉପ ସଭାପତି ଶିବ ପ୍ରସାଦ ସାହୁ, ଜିଲା ପରିଷଦ ସଭ୍ୟ ଅଶୋକ କୁମାର ବେହେରା, ମୀନକେତନ ନାୟକ, ପ୍ରଭାତୀ ସେଠୀ, ଦୀପକ ପାତ୍ରଙ୍କ ସମେତ ଅନ୍ୟମାନେ ଉପସ୍ଥିତ।

## ଚେତାବନୀ ଦେଲା ପୂର୍ବତଟ ରେଳପଥ

# ଟ୍ରାକ୍ କିମ୍ବା ଟ୍ରେନ୍‌ରେ ରିଲ୍ସ କଲେ କଡ଼ା କାର୍ଯ୍ୟାନୁଷ୍ଠାନ

ଭୁବନେଶ୍ୱର,୨୩।୧୦(ସମିସ): ରାତାରାତି ଭାଇରାଲ ହେବା ନିଶାରେ ଯୁବପିଢ଼ି ନିଜ ଜୀବନକୁ ବିପଦରେ ପକାଉଛନ୍ତି। କିଏ ଚଳନ୍ତା ଟ୍ରେନ୍ ଭିତରେ ରିଲ୍ସ କଲାଣି ତ, ଆଉ କିଏ ରେଲୱେ ଟ୍ରାକ୍ ଉପରେ ଭିଡିଓ କରୁଛି। ଅନେକ ଯୁବକ ମଧ ଟ୍ରେନ୍ ଉପରେ ଚଢି ଭିଡିଓ କରୁଛନ୍ତି। କିନ୍ତୁ ଏବେ ତାହା ଆଉ ହେବ ନାହିଁ। ଯେଉଁମାନେ ଏଭଳି ରେଲୱେ ଟ୍ରାକ୍, ଟ୍ରେନ୍ ଭିତର ଏବଂ ଟ୍ରେନ ଉପରେ ଭିଡିଓ କରିବେ, ସେମାନଙ୍କ ବିରୋଧରେ କଡ଼ା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ପୂର୍ବତଟ ରେଳପଥ କର୍ତ୍ତୃପକ୍ଷ କଡ଼ା ଚେତାବନୀ ଦେଇଛନ୍ତି।

ପୂର୍ବତଟ ରେଳପଥ ସ୍ପଷ୍ଟ କରିଛି ଯେ, ଏପରି ବେପରୁଆ କାର୍ଯ୍ୟ କେବଳ ଜୀବନ ପାଇଁ ବିପଦପୂର୍ଣ୍ଣ ନୁହେଁ; ବରଂ ରେଳବାଇ ଆଇନ, ୧୯୮୯ ଅନୁଯାୟୀ ଦଣ୍ଡନୀୟ ଅପରାଧ। ଏହି ପଦକ୍ଷେପ ଏକ ଚିନ୍ତାଜନକ ବିଷୟ। ସୋସିଆଲ ମିଡିଆରେ ଖ୍ୟାତି ପାଇବା ପାଇଁ ଯୁବପିଢ଼ି ଭିଡିଓ କରି ରେଳ ପରିଚାଳନାର ସୁରକ୍ଷାକୁ ବିପଦରେ ପକାଉଛନ୍ତି। ଏଥିପାଇଁ ରେଳ ସୁରକ୍ଷା ବଳ ଏବଂ ସରକାରୀ ରେଳ ପୁଲିସକୁ ଉଲ୍ଲଂଘନକାରୀଙ୍କ ବିରୁଦ୍ଧରେ "ଶୂନ୍ୟ ସହନଶୀଳତା' ନୀତି ଅନୁସରଣ କରିବାକୁ ନିର୍ଦ୍ଦେଶ ଦିଆଯାଇଛି। ଆଇନଗତ କାର୍ଯ୍ୟାନୁଷ୍ଠାନ ଶୀଘ୍ର ଏବଂ କଠୋର ହେବ। ଚଳନ୍ତା ଟ୍ରେନ୍ ନିକଟରେ ଫଟୋ କିମ୍ବା ଭିଡିଓ ଧାରଣ କରିବା, କିମ୍ବା ରେଳପଥ ଉପରେ ଅନଧିକୃତ ପ୍ରବେଶ କରୁଥିବା ଯେକୌଣସି ବ୍ୟକ୍ତିଙ୍କ ବିରୁଦ୍ଧରେ କଠୋର ଆଇନଗତ ପଦକ୍ଷେପ ନେବାକୁ କୁହାଯାଇଛି। ଏହିପରି ଉଲ୍ଲଂଘନକାରୀଙ୍କ ବିରୁଦ୍ଧରେ ରେଳ ଆଇନ ୧୯୮୯ର ଧାରା ୧୪୭ ଏବଂ ୧୫୩ ଅନୁଯାୟୀ ମାମଲା ରୁଜୁ ହେବ। ଯେଉଁଥିରେ ଜେଲ୍ ଦଣ୍ଡ ସହିତ ଆର୍ଥିକ ଦଣ୍ଡ ମଧ ଲାଗୁ ହେବ। ପୂର୍ବତଟ ରେଳପଥ ସମସ୍ତ ନାଗରିକଙ୍କୁ ବିଶେଷକରି ଛାତ୍ର ଏବଂ କିଶୋରମାନଙ୍କୁ ସୁରକ୍ଷା ନିର୍ଦ୍ଦେଶାବଳୀ ବୁଝିବା ଏବଂ ପାଳନ କରିବାକୁ ଅନୁରୋଧ କରାଯାଇଛି।

ଏଥିସହିତ ଫଟୋଗ୍ରାଫି ସମେତ କୌଣସି କାରଣ ପାଇଁ ରେଳ ଟ୍ରାକ୍ ଉପରକୁ ନ ଯିବା ପାଇଁ କୁହାଯାଇଛି। ଚଳନ୍ତା ଟ୍ରେନରୁ ଝୁଙ୍କି ପଡ଼ିବା, ଫୁଟ୍‌ବୋର୍ଡରେ ଯାତ୍ରା କରିବା କିମ୍ବା ଭିଡିଓ କରିବା ପାଇଁ ଛାତ କିମ୍ବା ଇଞ୍ଜିନରେ ଚଢ଼ିବା ଭଳି ବିପଦପୂର୍ଣ୍ଣ ଷ୍ଟଣ୍ଟ ପ୍ରଦର୍ଶନରୁ ଦୂରେଇ ରହିବା ମଧ କୁହାଯାଇଛି। କାରଣ ଏପରି କାର୍ଯ୍ୟ ଉଚ୍ଚ-ଶକ୍ତିସମ୍ପନ୍ନ ଓଭରହେଡ୍ ଇଲେକ୍ଟ୍ରିକ୍ ଲାଇନ ସହିତ ଘାତକ ସଂସ୍ପର୍ଶରେ ଆସିପାରନ୍ତି। ତେଣୁ ଯାତ୍ରୀମାନେ ପ୍ଲାଟଫର୍ମ ଧାରରୁ ନିରାପଦ ଦୂରତା ବଜାୟ ରଖିବାକୁ କୁହାଯାଇଛି। ଚାଲୁଥିବା ଟ୍ରେନରୁ ଚଢ଼ିବା କିମ୍ବା ଓହ୍ଲାଇବା ମଧ ଏକ ଦଣ୍ଡନୀୟ ଅପରାଧ। ବିପଦପୂର୍ଣ୍ଣ ରେଳ ଷ୍ଟଣ୍ଟ ମାଧ୍ୟମରେ ସାମାଜିକ ଗଣମାଧ୍ୟମର ଦୃଷ୍ଟି ଆକର୍ଷଣ କରିବାର ବାସ୍ତବ ବିପଦ ଏବଂ କଠୋର ଆଇନଗତ ପରିଣାମ ବିଷୟରେ ଯୁବପିଢ଼ିଙ୍କୁ ପରାମର୍ଶ ଦେବାକୁ ଅଭିଭାବକ ଏବଂ ଶିକ୍ଷକମାନଙ୍କୁ ଅନୁରୋଧ କରାଯାଇଛି। ପିଲାମାନଙ୍କୁ ଏ ବିଷୟରେ ସଚେତନ କରିବା ପାଇଁ ଅଭିଭାବକ ଓ ଶିକ୍ଷକମାନଙ୍କୁ ମଧ ରେଳବାଇ ଅନୁରୋଧ କରିଛି।

## ମାନହାନୀ ଓ କୁତ୍ସାରଟନା

# ସିଇଓଙ୍କ ନିକଟରେ ଫେରାଦ ହେଲା କଂଗ୍ରେସ

ଭୁବନେଶ୍ୱର,୨୩।୧୦(ସମିସ): ପିସିସି ସଭାପତି ଭକ୍ତ ଚରଣ ଦାସ, ତାଙ୍କ ପୁତ୍ର ତଥା ଭବାନୀପାଟଣା ବିଧାୟକ ସାଗର ଚରଣ ଦାସ ଓ କଂଗ୍ରେସ ଦଳକୁ ବଦ୍‌ନାମ କରିବା ପାଇଁ ମନଗଢ଼ା କାହାଣୀ ପ୍ରଚାର କରାଯାଉଛି। ଏ ସବୁ ଶାସକ ଦଳକୁ ସୁହାଉଥିବାରୁ ସ୍ୱଚ୍ଛ ନିର୍ବାଚନର ଦ୍ୱାହି ଦେଉଥିବା ନିର୍ବାଚନ ଅଧିକାରୀ ଓ ସାଇବର-ଅପରାଧ ସଂସ୍ଥାମାନ ସବୁ ଜାଣି ନ ଜାଣିଲା ପରି ରହୁଥିବା କଂଗ୍ରେସ ଅଭିଯୋଗ କରିଛି। ଏହାକୁ ଆଧାର କରି

### ରାଜ୍ୟବ୍ୟାପୀ ଜିଲ୍ଲା କଂଗ୍ରେସ ପକ୍ଷରୁ ବିକ୍ଷୋଭ ପ୍ରଦର୍ଶନ

ଗୁରୁବାର ପିସିସିର ବରିଷ୍ଠ ଆଇନଜୀବୀମାନଙ୍କର ଏକ ପ୍ରତିନିଧି ଦଳ ଭୁବନେଶ୍ୱରସ୍ଥିତ ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟକୁ ଯାଇ ଏହି ମର୍ମରେ ଏକ ସ୍ମାରକପତ୍ର ଦାଖଲ କରିଛନ୍ତି। ଅନ୍ୟପକ୍ଷରେ ରାଜ୍ୟର ସମସ୍ତ ୩୫ ସାଙ୍ଗଠନିକ ଜିଲ୍ଲାର କଂଗ୍ରେସ ସଭାପତିମାନଙ୍କ ନେତୃତ୍ୱରେ ବିକ୍ଷୋଭ ପ୍ରଦର୍ଶନ ସହ ଶତାଧିକ କର୍ମୀଙ୍କ ଗହଣରେ ନିଜନିଜ ସଦର ମହକୁମା ସାଇବର ଥାନା ଅଧିକାରୀମାନଙ୍କୁ ଉକ୍ତ ଚାନେଲଗୁଡ଼ିକ ତୁରନ୍ତ ବନ୍ଦ କରିବା ସହ ସେମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ନେବା ପାଇଁ ଦାବି କରାଯାଇଛି।

ପ୍ରତିନିଧି ଦଳ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ ଅନୁପସ୍ଥିତିରେ ଦାବି ଗ୍ରହଣ କରିଥିବା ଅଧିକାରୀଙ୍କୁ ସବିଶେଷ ତଥ୍ୟ ଓ ପ୍ରମାଣ ଉପସ୍ଥାପନ କରିଥିଲେ। ବିରୋଧରେ କରୁଥିବା ଅପପ୍ରଚାର ଉପରେ ରୋକ ଲଗାଇବା ପାଇଁ ଅନୁରୋଧ କରାଯାଇଥିଲା। ଉକ୍ତ ପ୍ରତିନିଧି ଦଳରେ ବରିଷ୍ଠ ଆଇନଜୀବୀ ତଥା ରାଜ୍ୟ ସଂଖ୍ୟାଲଘୁ ବିଭାଗର ଅଧ୍ୟକ୍ଷ ଜିଆ-ଉଲ-ହକ୍ ଆଇନଜୀବୀ ତଥା ବରିଷ୍ଠ ମୁଖପାତ୍ର ଲଲାଟେନ୍ଦୁ ଦାସ, ନିଶିକାନ୍ତ ମିଶ୍ର, ଡ.ମନିଷା ଦାସପଟ୍ଟନାୟକ,



ଦାବିପତ୍ରରେ ପ୍ରଦେଶ କଂଗ୍ରେସ ସଭାପତିଙ୍କ ବିରୋଧରେ ବିନା ପ୍ରମାଣ, ବିନା ତଥ୍ୟ ଆଧାରରେ ସମ୍ମାନହାନି କରିଥିବା ଗଣମାଧ୍ୟମ ଉପରେ ତୁରନ୍ତ କାର୍ଯ୍ୟାନୁଷ୍ଠାନ ନେବା ପାଇଁ ଦାବି କରାଯାଇଥିଲା। ଏଥିସହିତ କିଛି ଅସାମାଜିକ ବ୍ୟକ୍ତିଙ୍କ କଂଗ୍ରେସ ବରିଷ୍ଠ ମୁଖପାତ୍ର ତଥା ପ୍ରଦେଶ କଂଗ୍ରେସ ତଥ୍ୟ, ଗବେଷଣା ଓ ଅନୁସନ୍ଧାନର ମୁଖ୍ୟ ଜଗଦାନନ୍ଦ ପ୍ରଧାନ, ଆଇନଜୀବୀ ତଥା କଂଗ୍ରେସ ନେତା ମନୋଜ ନାୟକ, ପିସିସି ଗଣମାଧ୍ୟମ ସଂଯୋଜକ ଦୀପକ କୁମାର ମହାପାତ୍ର ପ୍ରମୁଖ ଉପସ୍ଥିତ ଥିଲେ।

# ରାଜ୍ୟରେ ବିଜେପି ଆକ୍ରୋଶମୂଳକ ରାଜନୀତି ଆରମ୍ଭ କରିଛି: ବିଜେଡି

ଭୁବନେଶ୍ୱର,୨୩।୧୦(ସମିସ): ଗଞ୍ଜାମର ପୀତବାସ ପଣ୍ଡା ହତ୍ୟାକାଣ୍ଡ ଘଟଣାରେ ପୂର୍ବତନ ବିଧାୟକ ତଥା ଗଞ୍ଜାମ ଜିଲ୍ଲା ବିଜେଡି ସଭାପତି ବିକ୍ରମ ପଣ୍ଡାଙ୍କ ଗିରଫକୁ କଡ଼ା ଆଭିମୁଖ୍ୟ ପ୍ରକାଶ କରିଛି ବିଜେଡି। ଗତ ୧୬ ମାସର ରାଜ୍ୟରେ ଶାସନ ବ୍ୟବସ୍ଥା ସମ୍ପୂର୍ଣ୍ଣ ଭୁଶୁଡି ପଡ଼ିଥିବା ବେଳେ ବିଜେପି ହତାଶ ହୋଇ ବିଜେଡି ନେତାମାନଙ୍କୁ ଟାର୍ଗେଟ କରିବା ଆରମ୍ଭ କରିଛି ବୋଲି ଦଳ ପକ୍ଷରୁ କୁହାଯାଇଛି।

- ମିଥ୍ୟା କେସରେ ରାଜନେତାଙ୍କୁ ଗିରଫ କରିବା ବିଜେପିର ପୁରୁଣା ଅଭ୍ୟାସ
- ବିଜେପି ନେତାଙ୍କ ସମ୍ପୃକ୍ତିରେ ରାଜ୍ୟରେ ଚୋରା କାରବାର ଅହେତୁକ ବୃଦ୍ଧି

ଦେଶରେ ପ୍ରତିପକ୍ଷ ଦଳର ନେତା ମାନଙ୍କୁ ମିଥ୍ୟା ମାମଲାରେ ଗିରଫ କରିବା ବିଜେପିର ପୁରୁଣା ଅଭ୍ୟାସ ରହିଛି। ଓଡ଼ିଶାରେ ବିଜେପି ଶାସନକୁ ଆସିବା ପରେ ଏହି ପ୍ରକ୍ରିୟା ଏଠାରେ ମଧ ଆରମ୍ଭ ହୋଇଛି। ବିଜୁ ଜନତା ଦଳ ଏହି ଅନ୍ୟାୟ ବିରୋଧରେ ଲଢେଇ ଜାରି ରଖିବ। ଆଇନଗତ ଲଢେଇ ସହିତ ରାଜରାସ୍ତାରେ ମଧ ବିଜେଡି ଏହି ଲଢେଇ ଜାରି ରଖିବ ବୋଲି ଦଳର ମୁଖପାତ୍ର ତଥା ମିଡିଆ ସଂଯୋଜକ ଡ.ଲେନିନ ମହାନ୍ତି ପ୍ରକାଶ କରିଛନ୍ତି।

ସେ କହିଛନ୍ତି ଯେ ରାଜ୍ୟରେ ଆଇନଶୃଙ୍ଖଳା ପରିସ୍ଥିତି ବିପର୍ଯ୍ୟସ୍ତ ହୋଇଛି ଓ ମହିଳା ନିର୍ଯାତନା ବୃଦ୍ଧି ପାଇଛି। ଓଡ଼ିଶା ଦେଶର ଅପରାଧ ତାଲିକାରେ, ୮ମ ସ୍ଥାନରେ ରହିଛି। ରାଜ୍ୟରେ ହତ୍ୟା, ଦୁଷ୍କର୍ମ, ଗଣଦୁଷ୍କର୍ମ, ରାହାଜାନି ଇତ୍ୟାଦି ଘଟଣାମାନ ଅହେତୁକ ବୃଦ୍ଧି ପାଇଛି। ରାଜ୍ୟର ଆଇନ ଶୃଙ୍ଖଳା ସ୍ଥିତି ଉପରେ ସରକାରଙ୍କ ନିୟନ୍ତ୍ରଣ ନାହିଁ ବୋଲି ଜନସାଧାରଣଙ୍କ ହୃଦବୋଧ ହୋଇଛି। ରାଜ୍ୟର ସରକାରୀ କାର୍ଯ୍ୟାଳୟ ବ୍ଲକ ଓ ପଞ୍ଚାୟତ ଅଫିସ ଆଦିରେ ବିଜେପି କର୍ମୀ ମାନଙ୍କ ଦୌରାତ୍ମ୍ୟ ବୃଦ୍ଧି ପାଇଛି। ରାଜ୍ୟର ଥାନାଗୁଡିକ ବିଜେପି ନେତା ଓ କର୍ମୀମାନଙ୍କ ଆଡ୍ଡାସ୍ଥଳୀ ପାଲଟିଛି। ବିଜେପି କର୍ମୀମାନଙ୍କ ସହାଭାଗିତାରେ ଚୋରା ବାଲି, ଚୋରା ଚିପ୍ସ ଓ ଚୋରା ମଦ କାରବାର ମଧ ଅହେତୁକ ବୃଦ୍ଧି ପାଇଛି । ବିଜେପି ନେତା, କର୍ମୀ ଓ ଅପରାଧୀଙ୍କ ସହିତ ଏକ ଅସାଧୁ ମେଣ୍ଟ ମାଧମରେ ଏହି ସବୁ ଚୋରା କାରବାର ବୃଦ୍ଧି ପାଇଛି । ଏହାଛଡ଼ା ସରକାରୀ ଚାକିରୀକୁ ବିକ୍ରୟ କରିବା ପାଇଁ ଏକ ପ୍ରକାରର ନିଲାମ ଡକାଯାଉଛି। ଏହି ସବୁ ବିଫଳତାକୁ ଲୁଚାଇବା ପାଇଁ ବିଜେପି ସରକାର ଏବେ ରକ୍ତମୁଖା ହୋଇ ବିରୋଧୀ ଦଳକୁ ଟାର୍ଗେଟ କରିବା ଆରମ୍ଭ କରିଛି । ସେହି ନ୍ୟାୟରେ ପୂର୍ବତନ ବିଧାୟକ ତଥା ଗଞ୍ଜାମ ଜିଲ୍ଲା ବିଜେଡି ସଭାପତି ବିକ୍ରମ ପଣ୍ଡାଙ୍କୁ ପୀତବାସ ପଣ୍ଡାଙ୍କ ହତ୍ୟା ଘଟଣାରେ ଗିରଫ କରାଯାଇଛି। ଏହି ଘଟଣାରେ ବିକ୍ରମଙ୍କ ସମ୍ପୃକ୍ତି ନେଇ କୌଣସି ପ୍ରମାଣ ନଥିଲେ ମଧ ତାଙ୍କୁ ଗିରଫ କରାଯାଇଛି ।

# ଓଏଚ୍‌ଆର୍‌ସିରେ ଏଣିକି ଭିଡିଓ କନ୍‌ଫରେନ୍ସିଂରେ ଶୁଣାଣି

ଭୁବନେଶ୍ୱର, ୨୩।୧୦(ସମିସ): ଦୂରଦୂରାନ୍ତରୁ ରାଜ୍ୟ ମାନବାଧିକାର କମିସନ (ଓଏଚ୍‌ଆର୍‌ସି)ଙ୍କ କାର୍ଯ୍ୟାଳୟକୁ ଅଭିଯୋଗ ନେଇ ଆସୁଥିବା ଲୋକଙ୍କ ପାଇଁ ଖୁସି ଖବର। ଶୁଣାଣି ବେଳେ ଓଏଚ୍‌ଆର୍‌ସି କାର୍ଯ୍ୟାଳୟରେ ପ୍ରତ୍ୟକ୍ଷ ହାଜର ନ ହୋଇ ଭିଡିଓ କନଫରେନ୍ସିଂ ମାଧ୍ୟମରେ ମଧ ହାଜର ହୋଇପାରିବେ। ଓଡ଼ିଶା ମାନବାଧିକାର କମିସନ, ଭୁବନେଶ୍ୱରଙ୍କ ଦ୍ୱାରା ସମସ୍ତ ବେଞ୍ଚମାନଙ୍କ ଦ୍ୱାରା ଭିଡିଓ କନଫରେନ୍ସିଂ ମାଧ୍ୟମରେ ଶୁଣାଣି କରିବାକୁ ପ୍ରକ୍ରିୟା ଆରମ୍ଭ ହୋଇଛି। ଏହି ପ୍ରକ୍ରିୟାକୁ ଏକୀକୃତ ଏବଂ ସୁବ୍ୟବସ୍ଥିତ କରିବା ପାଇଁ କମିସନ ନିୟମ ଓ ନିର୍ଦ୍ଦେଶାବଳୀ ଜାରି କରିଛନ୍ତି। ଆସନ୍ତା ୨୭ ତାରିଖ (ସୋମବାର) ଠାରୁ ଭିଡିଓ କନଫରେନ୍ସିଂ ମାଧ୍ୟମରେ ଶୁଣାଣି କାର୍ଯ୍ୟକାରୀ କରାଯିବ।

କମିସନଙ୍କ ସମସ୍ତ ବେଞ୍ଚ "ଗୁଗୁଲ ମିଟ୍" ପ୍ଲାଟଫର୍ମ ମାଧ୍ୟମରେ ଭିଡିଓ କନଫରେନ୍ସିଂ ଏବଂ ପ୍ରତକ୍ଷ୍ୟ, ଉଭୟ ଭାବେ କାର୍ଯ୍ୟ ସଂପାଦନ କରିବେ। ଯେଉଁ ପକ୍ଷ ବା ପରାମର୍ଶଦାତାମାନେ ଦୂରଦୂରାନ୍ତରୁ ଆଭାସୀ ମାଧ୍ୟମରେ ଉପସ୍ଥିତ ହେବାକୁ ଇଚ୍ଛୁକ ଥିବେ, ସେମାନେ ଅଭିଯୋଗକାରୀଙ୍କ ନାମ, ମାମଲା, ନମ୍ବର, ବେଞ୍ଚ ନାମ ଏବଂ ଭିସି ମାଧ୍ୟମରେ ହାଜର ହେବାକୁ ଇଚ୍ଛୁକ ବ୍ୟକ୍ତିଙ୍କ ବିବରଣୀ ଫର୍ମ ପୂରଣ କରି ଶୁଣାଣି ପୂର୍ବ ତାରିଖ ଅପରାହ୍ଣ ୪ଟା ସୁଦ୍ଧା କମିସନଙ୍କ ଇ-ମେଲ୍‌ରେ ପଠାଇବାକୁ ପଡ଼ିବ। ଶୁଣାଣି ଦିନ ପଠାଯାଇଥିବା କୌଣସି ଇ-ମେଲ ଅନୁରୋଧକୁ ଗ୍ରହଣ କରାଯିବ ନାହିଁ ବୋଲି କମିସନ ସ୍ପଷ୍ଟ କରିଛନ୍ତି।

ସମସ୍ତ ମାମଲା ସୂଚୀବଦ୍ଧ ଥିବା କ୍ରମିକ ସଂଖ୍ୟା ଅନୁଯାୟୀ ବିଚାର କରାଯିବ। ପକ୍ଷ ଓ ଓକିଲମାନେ ଶୁଣାଣି ଦିନ ସକାଳ ୧୧ଟାରୁ କମିସନଙ୍କ ୱେବସାଇଟ୍‌ରେ ଭିଡିଓ ଲିଙ୍କ୍ ଏବଂ ସମୟ ଦେଖିପାରିବେ। ନିର୍ଦ୍ଦିଷ୍ଟ ସମୟର ୫ମିନିଟ୍ ପୂର୍ବରୁ ଭିଡିଓ କନଫରେନ୍ସିଂରେ ଯୋଗ ଦେବାକୁ ପଡ଼ିବ। ସମସ୍ତ ପକ୍ଷ ଓ ଅଂଶଗ୍ରହଣକାରୀମାନେ ଭିଡିଓ କନଫରେନ୍ସିଂ ସମୟରେ ଯଥୋଚିତ ସୌଜନ୍ୟ ଓ ମର୍ଯ୍ୟାଦା ଅନୁସରଣ କରିବେ।

## ଏସିଏଫ୍ ସୌମ୍ୟରଂଜନ ମୃତ୍ୟୁ ମାମଲା

# ତତ୍କାଳୀନ ଡିଏଫ୍‌ଓ ଓ ରୋଷେୟାଙ୍କ ଆଗୁଆ ଜାମିନ ଆବେଦନ ଖାରଜ

କଟକ, ୨୩।୧୦ (ସମିସ): ବହୁଚର୍ଚ୍ଚିତ ପାରଳା ଆସିଷ୍ଟାଣ୍ଟ କନଜରଭେଟର୍ ଅଫ୍ ଫରେଷ୍ଟ (ଏସିଏଫ) ସୌମ୍ୟରଞ୍ଜନ ମହାପାତ୍ରଙ୍କ ମୃତ୍ୟୁ ଘଟଣାରେ ଅଭିଯୁକ୍ତ ପାରଳାଖେମୁଣ୍ଡିର ତତ୍କାଳୀନ ଡିଏଫ୍‌ଓ ସଂଗ୍ରାମ କେଶରୀ ବେହେରା ଓ ରୋଷେୟା ମନ୍ମଥ କୁମ୍ଭଙ୍କ ଆଗୁଆ ଜାମିନ ଆବେଦନକୁ ହାଇକୋର୍ଟ ଆଜି ଖାରଜ କରିବା ସହ ପୂର୍ବରୁ ଜାରି ଅନ୍ତରୀଣ ସୁରକ୍ଷାକୁ ହଟାଇ ଦେଇଛନ୍ତି। ଜଷ୍ଟିସ ଭି.ନରସିଂହ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ଏଥିସହ ଆବେଦନକାରୀ ଚାହିଁଲେ ନିମ୍ନ ଅଦାଲତରେ ଆତ୍ମସମର୍ପଣ କରି ନିୟମିତ ଜାମିନ ଆବେଦନ କରିପାରିବେ ଓ ଯୋଗ୍ୟତା ଆଧାରରେ ଏହି ଆବେଦନର ବିଚାର ସମ୍ପୃକ୍ତ ଅଦାଲତ କରିବେ ବୋଲି କହିଛନ୍ତି ହାଇକୋର୍ଟ।

ଉଭୟଙ୍କ ବିରୋଧରେ ନିମ୍ନ ଅଦାଲତ ଜାମିନ ବିହୀନ ଗିରଫ ପରୱାନା (ଏନବିଡବ୍ଲୁ) ଗତ ଅଗଷ୍ଟ ୧୪ରେ ଜାରି କରିଥିଲେ। ଗିରଫଦାରୀ ଏଡ଼ାଇବାକୁ ସେମାନେ ହାଇକୋର୍ଟରେ ଆଗୁଆ ଜାମିନ ଆବେଦନ କରିଥିଲେ। ହାଇକୋର୍ଟ ଗତ ଅକ୍ଟୋବର ୧୬ ତାରିଖରେ ଏନ୍‌ବିଡବ୍ଲୁ ଆଧାରରେ କାର୍ଯ୍ୟାନୁଷ୍ଠାନ ଉପରେ ଅନ୍ତରୀଣ ରୋକ୍ ଲଗାଇଥିଲେ। ଯାହା ହଟିବା ପରେ ସେମାନଙ୍କ ଅଡୁଆ ବଢ଼ିଛି। ଗତ ୨୦୨୧, ଜୁଲାଇ ୧୨ ତାରିଖ ରାତିରେ ଫରେଷ୍ଟ କଲୋନିସ୍ଥିତ ନିଜ ସରକାରୀ କ୍ୱାର୍ଟର୍ସରେ ବନବିଭାଗରେ କାର୍ଯ୍ୟରତ ଏସିଏଫ୍ ସୌମ୍ୟରଞ୍ଜନ ମହାପାତ୍ର ସନ୍ଦେହଜନକ ଅବସ୍ଥାରେ ପୋଡ଼ି ହୋଇ ପ୍ରାଣ ହରାଇଥିଲେ। ପୁଲିସ ଓ କ୍ରାଇମବ୍ରାଞ୍ଚର ତଦନ୍ତରେ ୨୦୨୨ ମସିହାରେ ସମ୍ପୃକ୍ତ ଅଭିଯୁକ୍ତମାନଙ୍କୁ ହତ୍ୟା ମାମଲାରୁ କ୍ଲିନ୍‌ଚିଟ୍ ମିଳିଥିଲା। ଆବେଦନକାରୀଙ୍କ ବିରୋଧରେ ଆଇପିସିର ଧାରା ୨୮୫ ଓ ୩୦୪-ଏ ଅନୁସାରେ ପୁଲିସ ଚୂଡ଼ାନ୍ତ ଚାର୍ଜସିଟ୍ ଦାଖଲ କରିସାରିଥିବା ବେଳେ ପ୍ରତିପକ୍ଷ ମୃତ ଏସିଏଫ ସୌମ୍ୟରଂଜନଙ୍କ ବାପା ଅଭିରାମ ମହାପାତ୍ରଙ୍କ ପ୍ରୋଟେଷ୍ଟ ପିଟିସନ୍ ଆଧାରରେ ପାରଳା ଏସଡିଜେଏମ ଅଦାଲତ ଆଇପିସିର ଦଫା ୩୦୨ (ହତ୍ୟା) ଓ ୧୨୦ (ବି) ଅନୁସାରେ ସାନି ମାମଲା ଗ୍ରହଣ କରିଥିଲେ।

# ଚଳିତ ବର୍ଷ ୫୦ ହଜାର ଏକରରେ ଆଳୁଚାଷ ଯୋଜନା

ଭୁବନେଶ୍ୱର, ୨୩।୧୦(ସମିସ): ଆଳୁ ଉତ୍ପାଦନରେ ଓଡ଼ିଶାକୁ ଆତ୍ମନିର୍ଭରଶୀଳ ହେବ। ଏଥିପାଇଁ ସରକାର ରୋଡ୍ ମ୍ୟାପ୍ ପ୍ରସ୍ତୁତ କରିଛନ୍ତି। ଚାଷୀଙ୍କୁ ଆଗୁଆ ବିହନ ଯୋଗାଇ ଦିଆଯିବ। ରାଜ୍ୟର ପ୍ରାୟ ୫୦ ହଜାରରୁ ଅଧିକ ଏକର ଜମିରେ ଆଳୁଚାଷ କରାଯିବ। ଏଥିପାଇଁ ପ୍ରାୟ ୩ ଲକ୍ଷ କୁଇଣ୍ଟାଲ୍ ବିହନ ଚାଷୀଙ୍କୁ ଯୋଗାଇ ଦିଆଯିବ।

### ୩ଲକ୍ଷ କୁଇଣ୍ଟାଲ ବିହନ ଯୋଗାଇବାକୁ ଉପମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ

ଉପମୁଖ୍ୟମନ୍ତ୍ରୀ ତଥା କୃଷି ମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓଙ୍କ ଅଧ୍ୟକ୍ଷତାରେ ଗୁରୁବାର ଅନୁଷ୍ଠିତ ଏକ ଉଚ୍ଚସ୍ତରୀୟ ବୈଠକରେ ଏନେଇ ନିଷ୍ପତ୍ତି ହୋଇଛି। ସେହିପରି ଆବଶ୍ୟକ ଅନୁଯାୟୀ ରାଜ୍ୟର ସମସ୍ତ ଜିଲ୍ଲାକୁ ବିହନ ଯୋଗାଇ ଦିଆଯିବ। ନଭେମ୍ବର ପ୍ରଥମ ସପ୍ତାହରୁ ବିହନ ଯୋଗାଣ ଆରମ୍ଭ ହେବ। ଏହା ସହିତ ପ୍ରାୟ ୬ହଜାର ହେକ୍ଟର ଜମିରେ ପିଆଜ ଚାଷ, ହଜାରେ ହେକ୍ଟରରେ ଲଙ୍କା, ୩ଶହ ହେକ୍ଟରରେ ରସୁଣ ଚାଶ ପାଇଁ ବିହନ ପ୍ରଦାନ କରାଯିବ ବୋଲି ଯୋଜନା ରହିଛି। ବୈଠକରେ ବିଭାଗୀୟ ସଚିବ ଡ. ଅରବିନ୍ଦ କୁମାର ପାଢ଼ୀଙ୍କ ସମେତ ନିର୍ଦ୍ଦେଶକ ଶୁଭମ ସକ୍ସେନା, ଉଦ୍ୟାନ କୃଷି ନିର୍ଦ୍ଦେଶକ କାଲୁଙ୍ଗେ ଗୋରଖ ୱାମନ ଓ କୃଷି ବିଭାଗ, ଉଦ୍ୟାନ କୃଷି ଅଧିକାରୀ ତଥା ଓଡ଼ିଶା ବିହନ ନିଗମର ଅଧିକାରୀମାନେ ଉପସ୍ଥିତ ଥିଲେ।

# ଡାଲି ଜାତୀୟ ଫସଲର 'ବିହନ ହବ୍' ହେବ ଓଡ଼ିଶା

ଭୁବନେଶ୍ୱର, ୨୩।୧୦(ସମିସ): ଡାଲି ଜାତୀୟ ଶସ୍ୟ ଉତ୍ପାଦନରେ ଆତ୍ମନିର୍ଭରଶୀଳ ହେବ ଓଡ଼ିଶା। ଓଡ଼ିଶା କ୍ଲଷ୍ଟର ପଦ୍ଧତିରେ ହରଡ଼, କଳା ଚଣା ଏବଂ ଅନ୍ୟାନ୍ୟ ଡାଲି ଜାତୀୟ ଫସଲ ଚାଷକୁ ପ୍ରୋତ୍ସାହିତ କରିବେ ରାଜ୍ୟ ସରକାର। ଉପମୁଖ୍ୟମନ୍ତ୍ରୀ ତଥା କୃଷି ମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓଙ୍କ ଅଧ୍ୟକ୍ଷତାରେ ଗୁରୁବାର ଅନୁଷ୍ଠିତ ସଘନ କୃଷି କାର୍ଯ୍ୟକ୍ରମ ବୈଠକରେ ଏନେଇ ଆଲୋଚନା ହୋଇଛି। ସବୁ ଋତୁରେ ଚାଷ କରାଯାଇପାରୁଥିବା ଆଇସିପିଭି-୨୫୪୪୪ ପ୍ରଜାତିର ହରଡ଼ ବିହନକୁ ବିକଶିତ କରାଯାଇଛି। ଏହାକୁ ୪୫ ଡିଗ୍ରୀ ସେଲସିୟସ୍ ପର୍ଯ୍ୟନ୍ତ ଉତ୍ତାପ ଏବଂ ୧୨୦ ଦିନ ମଧ୍ୟରେ ଉତ୍ପାଦନ କରାଯାଇପାରିବ। ସେହିପରି ଓଡ଼ିଶା ରାଜ୍ୟ ବିହନ ନିଗମ ଲିମିଟେଡ୍ ଦ୍ୱାରା ବିଲୁପ୍ତ ପ୍ରାୟ କିସମ ବର୍ଗରେ ଆସୁଥିବା ଡଙ୍ଗରରାଣୀ ଏବଂ କାନ୍ଧୁଲ ଭଳି ପାରମ୍ପରିକ ହରଡ଼ କିସମ ମଧ ଚାଷ କରିବା ପାଇଁ ଉପମୁଖ୍ୟମନ୍ତ୍ରୀ ପରାମର୍ଶ ଦେବା ସହ ଡାଲିରେ ଆତ୍ମନିର୍ଭର ହେବାକୁ ପ୍ରଥମେ "ବିହନ କେନ୍ଦ୍ର'ରେ ରାଜ୍ୟକୁ ପରିଣତ କରିବାକୁ ଗୁରୁତ୍ୱାରୋପ କରିଛନ୍ତି।

# ଲାଞ୍ଚ ମାମଲାରେ କିରାଣିଙ୍କୁ ୪ ବର୍ଷ ଜେଲ୍ ଦଣ୍ଡ

ଭୁବନେଶ୍ୱର,୨୩।୧୦(ସମିସ): ଏକ ଲାଞ୍ଚ ମାମଲାର ବିଚାର କରି ଭୁବନେଶ୍ୱର ଭିଜିଲାନ୍ସ କୋର୍ଟର ସ୍ୱତନ୍ତ୍ର ବିଚାରପତି ଜଣେ ପୂର୍ବତନ କନିଷ୍ଠ କିରାଣିଙ୍କୁ ଦୋଷୀ ସାବ୍ୟସ୍ତ କରିବା ସହିତ ୪ ବର୍ଷ ଜେଲ୍ ଦଣ୍ଡାଦେଶ ଦେଇଛନ୍ତି। ଅଭିଯୁକ୍ତ ଜଣକ ହେଉଛନ୍ତି ଶରତ କୁମାର ରାଉତ। ସେ ଯାଜପୁର ରୋଡ ଔଷଧ ନିରୀକ୍ଷକ କାର୍ଯ୍ୟାଳୟରେ କନିଷ୍ଠ କିରାଣି ଭାବେ କାର୍ଯ୍ୟ କରୁଥିଲେ। ସେ ଜଣେ ବ୍ୟକ୍ତିଙ୍କୁ ଔଷଧ ଲାଇସେନ୍ସ କରାଇଦେବା ଲାଗି ୬ ହଜାର ଟଙ୍କା ଲାଞ୍ଚ ମାଗିଥିଲେ। ଲାଞ୍ଚ ନେବା ସମୟରେ ଭିଜିଲାନ୍ସ ଅଧିକାରୀମାନେ ତାଙ୍କୁ ଗିରଫ କରିଥିଲେ।

# ଆସନ୍ତା ଡିସେମ୍ବରରେ ଓଡ଼ିଶାରେ ଦୁଇଦିନିଆ ଗ୍ଲୋବାଲ ଏନର୍ଜି ଲିଡର୍ସ ସମ୍ମିଳନୀ

ଭୁବନେଶ୍ୱର,୨୩।୧୦(ସମିସ): ଟୋନି ବ୍ଲେୟାର ଇନଷ୍ଟିଚ୍ୟୁଟ ଏବଂ ଓଡ଼ିଶା ସରକାରଙ୍କ ମିଳିତ ଆନୁକୂଲ୍ୟରେ ଆସନ୍ତା ଡିସେମ୍ବର ମାସ ୬-୭ ରେ ଓଡ଼ିଶାରେ ଆୟୋଜିତ ଗ୍ଲୋବାଲ ଏନର୍ଜି ଲିଡର୍ସ ସମ୍ମିଳନୀ ଆୟୋଜିତ ହେବାକୁ ଯାଉଛି। ଏଥିରେ ଦେଶବିଦେଶରୁ ବହୁ ବିଶିଷ୍ଟ ବ୍ୟକ୍ତି ଯୋଗଦେବେ। ଏମାନଙ୍କ ମଧ୍ୟରେ ୟୁକେର ପୂର୍ବତନ ପ୍ରଧାନମନ୍ତ୍ରୀ ଟୋନି ବ୍ଲେୟାର, ଫିନ୍‌ଲ୍ୟାଣ୍ଡର ପୂର୍ବତନ ପ୍ରଧାନମନ୍ତ୍ରୀ ତଥା ଟିବିଆଇର ଷ୍ଟ୍ରାଟେଜିକ୍ କାଉନସେଲର୍ ସନା ମରିନ, ୟୁଏଇ, ସିଙ୍ଗାପୁର, ଭୁଟାନର ଶକ୍ତି ମନ୍ତ୍ରୀ ପ୍ରମୁଖ ଯୋଗଦେବା ଯୋଜନା ରହିଛି। ଏହି ସମ୍ମିଳନୀରେ ଭାରତର ସମସ୍ତ ରାଜ୍ୟର ଶକ୍ତିମନ୍ତ୍ରୀମାନେ

- କେନ୍ଦ୍ର ଶକ୍ତିମନ୍ତ୍ରୀଙ୍କ ସମେତ ସବୁ ରାଜ୍ୟର ଶକ୍ତିମନ୍ତ୍ରୀଙ୍କ ଯୋଗଦାନ
- ଭାରତର ଶକ୍ତି କ୍ଷେତ୍ରକୁ ମିଳିବ ଅଧିକ ନିବେଶ ଓ ପ୍ରୋତ୍ସାହନ

ଯୋଗଦେବେ ଏବଂ ଅଧିବେଶନକୁ ସମ୍ବୋଧିତ ମଧ କରିବେ।

ଏହି ପରିପ୍ରେକ୍ଷୀରେ ଉପମୁଖ୍ୟମନ୍ତ୍ରୀ ତଥା ଶକ୍ତିମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓଙ୍କ ଅଧ୍ୟକ୍ଷତାରେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଥିଲା। ଏହି ସମ୍ମିଳନୀ ଭାରତର ଶକ୍ତି କ୍ଷେତ୍ରରେ ନିବେଶ ତଥା ପ୍ରୋତ୍ସାହନ ପାଇଁ ଏକ ସୁନ୍ଦର ପ୍ଲାଟଫର୍ମ ଯୋଗାଇଦେବ ଏବଂ ପରିବେଶ ସହିତ ଅର୍ଥନୀତିର ସାମଞ୍ଜସ୍ୟ ରଖି ଉତ୍କର୍ଷ ଓଡ଼ିଶା ଗଠନ ଦିଗରେ ସହାୟକ ହେବ ବୋଲି ଉପମୁଖ୍ୟମନ୍ତ୍ରୀ ଶ୍ରୀ ସିଂହଦେଓ କହିଛନ୍ତି। ଏହି ଦୁଇଦିନିଆ ସମ୍ମିଳନୀରେ ବିଭିନ୍ନ ଅଧିବେଶନ ରହିଛି। ଏଥିରେ ଓଡ଼ିଶାର କଳା, ସଂସ୍କୃତି ଓ ଐତିହ୍ୟର ପ୍ରଦର୍ଶନ ମଧ ହେବ। ବୈଠକରେ ଶକ୍ତି ବିଭାଗ ପ୍ରମୁଖ ଶାସନ ସଚିବ ବିଶାଳ କୁମାର ଦେବ, ସିଏମଡି, ଓପିଟିସିଏଲ ଭାସ୍କର ଜ୍ୟୋତି ଶର୍ମା, ଗ୍ରୀଡ୍‌କୋର ପରିଚାଳନା ନିର୍ଦ୍ଦେଶକ ସତ୍ୟପ୍ରିୟ ରଥ, ଟିବିଆଇ ପକ୍ଷରୁ ବିବେକ ଅଗ୍ରୱାଲ, ନିନାଦ ସାଗର ଓ ପିଏରେ ୱାଲ୍‌ସ (ଆଭାସୀ) ପ୍ରମୁଖ ଉପସ୍ଥିତ ଥିଲେ।

# ଦୁଇ ଦିନିଆ ଓଡ଼ିଶା ସହରାଞ୍ଚଳ ସମ୍ମିଳନୀ ୨୦୨୫ ଆରମ୍ଭ

ଭୁବନେଶ୍ୱର, ୨୩।୧୦ (ସମିସ): ଓଡ଼ିଶା ସରକାରଙ୍କ ଗୃହ ନିର୍ମାଣ ଓ ନଗର ଉନ୍ନୟନ ବିଭାଗ ଦ୍ୱାରା ଆୟୋଜିତ ଦୁଇଦିନିଆ "ଓଡ଼ିଶା ସହରାଞ୍ଚଳ ସମ୍ମିଳନୀ ୨୦୨୫" ଭୁବନେଶ୍ୱରରେ ଉଦଘାଟିତ ହୋଇଛି। ଏଥିରେ ଓଡ଼ିଶାର ସହରଗୁଡ଼ିକୁ ସ୍ମାର୍ଟ, ସମାବେଶୀ ଏବଂ ସ୍ଥାୟୀ ସହରାଞ୍ଚଳ ଭବିଷ୍ୟତ ଦିଗରେ ଆଗେଇ ନେବାର ଲକ୍ଷ୍ୟ ରହିଛି। ଏହି ସମ୍ମିଳନୀ ହେଉଛି ଏକ ରଣନୈତିକ ପଦକ୍ଷେପ ଯାହା ୨୦୩୬ ସୁଦ୍ଧା ଏକ ବିକଶିତ ଓଡ଼ିଶା ଏବଂ ୨୦୪୭ ସୁଦ୍ଧା ଏକ ବିକଶିତ ଭାରତର ଦୀର୍ଘକାଳୀନ ବିକାଶ ଲକ୍ଷ୍ୟ ସହିତ ମେଳ ଖାଉଛି। ଏହି ସମ୍ମିଳନୀରେ ସହରାଞ୍ଚଳ ସ୍ଥାନୀୟ ସଂସ୍ଥା, ସରକାରୀ ବିଭାଗ, ନୀତିଗତ ଅନୁଷ୍ଠାନ, ସହରାଞ୍ଚଳ ଯୋଜନାକାରୀ, ପ୍ରଯୁକ୍ତି ପ୍ରଦାନକାରୀ, ଆର୍ଥିକ ଅନୁଷ୍ଠାନ ଏବଂ ଏକାଡେମିକ୍ ବିଶେଷଜ୍ଞଙ୍କ ପ୍ରମୁଖ ଅଂଶୀଦାରମାନଙ୍କୁ ଏକାଠି କରାଯାଇଛି। ଗୃହନିର୍ମାଣ ଓ ନଗର ଉନ୍ନୟନ ବିଭାଗର ପ୍ରମୁଖ ସଚିବ ଉଷା ପାଢୀ ପ୍ରାରମ୍ଭିକ ଅଭିଭାଷଣ ପ୍ରଦାନ କରି ସମ୍ମିଳନୀ ଆୟୋଜନ ଲକ୍ଷ୍ୟ ଉପରେ ଆଲୋକପାତ କରି ରାଜ୍ୟର ସହରାଞ୍ଚଳ ବିକାଶ ରୋଡମ୍ୟାପ ଏବଂ ଭବିଷ୍ୟତ ପ୍ରସ୍ତୁତ ସହର ହାସଲ ପାଇଁ ସହଯୋଗୀ ଶାସନ, ନାଗରିକ-କୈନ୍ଦ୍ରିକ ଯୋଜନା ଏବଂ ବୈଷୟିକ ଜ୍ଞାନକୌଶଳ ଉପରେ ଗୁରୁତ୍ୱ ଆରୋପ କରିଥିଲେ। ଗୃହନିର୍ମାଣ ଓ ନଗରଉନ୍ନୟନ ମନ୍ତ୍ରୀ ଡା କୃଷ୍ଣ ଚନ୍ଦ୍ର ମହାପାତ୍ର ଏହି ସମ୍ମିଳନୀକୁ ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରିଥିଲେ। ତାଙ୍କ ବକ୍ତବ୍ୟରେ ଡା ମହାପାତ୍ର ସ୍ଥାୟୀ ସହରାଞ୍ଚଳ ଭିତ୍ତିଭୂମି, ଦକ୍ଷ ସେବା ପ୍ରଦାନ ଏବଂ ଜୀବନ୍ତ ସହରାଞ୍ଚଳ କେନ୍ଦ୍ର ନିର୍ମାଣରେ ସ୍ଥାନୀୟ ଶାସନକୁ ସଶକ୍ତ କରିବାରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଉପରେ ଗୁରୁତ୍ୱାରୋପ କରିଥିଲେ। ୟୁଏଲ୍‌ବି ଗୁଡ଼ିକରେ ଆର୍ଥିକ ପରିଚାଳନା ପୌରପାଳିକାଗୁଡ଼ିକର ଆର୍ଥିକ ଉନ୍ନତି ଆଣିବା, ରାଜସ୍ୱ ସୃଷ୍ଟି, ବଜେଟ୍ ସ୍ୱଚ୍ଛତା ଏବଂ ସହରଗୁଡ଼ିକର ଋଣ ଯୋଗ୍ୟତା। ପିଏମ ସ୍ୱନିଧି ଏବଂ ସହରାଞ୍ଚଳ ଜୀବିକା ପିଏମ ଷ୍ଟ୍ରିଟ୍ ଭେଣ୍ଡର୍ ଆତ୍ମନିର୍ଭର ନିଧି (ପିଏମ୍‌ସ୍ୱନିଧି) ଯୋଜନାର କାର୍ଯ୍ୟକାରିତା ବୃଦ୍ଧି ଏବଂ ସହରାଞ୍ଚଳର ଅନୌପଚାରିକ ଶ୍ରମିକମାନଙ୍କୁ ସଶକ୍ତ କରିବା ପାଇଁ ଲାଭପ୍ରଦ ପଦକ୍ଷେପ। ପ୍ରାରମ୍ଭରେ ପୌର ପ୍ରଶାସନ ନିର୍ଦ୍ଦେଶକ ଅରିନ୍ଦମ ଡାକୁଆ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। ଅଂଶଗ୍ରହଣକାରୀମାନେ ଓଡ଼ିଶାର ସହରାଞ୍ଚଳ ମିଶନକୁ ଜାତୀୟ ଏବଂ ବିଶ୍ୱସ୍ତରୀୟ ସ୍ଥିରତା ଲକ୍ଷ୍ୟ ସହିତ ଯୋଡ଼ିବାର ଆବଶ୍ୟକତାକୁ ଦୋହରାଇଥିଲେ।

# ନଭେମ୍ବର ୭ରୁ ଭୁବନେଶ୍ୱରରେ ଭାରତୀୟ ରୋଡ୍‌ସ କଂଗ୍ରେସର ୮୪ତମ ବାର୍ଷିକ ସମ୍ମେଳନ

ଭୁବନେଶ୍ୱର,୨୩।୧୦(ସମିସ): ଇଣ୍ଡିଆନ ରୋଡ୍‌ସ କଂଗ୍ରେସ (ଆଇଆର୍‌ସି)ର ୮୪ତମ ବାର୍ଷିକ ସମ୍ମେଳନ ଆସନ୍ତା ନଭେମ୍ବର ୭ରୁ ଭୁବନେଶ୍ୱରରେ ଆୟୋଜିତ ହେବ। ଜନତା ମୈଦାନଠାରେ ଆୟୋଜନ ହେବାକୁ ଥିବା ଆଇଆର୍‌ସିର ଏହି ୪ ଦିନିଆ ବାର୍ଷିକ

### ଯୋଗଦେବେ କେନ୍ଦ୍ରମନ୍ତ୍ରୀ ନିତିନ ଗଡ଼କରୀ

କାର୍ଯ୍ୟକ୍ରମରେ କେନ୍ଦ୍ର ସଡ଼କ ପରିବହନ ଓ ରାଜମାର୍ଗ ମନ୍ତ୍ରୀ ନିତିନ ଗଡ଼କରୀ ଯୋଗଦେବାର କାର୍ଯ୍ୟକ୍ରମ ରହିଛି। ସମ୍ମେଳନରେ ଦେଶର ବିଭିନ୍ନ ସ୍ଥାନରୁ ୨,୦୦୦ରୁ ଅଧିକ ପ୍ରତିନିଧି ସାମିଲ ହେବେ। ଯେଉଁଥିରେ ସଡକ ଇଞ୍ଜିନିୟର୍ସ, ପ୍ରଯୁକ୍ତି ବିଶେଷଜ୍ଞ, ନୀତି ନିର୍ଦ୍ଦେଶକ, ଶିଳ୍ପ ଜଗତର ପେଶାଦାର ଓ ଆଇଆଇଟି, ଏନଆଇଟି ଓ ବିଭିନ୍ନ ଇଞ୍ଜିନିୟରିଂ କଲେଜର ଛାତ୍ର ଓ ଗବେଷକମାନେ ଯୋଗଦେବେ ବୋଲି ଗୁରୁବାର ରାଜ୍ୟ ପୂର୍ତ୍ତ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ସୂଚନା ଦେଇଛନ୍ତି। ଓଡ଼ିଶା ଷଷ୍ଠ ଥର ପାଇଁ ଏହି ମହତ୍ତ୍ୱପୂର୍ଣ୍ଣ ଜାତୀୟ ସଭାର ଆୟୋଜନ କରୁଛି। ପୂର୍ବରୁ ୨୦୧୫ ମସିହାରେ ୭୫ତମ ଅଧିବଶେନର ଆୟୋଜନ ଏଠାରେ ହୋଇଥିଲା।

## 'ସମୟ'ର ୨୯ତମ ପ୍ରତିଷ୍ଠା ଦିବସ ସମାରୋହ

# ସାମ୍ବାଦିକତା ବୃତ୍ତି ନୁହେଁ; ଏକ ବ୍ରତ

ଭୁବନେଶ୍ୱର,୨୩।୧୦(ସମିସ): ସାମ୍ବାଦିକତା ବୃତ୍ତି ନୁହେଁ; ଏକ ବ୍ରତ, ଧନ୍ଦା ନୁହେଁ; ଏକ ଧର୍ମ। ସାହିତ୍ୟ ଓ ସାମ୍ବାଦିକତା ପରସ୍ପର ପରିପୂରକ। ବର୍ତ୍ତମାନ ଦେଶରେ ସାମ୍ବାଦିକତା ଉପରେ ବିପଦ ରହିଛି। ଏହାସତ୍ତ୍ୱେ ବି ସାମ୍ବାଦିକତା ବଞ୍ଚିଛି ଓ ବଞ୍ଚିଥିବ ବୋଲି ଦୈନିକ ଓଡ଼ିଆ ଖବରକାଗଜ 'ସମୟ'ର ୨୯ତମ ପ୍ରତିଷ୍ଠା ଦିବସ ସମାରୋହରେ ବିଶିଷ୍ଟ ବକ୍ତାମାନେ ମତବ୍ୟକ୍ତ କରିଛନ୍ତି।




ଏହି ଅବସରରେ ଗୁରୁବାର ଭୁବନେଶ୍ୱର ଜୟଦେବ ଭବନରେ ଆୟୋଜିତ କାର୍ଯ୍ୟକ୍ରମରେ ଉଚ୍ଚଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ମୁଖ୍ୟଅତିଥି ଭାବେ ଯୋଗଦେଇ କହିଥିଲେ, 'ସମୟ'କୁ ଇତିମଧ୍ୟରେ ୨୯ ବର୍ଷ ବିତିଛି। 'ସମୟ'ର ପ୍ରତିଷ୍ଠାତା ତଥା ପୂର୍ବତନ ଉପମୁଖ୍ୟମନ୍ତ୍ରୀ ବସନ୍ତ କୁମାର ବିଶ୍ୱାଳଙ୍କର ଦୂରଦୃଷ୍ଟି ଥିଲା ଓ ସେ ଉତ୍ସର୍ଗୀକୃତ ମନୋଭାବରେ କାର୍ଯ୍ୟ କରୁଥିଲେ। ତାଙ୍କୁ ଆଧୁନିକ ଓଡ଼ିଶାର ବାଇମୁଣ୍ଡି ବୋଲି କୁହାଯାଉଥିଲା। ସଂଯୋଗକ୍ରମେ ୧୯୩୬ ମସିହାରେ ଓଡ଼ିଶା ପ୍ରଦେଶର ଶତବାର୍ଷିକୀ ସହ ସ୍ୱର୍ଗତ ବିଶ୍ୱାଳଙ୍କର ମଧ ଜନ୍ମଶତବାର୍ଷିକୀ ପଡୁଥିବାରୁ ଏବେଠାରୁ ପ୍ରସ୍ତୁତି ଆରମ୍ଭ କରିବାକୁ ମନ୍ତ୍ରୀ ଅନୁଷ୍ଠାନର କର୍ମକର୍ତ୍ତାଙ୍କୁ ପରାମର୍ଶ ଦେଇଥିଲେ।

ଉତ୍ସବରେ ମୁଖ୍ୟବକ୍ତା ଭାବେ ଯୋଗଦେଇ ଫକୀରମୋହନ ବିଶ୍ୱବିଦ୍ୟାଳୟର ପୂର୍ବତନ କୁଳପତି ପ୍ରଫେସର କୁମରବର ଦାସ ନିର୍ଭୀକ, ନିରପେକ୍ଷ ଓ ମାନବଧର୍ମୀ ସାମ୍ବାଦିକତା ଉପରେ ମତ ରଖିଥିଲେ। 'ସମୟ'ର ପରିଚାଳନା ସମ୍ପାଦକ, ତଥା ପୂର୍ବତନ ସାଂସଦ ରଞ୍ଜୀବ ବିଶ୍ୱାଳ କହିଥିଲେ ଯେ ଅନେକ ଘାତପ୍ରତିଘାତ ଭିତରେ ଗତିକରି 'ସମୟ' ନିଜର ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିପାରିଛି। ଏହି ସଂସ୍ଥା କାହାକୁ କେବେ ବ୍ୟକ୍ତିଗତ ଆକ୍ଷେପ କରିନାହିଁ। ଆଗକୁ ମଧ ଏହି ପ୍ରୟାସ ଜାରି ରହିବ ବୋଲି ଶ୍ରୀ ବିଶ୍ୱାଳ ଦୃଢ଼ୋକ୍ତି ପ୍ରକାଶ କରିଥିଲେ।

ଅନ୍ୟମାନଙ୍କ ମଧ୍ୟରେ 'ସ୍ୱାଭିମାନ'ର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଡଃ ଶ୍ରୁତି ମହାପାତ୍ର ଓ ବରିଷ୍ଠ ସାମ୍ବାଦିକ ମନୋରଞ୍ଜନ ଯୋଶୀ ଯୋଗ ଦେଇଥିଲେ। 'ସମୟ'ର ମୁଖ୍ୟ ସମ୍ପାଦକ ଗୁରୁକଲ୍ୟାଣ ମହାପାତ୍ର ସ୍ୱାଗତ ଭାଷଣ ଦେଇଥିଲେ।



## ଆଜିର ରାଶିଫଳ

**ମେଷ:** ଅଫିସ୍‌ରେ ସମସ୍ୟା ଦେଖା ଦେବ। ଗୁରୁଜନଙ୍କ ସହ ଉତ୍ତମ ବୁଝାମଣା ରହିବ। ଆର୍ଥିକ ଦୃଷ୍ଟିରୁ ଦିନଟି ଉତ୍ତମ। ରୋଜଗାର ବୃଦ୍ଧି ହେବ। ମନ ପ୍ରସନ୍ନ ରହିବ। ଜୀବନସାଥୀଙ୍କ ସହଯୋଗ ମିଳିବ।

**ବୃଷ:** ଦିନଟି ମିଶ୍ରଫଳ ପ୍ରଦାନ କରିବ। କୌଣସି କାର୍ଯ୍ୟ ବିଗିଡ଼ିଯାଇପାରେ। ଧାର୍ମିକ କାର୍ଯ୍ୟ ପ୍ରତି ଆଗ୍ରହ ବଢ଼ିବ। ଆଚରଣରେ ନିୟନ୍ତ୍ରଣ ରକ୍ଷା କରିବେ। ଆତ୍ମବିଶ୍ୱାସର ସହ କାର୍ଯ୍ୟ କରିବେ। ନିବେଶ ଲାଗି ଉପଯୁକ୍ତ ସମୟ।

**ମିଥୁନ:** ବିରୋଧୀଙ୍କ ସହ ମତାନ୍ତର ଦୂର ହେବ। ଆଇନ ସମ୍ବନ୍ଧୀୟ ମାମଲା ଆପଣଙ୍କ ସପକ୍ଷରେ ଯିବ। ଭୁଲ୍ କାମରୁ ଦୂରେଇ ରହିବେ। ପାରିବାରିକ ଜୀବନରେ ସୁଖଶାନ୍ତି ରହିବ। ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଭଲ।

**କର୍କଟ:** ବିଦ୍ୟାର୍ଥୀ ବିଦେଶ ଯାତ୍ରା କରିବେ। ଗରିବଙ୍କୁ ସାହାଯ୍ୟ କରିବେ। ମାନସିକ ଶାନ୍ତି ମିଳିବ। କାର୍ଯ୍ୟ କ୍ଷେତ୍ରରେ ବରିଷ୍ଠ ଅଧିକାରୀଙ୍କ ମାର୍ଗଦର୍ଶନରେ ପରିଚାଳିତ ହେବେ। ଖର୍ଚ୍ଚରେ ନିୟନ୍ତ୍ରଣ ରକ୍ଷା କରିବେ।

**ସିଂହ:** ଆର୍ଥିକ ସମସ୍ୟା ସୃଷ୍ଟି ହେବ। ସେଲ୍‌ସ ମାର୍କେଟିଂ କ୍ଷେତ୍ରରେ ସଫଳତା ମିଳିବ। କାର୍ଯ୍ୟକ୍ଷେତ୍ରରେ ବିଶେଷ ଧ୍ୟାନ ଦେବେ। ଦୁର୍ଗା ଚାଳିଶା ପାଠ କରିବା ଭଲ। କାର୍ଯ୍ୟ ଧାରାରେ ପରିବର୍ତ୍ତନ ଆଣିବେ।

**କନ୍ୟା:** ସମାଜରେ ମାନ ସମ୍ମାନ ବୃଦ୍ଧି ପାଇବ। ବନ୍ଧୁଙ୍କ ସହାୟତାରେ କାମ ପୂରା କରିବେ। ଛାତ୍ରଛାତ୍ରୀ ପଢ଼ାକୁ ନେଇ ଚିନ୍ତାରେ ରହିବେ। ସ୍ୱାସ୍ଥ୍ୟ ସମସ୍ୟା ଉପୁଜିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ତୁଳା:** ଦିନଟିରେ ସଫଳତା ମିଳିବ। ପୈତୃକ ବ୍ୟବସାୟରୁ ଲାଭବାନ ହେବେ। ସକାରାତ୍ମକ ଚିନ୍ତାଧାରାରେ ସମସ୍ତ କାର୍ଯ୍ୟ କରିବେ। ଆର୍ଥିକ ଲାଭ ମିଳିବ। ବଚନରେ ମଧୁରତା ରକ୍ଷା କରିବେ।

**ବିଛା:** ବାଦବିବାଦରୁ ଦୂରେଇ ରହିବେ। ତରବରିଆ ଭାବେ ନିଷ୍ପତ୍ତି ନେବେ ନାହିଁ। କାମରୁ ଲାଭ ଓ ସଫଳତା ମିଳିବ। ବ୍ୟବସାୟରେ ଦୂରସ୍ଥାନକୁ ଯାତ୍ରା କରିବେ। ପ୍ରେମ ସମ୍ପର୍କ ସୁଖମୟ ହେବ।

**ଧନୁ:** କାର୍ଯ୍ୟକ୍ଷେତ୍ରରେ ଆତ୍ମବିଶ୍ୱାସର ଅଭାବ ରହିବ। କୌଣସି ସମସ୍ୟାରେ ପଡ଼ିପାରନ୍ତି। ପରିଶ୍ରମ ଅନୁସାରେ ସଫଳତା ମିଳିବ। ମହାଦେବଙ୍କ ପୂଜାର୍ଚ୍ଚନାରେ ସମୟ ବିତିବ।

**ମକର:** ବିବାହ ପ୍ରସ୍ତାବ ଆସିବ। ଧନଲାଭ ଯୋଗ ଅଛି। କୌଣସି କଥାକୁ ନେଇ ଅଧିକ ଚିନ୍ତା କରିବେ ନାହିଁ। ଭାଇ,ଭଉଣୀଙ୍କ ସହ ହସ ଖୁସିରେ ଦିନ କାଟିବେ। ଡାକ୍ତରୀ ଛାତ୍ରଛାତ୍ରୀଙ୍କୁ ନିଯୁକ୍ତି ସୁଯୋଗ ମିଳିବ।

**କୁମ୍ଭ:** ପରନିନ୍ଦାରୁ ଦୂରେଇ ରହିବେ। ପ୍ରେମିକ-ପ୍ରେମିକାଙ୍କ ମଧ୍ୟରେ ମତାନ୍ତର ଦେଖା ଦେବ। ରଣନୀତିରେ କାମ କରିବେ ଏବଂ ସଫଳତା ପ୍ରାପ୍ତି ହେବ। ସନ୍ତାନଙ୍କ କ୍ୟାରିୟରକୁ ନେଇ ଉପଯୁକ୍ତ ନିର୍ଣ୍ଣୟ ନେବେ।

**ମୀନ:** ଅଫିସ୍‌ରେ ପ୍ରତିଷ୍ଠା ବଢ଼ିବ। ଆର୍ଥିକ ଦୃଷ୍ଟିରୁ ଦିନଟି ଶୁଭ। କାମ ଆରମ୍ଭ ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ। ସମସ୍ତ କାମ ସହଜରେ ପୂରା କରିବେ। ବ୍ୟବସାୟୀ କୌଣସି ଶୁଭ ଖବର ପାଇବେ।

## ଆଜିର ଇତିହାସ

- ୧୭୭୫- ଭାରତର ଶେଷ ମୋଗଲ ଶାସକ ବାହାଦୁର ଶାହ ଜାଫରଙ୍କ ଜନ୍ମ।
- ୧୯୧୪- ସ୍ୱାଧୀନତା ସଂଗ୍ରାମୀ ଲକ୍ଷ୍ମୀ ସେହଗଲଙ୍କ ଜନ୍ମ।
- ୧୯୪୫- ମିଳିତ ଜାତିସଂଘର ସ୍ଥାପନା।
- ୧୯୮୪- ଭାରତରେ ପ୍ରଥମେ ମେଟ୍ରୋ ରେଳ ସେବା ଆରମ୍ଭ ହେଲା।
- ୨୦୧୭- ପ୍ରସିଦ୍ଧ ଠୁମ୍‌ରୀ ଗାୟିକା ଗିରିଜା ଦେବୀଙ୍କ ପରଲୋକ।

## ବିଶ୍ୱ ପୋଲିଓ ଦିବସ



ଆଜି ବିଶ୍ୱ ପୋଲିଓ ଦିବସ। ପ୍ରତିବର୍ଷ ଅକ୍ଟୋବର ମାସ ୨୪ ତାରିଖକୁ ବିଶ୍ୱ ପୋଲିଓ ଦିବସ ଭାବେ ପାଳନ କରାଯାଇଥାଏ। ଏହି ଦିନ ପୋଲିଓ ଟିକାର ଗୁରୁତ୍ୱ ବିଷୟରେ ଲୋକଙ୍କୁ ସଚେତନ କରାଯାଏ। ପୋଲିଓ ବିରୁଦ୍ଧରେ ପ୍ରଥମ ଟିକା ପ୍ରସ୍ତୁତ କରିଥିବା ଜୋନାସ୍ ସାଲ୍‌କଙ୍କ ସ୍ମୃତିରେ ତାଙ୍କ ଜନ୍ମଦିନ ୨୪ ଅକ୍ଟୋବରକୁ ରୋଟାରୀ ଇଣ୍ଟରନ୍ୟାସନାଲ୍ ଦ୍ୱାରା ବିଶ୍ୱ ପୋଲିଓ ଦିବସ ଭାବେ ପାଳନ କରାଯାଇ ଆସୁଛି। ଏକଦା ପୋଲିଓ ଏକ ମହାମାରୀ ଭାବେ ବ୍ୟାପି ଥିଲା। ପୋଲିଓରେ ଜଣେ ସଂକ୍ରମିତ ହେଲେ ପକ୍ଷାଘାତ ଭଳି ସମସ୍ୟା ହୋଇପାରେ, ଫଳରେ ଜଣେ ବ୍ୟକ୍ତି ଚିରକାଳ ଭିନ୍ନକ୍ଷମ ହୋଇଯାଏ। ଏହା ପ୍ରାୟତଃ ୫ ବର୍ଷରୁ କମ୍ ପିଲାମାନଙ୍କ କ୍ଷେତ୍ରରେ ଦେଖାଯାଏ। ଏହା ଏକ ଭୂତାଣୁଜନିତ ରୋଗ, ଯାହା ଦୂଷିତ ଖାଦ୍ୟ ଏବଂ ଜଳ ଦ୍ୱାରା ବ୍ୟାପିଥାଏ। ଏହାକୁ ନିୟନ୍ତ୍ରଣ କରିବାକୁ ଟିକା ଅଭିଯାନ ଆରମ୍ଭ ହୋଇଥିଲା। ୧୯୫୫ରେ ପ୍ରଥମ ଥର ପାଇଁ ପୋଲିଓ ଟିକା ବାହାର କରାଯାଇଥିଲା। ଟିକା ଯୋଗୁଁ ଏହାକୁ ନିୟନ୍ତ୍ରଣ କରାଯାଇ ପାରିଥିଲା। ୧୯୮୦ରେ ପ୍ରଥମ ଥର ପାଇଁ ପୋଲିଓର ସର୍ବାଧିକ ମାମଲା ଦେଖାଯାଇଥିଲା। ଏହି ସମୟରେ ସାରା ବିଶ୍ୱର ଏକ ଲକ୍ଷରୁ ଊର୍ଦ୍ଧ୍ୱ ଶିଶୁ ପୋଲିଓରେ ଆକ୍ରାନ୍ତ ହୋଇଥିଲେ। ଏହାପରେ ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ପକ୍ଷରୁ ପୋଲିଓ ଟିକାକରଣ ଆରମ୍ଭ ହୋଇଥିଲା। ଏଥିରେ ପାଞ୍ଚବର୍ଷରୁ କମ୍ ବୟସର ଶିଶୁଙ୍କୁ ପୋଲିଓ ଟିକା ଦିଆଗଲା। ପୋଲିଓ କବଳରୁ ଶିଶୁଙ୍କୁ ରକ୍ଷା କରିବା ପାଇଁ ପୋଲିଓ ଟିକା ଦିଆଯାଏ। ଦୁଇ ପ୍ରକାର ପୋଲିଓ ଟିକା ରହିଛି। ଓପିଭି ଓ ଆଇପିଭି। ଓପିଭି ପିଲାଙ୍କ ପାଟିରେ ଦିଆଯାଏ। ପିଲାଟି ଜନ୍ମ ହେବାର ୬, ୧୦ ଓ ୧୩ ସପ୍ତାହରେ ଏହାର ତିନୋଟି ଡୋଜ ଦିଆଯାଏ। ୧୬-୨୪ ମାସରେ ଗୋଟିଏ ବୁଷ୍ଟର୍ ଡୋଜ୍ ଦିଆଯାଏ। ଆଇପିଭି ଇଞ୍ଜେକ୍ସନ ମାଧ୍ୟମରେ ଦିଆଯାଏ। ୬ରୁ ୧୪ ସପ୍ତାହ ବୟସରେ ପିଲାଙ୍କୁ ଦିଆଯାଇଥାଏ। ଡାହାଣ ହାତ ବାହୁ ଇଣ୍ଟ୍ରାଡର୍ମାଲ ରୁଟରେ ଏହି ଟିକା ଦିଆଯାଏ। ଆଶା, ଅଙ୍ଗନବାଡି କର୍ମୀ ଓ ସ୍ୱାସ୍ଥ୍ୟକର୍ମୀ ଏହି କାର୍ଯ୍ୟକ୍ରମରେ ସାମିଲ ହୋଇଥାନ୍ତି। ଏବେ ବି ପିଲାମାନଙ୍କୁ ପୋଲିଓର ଦୁଇ ବୁନ୍ଦା ଦିଆଯାଉଛି। ସାରା ବିଶ୍ୱକୁ ପୋଲିଓ ମୁକ୍ତ ପାଇଁ ୧୯୮୮ରେ ଗ୍ଲୋବାଲ ପୋଲିଓ ଏରାଡିକେସନ ଇନିସିଏଟିଭ ଗଠନ ହୋଇଥିଲା। ଏଥିରେ ରୋଟାରୀ, ଡବ୍ଲୁଏଚ୍‌ଓ, ୟୁନିସେଫ୍ ଏବଂ ବିଭିନ୍ନ ଦେଶର ସରକାର ସାମିଲ ହୋଇ ବିଶ୍ୱକୁ ପୋଲିଓ ମୁକ୍ତ କରିବା ପାଇଁ ଅଭିଯାନ ଆରମ୍ଭ କରିଥିଲେ। ଭାରତରେ ପୋଲିଓ ପ୍ରତିକାର ପାଇଁ ବିଭିନ୍ନ ସଚେତନତା କାର୍ଯ୍ୟକମ କରାଯାଉଛି। ସବୁ ପିଲାଙ୍କୁ ପୋଲିଓ ବୁନ୍ଦା ଓ ଟିକା ଦେବାପାଇଁ ଦୃଢ଼ ପଦକ୍ଷେପ ଗ୍ରହଣ କରାଯାଉଛି। ୨୦୧୪ରୁ ଭାରତ ପୋଲିଓ ମୁକ୍ତ ରାଷ୍ଟ୍ର ଭାବେ ପରିଗଣିତ ହୋଇଛି। ଭାରତ ପୋଲିଓ ମୁକ୍ତ ହୋଇଥିଲେ ବି ବିଶ୍ୱରୁ ଏହି ଜୀବାଣୁର ମୂଳୋତ୍ପାଟନ ହୋଇନାହିଁ। ତେଣୁ ବିପଦ ମୁକ୍ତ ପାଇଁ ଜନ୍ମରୁ ପାଞ୍ଚ ବର୍ଷ ପର୍ଯ୍ୟନ୍ତ ପିଲାମାନଙ୍କୁ ପୋଲିଓ ଟିକା ଦେବା ଉପରେ ଗୁରୁତ୍ୱ ଦିଆଯାଏ। ଯେପରି କୌଣସି ପିଲା ଏହି ଭୟଙ୍କର ରୋଗର ଶିକାର ନ ହୁଏ ସେଥିପାଇଁ ବିଶ୍ୱ ପୋଲିଓ ଦିବସ ପାଳନ ଗୁରୁତ୍ୱ ବହନ କରେ।

## ମିଳିତ ଜାତିସଂଘ ଦିବସ

ପ୍ରତିବର୍ଷ ଅକ୍ଟୋବର ୨୪ ତାରିଖକୁ 'ମିଳିତ ଜାତିସଂଘ ଦିବସ' ଭାବେ ପାଳନ କରାଯାଉଛି। ବିଶ୍ୱରେ ଶାନ୍ତି, ସୁରକ୍ଷା, ସୌହାର୍ଦ୍ଦ୍ୟ,ମାନବିକ ସହାୟତା ବୃଦ୍ଧି ଦିଗରେ ଜାତିସଂଘର କାର୍ଯ୍ୟକୁ ସମ୍ମାନ ଜଣାଇ ପ୍ରତିବର୍ଷ ଏହି ଦିବସ ପାଳନ କରାଯାଏ। ମିଳିତ ଜାତିସଂଘ ପ୍ରତିଷ୍ଠାର ମୁଖ୍ୟ ଉଦ୍ଦେଶ୍ୟ ଓ ଏହାର ଗୁରୁତ୍ୱ ଦିଗରେ ଲୋକଙ୍କୁ ସଚେତନ କରିବା ହେଉଛି ଉକ୍ତ ଦିବସର ଉଦ୍ଦେଶ୍ୟ। ମିଳିତ ଜାତିସଂଘ ଦେଶଗୁଡ଼ିକ ମଧ୍ୟରେ ମୈତ୍ରୀପୂର୍ଣ୍ଣ ସମ୍ବନ୍ଧ ବିକଶିତ କରିବା, ଅନ୍ତର୍ଜାତୀୟ ସହଯୋଗ ପ୍ରାପ୍ତ କରିବା, ରାଷ୍ଟ୍ର ଲାଗି ସମନ୍ୱୟ କେନ୍ଦ୍ର ହେବାରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିର୍ବାହ କରିଥାଏ। ଏହାବାଦ୍ ଏହାର ଅନ୍ୟତମ ମୂଳ ଲକ୍ଷ୍ୟ ହେଲା ମାନବିକ ଅଧିକାରର ଅଗ୍ରାଧିକାର, ସାମାଜିକ ଓ ଅର୍ଥନୈତିକ ସନ୍ତୁଳନ ରଖିବା, ପରିବେଶ ସୁରକ୍ଷା ଓ ପ୍ରାକୃତିକ ବିପର୍ଯ୍ୟୟ ସମୟରେ ମାନିବକ ସହଯୋଗ ପ୍ରଦାନ କରିବା ତଥା ସାମରିକ ଦ୍ୱନ୍ଦ୍ୱର ସମାଧାନ କରିବା। ପୃଥିବୀରେ ଶାନ୍ତିପୂର୍ଣ୍ଣ ସହାବସ୍ଥାନ ପାଇଁ ମିଳିତ ଜାତିସଂଘର ସ୍ଥାପନା ଦ୍ୱିତୀୟ ବିଶ୍ୱଯୁଦ୍ଧ ପରେ ହୋଇଥିଲା। ୨୪ ଅକ୍ଟୋବର ୧୯୪୫ରେ ମିଳିତ ଜାତିସଂଘ ପ୍ରତିଷ୍ଠା ହୋଇଥିଲା। ୧୯୪୭ରେ ଜାତିସଂଘ ସାଧାରଣ ସଭା ଏହି ଦିବସକୁ ପ୍ରତିଷ୍ଠା ଦିବସ ଭାବେ ଘୋଷଣା କରିଥିଲା। ମିଳିତ ଜାତିସଂଘ ପ୍ରତିଷ୍ଠା ସମୟରେ ଏହାର ସଦସ୍ୟ ସଂଖ୍ୟା ୫୧ ଥିଲା, କିନ୍ତୁ ଏବେ ଏଥିରେ ୧୯୩ ଦେଶର ସଦସ୍ୟ ଅଛନ୍ତି। ସେହିପରି ୧୯୭୧ ମସିହାରେ ମିଳିତ ଜାତିସଂଘ ମହାସଭାରେ ଗୃହୀତ ଅନ୍ୟ ଏକ ପ୍ରସ୍ତାବ ଅନୁସାରେ, ଏହି ଦିବସକୁ ମିଳିତ ଜାତିସଂଘର ସମସ୍ତ ସଦସ୍ୟ ଦେଶଗୁଡ଼ିକ ପାଳନ କରିବେ ଏବଂ ଏହା ସାଧାରଣ ଛୁଟି ଦିବସ ହେବ ବୋଲି ପ୍ରସ୍ତାବ ରଖାଯାଇଥିଲା। ଅନ୍ୟପଟେ ଏହି ସଂଘ ପ୍ରତିଷ୍ଠା ପରଠୁ ଏହାର ଯେତେ ସବୁ ଉପଲବ୍ଧି ଅଛି,ସେସବୁ ବିଷୟରେ ଜନ ସଚେତନତା ସୃଷ୍ଟି କରିବା ଏହି ଦିବସର ଅନ୍ୟତମ ଉଦ୍ଦେଶ୍ୟ। ସେହିପରି ସବୁ ବିକଶିତ ଓ ବିକାଶଶୀଳ ଦେଶ ପାଇଁ ଏହା ହେଉଛି ଏକ ମଞ୍ଚ ଏବଂ ଏଠାରେ ବିଶ୍ୱର ବିଭିନ୍ନ ସମସ୍ୟା ବାବଦରେ ଆଲୋଚନା କରାଯାଇ ତାହାର ସମାଧାନ କରାଯାଏ। ଭାରତରେ ଏହି ଦିବସ ପାଳନ ଅବସରରେ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ସହ ସଭା, ସମିତି ତଥା ପ୍ରଦର୍ଶନୀର ଆୟୋଜନ ହୋଇଥାଏ।

## 'ଧୂମ୍-୪' ଛାଡ଼ିଲେ ଅୟାନ୍




ହୃତିକ୍ ରୋଶନ ଓ ଜୁନିୟର୍ ଏନ୍‌ଟିଆର୍‌ଙ୍କ ଫିଲ୍ମ 'ୱାର୍ ୨'ର ନିର୍ଦ୍ଦେଶନା ଦାୟିତ୍ୱରେ ଅୟାନ୍ ମୁଖାର୍ଜୀ ଥିଲେ। ବିଗ୍ ବଜେଟ୍‌ର ଏହି ଆକ୍ସନ୍ ଫିଲ୍ମଟି କିନ୍ତୁ ବକ୍ସ ଅଫିସ୍‌ରେ ଫ୍ଲପ୍ ସାବ୍ୟସ୍ତ ହୋଇଥିଲା। 'ୱାର୍ ୨'ର ବିଫଳତାକୁ ଦେଖି ଅୟାନ୍ ଯଶରାଜ୍ ବ୍ୟାନରର ଆଉ ଏକ ଆକ୍ସନ୍ ଭିତ୍ତିକ ଫିଲ୍ମ 'ଧୂମ୍ ୪'ରୁ ଓହରି ଯାଇଛନ୍ତି। ଏବେ ଯଶରାଜ୍ ବ୍ୟାନର୍ ଏହି ଫିଲ୍ମ ପାଇଁ ଜଣେ ନୂଆ ନିର୍ଦ୍ଦେଶକ ସନ୍ଧାନରେ ଅଛି। ରଣବୀର କପୁର 'ଧୂମ୍ ୪'ରେ ଲିଡ୍ ରୋଲରେ ନଜର ଆସିବେ। ଏନେଇ ଅୟାନ୍‌ଙ୍କ କହିବା କଥା, 'ୱାର୍ ୨', 'ଧୂମ୍ ୪' ଭଳି ଫିଲ୍ମ ତାଙ୍କ ପାଇଁ ନୁହେଁ। ରୋମାନ୍ସ, ଡ୍ରାମା, ଆକ୍ସନ୍ ଛାଡ଼ି ସେ କିଛି ବଡ଼ ଧରଣର କରିବାକୁ ଚାହୁଁଛନ୍ତି। ଅୟାନ୍ ଏବେ 'ବ୍ରହ୍ମାସ୍ତ୍ର ୨' ଉପରେ କାମ କରୁଛନ୍ତି। ଏହାର ସୁଟିଂ ୨୦୨୬ରୁ ଆରମ୍ଭ ହେବ। ଏଥିରେ ଲିଡ୍ ରୋଲରେ ରଣବୀର କପୁର ଓ ଆଲିଆ ଭଟ୍ଟ ନଜର ଆସିବେ।

## ସଞ୍ଜୀବନୀ



## କର୍କଟ ଚିକିତ୍ସାରେ ପ୍ରଭାବୀ ହେବ ଟିକା



କର୍କଟ ଏକ ମାରାତ୍ମକ ରୋଗ। ଅନିୟନ୍ତ୍ରିତ ଜୀବନଶୈଳୀ, ବଂଶାନୁଗତ, ଚିନ୍ତା ଆଦି କର୍କଟ ସୃଷ୍ଟିର ମୂଳ କାରଣ। ପ୍ରାରମ୍ଭିକ ଅବସ୍ଥାରୁ କର୍କଟ ଚିହ୍ନଟ କରି ଚିକିତ୍ସା ଯୋଗାଇଲେ ରୋଗର ତୀବ୍ରତା ହ୍ରାସ ପାଇପାରେ। କର୍କଟ ଚିକିତ୍ସା ପାଇଁ ସର୍ଜରୀ, ଥେରାପି, ଔଷଧ ଆଦି ବ୍ୟବସ୍ଥା ରହିଛି। ହେଲେ ଏବେ ମାସାଚୁସେଟ୍‌ସ ଏମହର୍ଷ୍ଟ ବିଶ୍ୱବିଦ୍ୟାଳୟର ବୈଜ୍ଞାନିକମାନେ ଏକ 'ସୁପର ଟିକା' ବିକଶିତ କରିଛନ୍ତି। ଖୁସିର ବିଷୟ, ମୂଷା ଶରୀରରେ ଏହି ଟିକା ପ୍ରଥମେ ପ୍ରୟୋଗ କରାଯାଇଥିବାବେଳେ ସେଥିରୁ ସକାରାତ୍ମକ ଫଳାଫଳ ମିଳିଛି। ଏହି ଟିକାଟି ଏକ ସ୍ୱତନ୍ତ୍ର ଇମ୍ୟୁନ-ବୁଷ୍ଟିଂ ଫର୍ମୁଲା ଆଧାରିତ। ଏହା ପ୍ରାଣୀମାନଙ୍କର ରୋଗପ୍ରତିରୋଧକ ଶକ୍ତିକୁ କର୍କଟ କୋଷଗୁଡ଼ିକ ଟ୍ୟୁମରରେ ପରିଣତ ହେବା ପୂର୍ବରୁ ଚିହ୍ନଟ କରି ନଷ୍ଟ କରିବାରେ ସାହାଯ୍ୟ କରିଥିଲା। ଟିକାର ପ୍ରଭାବକୁ ବୁଝିବାକୁ ବୈଜ୍ଞାନିକମାନେ ଯେଉଁ ମୂଷାଙ୍କୁ ଟିକା ପ୍ରଦାନ କରିଥିଲେ ସେମାନେ ଏକ ମାସ ଧରି ସୁସ୍ଥ ଥିଲେ। ଯେଉଁ ମୂଷାମାନଙ୍କୁ ଏହି ଟିକା ଦିଆଯାଇ ନ ଥିଲା ସେମାନଙ୍କଠାରେ କର୍କଟ ବୃଦ୍ଧି ପାଇଯାଇଥିଲା। ତେଣୁ ଭବିଷ୍ୟତରେ ଏହି ଟିକା କେବଳ ନିର୍ଦ୍ଦିଷ୍ଟ କର୍କଟ ରୋଗ ଠିକ୍ କରିବ ତାହା ନୁହେଁ, ବରଂ ତ୍ୱଚା କର୍କଟ, ଅଗ୍ନାଶୟ କର୍କଟ, ସ୍ତନ କର୍କଟ ଚିକିତ୍ସା ପାଇଁ ପ୍ରଭାବୀ ହେବ। ଶରୀରର ଅନ୍ୟ ଅଙ୍ଗକୁ କର୍କଟ ବ୍ୟାପିବାକୁ ଏହା ଦେବ ନାହିଁ। ସାମାନ୍ୟ ଟିକା ଫର୍ମୁଲା ତୁଳନାରେ ପ୍ରତିରକ୍ଷା ପ୍ରତିକ୍ରିୟାକୁ ଏହା ଅଧିକ ମଜଭୁତ କରିଥାଏ। ମୂଷା ଉପରେ ଏହି ପରୀକ୍ଷଣ କରାଯାଇଥିବାବେଳେ ମନୁଷ୍ୟ ଶରୀରରେ ଏହି ଟିକା ପ୍ରଭାବୀ ହେଲେ ଆଗାମୀ ଦିନରେ ଚିକିତ୍ସା କ୍ଷେତ୍ରରେ ନୂତନ ପରିବର୍ତ୍ତନ ଆଣିବ।

## ସେଣ୍ଟ୍ରାଲ ଲାଇନ୍



**ଦୀର୍ଘ କାଳୀନ ଚିକିତ୍ସା ଲାଗି ଔଷଧ ବା ପୋଷଣ ଦେବାକୁ ସେଣ୍ଟ୍ରାଲ ଲାଇନ୍ ଏକ ସହଜ ଉପାୟ। ଯେତେବେଳେ ରୋଗୀର ବାହ୍ୟଶିରା ଦୃଶ୍ୟ ହୁଏ ନାହିଁ ସେହି ସ୍ଥିତିରେ ସେଣ୍ଟ୍ରାଲ ଲାଇନ୍ କରାଯାଏ। ଏହା ମୁଖ୍ୟତଃ ବେକ, ଜଙ୍ଘ ଓ ଛାତିର ଉପରପାର୍ଶ୍ୱରେ ଥିବା ମୁଖ୍ୟ ଶିରାରେ ଦିଆଯାଇ ରୋଗୀଙ୍କୁ ଆପାତକାଳୀନ ଚିକିତ୍ସା ଯୋଗାଯାଏ। ଏହି ପ୍ରକ୍ରିୟା କ'ଣ, କେଉଁ ମାନଙ୍କ ପାଇଁ ଏହାର ଆବଶ୍ୟକତା ରହିଛି ତାହାକୁ ନେଇ ସ୍ୱତନ୍ତ୍ର ଉପସ୍ଥାପନା।**

**ସେଣ୍ଟ୍ରାଲ ଲାଇନ୍‌ର ଆବଶ୍ୟକତା:** ବିପଜ୍ଜନକ ଭାବେ ରକ୍ତଚାପ କମ୍ ବେଶୀ ହେଉଥିବା ସମୟରେ ଯେତେବେଳେ ରକ୍ତଚାପ ଗୁରୁତର ଭାବେ ହ୍ରାସ ପାଇଥାଏ ସେତେବେଳେ ସାଧାରଣ ଶିରାମାନ ସଙ୍କୁଚିତ ହୋଇ ତାହା ମଧ୍ୟରେ କ୍ୟାଥେଟର ଦେବା ସମ୍ଭବ ହୁଏ ନାହିଁ। ସେହିପରି ନର୍ମାଲ ଲାଇନ୍ ପାଖେ ସଂକ୍ରମଣ ହେଲେ ଡାକ୍ତର ରୋଗର ତୀବ୍ରତା, ରୋଗୀର ଶାରୀରିକ ସ୍ଥିତି ଅନୁସାରେ ସେଣ୍ଟ୍ରାଲ ଲାଇନ୍ କରିଥାନ୍ତି। ଆଇସିୟୁରେ ସକ୍‌ରେ ଥିବା ବ୍ୟକ୍ତି, ବହୁ ରୋଗରେ ପୀଡ଼ିତ ବ୍ୟକ୍ତି, ବୃକ୍‌କଜନିତ ରୋଗୀଙ୍କ ଡାଏଲିସିସ୍, ଦୁର୍ଘଟଣାରେ ଗୁରୁତର ଆହତ, ଶରୀରର ଅଧିକାଂଶ ଭାଗ ପୋଡି ଯାଇଥିଲେ, ଦୀର୍ଘକାଳୀନ ଚିକିତ୍ସାରେ ଔଷଧ ଓ ପୋଷଣ ଦେବାକୁ ଏହା ପ୍ରଭାବୀ। କର୍କଟ ପୀଡ଼ିତଙ୍କୁ ଦୀର୍ଘ ସମୟ ଧରି କେମୋଥେରାପି କିମ୍ବା ଆଣ୍ଟିବାୟୋଟିକ୍ସ ଔଷଧ ଦେବାକୁ ସେଣ୍ଟ୍ରାଲ ଲାଇନ୍ କରାଯାଏ। ହୃଦ୍‌ସ୍ପନ୍ଦନ କିମ୍ବା ରକ୍ତବାହୀ ନଳୀ ସଂଙ୍କୁଚିତ ପାଇଁ ବ୍ୟବହୃତ ଔଷଧ ପାଇଁ ଏହା ଉପଯୋଗୀ ବୋଲି ଶ୍ରୀରାମଚନ୍ଦ୍ର ମେଡିକାଲ କଲେଜ ଏଣ୍ଡ ହସ୍‌ପିଟାଲ, ହୃଦ୍‌ରୋଗ ବିଭାଗର ଡା. ଦୀପକ ରଞ୍ଜନ ଦାସ କୁହନ୍ତି।

**କେଉଁଠି ଦିଆଯାଏ:** ଏହି ପ୍ରକ୍ରିୟାରେ ବେକ (ଜୁଗୁଲାର), ଜଙ୍ଘ ଉପର ପାଶ୍ୱରେ (ଫେମୋରାଲ), ଛାତିର ଉପରପାର୍ଶ୍ୱ (ସବ୍‌କ୍ଲାଭିଆନ୍) କିମ୍ବା ବାହୁର ବଡ଼ ଶିରାରେ ଏକ ଲମ୍ବା ନମନୀୟ ଟ୍ୟୁବ୍‌କୁ ପ୍ରବେଶ କରାଇ ହୃତ୍‌ପିଣ୍ଡ ପାଖକୁ ପହଞ୍ଚାଯାଏ। ତାହା ଜରିଆରେ ରୋଗୀଙ୍କୁ ତରଳ ପଦାର୍ଥ, ପୋଷଣ ତଥା ଔଷଧ ଆଦି ଦିଆଯାଏ।

**ବାରମ୍ବାର ଛୁଞ୍ଚି ଫୋଡିବାକୁ ପଡ଼େନି:** ସାଧାରଣ ଭାବେ ସାଲାଇନ ବା ଯେଉଁ ଲାଇନ୍ ଦିଆଯାଏ ତାହା ୩ରୁ ୪ ଦିନ ରହିପାରିବ। କାରଣ ଏଥିରୁ ଅଧିକ ଦିନ ହେଲେ ଚାରିପାର୍ଶ୍ୱରେ ପ୍ରଦାହ ବା ସଂକ୍ରମଣ ହୁଏ। ହେଲେ ସେଣ୍ଟ୍ରାଲ ଲାଇନ୍ ଦେଲେ ତାହା ୧୦ରୁ ୧୪ ଦିନ ରଖିହେବ। ଏଥିରେ ପୀଡ଼ିତଙ୍କୁ ବାରମ୍ବାର ଛୁଞ୍ଚି ଫୋଡ଼ିବାକୁ ପଡ଼େନାହିଁ। ଔଷଧ ତଥା ତରଳ ପଦାର୍ଥ ଖୁବ୍ ସହଜରେ ରୋଗୀର ଶରୀରରେ ପହଞ୍ଚାଯାଇପାରେ। ପୀଡ଼ିତଙ୍କୁ କମ୍ ଯନ୍ତ୍ରଣା ଅନୁଭୂତ ହୁଏ।

**ସତର୍କତା ଅବଲମ୍ବନ ଜରୁରି :** ଯେକୌଣସି ଶିରାଭ୍ୟନ୍ତରୀଣ କ୍ୟାଥେଟର ପରି ଜୀବାଣୁ କିମ୍ବା ରୋଗାଣୁ ରକ୍ତପ୍ରବାହରେ ପ୍ରବେଶ କରିପାରେ। ଏହାଦ୍ୱାରା ସଂକ୍ରମଣ ବୃଦ୍ଧି ପାଏ। ସେଣ୍ଟ୍ରାଲ ଲାଇନ୍ ପ୍ରକ୍ରିୟା ଯୋଗୁ ବେଳେ ବେଳେ ରକ୍ତସ୍ରାବ କିମ୍ବା ଆଘାତ ଲାଗିବାର ଆଶଙ୍କା ଅଧିକ ଥାଏ। ତେଣୁ ତାହା ଯେମିତି ସଂକ୍ରମଣ ନହୁଏ ସେନେଇ ଧ୍ୟାନ ଦେବା ଦରକାର। ଡାକ୍ତରଙ୍କ ପରାମର୍ଶରେ ସତର୍କତା ଅବଲମ୍ବନ କରିବା ଜରୁରି।

## ପ୍ରଜ୍ଞା ଓ ସ୍ୱାସ୍ଥ୍ୟ

## ଜୀବନଶୈଳୀଜନିତ ବିକାରରୁ ଆଲଜାଇମର୍



**ଆଲଜାଇମର୍ ଏକ ବୟସାଧିକ୍ୟ ରୋଗ। ଏହା ୬୦ରୁ ୬୫ ବର୍ଷ ପରେ ଆରମ୍ଭ ହୋଇଥାଏ। ପ୍ରଥମେ ସ୍ମରଣଶକ୍ତି କମିଯାଏ। ଧୀରେ ଧୀରେ ଜଣେ ନିତିଦିନଆ କାମ କରିବାରେ ଅସୁବିଧା ଭୋଗନ୍ତି। ଏହା ମସ୍ତିଷ୍କର ଏକ ଜଟିଳ ପ୍ରକ୍ରିୟାଯୋଗୁଁ ସ୍ନାୟୁ ନଷ୍ଟ ହେଲେ ହୋଇଥାଏ। ତାଛଡ଼ା ମସ୍ତିଷ୍କରେ ଆଘାତ ହୋଇଥିଲେ ମାନସିକ ଅବସାଦ ଓ ଉଚ୍ଚ ରକ୍ତଚାପ ରୋଗର ସମ୍ଭାବନାକୁ ବଢ଼ାଇଦିଏ। ଏବେ କିନ୍ତୁ ୩୦ରୁ ୪୦ ବର୍ଷର ବ୍ୟକ୍ତି ଆଲଜାଇମର୍‌ରେ ପୀଡ଼ିତ ହେଉଛନ୍ତି।**

ଯେଉଁମାନଙ୍କ ପରିବାରରେ କେହି ଆଲଜାଇମର୍‌ରେ ପୀଡ଼ିତ ଥାଆନ୍ତି, ସେମାନଙ୍କୁ ଏହି ରୋଗ ହେବାର ଆଶଙ୍କା ଅଧିକ ଥାଏ। କାରଣ ଜେନେଟିକ୍ ମ୍ୟୁଟେସନ୍ ଏହି ରୋଗକୁ କମ୍ ବୟସରୁ ଆରମ୍ଭ କରିପାରେ। ଜୀବନଶୈଳୀଜନିତ ବିକାର ଯଥା- ଚିନ୍ତା, ନିଦ୍ରାହୀନତା, ଭିଟାମିନ୍ ବି- ୧୨ ଅଭାବ, ଶାରୀରିକ ନିଷ୍କ୍ରିୟତା ଆଦି ଯୋଗୁ ବେଳେ ବେଳେ ଜଣେ କିଛି କଥାକୁ ଭୁଲି ଯାଆନ୍ତି। ଉଚ୍ଚରକ୍ତଚାପ, ମଧୁମେହ, ଧୂମପାନ ଆଦି ଏହି ରୋଗ ଆଶଙ୍କାକୁ ବଢ଼ାଇ ଦିଏ। ଯାହାଫଳରେ ଆଜିକାଲିର ଯୁବପିଢ଼ି ବହୁତ ଛୋଟ ଛୋଟ କଥା ଭୁଲିଯାଆନ୍ତି। ସହଜରେ କାହାକୁ ଚିହ୍ନି ପାରନ୍ତିନି। ଗୋଟିଏ ପ୍ରଶ୍ନକୁ ବାରମ୍ବାର ପଚାରନ୍ତି।

ଉପରୋକ୍ତ ଲକ୍ଷଣ ଅନୁସାରେ ଡାକ୍ତରଙ୍କ ପରାମର୍ଶରେ ଚିକିତ୍ସା ଜରୁରି। ପୀଡ଼ିତଙ୍କୁ ଅଳ୍ପ ଅଳ୍ପ ଖାଇବାକୁ ଦେବା, ପରିବାର ଲୋକଙ୍କ ସହଯୋଗ ଆବଶ୍ୟକ ହୋଇଥାଏ। ଦୈନିକ ବ୍ୟାୟାମ କରିବା ହିତକର। କ୍ରସୱାର୍ଡ ପଜଲ, ସୁଡୋକୁ ସମାଧାନ କରିପାରିବେ। ଧୂମପାନଠାରୁ ଦୂରେଇ ରୁହନ୍ତୁ। ଦୈନିକ ଖାଦ୍ୟରେ ଫଳ, ପରିବା ସାମିଲ କରି ପର୍ଯ୍ୟାପ୍ତ ପାଣି ପିଇବା ଆବଶ୍ୟକ।

## ଓଜନ ନିୟନ୍ତ୍ରଣକାରୀ ଧନିଆ

**ଧନିଆ ମସଲା ଭାବେ ବ୍ୟବହାର ହୁଏ। ତରକାରି ହେଉ କି ସାଲାଡରେ ଧନିଆ ପତ୍ର ବ୍ୟବହାର କରାଯାଏ। ଧନିଆପତ୍ର ଓ ଏବଂ ମଞ୍ଜିରେ ଆଣ୍ଟିଅକ୍ସିଡାଣ୍ଟ, ଭିଟାମିନ୍ ସି ଆଦି ଔଷଧୀୟ ଗୁଣ ରହିଛି। ଏହା ନାନା ରୋଗ ଦୂର କରେ। ଓଜନ ନିୟନ୍ତ୍ରଣ ପାଇଁ ଧନିଆ ଏକ ପ୍ରଭାବୀ ବିକଳ୍ପ।**

ଧନିଆରେ ଆଣ୍ଟିଅକ୍ସିଡାଣ୍ଟ ଥିବାରୁ ନିୟମିତ ଏହାକୁ ଖାଇଲେ ଶରୀରରୁ ବିଷାକ୍ତ ତତ୍ତ୍ୱ ବାହାରିଯାଏ। ଏଥିରେ ଥିବା ଫାଇବର ଯୋଗୁଁ କମ୍ ଭୋକ ଲାଗେ। ଚର୍ବି କମାଇବାରେ ମୁଖ୍ୟ ଭୂମିକା ନିଭାଇଥାଏ। ରୋଗପ୍ରତିରୋଧକ ଶକ୍ତି ବୃଦ୍ଧି କରିବା ସହିତ ପାଚନତନ୍ତ୍ରକୁ ସକ୍ରିୟ ରଖେ ଧନିଆ। ତେଣୁ ଏକ ଗ୍ଲାସ ପାଣିରେ ଧନିଆ ପତ୍ର କିମ୍ବା ମଞ୍ଜିକୁ ଧୋଇ ରାତିସାରା ଭିଜାଇ ସକାଳୁ ଖାଲି ପେଟରେ ତାହାକୁ ଛାଣି ପିଇ ପାରିବେ। ଆଣ୍ଠୁଗଣ୍ଠିଜନିତ ସମସ୍ୟା ଥିଲେ ଧନିଆ ବହୁତ ଉପକାରୀ। ହୃଦୟକୁ ସୁସ୍ଥ ରଖିବାରେ ଏହା ସାହାଯ୍ୟ କରେ। ଧନିଆ ସେବନ ଦ୍ୱାରା କୋଲେଷ୍ଟ୍ରଲ ଓ ରକ୍ତ ଶର୍କରା ନିୟନ୍ତ୍ରଣରେ ରୁହେ। ଦୃଷ୍ଟିଶକ୍ତି ପାଇଁ ଏହା ବହୁତ ଭଲ। ତେଣୁ ଧନିଆ ଚଟଣୀ, ସାଲାଡ଼ରେ ଧନିଆ ପତ୍ର ଆଦି ଖାଇବା ହିତକର।



■ ବର୍ଷାରେ ଧୋଇଲା ୩ୟ ଟି-୨୦

## ସିରିଜ ଜିତିଲା ଇଂଲଣ୍ଡ

**ଅକ୍‌ଲାଣ୍ଡ, ୨୩।୧୦ (ଏଜେନ୍ସି):** ଘରୋଇ ନ୍ୟୁଜିଲାଣ୍ଡ ଓ ଇଂଲଣ୍ଡ ମଧ୍ୟରେ ଗୁରୁବାର ଏଠାରେ ଖେଳାଯିବାକୁ ଥିବା ଅନ୍ତିମ ତଥା ୩ୟ ଟି-୨୦ ବର୍ଷା ଯୋଗୁ ବାତିଲ ହୋଇଛି। ପ୍ରଥମେ ବ୍ୟାଟିଂ କରିଥିବା ନ୍ୟୁଜିଲାଣ୍ଡ ୩.୪ ଓଭରରେ ଗୋଟିଏ ୱିକେଟ୍ ହରାଇ ୩୮ ରନ କରିଥିବାବେଳେ ବର୍ଷା ହୋଇଥିଲା। ବର୍ଷା ଲାଗି ରହିବାରୁ ଶେଷରେ ଏହାକୁ ବାତିଲ କରାଯାଇଥିଲା। ପୂର୍ବରୁ ସିରିଜର ପ୍ରଥମ ମ୍ୟାଚ୍ ମଧ୍ୟ ବର୍ଷାରେ ଧୋଇଯାଇଥିଲା। ତେବେ ଦ୍ୱିତୀୟ ଟି-୨୦କୁ ୬୫ ରନରେ ଜିତିଥିବା ଭ୍ରମଣକାରୀ ଇଂଲଣ୍ଡ ଶେଷରେ ୧-୦ରେ ସିରିଜ ବିଜୟୀ ହୋଇଛି। ଦୁଇ ଦଳ ମଧ୍ୟରେ ତିନି ମ୍ୟାଚ୍‌ବିଶିଷ୍ଟ ଦିନିକିଆ ସିରିଜ ଅକ୍ଟୋବର ୨୬ରୁ ଆରମ୍ଭ ହେବ।

## ବାଂଲାଦେଶଠାରୁ ଦିନିକିଆ ସିରିଜ୍ ହାରିଲା ୱେଷ୍ଟଇଣ୍ଡିଜ୍

**ଢାକା,୨୩।୧୦(ଏଜେନ୍ସି):** ସୌମ୍ୟ ସରକାର ଓ ସେଫ ହାସନଙ୍କ ଅର୍ଦ୍ଧଶତକ ପରେ ସ୍ପିନରଙ୍କ ସଫଳତା ଯୋଗୁଁ ଏଠାରେ ଗୁରୁବାର ଖେଳାଯାଇଥିବା ତୃତୀୟ ତଥା ଶେଷ ଦିନିକିଆରେ ବାଂଲାଦେଶ ୧୭୯ ରନ୍‌ର ବିରାଟ ବ୍ୟବଧାନରେ ୱେଷ୍ଟଇଣ୍ଡିଜ୍‌କୁ ପରାସ୍ତ କରିଛି। ନିକଟରେ ଭାରତଠାରୁ ହାରିଥିବା ୱେଷ୍ଟଇଣ୍ଡିଜ୍ ଆଉ ଏକ ପରାଜୟର ସମ୍ମୁଖୀନ ହୋଇଛି। ଏହି ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରିଥିବା ବାଂଲାଦେଶ ସୌମ୍ୟଙ୍କ ୯୧ ଓ ହାସନଙ୍କ ୮୦ ରନ୍ ବଳରେ ପ୍ରଥମେ ବ୍ୟାଟିଂ କରି ୮ ୱିକେଟରେ ୨୯୬ ରନ୍ କରିଥିଲା। ଆକିଲ ହୋସେନ ସର୍ବାଧିକ ୪ଟି ୱିକେଟ ପାଇଥିଲେ। ଜବାବରେ ୱେଷ୍ଟଇଣ୍ଡିଜ୍ ବାଂଲା ସ୍ପିନରଙ୍କୁ ଉଚିତ ମୁକାବିଲା କରି ନ ପାରି ୩୦.୧ ଓଭରରେ ମାତ୍ର ୧୧୭ ରନ୍ କରି ଅଲ୍‌ଆଉଟ ହୋଇଯାଇଥିଲେ। ବାଂଲାର ସ୍ପିନରମାନେ ସମସ୍ତ ଓଭର ବୋଲିଂ କରିବା ସହ ୧୦ଟି ଯାକ ୱିକେଟ ନେଇଥିଲେ। ସୌମ ସରକାରଙ୍କୁ ମ୍ୟାଚ୍‌ର ଓ ରିଶାଦ ହୋସେନଙ୍କୁ ସିରିଜ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଛି। ୨୭ରୁ ଦୁଇ ଦେଶ ମଧ୍ୟରେ ଟି-୨୦ ସିରିଜ୍ ଆରମ୍ଭ ହେବ।

## ୧୮ ବର୍ଷ ପରେ ପାକିସ୍ତାନରେ ଟେଷ୍ଟ ଜିତିଲା ଦ.ଆଫ୍ରିକା

**ରାୱଲପିଣ୍ଡି, ୨୩।୧୦ (ଏଜେନ୍ସି):** ଏଠାରେ ଘରୋଇ ପାକିସ୍ତାନ ବିପକ୍ଷରେ ଅନୁଷ୍ଠିତ ଅନ୍ତିମ ତଥା ୨ୟ ଟେଷ୍ଟ ମ୍ୟାଚକୁ ବିଶ୍ୱ ଚାମ୍ପିଅନ ଦକ୍ଷିଣ ଆଫ୍ରିକା ୮ ୱିକେଟରେ ବିଜୟୀ ହୋଇଛି। ଏହି ମ୍ୟାଚରେ ପାକିସ୍ତାନ ପକ୍ଷରୁ ଧାର୍ଯ୍ୟ ୬୮ ରନର ଛୋଟିଆ ଲକ୍ଷ୍ୟକୁ ଦକ୍ଷିଣ ଆଫ୍ରିକା ଚତୁର୍ଥ ଦିବସରେ ଗୁରୁବାର ଦ୍ୱିତୀୟ ଇନିଂସରେ ୨ ୱିକେଟ୍ ହରାଇ ହାସଲ କରିନେଇଥିଲା। ଅଧିନାୟକ ଆଇଡେନ ମାର୍କରମ ସର୍ବାଧିକ ୪୨ ରନ କରିଥିଲେ। ଏଥିସହ ଦକ୍ଷିଣ ଆଫ୍ରିକା ଦୀର୍ଘ ୧୮ ବର୍ଷର ବ୍ୟବଧାନ ପରେ ପାକିସ୍ତାନ ମାଟିରେ ଏକ ଟେଷ୍ଟ ମ୍ୟାଚ୍ ଜିତିଛି। ଶେଷଥର ଲାଗି ଦକ୍ଷିଣ ଆଫ୍ରିକା ୨୦୦୭ରେ କରାଚିରେ ୧୬୦ ରନରେ ପାକିସ୍ତାନକୁ ହରାଇଥିଲା। ଏହାପରେ ଦକ୍ଷିଣ ଆଫ୍ରିକା ୨୦୨୧ରେ ଦୁଇ ମ୍ୟାଚ୍‌ବିଶିଷ୍ଟ ଟେଷ୍ଟ ସିରିଜ ଖେଳିବାକୁ ପାକିସ୍ତାନ ଗସ୍ତରେ ଯାଇଥିଲା। ଏହି ସିରିଜକୁ କିନ୍ତୁ ପାକିସ୍ତାନ ୨-୦ରେ କ୍ଲିନସୁଇପ କରିଥିଲା। ରାୱଲପିଣ୍ଡିରେ ବିଜୟ ସହ ଦକ୍ଷିଣ ଆଫ୍ରିକା ଦୁଇ ମ୍ୟାଚ୍‌ବିଶିଷ୍ଟ ଟେଷ୍ଟ ସିରିଜକୁ ୧-୧ରେ ଡ୍ର ରଖିଛି। ପୂର୍ବରୁ ପ୍ରଥମ ଟେଷ୍ଟକୁ ପାକିସ୍ତାନ ୯୩ ରନରେ ବିଜୟୀ ହୋଇଥିଲା।

## ୧୭ ବର୍ଷ ପରେ ସାଉଥ୍ ଏସିଆନ ଆଥ୍‌ଲେଟିକ୍ସ ଚାମ୍ପିଅନସିପ୍ ଆଜିଠୁ

**ରାଞ୍ଚି, ୨୩।୧୦ (ଏଜେନ୍ସି):** ଦୀର୍ଘ ୧୭ ବର୍ଷର ବ୍ୟବଧାନ ପରେ ପୁଣିଥରେ ଆୟୋଜିତ ହେବାକୁ ଯାଉଛି ସାଉଥ୍ ଏସିଆନ ଆଥ୍‌ଲେଟିକ୍ସ ଚାମ୍ପିଅନସିପ୍। ଏହି ସମ୍ମାନଜନକ ପ୍ରତିଯୋଗିତାର ୪ର୍ଥ ସଂସ୍କରଣ ଶୁକ୍ରବାରଠାରୁ ରାଞ୍ଚିର ବିର୍ସା ମୁଣ୍ଡା ଆଥ୍‌ଲେଟିକ୍ସ ଷ୍ଟାଡିୟମରେ ଆରମ୍ଭ ହେବ। ଚଳିତ ୪ର୍ଥ ସଂସ୍କରଣରେ ଦକ୍ଷିଣ ଏସିଆର ୬ଟି ଦେଶ (ଭାରତ, ବାଂଲାଦେଶ, ଶ୍ରୀଲଙ୍କା, ନେପାଳ, ଭୁଟାନ ଓ ମାଳଦୀପ)ର ପାଖାପାଖି ୩୦୦ ଆଥ୍‌ଲେଟ୍ ଅଂଶଗ୍ରହଣ କରିବେ। ଯେଉଁଥିରେ ଆୟୋଜକ ଭାରତର ୮୦ଜଣ ପୁରୁଷ ଓ ମହିଳା ଆଥ୍‌ଲେଟ୍ ରହିଛନ୍ତି। ସେହିଭଳି ଓଡ଼ିଶାର ଧାବକ ପ୍ରତୀକ ମହାରଣା ଓ ସରୁନ ପାୟାସିଂ ମଧ୍ୟ ଏଥିରେ ସେମାନଙ୍କ ଶ୍ରେଷ୍ଠତ୍ୱ ପ୍ରତିପାଦନ କରିବା ଲକ୍ଷ୍ୟରେ ରହିଛନ୍ତି। ପ୍ରତୀକ ପୁରୁଷ ୨୦୦ ମିଟର ଓ ୪ ଗୁଣା ୧୦୦ ମିଟର ରିଲେ ରେସରେ ଭାଗନେବେ। ସେହିଭଳି ସରୁନ ଲଙ୍ଗଜମ୍ପ ଇଭେଣ୍ଟରେ ଅଂଶଗ୍ରହଣ କରିବେ।

### ପ୍ରତୀକ, ସରୁନଙ୍କ ଉପରେ ନଜର

## ଆଇସିସି ମହିଳା ଦିନିକିଆ ବିଶ୍ୱକପ୍: ମନ୍ଧାନା-ପ୍ରତୀକାଙ୍କ ରେକର୍ଡ ଶତକ

# ନ୍ୟୁଜିଲାଣ୍ଡକୁ ହରାଇ ସେମିରେ ଭାରତ

**ନଭି ମୁମ୍ବଇ, ୨୩।୧୦ (ଏଜେନ୍ସି):**

ଆୟୋଜକ ଭାରତ ଅନ୍ତିମ ତଥା ୪ର୍ଥ ଦଳ ଭାବେ ଚଳିତ ଆଇସିସି ମହିଳା ଦିନିକିଆ ବିଶ୍ୱକପ୍‌ର ସେମିଫାଇନାଲରେ ପ୍ରବେଶ କରିଛି। ଗୁରୁବାର ଏଠାରେ ଅନୁଷ୍ଠିତ ଏକ ହାଇସ୍କୋରିଂ ବର୍ଷା ବାଧାପ୍ରାପ୍ତ ମ୍ୟାଚରେ ଭାରତୀୟ ମହିଳା ଦଳ ଡିଏଲ୍ ପଦ୍ଧତିରେ ୫୩ ରନରେ ନ୍ୟୁଜିଲାଣ୍ଡକୁ ପରାସ୍ତ କରିଥିଲା। ଦୁଇ ଓପନର୍ ସ୍ମୃତି ମନ୍ଧାନା ଓ ପ୍ରତୀକା ରାୱଲ ଦମ୍‌ଦାର ଶତକୀୟ ପାଳି ଖେଳି ଭାରତକୁ ସେମିଫାଇନାଲରେ ପ୍ରବେଶ କରାଇବାରେ ମୁଖ୍ୟ ଭୂମିକା ଗ୍ରହଣ କରିଥିଲେ। ଏଥିସହ ହରମନ୍‌ପ୍ରୀତ୍ କୌରଙ୍କ ନେତୃତ୍ୱାଧୀନ ଭାରତ ୬ଷ୍ଠ ମ୍ୟାଚରୁ ୩ୟ ବିଜୟ ହାସଲ କରି ୬ ପଏଣ୍ଟ ସହ ସେମିଫାଇନାଲ ଟିକଟ୍ ହାସଲ କରିଛି। ଅପରପକ୍ଷରେ ନ୍ୟୁଜିଲାଣ୍ଡ ସମାନ ସଂଖ୍ୟକ ମ୍ୟାଚରୁ ୩ୟ ପରାଜୟ ସହ ସେମିଫାଇନାଲ ଦୌଡ଼ରୁ ବାଦ୍ ପଡ଼ିଛି। ପୂର୍ବରୁ ଅଷ୍ଟ୍ରେଲିଆ (୧୧ ପଏଣ୍ଟ), ଦକ୍ଷିଣ ଆଫ୍ରିକା (୧୦ ପଏଣ୍ଟ) ଓ ଇଂଲଣ୍ଡ (୯) ଯଥାକ୍ରମେ ପଏଣ୍ଟ ଟେବଲର ପ୍ରଥମ ୩ଟି ସ୍ଥାନରେ ରହି ସେମିଫାଇନାଲରେ ପହଞ୍ଚି ସାରିଛନ୍ତି। ଭାରତ ଏହାର ଶେଷ ଲିଗ୍ ମ୍ୟାଚରେ ୨୮ରେ ବାଂଲାଦେଶକୁ ଭେଟିବ।

ବର୍ଷା ବାଧାପ୍ରାପ୍ତ ୪୯ ଓଭରବିଶିଷ୍ଟ ଏହି ମ୍ୟାଚରେ ବ୍ୟାଟିଂ ଆମନ୍ତ୍ରଣ ପାଇଥିବା ଭାରତ ଦୁଇ ଓପନର୍ ମନ୍ଧାନା ଓ ପ୍ରତୀକାଙ୍କ ଶତକ ବଳରେ ୩ ୱିକେଟ୍ ହରାଇ ୩୪୦ ରନର ବିଶାଳ ସ୍କୋର କରିଥିଲା। ପ୍ରତୀକା ୧୩୪ ବଲରେ ୧୨୨ (୧୩ ଚୌକା ଓ ୨ ଛକା) ଓ ମନ୍ଧାନା ୯୫ ବଲରେ ୧୦୯ (୧୦ ଚୌକା ଓ ୪ ଛକା) ରନ କରିଥିଲେ। ଓପନିଂ ୱିକେଟ୍‌ରେ ଏହି ଯୋଡ଼ି ୨୦୦ ବଲରୁ ୨୧୨ ରନ ସଂଗ୍ରହ କରି ଦୃଢ଼ ମୂଳଦୁଆ ପକାଇଥିଲା। ଅନ୍ୟମାନଙ୍କ ମଧ୍ୟରେ ଜେମିମା ରୋଡ୍ରିଗ୍ସେଜ ଅପରାଜିତ ୭୬ ରନ କରିଥିଲେ। ବର୍ଷା ଯୋଗୁ ମ୍ୟାଚ୍ ବାଧାପ୍ରାପ୍ତ ହୋଇଥିବାରୁ ଡିଏଲ୍ ପଦ୍ଧତିରେ ନ୍ୟୁଜିଲାଣ୍ଡ ସାମ୍ନାରେ ୪୪ ଓଭରରେ ୩୨୫ ରନର ପୁନଃଲକ୍ଷ୍ୟ ଧାର୍ଯ୍ୟ କରାଯାଇଥିଲା। ଏହାକୁ ପିଛା କରିଥିବା ନ୍ୟୁଜିଲାଣ୍ଡ ପାଇଁ ମଧ୍ୟକ୍ରମରେ ବ୍ରୁକ୍ ହଲିଡେ (୮୧ ରନ), ଇଜାବେଲ୍ ଗାଜେ (ଅପରାଜିତ ୬୫), ଆମେଲିଆ କେର୍ (୪୫) ଉପଯୋଗୀ ପାଳି ଖେଳିଥିଲେ ମଧ୍ୟ ଦଳ ୮ ୱିକେଟ୍‌ରେ ୨୭୧ ରନ କରି ପାରିଥିଲା। ବିଜୟୀ ଭାରତ ପକ୍ଷରୁ ରେଣୁକା ସିଂହ ଠାକୁର ଓ କ୍ରାନ୍ତି ଗୌଡ଼ଙ୍କୁ ୨ଟି ଲେଖାଏ ୱିକେଟ୍ ମିଳିଥିଲା। ୧୩ତମ ଦିନିକିଆ ଶତକ ହାସଲ କରିଥିବା ମନ୍ଧାନା ମ୍ୟାଚର ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ।







### ମ୍ୟାଚ୍ ରେକର୍ଡ

**୧୫୫୭ ରନ:** ଚଳିତ ବର୍ଷ ମନ୍ଧାନା ଓ ପ୍ରତୀକା ଯୋଡ଼ି ଦିନିକିଆରେ ମୋଟ୍ ୧୫୫୭ ରନ ପାର୍ଟନରସିପ୍ କରିଛନ୍ତି। ପୁରୁଷ ଓ ମହିଳା ଦିନିକିଆ କ୍ରିକେଟରେ ଗୋଟିଏ କ୍ୟାଲେଣ୍ଡରରେ ପାର୍ଟନରସିପରୁ ସର୍ବାଧିକ ରନ ସଂଗ୍ରହ ସଚିନ ଓ ଗାଙ୍ଗୁଲି (୧୬୩୫ ରନ, ୧୯୯୮ ମସିହା) ଯୋଡ଼ିଙ୍କ ନାମରେ ରହିଛି।

**୨୧୨ ରନ:** ମନ୍ଧାନା ଓ ପ୍ରତୀକା ଓପନିଂ ୱିକେଟ୍‌ରେ ୨୧୨ ରନ ସଂଗ୍ରହ କରିଥିଲେ। ଯାହାକି ମହିଳା ଦିନିକିଆ ବିଶ୍ୱକପରେ ଭାରତର ଯେକୌଣସି ୱିକେଟ୍‌ରେ ରେକର୍ଡ ପାର୍ଟନରସିପ୍। ପୂର୍ବରୁ ୨୦୨୨ ବିଶ୍ୱକପରେ ମନ୍ଧାନା ଓ ହରମନପ୍ରୀତ୍ ଯୋଡ଼ି ୱେଷ୍ଟଇଣ୍ଡିଜ ବିପକ୍ଷରେ ୧୮୪ ରନ ସଂଗ୍ରହ କରିଥିଲେ।

**୭ମ:** ମନ୍ଧାନା ଓ ପ୍ରତୀକା ୨୩ଟି ଇନିଂସରେ ଏକାଠି ଓପନିଂ କରି ୭ମଥର ଲାଗି ଶତକୀୟ ଭାଗୀଦାରି କରିଛନ୍ତି। ଯାହାକି ମହିଳା ଦିନିକିଆରେ ଓପନିଂ ଯୋଡ଼ିରେ ଦ୍ୱିତୀୟ ଯୁଗ୍ମ ସର୍ବାଧିକ ଶତକୀୟ ଭାଗୀଦାରି। ୧୦ଟି ଶତକୀୟ ଭାଗୀଦାରି ସହ ବେଲିଣ୍ଡା କ୍ଲାର୍କ-ଲିସା କେଟଲୀ ଯୋଡ଼ି ଏହି ତାଲିକାର ଶୀର୍ଷରେ ରହିଛି।

**୩ୟ:** ମହିଳା ଦିନିକିଆ ବିଶ୍ୱକପ ଇତିହାସରେ କୌଣସି ଦଳର ଉଭୟ ଓପନର୍ ଗୋଟିଏ ମ୍ୟାଚରେ ଶତକ ହାସଲ କରିବାରେ ଏହା ୩ୟ ଘଟଣା। ୧୯୭୩ରେ ଇଂଲଣ୍ଡ ଓପନର୍ ଲିନୀ ଥୋମାସ ଓ ଏନିଡ୍ ବାକୱେଲ ଓ ୧୯୮୮ ବିଶ୍ୱକପ୍‌ରେ ଅଷ୍ଟ୍ରେଲିଆର ଲିଣ୍ଡସେ ରିଲର୍ ଓ ରଥ୍ ବକଷ୍ଟେଇନ ଏହି ସଫଳତା ପାଇଥିଲେ।

**୧୦୦୦ ରନ:** ୨୩ଟି ଇନିଂସରେ ପ୍ରତୀକା ଦିନିକିଆରେ ୧୦୦୦ ରନ ପୂରଣ କରିଛନ୍ତି। ଏଥିସହ ଏକ ହଜାର ରନ ପୂରଣ କରିବାରେ ଅଷ୍ଟ୍ରେଲିଆର ଲିଣ୍ଡସେ ରିଲର୍‌ଙ୍କ ସହ ଯୁଗ୍ମ ଭାବେ ସେ ବିଶ୍ୱର ଦ୍ରୁତତମ ମହିଳା କ୍ରିକେଟର୍ ହୋଇଛନ୍ତି। ଲିଣ୍ଡସେ ମଧ୍ୟ ୨୩ଟି ଇନିଂସରେ ଏହି ମାଇଲଖୁଣ୍ଟ ଛୁଇଁଥିଲେ।

**୧୪ତମ:** ଦିନିକିଆରେ ମନ୍ଧାନାଙ୍କ ଏହା ୧୪ତମ ଶତକ ଥିଲା। ମହିଳା ଦିନିକିଆ କ୍ରିକେଟ୍‌ରେ ସର୍ବାଧିକ ଶତକ ହାସଲ କରିବାରେ ସେ ମେଗ୍ ଲାନ୍ନିଂ (୧୫ଟି) ପଛକୁ ଦ୍ୱିତୀୟ ସ୍ଥାନରେ ରହିଛନ୍ତି।

**୧୭ତମ:** ଅନ୍ତର୍ଜାତୀୟ ମହିଳା କ୍ରିକେଟ୍‌ରେ ମନ୍ଧାନାଙ୍କ ଏହା ୧୭ତମ ଶତକୀୟ ପାଳି ଥିଲା। ମହିଳା କ୍ରିକେଟ୍‌ରେ ସର୍ବାଧିକ ଶତକ ହାସଲ କରିବାରେ ମନ୍ଧାନା ଏବେ ଲାନ୍ନିଂ (୧୭ଟି) ସହ ସମକକ୍ଷ ହୋଇଛନ୍ତି। ସୁଜି ବେଟ୍ସ ଓ ବିଉମଣ୍ଟ ୧୪ଟି ଶତକ ସହ ତାଲିକାର ଦ୍ୱିତୀୟ ସ୍ଥାନରେ ରହିଛନ୍ତି।

## ଜାତୀୟ ସବ୍‌ଜୁନିୟର ବାଳକ ଫୁଟବଲ୍‌ରେ ଭାଗନେବ ଓଡ଼ିଶା

**କଟକ,୨୩।୧୦(ସମିସ):** ଚଳିତମାସ ୨୭ ତାରିଖରୁ ସବ୍‌ଜୁନିୟର ବାଳକ ଜାତୀୟ ଫୁଟବଲ ଚାମ୍ପିଅନସିପ୍ ଆରମ୍ଭ ହେବ। ଗ୍ରୁପ-ଏରେ ସ୍ଥାନ ପାଇଥିବା ଓଡ଼ିଶା ଦଳ ପଞ୍ଜାବର ଅମ୍ରିତସରରେ ସମସ୍ତ ଲିଗ୍ ମ୍ୟାଚ୍ ଖେଳିବ। ଫୁଟବଲ ଆସୋସିଏସନ ଅଫ ଓଡ଼ିଶା(ଫାଓ) ପକ୍ଷରୁ ଘୋଷିତ ୨୦ ଜଣିଆ ରାଜ୍ୟ ଦଳ ଆଜି ପଞ୍ଜାବ ଯାତ୍ରା କରିଛି। ଗୋଲକିପର ଭାବେ ଅନୁଗ୍ରହ ଚକ୍ରବର୍ତ୍ତୀ ଓ ଗୁମନ ଭୂମିଜ ଦଳରେ ରହିଛନ୍ତି। ଡିଫେଣ୍ଡର ଓମପ୍ରକାଶ ସାହୁ, ଶୁଭମ ଦେହୁରୀ, ସାଇ ରୁଦ୍ର ନାରାୟଣ ସ୍ୱାଇଁ, ନବୀନ ଏକ୍କା, ଆଦିତ୍ୟ ବରାଳ, ନକୁଳ ଭୂମିଜ, ହାର୍ଦ୍ଦିକ ବରାଳ, ମିଡଫିଲ୍ଡର ସଂଗ୍ରାମ ବେହେରା, ଅମନଜିତ ମାରାଣ୍ଡି, ତ୍ରୟମ୍ବକମ ବେହେରା, ଅଜିତ ମାଝୀ, ସତ୍ୟଜିତ ସିଂହ, ଅଙ୍ଗଦ କଲସେର, ଫରୱାର୍ଡ ସେଖ ତମିମ, ଆୟନ ଖାନ, ଆଶୁତୋଷ ରାଉତ, ତ୍ରିବନ ପୂର୍ତ୍ତି, ଆର୍ୟନ ଓରାମ ଦଳରେ ସ୍ଥାନ ପାଇଛନ୍ତି। ମୁଖ୍ୟ କୋଚ୍ ହୃଷିକେଶ ବେହେରା, ସହକାରୀ କୋଚ୍ ସାଇ ପ୍ରସାଦ, ମ୍ୟାନେଜର ସେହନୱାଜ ଆଲାମ ଓ ଫିଜିଓ ସେହବାଜ ଅହମ୍ମଦ ଦଳ ସହ ଯାତ୍ରା କରିଛନ୍ତି। ଓଡ଼ିଶା ପ୍ରଥମ ମୁକାବିଲାରେ ମିଜୋରାମକୁ ଭେଟିବ।

## ବହୁତୁଲେ ପଞ୍ଜାବ କିଙ୍ଗ୍‌ସ ବୋଲିଂ କୋଚ୍

**ନୂଆଦିଲ୍ଲୀ,୨୩।୧୦(ଏଜେନ୍ସି):** ଭାରତୀୟ କ୍ରିକେଟ ଦଳର ପୂର୍ବତନ ସ୍ପିନର ସାଇରାଜ ବହୁତୁଲେ ଇଣ୍ଡିଆନ ପ୍ରିମିୟର ଲିଗ୍‌ର ଆସନ୍ତା ସିଜନ ଲାଗି ପଞ୍ଜାବ କିଙ୍ଗ୍‌ର ବୋଲିଂ କୋଚ୍ ନିଯୁକ୍ତ ହୋଇଛନ୍ତି। ଏହା ପୂର୍ବରୁ ସେ ରାଜସ୍ଥାନ ରୟାଲ୍ସର ବୋଲିଂ କୋଚ୍ ରହିଥିଲେ। ଏବେ ସୁନିଲ ଯୋଶିଙ୍କ ସ୍ଥାନରେ ବହୁତୁଲେ ଦାୟିତ୍ୱରେ ରହିବେ। ଯୋଶି ୨୦୨୩ରୁ ୨୫ ଯାଏ ପଞ୍ଜାବ କିଙ୍ଗ୍‌ସର ବୋଲିଂ କୋଚ୍ ରହିଥିଲେ। ରିକି ପଣ୍ଟିଂ ଏବେ ପଞ୍ଜାବର ହେଡ୍ କୋଚ୍ ରହିଥିଲାବେଳେ ବ୍ରାଡ ହାଡିନ୍ ଓ ଜେମ୍ସ ହୋପ୍ସ ସହକାରୀ କୋଚ୍ ଦାୟିତ୍ୱ ତୁଲାଉଛନ୍ତି।



### ୧୯ ବର୍ଷରୁ କମ୍ ମହିଳା ଟି-୨୦ ଟ୍ରଫି

## ରାଜ୍ୟ ଦଳର ଛତିଶଗଡ଼ ଯାତ୍ରା

**କଟକ,୨୩।୧୦(ସମିସ):** ୧୯ ବର୍ଷରୁ କମ୍ ମହିଳା ଟି-୨୦ ଟ୍ରଫି ଆସନ୍ତା ୨୬ ତାରିଖରୁ ଆରମ୍ଭ ହେବ। ରାୟପୁରର ଆରଡିସିଏ ଗ୍ରାଉଣ୍ଡରେ ସୌରାଷ୍ଟ୍ର ବିପକ୍ଷରେ ଓଡ଼ିଶା ପ୍ରଥମ ମ୍ୟାଚ୍ ଖେଳିବ। ଏହି ପରିପ୍ରେକ୍ଷୀରେ ଓସିଏ ଦ୍ୱାରା ଘୋଷିତ ୧୬ଜଣିଆ ରାଜ୍ୟ ଦଳ ଗୁରୁବାର ଛତିଶଗଡ଼ ଅଭିମୁଖେ ଯାତ୍ରା କରିଛି। ପ୍ରିୟଙ୍କାରୀ ମୁଦୁଲିଙ୍କୁ ଦଳର ନେତୃତ୍ୱ ମିଳିଛି। ଅନନ୍ୟା ପ୍ରିୟଦର୍ଶିନୀ ରାଉତ, ଆଞ୍ଜେଲ ରାଜ(ୱିକେଟ କିପର), ଅନୁଷ୍କା ମହାନ୍ତି(ୱିକେଟ କିପର), ଅନ୍ୱେଷା ବିଶ୍ୱାଳ, ଅର୍ଚ୍ଚନା ରାଉତ, ବିଜୟଲକ୍ଷ୍ମୀ ବେହେରା, ଇପସିତା ପରିଡା, ଯଶମୁନି ମୁର୍ମୁ, ମେଘା ପ୍ରଧାନ, ଶୁଭଶ୍ରୀ ପ୍ରିୟଦର୍ଶିନୀ ପରମାଣିକ, ଶୀତଲ ରାଉତ, ଶ୍ରେୟା ପ୍ରିୟଦର୍ଶିନୀ, ଶୁଭଲକ୍ଷ୍ମୀ ସିଂହ, ସ୍ୱାତିକା ବେହେରା, ଯୁବଲିପି ପରିଡା ଦଳରେ ସ୍ଥାନ ପାଇଛନ୍ତି। କୋଚ୍ କାଦମ୍ବିନୀ ମହାକୁଡ, ମ୍ୟାନେଜର ତିଳୋତ୍ତମା ସାହୁ, ଫିଜିଓ ସ୍ୱାତୀ ସୁମନ ବେହେରା ଓ ଷ୍ଟ୍ରେନ୍ଥ ଆଣ୍ଡ କଣ୍ଡିସନିଂ କୋଚ୍ ସସ୍ମିତା ବେହେରା ଦଳ ସହ ଯାତ୍ରା କରିଛନ୍ତି।



## ଭାରତ ୧୭ ବର୍ଷ ପରେ ଆଡିଲେଡ୍‌ରେ ହାରିଲା

# ଅଷ୍ଟ୍ରେଲିଆର ଆଗୁଆ ସିରିଜ୍ କବ୍‌ଜା

**ଆଡିଲେଡ ଓଭାଲ,୨୩।୧୦(ଏଜେନ୍ସି):**

ଏଠାରେ ଗୁରୁବାର ଅନୁଷ୍ଠିତ ଦ୍ୱିତୀୟ ଦିନିକିଆ ମ୍ୟାଚ୍‌ରେ ଅଲରାଉଣ୍ଡ ଖେଳ ପ୍ରଦର୍ଶନ କରି ଅଷ୍ଟ୍ରେଲିଆ ୨ ୱିକେଟରେ ଭାରତକୁ ପରାସ୍ତ କରିଛି। ଏହା ଫଳରେ ଦୀର୍ଘ ୧୭ ବର୍ଷ ପରେ ସମସ୍ତ ପ୍ରକାର କ୍ରିକେଟ ଫର୍ମାଟରେ ଭାରତ ଏଠାରେ ପ୍ରଥମଥର ପରାଜିତ ହୋଇଛି। ଏହି ବିଜୟ ପରେ ଦୁଇ ଦେଶ ମଧ୍ୟରେ ଚାଲିଥିବା ୩ ମ୍ୟାଚ୍ ବିଶିଷ୍ଟ ଦିନିକିଆ ସିରିଜରେ ଘରୋଇ ଦଳ ୨-୦ରେ ଅପରାଜେୟ ଅଗ୍ରଣୀ ରହିବା ସହ ଗୋଟିଏ ମ୍ୟାଚ୍ ବାକିଥାଇ ଆଗୁଆ ସିରିଜ୍ କବ୍‌ଜା କରିଛି। ପର୍ଥରେ ଖେଳାଯାଇଥିବା ପ୍ରଥମ ଦିନିକିଆକୁ ଅଷ୍ଟ୍ରେଲିଆ ୭ ୱିକେଟରେ ଜିତିଥିଲା। ସେହିପରି ସିରିଜ୍‌ର ତୃତୀୟ ତଥା ଶେଷ ଦିନିକିଆ ମ୍ୟାଚ୍ ସିଡ୍‌ନୀରେ ଗୋଟିଏ ଦିନ ପରେ ଅର୍ଥାତ୍ ଶନିବାର ଖେଳାଯିବ। ଏହି ମ୍ୟାଚ୍‌ରେ ୧୦ ଓଭର ବୋଲିଂ କରି ୬୦ ରନ୍ ବିନିମୟରେ ଭାରତର ମିଡିଲ ଅର୍ଡର ବ୍ୟାଟିଂ ବିପର୍ଯ୍ୟୟ ଘଟାଇଥିବା ଅଷ୍ଟ୍ରେଲିଆ ଲେଗ୍ ସ୍ପିନର ଆଦାମ ଜାମ୍ପାଙ୍କୁ ଦ୍ୱିତୀୟ ଦିନିକିଆର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଛି। ୨୦୦୮ରୁ ଏଠାରେ ଭାରତ ୬ଟି ଦିନିକିଆ ମ୍ୟାଚ୍ ଖେଳିବା ପରେ ପ୍ରଥମଥର ପରାଜିତ ହୋଇଛି।



ଅଷ୍ଟ୍ରେଲିଆ ଅଧିନାୟକ ମିଚେଲ ମାର୍ଶ କ୍ରମାଗତ ଦ୍ୱିତୀୟ ଟସ୍ ଜିତିବା ପରେ ଭାରତକୁ ପ୍ରଥମେ ବ୍ୟାଟିଂ କରିବାକୁ ଆମନ୍ତ୍ରଣ କରିଥିଲେ। କ୍ରମାଗତ ଦ୍ୱିତୀୟ ମ୍ୟାଚ୍‌ରେ ମଧ୍ୟ ଅଷ୍ଟ୍ରେଲୀୟ ଫାଷ୍ଟ ବୋଲରଙ୍କ ଆଗରେ ଭାରତୀୟ ବ୍ୟାଟର ରନ୍ ସଂଗ୍ରହ କରିବାକୁ ସଂଘର୍ଷ କରିଥିଲେ। ଫଳରେ ପାୱାରପ୍ଲେ ବା ପ୍ରଥମ ୧୦ ଓଭରରେ ଦଳ ୨୯ ରନ୍ କରି ଦୁଇ ତାରକା ଖେଳାଳି ଯଥା ଅଧିନାୟକ ଶୁବମନ ଗିଲ୍ (୮) ଓ ବିରାଟ କୋହଲି (୦)ଙ୍କ ୱିକେଟ ହରାଇଥିଲା। କୋହଲି କ୍ରମାଗତ ଦ୍ୱିତୀୟ ମ୍ୟାଚ୍‌ରେ ଖାତା ଖୋଲିବାକୁ ଅସମର୍ଥ ହୋଇଥିଲେ। ୧୭ ରନ୍‌ରେ ଦଳ ୨ ୱିକେଟ ହରାଇବା ପରେ ସଂଘର୍ଷ କରୁଥିବା ରୋହିତ ଶର୍ମା ଓ ଶ୍ରେୟସ ଆୟର ଦମ୍‌ର ସହ ବ୍ୟାଟିଂ କରି ତୃତୀୟ ୱିକେଟରୁ ୧୧୮ ରନ୍ ଉଠାଇଥିଲେ। ରୋହିତ ୯୭ ବଲ୍‌ରୁ ୭ ଚୌକା ଓ ୨ ଛକା ସହ ୭୪ ଏବଂ କିଛି ସମୟ ପରେ ଆୟର ୭୭ ବଲ୍‌ରୁ ୭ ଚୌକା ସହ ୬୧ ରନ୍‌ରେ ଆଉଟ ହୋଇଥିଲେ। ଏମାନଙ୍କ ବ୍ୟତୀତ ଅକ୍ଷର ପଟେଲ ୪୧ ବଲ୍‌ରେ ୪୪, ଶେଷ ଭାଗରେ ହର୍ଷିତ ରାଣା ୧୮ ବଲ୍‌ରେ ୨୪ ଓ ଅର୍ଶଦୀପ ସିଂହ ୧୪ ବଲ୍‌ରେ ୧୩ ରନ୍ କରିବା ଫଳରେ ଭାରତ ନିର୍ଦ୍ଧାରିତ ୫୦ ଓଭରରେ ୯ ୱିକେଟ ହରାଇ ୨୬୪ ରନ୍ କରିଥିଲା। ଅଷ୍ଟ୍ରେଲିଆ ପକ୍ଷରୁ ଲେଗ୍ ସ୍ପିନର ଜାମ୍ପାଙ୍କ ୪ ୱିକେଟକୁ ବାଦ୍ ଦେଲେ ଜାଭିୟର ବାର୍ଟଲେଟ ୩୯ ରନ୍‌ରେ ୩ଟି ଓ ମିଚେଲ ଷ୍ଟାର୍କ ୬୨ ରନ୍‌ରେ ୨ଟି ୱିକେଟ ପାଇଥିଲେ। ଫାଷ୍ଟ ବୋଲର ଜୋଶ ହାଜ୍‌ଲେଉଡ୍ ୱିକେଟ ପାଇ ନ ଥିଲେ ମଧ୍ୟ ଅତ୍ୟନ୍ତ କଞ୍ଜୁସ ବୋଲିଂ କରି ୧୦ ଓଭରରେ ୨ଟି ମେଡେନ ସହ ମାତ୍ର ୨୯ ରନ୍ ବ୍ୟୟ କରିଥିଲେ।

ଜବାବରେ ୨୬୫ ରନ୍‌ର ବିଜୟ ଲକ୍ଷ୍ୟକୁ ପିଛା କରି ଅଷ୍ଟ୍ରେଲିଆ ଆରମ୍ଭରୁ ଶେଷଯାଏ ଖେଳକୁ ନିୟନ୍ତ୍ରଣରେ ରଖି ୪୬.୨ ଓଭରରେ ୮ ୱିକେଟ ହରାଇ ମ୍ୟାଚ୍ ଜିତିନେଇଥିଲା। ନଂ-୩ ମାଥ୍ୟୁ ସର୍ଟ ସର୍ବାଧିକ ୭୪, କୁପର କନୋଲି ଅପରାଜିତ ୬୧, ମିଚେଲ ଓଏନ ୨୩ ବଲ୍‌ରେ ୩୬, ମ୍ୟାଟ ରେନ୍‌ସା ୩୦ ରନ୍ କରିଥିଲେ। ଭାରତ ପକ୍ଷରୁ ଅର୍ଶଦୀପ ସିଂହ, ହର୍ଷିତ ରାଣା ଓ ୱାଶିଂଟନ ସୁନ୍ଦର ୨ଟି ଲେଖାଏଁ ୱିକେଟ ପାଇଥିଲେ। କିନ୍ତୁ ଅଷ୍ଟ୍ରେଲିଆ ଇନିଂସରେ କେହି ପ୍ରଭାବଶାଳୀ ସାବ୍ୟସ୍ତ ହୋଇପାରି ନ ଥିଲେ। ଅଲରାଉଣ୍ଡର ନୀତୀଶ କୁମାର ରେଡ୍ଡୀ ୧୦ ବଲ୍‌ରେ ୮ ରନ୍ ଓ ବୋଲିଂରେ ୩ ଓଭରରେ ୨୪ ରନ୍ ବ୍ୟୟ କରିଥିଲେ। ଭାରତୀୟ ସ୍ପିନର ପ୍ରଭାବଶାଳୀ ହେଉ ନ ଥିଲାବେଳେ କୁଲଦୀପ ଯାଦବଙ୍କୁ ବାହାରେ ବସାଇବାକୁ ନେଇ ସମାଲୋଚନା ତୀବ୍ର ହୋଇଛି। ଏଭଳି ସ୍ଥଳେ ତୃତୀୟ ଦିନିକିଆରେ ଭାରତୀୟ ଦଳରେ କିଛି ପରିବର୍ତ୍ତନ ହେବାର ସମ୍ଭାବନା ସୃଷ୍ଟି ହୋଇଛି। ସେହିପରି ଅଷ୍ଟ୍ରେଲିଆର ଟପ୍ ସ୍କୋରର ମାଥ୍ୟୁ ସର୍ଟଙ୍କୁ ଦୁଇଥର ଡ୍ରପ୍ କରିବା ମଧ୍ୟ ଦଳ ଲାଗି ମହଙ୍ଗା ସାବ୍ୟସ୍ତ ହୋଇଛି।


## ଭାରତୀୟ ରଗ୍‌ବୀ ଦଳରେ ୪ ଓଡ଼ିଆ

**ଭୁବନେଶ୍ୱର, ୨୩।୧୦ (ସମିସ):** ଓମାନର ରାଜଧାନୀ ମସ୍କଟରେ ଚଳିତ ମାସ ୨୫ରୁ ଏସିଆ ରଗ୍‌ବୀ ଏମିରେଟ୍ସ ସେଭେନ୍ସ ଟ୍ରଫି ପ୍ରତିଯୋଗିତା ଖେଳାଯିବ। ଏଥିଲାଗି ଭାରତୀୟ ରଗ୍‌ବୀ ଫୁଟ୍‌ବଲ ୟୁନିୟନ (ଆଇଆର୍‌ଏଫ୍‌ୟୁ) ପକ୍ଷରୁ ୧୩ ଜଣିଆ ଭାରତୀୟ ସିନିଅର ପୁରୁଷ ରଗ୍‌ବୀ ଦଳ ଘୋଷଣା କରାଯାଇଛି। ଯେଉଁଥିରେ ଓଡ଼ିଶାର ୪ଜଣ ଖେଳାଳି ସ୍ଥାନ ପାଇଛନ୍ତି। ସେମାନେ ହେଲେ ଯୁଗଳ ମାଝି, ଗଣେଶ ମାଝି, ଆଶିଷ ଶବର ଓ ଶନୱାଜ ଅହମଦ। ଏମାନଙ୍କ ମଧ୍ୟରୁ ଯୁଗଳ, ଗଣେଶ ଓ ଆଶିଷ କଳିଙ୍ଗ ଇନଷ୍ଟିଚ୍ୟୁଟ୍ ଅଫ୍ ସୋସିଆଲ୍ ସାଇନ୍ସ (କିସ୍)ର ଛାତ୍ର। ନିକଟରେ କୋଲକାତାରେ ଭାରତୀୟ ରଗ୍‌ବୀ ଦଳର ଚୟନ ଶିବିର ଅନୁଷ୍ଠିତ ହୋଇଥିଲା। ଏଥିରେ ପ୍ରଭାବୀ ପ୍ରଦର୍ଶନ କରି ଏହି ୪ ଓଡ଼ିଆ ଖେଳାଳି ଜାତୀୟ ଦଳରେ ସ୍ଥାନ ପାଇବାରେ ସଫଳ ହୋଇଛନ୍ତି। ଏହି ଅବସରରେ କିଟ୍ ଓ କିସ୍‌ର ପ୍ରତିଷ୍ଠାତା ପ୍ରଫେସର ଅଚ୍ୟୁତ ସାମନ୍ତଙ୍କ ସମେତ ରାଜ୍ୟ ରଗ୍‌ବୀ ଫୁଟ୍‌ବଲ ସଂଘ ପକ୍ଷରୁ ସମସ୍ତ ଖେଳାଳିଙ୍କୁ ଶୁଭେଚ୍ଛା ଓ ଶୁଭକାମନା ଜଣାଯାଇଛି।

### ଓସିଏ ୧୬ ବର୍ଷରୁ କମ୍ ଆନ୍ତଃଜିଲ୍ଲା କ୍ରିକେଟ୍

## ମୃତ୍ୟୁଞ୍ଜୟ ଭୁବନେଶ୍ୱର-ବି'ର ଅଧିନାୟକ

**ଭୁବନେଶ୍ୱର, ୨୩।୧୦ (ସମିସ):** ଓଡ଼ିଶା କ୍ରିକେଟ୍ ଆସୋସିଏସନ (ଓସିଏ) ଆନୁକୂଲ୍ୟରେ ଚାଲିଥିବା ୧୬ ବର୍ଷରୁ କମ୍ ଆନ୍ତଃଜିଲ୍ଲା କ୍ରିକେଟ୍ ଟୁର୍ଣ୍ଣାମେଣ୍ଟର ଦ୍ୱିତୀୟ ପର୍ଯ୍ୟାୟ ଲିଗ୍ ମ୍ୟାଚ୍ ଶୁକ୍ରବାରଠାରୁ ଆରମ୍ଭ ହେବ। ଦ୍ୱିତୀୟ ପର୍ଯ୍ୟାୟରେ ୧୯ଟି ଦଳକୁ ୩ଟି ଗ୍ରୁପ୍‌ରେ ଭାଗ କରାଯାଇଛି। ଏଥିରେ ଭୁବନେଶ୍ୱର-ବି ଦଳ ଗ୍ରୁପ୍-ଇ'ରେ ସ୍ଥାନ ପାଇଛି। ସ୍ପିନ ବୋଲିଂ ଅଲ୍‌ରାଉଣ୍ଡର ମୃତ୍ୟୁଞ୍ଜୟ ରାୟଙ୍କୁ ଭୁବନେଶ୍ୱର-ବି' ଦଳର ଅଧିନାୟକ ନିଯୁକ୍ତ କରାଯାଇଛି। ଶୁକ୍ରବାର ବିଡ଼ାନାସୀ ଗ୍ରାଉଣ୍ଡରେ ଗଜପତି ସହ ଖେଳି ଭୁବନେଶ୍ୱର-ବି ଅଭିଯାନ ଆରମ୍ଭ କରିବ। ନିକଟରେ ଏହି ଟୁର୍ଣ୍ଣାମେଣ୍ଟର ପ୍ରଥମ ପର୍ଯ୍ୟାୟ ଲିଗ୍ ମ୍ୟାଚ୍ ଅନୁଷ୍ଠିତ ହୋଇଯାଇଛି।



PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS